RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ

THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI
PANIKOILI
◆VOLUME- 43 ◆ISSUE-15 ◆WEDNESDAY ◆9 JULY 2025 ◆PAGE-12 ◆₹ 6.00
◆ବର୍ଷ-୪୩ ◆ସଂଖ୍ୟା-୧୫ ◆ବୁଧବାର ◆୯ ଜୁଲାଇ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦



ନୀଳାଦ୍ରିବିଜେ ପୂର୍ବରୁ ଶ୍ରୀଜୀଉଙ୍କ ବଡ଼ସିଂହାର ବେଶ



## ସରିଲା ଶ୍ରୀଜୀଉଙ୍କ ଶ୍ରୀଗୁଣ୍ଡିଚା ଯାତ୍ରା

# ୧୨ ଦିନରେ ଫେରିଲେ ଶ୍ରୀମନ୍ଦିର

### ରସଗୋଲା ଖୁଆଇ ଲକ୍ଷ୍ମୀ ସାଆନ୍ତାଣୀଙ୍କ ମାନଭଞ୍ଜନ କଲେ ଶ୍ରୀଜଗନ୍ନାଥ

### ଆଜିଠୁ ମିଳିବ ନୀଳାଚଳ ଅବଢ଼ା

■ ପୁରୀ, ୮।୭ (ସମିସ): ଶେଷ ହୋଇଛି ଚଳିତବର୍ଷର ଶ୍ରୀଗୁଣ୍ଡିଚା ଯାତ୍ରା। ନୀଳକନ୍ଦରକୁ ବିଜେ କରିଛନ୍ତି ନୀଳାଦ୍ରିନାଥ। ଦେବସ୍ନାନ ପୂର୍ଣ୍ଣିମାଠାରୁ ଅର୍ଥାତ୍ ୨୭ଦିନ ଧରି ଶୂନ୍ୟ ପଡ଼ିଥିବା ରତ୍ନସିଂହାସନ ପୁଣି ପୂରିଉଠିଛି। ବିଜେ କରିଛନ୍ତି ବିଶ୍ୱନିୟନ୍ତା। ଏଥିସହ ଚଳିତବର୍ଷର ରଥଯାତ୍ରା ପରିସମାପ୍ତି ଘଟିଛି। ଅଭିମାନିନୀ ଲକ୍ଷ୍ମୀ ସାଆନ୍ତାଣୀଙ୍କୁ ରସଗୋଲା ଖୁଆଇ ମାନଭଞ୍ଜନ କରିବା ପରେ ରତ୍ନବେଦୀକୁ ବିଜେ କରିଛନ୍ତି କାଳିଆ ସାଆନ୍ତ। ବୁଧବାରଠାରୁ ବଡ଼ଦେଉଳରେ ପୁଣି ଆରମ୍ଭ ହେବ ଦାରୁଦିଅଁଙ୍କ ଲୀଳାଖେଳା। ଚଳଚଞ୍ଚଳ ହେବ ରୋଷଶାଳା, ବାହାରିବ ନୀଳାଚଳ ଅବଢ଼ା। ଭକ୍ତ ପାଇବେ ମହାପ୍ରସାଦ, ଆଉ ଶ୍ରୀମନ୍ଦିରରେ ଲାଗିବ ଗହଳ ଚହଳ।

ମଙ୍ଗଳବାର ନୀଳାଦ୍ରିବିଜେ ପାଇଁ ସକାଳ ୭ଟା ୧୦ ସୁଦ୍ଧା ତିନିରଥରେ ମଙ୍ଗଳ ଆଳତି ହୋଇଥିଲା। ଅପରାହ୍ଣ ୨ଟା ୩୦ରୁ ୨ଟା ୪୦ରେ ସନ୍ଧ୍ୟା ଆଳତି ଏବଂ ଅପରାହ୍ଣ ୨ଟା ୫୫ରୁ ୩ଟା ୩୦ ମଧ୍ୟରେ ତିନିରଥରେ ସନ୍ଧ୍ୟା ଧୂପ ନୀତି ବଢ଼ିଥିଲା। ପରେ କୋଠ ସୁଆଁସିଆମାନେ ଠାକୁରଙ୍କ ବିଜେ ପାଇଁ ରତ୍ନସିଂହାସନରେ ଚାର ବାନ୍ଧିଥିଲେ। ବଡ଼ଓଡ଼ିଆ ମଠ ମହନ୍ତ ଅଧିକାରୀ ବଂଶୀଧର ଦାସ ଗୋସ୍ୱାମୀ ଶ୍ରୀମନ୍ଦିରରେ ପହଞ୍ଚି ରତ୍ନସିଂହାସନ ମାଜଣା କରିଥିଲେ। ମଠ ପକ୍ଷରୁ ରତ୍ନସିଂହାସନ ଉପରେ କନକମୁଣ୍ଡି ଚାନ୍ଦୁଆ ବନ୍ଧା ଯାଇଥିଲା। ଏତଦ୍‌ବ୍ୟତୀତ ନୀଳଚକ୍ରରେ ମଠ ପ୍ରଦତ୍ତ ପତିତପାବନ ବାନା ତୁନରା ସେବକ ବାନ୍ଧିଥିଲେ। ସନ୍ଧ୍ୟା ୭ଟା ୨୦ରେ ▸ପୃଷ୍ଠା-୭

# ଏଥର ଡିଜିଟାଲ୍ ଜନଗଣନା

- ନାଗରିକଙ୍କ ପାଇଁ ଖୋଲିବ ସ୍ୱତନ୍ତ୍ର ପୋର୍ଟାଲ
- ମୋବାଇଲ ଆପ୍ ଜରିଆରେ ତଥ୍ୟ ସଂଗ୍ରହ
- ଇଂରାଜୀ, ହିନ୍ଦି, ୧୬ଟି ଆଞ୍ଚଳିକ ଭାଷାରେ ତଥ୍ୟ

■ ନୂଆଦିଲ୍ଲୀ, ୮।୭ (ଏଜେନ୍ସି): ଆସନ୍ତା ୨୦୨୭ରେ ହେବାକୁ ଯାଉଥିବା ଜାତୀୟ ଜନଗଣନା ଅନ୍‌ଲାଇନ୍‌ରେ ହେବ। ଭାରତରେ ପ୍ରଥମ ଥର ଲାଗି ହେଉଥିବା ଏହି ଡିଜିଟାଲ ଜନଗଣନା ଲାଗି ସ୍ୱତନ୍ତ୍ର ୱେବପୋର୍ଟାଲ ଖୋଲାଯିବ। ଭାରତୀୟ ନାଗରିକ ନିଜ ମୋବାଇଲରେ ଆପ୍ ଡାଉନଲୋଡ୍ କରି ନିଜର ତଥ୍ୟ ଦେଇପାରିବେ। ଫଳରେ ଜନଗଣନା ତଥ୍ୟ କମ୍ ସମୟ ମଧ୍ୟରେ ଉପଲବ୍ଧ ହୋଇପାରିବ।

ଭାରତର ରେଜିଷ୍ଟ୍ରାର ଜେନେରାଲ ଏଣ୍ଡ ସେନ୍‌ସସ୍ କମିସନ ପକ୍ଷରୁ ଏହି ସୂଚନା ଦିଆଯାଇଛି। କୁହାଯାଇଛି ଯେ ଦୁଇଟି ପର୍ଯ୍ୟାୟରେ ଡିଜିଟାଲ ସେନସସ୍ ହେବ ଏବଂ ତଥ୍ୟ ସଂଗ୍ରହ ପାଇଁ ପ୍ରଥମ ଥର ଲାଗି ଏଭଳି ଟେକ୍ନୋଲୋଜିର ବ୍ୟବହାର କରାଯିବ। ଭରତୀୟ ନାଗରିକମାନେ ନିଜର ତଥ୍ୟ ଦାଖଲ କରିବା କ୍ଷଣି ଏହା ସେଂଟ୍ରାଲ ସର୍ଭରକୁ ଚାଲିଯିବ। ଜନଗଣନା ପ୍ରକ୍ରିୟା ସମାପ୍ତ ହେବାର ଗୋଟିଏ ବର୍ଷ ଭିତରେ ଚୂଡ଼ାନ୍ତ ତଥ୍ୟ ଉପଲବ୍ଧ ହୋଇଯିବ। ପୂର୍ବ ଜନଗଣନାମାନଙ୍କରେ ଚୂଡ଼ାନ୍ତ ତଥ୍ୟ ପାଇବା ଲାଗି ଦୁଇରୁ ତିନି ବର୍ଷ ଲାଗି ଯାଉଥିଲା। ଏଥର କିନ୍ତୁ ଆଉ ବେଶି ଦିନ ଅପେକ୍ଷା କରିବାକୁ ପଡ଼ିବ ନାହିଁ।

ଭାରତର ରେଜିଷ୍ଟ୍ରାଲ ଜେନେରାଲଙ୍କ ପକ୍ଷରୁ କୁହାଯାଇଛି ଯେ ୨୦୨୭ ଜନଗଣନା ପାଇଁ ଡିଜିଟାଲ ପ୍ଲାଟଫର୍ମ ବ୍ୟବହାର ପାଇଁ ଅନ୍ୟତମ ବିକଳ୍ପ ରହିବ। ନାଗରିକମାନେ ଚାହିଁଲେ ସ୍ୱତନ୍ତ୍ର ୱେବ୍ ପୋର୍ଟାଲ ଜରିଆରେ ନିଜ ଆଡୁ ତଥ୍ୟ ଦାଖଲ କରିପାରିବେ। ଏଥିପାଇଁ ସ୍ୱତନ୍ତ୍ର ଅଭିଯାନ ଆରମ୍ଭ ହେବ। ଏହାକୁ କାର୍ଯ୍ୟକାରୀ କରିବା ନିମନ୍ତେ ନୋଡାଲ ଅଫିସର ନିଯୁକ୍ତ କରିବା ଲାଗି ସମସ୍ତ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ଭାରତୀୟ ନାଗରିକ ନିଜ ମୋବାଇଲ ଆପ୍ ବ୍ୟବହାର କରି ଇଂରାଜୀ, ହିନ୍ଦି କିମ୍ବା ଆଞ୍ଚଳିକ ଭାଷାରେ ତଥ୍ୟ ଦେଇପାରିବେ। ଏଥିପାଇଁ ୧୬ଟି ଆଞ୍ଚଳିକ ଭାଷା ଚୟନ କରାଯାଇଛି। ଜନଗଣନା ତଥ୍ୟ ସଂଗ୍ରହ ପରେ ତଥ୍ୟର ଯାଞ୍ଚ, ପ୍ରକ୍ରିୟାକରଣ ଓ ବିଶ୍ଳେଷଣ କରାଯିବ। ୧୦ ମାସ ମଧ୍ୟରେ ଚୂଡ଼ାନ୍ତ ରିପୋର୍ଟ ମିଳିଯିବ ବୋଲି ଆଶା କରାଯାଉଛି। ଏହି ତଥ୍ୟକୁ ▸ପୃଷ୍ଠା-୭

## ୭ ଦଫା ଦାବିରେ ଡ୍ରାଇଭର ସଂଘର ଷ୍ଟିୟରିଂ ଛାଡ଼

# ସାରା ରାଜ୍ୟରେ ଚକା ବନ୍ଦ



ଆଲୋଚନା ବିଫଳ; ଜାରି ରହିବ ଆନ୍ଦୋଳନ: ସଂଘ

■ ଭୁବନେଶ୍ୱର, ୮।୭ (ସମିସ): ସାରା ରାଜ୍ୟରେ ଡ୍ରାଇଭରମାନଙ୍କ ଷ୍ଟିୟରିଙ୍ଗ ଛାଡ଼ ଆନ୍ଦୋଳନ ଯୋଗୁଁ ପ୍ରଭାବିତ ହୋଇଛି ପରିବହନ ସେବା। ଜରୁରୀକାଳୀନ ସେବାରେ ନିୟୋଜିତ ଯାନବାହନ ଓ ସରକାରୀ ବସ୍ ସେବାକୁ ଛାଡ଼ି ରାଜ୍ୟରେ ପ୍ରାୟ ସମସ୍ତ ଘରୋଇ ଗାଡ଼ି ଚଳାଚଳ ବନ୍ଦ ରହିଛି। ୭ ଦଫା ଦାବି ପୂରଣ ଉଦ୍ଦେଶ୍ୟରେ ମହାସଂଘ ପକ୍ଷରୁ ଦିଆଯାଇଥିବା ଷ୍ଟିୟରିଂ ଛାଡ଼ ଆନ୍ଦୋଳନ ଯୋଗୁଁ ଏଭଳି ସ୍ଥିତି ସୃଷ୍ଟି ହୋଇଛି। ସଂଘ ଓ ସରକାରଙ୍କ ମଧ୍ୟରେ ହୋଇଥିବା ଆଲୋଚନା ବିଫଳ ହୋଇଛି ଏବଂ ଦାବି ପୂରଣ ନ ହେବା ପର୍ଯ୍ୟନ୍ତ ଆନ୍ଦୋଳନ ଚାଲିବ ବୋଲି ଡ୍ରାଇଭର ସଂଘ ଚରମବାଣୀ ଶୁଣାଇଛି। ଡ୍ରାଇଭରମାନଙ୍କ ଆନ୍ଦୋଳନ ଯୋଗୁଁ ସାରା ରାଜ୍ୟରେ ଯାତ୍ରୀ ପରିବହନ ବ୍ୟବସ୍ଥାକୁ ପୂରା ଠପ୍ କରିଦେଇଛି। ବହୁ ସ୍ଥାନରେ ମଝି ରାସ୍ତାରେ ଆନ୍ଦୋଳନରତ ଡ୍ରାଇଭରମାନେ ସରକାରୀ ବସରୁ ଯାତ୍ରୀଙ୍କୁ ଓହ୍ଲାଇ ଦେଇଛନ୍ତି। ଫଳରେ ଗନ୍ତବ୍ୟସ୍ଥଳରେ ପହଞ୍ଚି ନ ▸ପୃଷ୍ଠା-୭



# ପୁଣି ଡରାଇଲାଣି ସୁବର୍ଣ୍ଣରେଖା

## ବୁଢ଼ାବଳଙ୍ଗରେ ବି ବଢୁଛି ଜଳସ୍ତର

■ ଭୋଗରାଇ, ୮।୭ (ସମିସ): ସପ୍ତାହକ ମଧ୍ୟରେ ସୁବର୍ଣ୍ଣରେଖାରେ ଦୁଇଦୁଇଟି ବନ୍ୟା ସ୍ଥାନୀୟ ଲୋକଙ୍କ ଜୀବନଜୀବିକାକୁ ବ୍ୟାପକ ପ୍ରଭାବିତ କରିଛି। ବନ୍ୟାପାଣିରେ ଭାସି ଦୁଇଜଣଙ୍କ ଜୀବନ ଯାଇଥିବା ବେଳେ ପରିବା ଚାଷ ସମେତ ନୂତନ ଭାବେ ପଡ଼ିଥିବା ଧାନ ତଳି ପଚି ନଷ୍ଟ ହେବାକୁ ବସିଲାଣି। ଏବେ ବି ବହୁ ପଞ୍ଚାୟତ ପାଣିଘେରରେ ରହିଛି। କିନ୍ତୁ, ଏପରି ସ୍ଥିତିରେ ପୁଣି ସୁବର୍ଣ୍ଣରେଖା ଲୋକଙ୍କୁ ଡରାଇଲାଣି। ଲଗାଣ ବର୍ଷା ଯୋଗୁଁ ପୁଣି ସୁବର୍ଣ୍ଣରେଖାର ଜଳସ୍ତର ବଢ଼ିବାରେ ଲାଗିଛି। ତେଣୁ ତୃତୀୟ ବନ୍ୟା ଆସିବା ଆଶଙ୍କାରେ ଲୋକେ ଏବେ ଭୟଭୀତ ଅବସ୍ଥାରେ ରହିଛନ୍ତି। ଏବେ ବି କୁମ୍ଭୀରଗଡ଼ି, ଆରୁଆବୃତ୍ତି, ଗବଗାଁ, କୁସୁଡ଼ା, କଟୁଆଡ଼ି, କୁଳିଦା, ଦାମୁଣଦା, ଆଦି ପଞ୍ଚାୟତର କିଛି ଗ୍ରାମର ରାସ୍ତା ଉପରେ ଦୁଇ ଫୁଟ୍‌ର ବନ୍ୟାଜଳ ପ୍ରବାହିତ ହେଉଛି। ତେଣୁ, ତୃତୀୟଥର ବନ୍ୟା ଆସିଲେ, ଅବସ୍ଥା ସଂକଟାପନ୍ନ ହେବ ବୋଲି ପଞ୍ଚାୟତବାସୀମାନେ କହିଛନ୍ତି।

ଅପରପକ୍ଷେ, ବନ୍ୟାଜଳ ଛାଡ଼ି ଯାଇଥିବା କିଛି ଗାଁଗୁଡ଼ିକରେ ଏବେ ଡାଇରିଆ ଧୀରେଧୀରେ କାୟା ମେଲାଉଛି। ଲୋକଙ୍କୁ ଉପଯୁକ୍ତ ପିଇବା ପାଣି ମିଳୁନଥିବାରୁ ଏପରି ସ୍ଥିତି ସୃଷ୍ଟି ହୋଇଛି। ବହୁ ସ୍ଥାନରେ ଆଶାକର୍ମୀମାନେ ଗାଁ ଗାଁରେ ଓଆରଏସ୍ ସହ ବିଭିନ୍ନ ଔଷଧ ବାଣ୍ଟୁଛନ୍ତି। ଆରୁଆବୃତ୍ତି ପଞ୍ଚାୟତର ଜଣେ ଆଶାକର୍ମୀ ଔଷଧ ବାଣ୍ଟି ଘରକୁ ଫେରିବା ପରେ ଅସୁସ୍ଥ ହୋଇ କଟକ ବଡ଼ ଡାକ୍ତରଖାନାରେ ପ୍ରାଣ ହରାଇଥିବା ଦେଖିବାକୁ ମିଳିଛି।

ଅପରପକ୍ଷେ, ଗତ ୩ଦିନ ଧରି ଜିଲ୍ଲାରେ ଲଘୁଚାପ ଜନିତ ଲଗାଣ ବର୍ଷା ଯୋଗୁଁ ବୁଢ଼ାବଳଙ୍ଗ ନଦୀର ଜଳସ୍ତର ମଧ୍ୟ ବୃଦ୍ଧି ପାଇବାରେ ଲାଗିଛି। ବୁଢ଼ାବଳଙ୍ଗ ନଦୀରେ ବନ୍ୟା ଆସିଲେ ସଦର ବ୍ଲକର ବିଭିନ୍ନ ପଞ୍ଚାୟତର ପାଖାପାଖି ▸ପୃଷ୍ଠା-୭

## ସ୍ଥାଣୁ ପାଲଟିଛି ଚିହ୍ନଟ ପ୍ରକ୍ରିୟା

# ମିଳିଛି ପଟ୍ଟା, ମିଳୁନି ଜମି

### ଡିମାର୍‌କେସନ୍ ବିଭାଗରେ ନାହାନ୍ତି ଅମିନ

### ଏବେ ଆବେଦନ, ୩ ବର୍ଷ ପରେ ପାଳି

■ ଭୁବନେଶ୍ୱର, ୮।୭ (ସମିସ): ପଟ୍ଟା ଅଛି; ହେଲେ ଜମି ମିଳୁନି। ଜମି ଚିହ୍ନଟ କରିବାକୁ ରାଜସ୍ୱ ବିଭାଗ ପାଖରେ କର୍ମଚାରୀ ନାହାନ୍ତି। ବର୍ଷବର୍ଷ ବିତିଯିବା ପରେ ମଧ୍ୟ ଜମି ଚିହ୍ନଟ ହୋଇ ପାରୁନାହିଁ। ଆର୍‌ଆଇ କାର୍ଯ୍ୟାଳୟଠାରୁ ତହସିଲ ପର୍ଯ୍ୟନ୍ତ ଦୌଡ଼ି ଦୌଡ଼ି ଲୋକ ହତାଶ ହେଲେଣି। ତଥାପି ଜମି ଚିହ୍ନଟ ହୋଇ ପାରୁନାହିଁ। ତାରିଖ ପରେ ତାରିଖ ଗଡୁଛି, ତଥାପି ଜମି ଚିହ୍ନଟ ହୋଇ ପାରୁନାହିଁ। ଏବେ ଜମି ଚିହ୍ନଟ ଆବେଦନ କଲେ ୩ ବର୍ଷ ପରେ ପାଳି ପଡ଼ିବ ବୋଲି କୁହାଯାଉଛି। ରାଜସ୍ୱ ବିଭାଗରେ ଏ ପ୍ରକାର ଅବ୍ୟବସ୍ଥା ସାଧାରଣ ଲୋକଙ୍କୁ ଅତିଷ୍ଠ କରିଛି।ରାଜଧାନୀରେ ଜମି କିଣାବିକା ଦ୍ରୁତ ଗତିରେ ବଢ଼ିବାରେ ଲାଗିଛି। ଯେତିକି ଜମି କିଣାବିକା ହେଉଛି, ଠକେଇ ମଧ୍ୟ ସେହି ଅନୁପାତରେ ବୃଦ୍ଧି ପାଉଛି। ଭୁବନେଶ୍ୱର ଅଞ୍ଚଳରେ ଥିବା ଥାନା ଗୁଡ଼ିକରେ ପ୍ରତିଦିନ ଜମି ଠକେଇ ନେଇ ଅଭିଯୋଗ ହେଉଛି। ଏମିତିକି ଜମିର ସୀମା ଚିହ୍ନଟ ପାଇଁ ଅପରାଧ ବି ବଢ଼ିବାରେ ଲାଗିଛି। ହେଲେ ସରକାରୀ ଭାବେ ଥିବା ସୀମା ଚିହ୍ନଟ ପ୍ରକ୍ରିୟା ଏକଦମ୍ ସ୍ଥାଣୁ ▸ପୃଷ୍ଠା-୭

# ମନମୋହନଙ୍କ ମଥାରେ ସଭାପତି ଶିରିପା

### ସରକାରଙ୍କ ସହ ଦଳ ଖୁଣ୍ଟ ହୋଇ ଠିଆହେବ: ମନମୋହନ

### ମନମୋହନଙ୍କ ନେତୃତ୍ୱ ଯୋଗୁଁ ରାଜ୍ୟରେ ସରକାର: ମୋହନ



■ ଭୁବନେଶ୍ୱର, ୮।୭ (ସମିସ): ଦୀର୍ଘଦିନର କଳ୍ପନାଜଳ୍ପନାର ଅବସାନ ହୋଇଛି। ରାଜ୍ୟ ବିଜେପି ସଭାପତି ଭାବେ ନିର୍ଦ୍ୱନ୍ଦ୍ୱରେ ନିର୍ବାଚିତ ହୋଇଛନ୍ତି ଦଳର ବରିଷ୍ଠ ନେତା ମନମୋହନ ସାମଲ। ମଙ୍ଗଳବାର ରାଜ୍ୟ ବିଜେପି କାର୍ଯ୍ୟାଳୟରେ କେନ୍ଦ୍ରୀୟ ନିର୍ବାଚନ ପର୍ଯ୍ୟବେକ୍ଷକ ସଞ୍ଜୟ ଜୟସ୍ୱାଲ ବିଧିବଦ୍ଧ ଭାବରେ ଶ୍ରୀ ସାମଲଙ୍କ ନାମ ଘୋଷଣା କରିଛନ୍ତି। ଏହାକୁ ମିଶାଇ ଶ୍ରୀ ସାମଲ ଚତୁର୍ଥ ଥର ପାଇଁ ରାଜ୍ୟ ବିଜେପି ସଭାପତି ପଦ ଅଳଙ୍କୃତ କରିଛନ୍ତି। ଏହି ଅବସରରେ ନବ ନିର୍ବାଚିତ ୩୨ ଜଣ ରାଷ୍ଟ୍ରୀୟ ପରିଷଦ ସଦସ୍ୟଙ୍କ ନାମ ମଧ୍ୟ ଏହି ଅବସରରେ ଘୋଷଣା କରାଯାଇଛି। ▸ପୃଷ୍ଠା-୭

# ଆଗରେ ଆହ୍ୱାନ ଅନେକ

■ ଭୁବନେଶ୍ୱର, ୮।୭ (ସମିସ): ମାତ୍ର ବର୍ଷକ ମଧ୍ୟରେ ଏକାଧିକ କାରଣରୁ ସରକାରଙ୍କୁ ବେଶ୍ ଅପଦସ୍ତ ହେବାକୁ ପଡ଼ିଛି। ସାଂଗଠନିକସ୍ତରରେ ମଧ୍ୟ ନେତାଙ୍କ ବିଶୃଙ୍ଖଳିତ ଆଚରଣ ନେତୃତ୍ୱଙ୍କୁ ଅକଳରେ ପକାଇଛି। ଉଭୟ ସରକାର ଏବଂ ସଂଗଠନରେ ସମନ୍ୱୟ ଅଭାବ ଜଳଜଳ। ଏହି ସମୟରେ ପୁଣିଥରେ ମନମୋହନଙ୍କ ହାତରେ ରାଜ୍ୟ ନେତୃତ୍ୱ ଭାର ଅର୍ପଣ କରିଛନ୍ତି ଶୀର୍ଷ ନେତୃତ୍ୱ। ରାଜ୍ୟ ସଭାପତି ପଦକୁ ନେଇ ବେଶ୍ କିଛି ମାସର ଛକାପଞ୍ଝା ପରେ ଶେଷରେ ମନମୋହନଙ୍କୁ ମଙ୍ଗଳବାର ଆନୁଷ୍ଠାନିକ ଭାବେ ସଭାପତି ଦାୟିତ୍ୱ ମିଳିଛି। ▸ପୃଷ୍ଠା-୭

- ସୀମା ଡେଇଁଲାଣି ଦଳୀୟ ନେତାଙ୍କ ମନମାନି, ବିଶୃଙ୍ଖଳା, ଗୋଷ୍ଠୀବାଦ
- ନିଗମ, ବୋର୍ଡ ନିଯୁକ୍ତି ନିଷ୍ପତ୍ତି ବଡ଼ ଚାଲେଞ୍ଜ
- ଆଗକୁ ଛାତ୍ରସଂସଦ ଓ ପଞ୍ଚାୟତ ଉପନିର୍ବାଚନ

୧୧ ଜୁଲାଇ 'ସମ୍ବିଧାନ ବଞ୍ଚାଅ, ଦେଶ ବଞ୍ଚାଅ'
ମହାସମାବେଶ
୧୧ ତାରିଖ ୧୧ଟାରେ ଭୁବନେଶ୍ୱର ଚାଲ
ବହୁ ସଂଖ୍ୟାରେ ଯୋଗ ଦେବାକୁ ଆହ୍ୱାନ
ଆମର ନେତା, ତୁମର ନେତା ରାହୁଲ ଗାନ୍ଧୀ ଦେଶର ନେତା

**କଂଗ୍ରେସ** ଅହିଂସା ଆନ୍ଦୋଳନ କରି ଦେଶକୁ ସ୍ୱାଧୀନତା ଦେଇଥିଲା। ଅଥଚ ଏବେ ମୋଦୀଙ୍କ ଶାସନରେ ଗୋଟିଏ ପରେ ଗୋଟିଏ ସାମ୍ବିଧାନିକ ଅନୁଷ୍ଠାନକୁ ଦୁର୍ବଳ କରାଯାଉଛି। କଂଗ୍ରେସ ସଦାସର୍ବଦା ଜାତୀୟ ସଂହତି, ଧର୍ମନିରପେକ୍ଷତା ଓ ଜନସାଧାରଣଙ୍କ ମୌଳିକ ଅଧିକାର ପାଇଁ ଲଢ଼େଇ କରିଆସିଛି। **ଶ୍ରୀ ରାହୁଲ ଗାନ୍ଧୀ କନ୍ୟାକୁମାରୀ ଠାରୁ କାଶ୍ମୀର ପର୍ଯ୍ୟନ୍ତ ଭାରତ ଯୋଡ଼ୋ ପଦଯାତ୍ରା** କରି ଯେଉଁ **'ସମ୍ବିଧାନ ବଞ୍ଚାଅ, ଦେଶ ବଞ୍ଚାଅ'** ଆହ୍ୱାନ ଦେଇଛନ୍ତି, ସେଥିରେ ଜାତି, ଧର୍ମ, ବର୍ଣ୍ଣ ନିର୍ବିଶେଷରେ ଲକ୍ଷଲକ୍ଷ ଲୋକ ଯୋଗଦେଇ ସେମାନଙ୍କର ସମର୍ଥନ ଜଣାଇଛନ୍ତି।

ପରିତାପର କଥା, **ମୋଦୀ ସରକାର ସାମାଜିକ ନ୍ୟାୟର ବିପରୀତ କାର୍ଯ୍ୟ କରୁଛି।** ଆଦିବାସୀ, ଦଳିତ ଓ ପଛୁଆବର୍ଗଙ୍କ ପାଇଁ ସମ୍ବିଧାନରେ ଦିଆଯାଇଥିବା ସଂରକ୍ଷଣ ସୁବିଧାକୁ ସୁଦ୍ଧା ହଟେଇ ଦେବା ପାଇଁ ବଡ଼ ଚକ୍ରାନ୍ତ ଚାଲିଛି। ଜାତି ଜନଗଣନା ପାଇଁ କଂଗ୍ରେସ ଯେଉଁ ଆହ୍ୱାନ ଦେଇଥିଲା, ଅନିଚ୍ଛା ସତ୍ତ୍ୱେ କେନ୍ଦ୍ର ବାଧ ହୋଇ ତାକୁ ଗ୍ରହଣ କରିଛି। ନେହେରୁଙ୍କ ପ୍ରଧାନମନ୍ତ୍ରୀତ୍ୱରେ, ସମ୍ବିଧାନ ପ୍ରଣେତା ଡ. ବିଆର୍ ଆମ୍ବେଦକରଙ୍କ ପ୍ରଚେଷ୍ଟାରେ ବିଶ୍ୱର ଏହି ଶ୍ରେଷ୍ଠ ଗଣତାନ୍ତ୍ରିକ ସମ୍ବିଧାନ ତିଆରି ହୋଇଥିଲା। ଏହା ଆମ ଗଣତନ୍ତ୍ରର ସବୁଠାରୁ ବଡ଼ ଧର୍ମଗ୍ରନ୍ଥ। କେନ୍ଦ୍ର ଓ ରାଜ୍ୟର ଡବଲ ଇଞ୍ଜିନ ସରକାର ସମସ୍ତ ବିଧିବ୍ୟବସ୍ଥାକୁ ନଷ୍ଟଭ୍ରଷ୍ଟ କରି ଦେଶରେ ଏକଚ୍ଛତ୍ରବାଦ ପ୍ରତିଷ୍ଠା କରିବାକୁ ଯେଉଁ ଚକ୍ରାନ୍ତ କରୁଛନ୍ତି, ତାକୁ ରୋକିବାକୁ **ଶ୍ରୀ ରାହୁଲ ଗାନ୍ଧୀ** ଆହ୍ୱାନ ଦେଇଛନ୍ତି।

ଯାଏ କଥା ଗଲା। ହଜାରହଜାର ଭିଆଇପି ଓ ଦଳୀୟ କର୍ମୀଙ୍କୁ ପାସ୍ ଦେଇ ମହାପ୍ରଭୁ ଓ ଭକ୍ତଙ୍କ ମଧ୍ୟରେ ଫାଟ ସୃଷ୍ଟି କରାଗଲା। ଯୁଗଯୁଗରୁ ଚାଲିଆସିଥିବା ଏହି **ମହାପ୍ରଭୁ ଓ ଭକ୍ତକୈନ୍ଦ୍ରିକ** ରଥଯାତ୍ରାକୁ **ଦଳ ଓ ଭିଆଇପିକୈନ୍ଦ୍ରିକ** କରିଦିଆଗଲା। ସତେ ଯେମିତି ରଥଯାତ୍ରା ବିଜେପିର ଏକ ଦଳୀୟ ଇଭେଣ୍ଟ ଥିଲା!

ବିଜେପି ସରକାର ନାରା ଦେଲେ ବେଟି ବଚାଓ, ବେଟି ପଢ଼ାଓ। କିନ୍ତୁ ଅସଲରେ **ଓଡ଼ିଶାରେ ନାରୀ ଓ ଶିଶୁ ନିର୍ଯାତନା** ହୁ ହୁ ହୋଇ ଏମିତି ବଢ଼ିଲା ଯେ, ଆମେରିକା ନିଜ ଲୋକଙ୍କୁ ଓଡ଼ିଶା ବିଷୟରେ ସତର୍କ କରାଇବା ଯାଏ କଥା ଗଲା। ଦୁଷ୍କର୍ମ, ଗଣଦୁଷ୍କର୍ମ ଓ ହତ୍ୟା ଏପରି ନିତିଦିନିଆ ହୋଇଛି (ଦିନକୁ ହାରାହାରି ୧୫ଟି ଦୁଷ୍କର୍ମ ଘଟଣା) ଯେ, ରାଜ୍ୟରେ ନାରୀ ସୁରକ୍ଷିତ ନ ଥିବା ଭଳି ଏକ ଧାରଣା ସୃଷ୍ଟି ହୋଇଛି। ଧରାକୋଟରେ ଯାହା ହୋଇଗଲା, କୌଣସି ସଭ୍ୟ ସମାଜରେ ତାହା ଆଦୌ ଗ୍ରହଣୀୟ ନୁହେଁ।

ସମସ୍ତଙ୍କୁ **ପାଇପ ଯୋଗେ ସ୍ୱଚ୍ଛ ପିଇବା ପାଣି ଯୋଗାଣର ପ୍ରତିଶ୍ରୁତି** କୁଆଡ଼େ ଗଲା? ଓଲଟା ରାଜ୍ୟବାସୀଙ୍କୁ ଏହି ସରକାର **ହଇଜା ମହାମାରୀ** ପରି ଆଉ ଏକ ଉପହାର ଦେଲା। କିଛି ସ୍ଥାନରେ ବର୍ଷବର୍ଷ ଧରି ପାଇପ୍ ପଡ଼ିଛି, ଠିକାଦାର କିନ୍ତୁ ଛୁଆଁ ବ୍ୟାପକ ହରିଲୁଟ୍; ଫଳ ଶୂନ୍। **ରାଜ୍ୟରେ ଏକତୃତୀୟାଂଶ ଡାକ୍ତର ପଦବି ଖାଲିପଡ଼ିଛି। ହଜାରହଜାର ଶିକ୍ଷକ ଓ ଅଧାପକ ପଦବି ମଧ୍ୟ ଖାଲି।** ଠିକା ଭିତ୍ତିରେ ସବୁକିଛି


**ରାଜ୍ୟରେ ନାରୀ ଅସୁରକ୍ଷିତ, ବେକାରୀ ଚିନ୍ତିତ, ଚାଷୀ ହନ୍ତସନ୍ତ ତ ସାଧାରଣ ଜନତା ପ୍ରତାରିତ**
ଯେଉଁ ରାଜ୍ୟରେ ଜନତା ଓ ଜଗନ୍ନାଥ ସମସ୍ତେ ଅସୁରକ୍ଷିତ, ସେଭଳି ସରକାରଙ୍କୁ ଗାଦିଚ୍ୟୁତ କରିବା ପାଇଁ ଜନତା ଆଗେଇ ଆସିବା ଦରକାର। ତେଣୁ 'ମୋଦୀ ହଟାଅ, ସମ୍ବିଧାନ ଓ ଦେଶ ବଂଚାଅ' କଂଗ୍ରେସର ମୂଳମନ୍ତ୍ର ହୋଇଛି। କଂଗ୍ରେସର ଡାକରାରେ ଆସନ୍ତା ୧୧ ତାରିଖ, ଶୁକ୍ରବାର ଦିନ ୧୧ଟାରେ ରାଜଧାନୀ ଭୁବନେଶ୍ୱର ବରମୁଣ୍ଡା ପଡ଼ିଆରେ ଆୟୋଜିତ ହେଉଥିବା 'ସମ୍ବିଧାନ ବଂଚାଅ ଦେଶ ବଂଚାଅ' ମହାସମାବେଶରେ କଂଗ୍ରେସର ସର୍ବମାନ୍ୟ ନେତା, ଲୋକସଭାରେ ବିରୋଧୀ ଦଳ ନେତା ତଥା ପୂର୍ବତନ ଅଖିଳ ଭାରତ କଂଗ୍ରେସ କମିଟି ଅଧକ୍ଷ ରାହୁଲ ଗାନ୍ଧୀ, ଏ.ଆଇ.ସି.ସି. ଅଧକ୍ଷ ମଲ୍ଲିକାର୍ଜୁନ ଖଡ଼୍‌ଗେ ଓ ଶ୍ରୀ ଭେନୁଗୋପାଲ୍ ଯୋଗଦେବେ।


ରାଜ୍ୟରେ ଗତ ଏକବର୍ଷର ବିଜେପି ସରକାର ଯେଉଁ ସବୁ ପ୍ରତିଶ୍ରୁତି ଦେଇଥିଲେ, ତାହା ପ୍ରତାରଣାରେ ପରିଣତ ହୋଇଛି। **'କଥା ଦେଇ କଥା ରଖିଲେ ମୋହନ ସରକାର' ଏକ ପ୍ରବଞ୍ଚନା ମାତ୍ର।** ବରଂ ଓଲଟା କରୁଛନ୍ତି ସେମାନେ। **କଥା ଦେଇ କୌଣସି କଥା ରଖିଲେନି ମୋହନ ସରକାର।** ବର୍ଷେ ହୋଇଗଲା ପଛେ ଶ୍ରୀମନ୍ଦିର ପରିଚାଳନା କମିଟି ଗଠନ ହୋଇପାରିଲାନି କି ଗତବର୍ଷ ରଥଯାତ୍ରାରେ ପ୍ରଭୁ ବଳଭଦ୍ର ପଡ଼ିଯିବା ଅଘଟଣର ରିପୋର୍ଟ ସୁଦ୍ଧା ପ୍ରସ୍ତୁତ ହୋଇପାରିଲାନି। ଓଡ଼ିଆ ଜାତିର ଆରାଧ୍ୟ ଦେବତା ଜଗନ୍ନାଥଙ୍କ ନନ୍ଦିଘୋଷ ରଥ ଘୋଷଯାତ୍ରା ଦିନ ଏଥର ମାତ୍ର ଚକେ ଗଡ଼ିଲେ। ଭିଭିଆଇପିଙ୍କ ପାଇଁ ମହାପ୍ରଭୁଙ୍କୁ ଅପେକ୍ଷା କରେଇଦେଲେ ସରକାର। **'ଓଡ଼ିଆ ଅସ୍ମିତା'ର ଦ୍ୱାହି ଦେଇ କ୍ଷମତାକୁ ଆସିଥିବା ରାଜ୍ୟ ସରକାର ସେଇ 'ଓଡ଼ିଆ ଅସ୍ମିତା'କୁ ଧୂଳିସାତ କରିଦେଲା।** ଏହି ମନୁଷ୍ୟକୃତ ମହାବିଭ୍ରାଟକୁ ଲୁଚେଇବା ପାଇଁ 'ଏହା କାଳିଆର ଲୀଳା' କହି ଖସି ଯିବାକୁ ବସିଥିଲେ ବିଜେପି ସରକାର। ଗୁଣ୍ଡିଚା ମନ୍ଦିର ଆଗରେ ରଥାରୁଢ଼ ଜଗନ୍ନାଥଙ୍କୁ ଦର୍ଶନ ବେଳେ ଯେଉଁ ଦଳାଚକଟା ହେଲା, ଅକାଳରେ ୩ ଜଣଙ୍କ ପ୍ରାଣଗଲା। ଏହି ବାହାଦୁରିଆ ସରକାରଙ୍କ ଅପାରଗତା ପଦାରେ ପଡ଼ିଲା। ମୁଖ୍ୟମନ୍ତ୍ରୀ ରାଜ୍ୟବାସୀଙ୍କୁ କ୍ଷମା ମାଗିବା କରାଇନେବାକୁ ସରକାର ତତ୍ପର। ଉଭୟ ଶିକ୍ଷା ଓ ସ୍ୱାସ୍ଥ୍ୟସେବାର ଅବସ୍ଥା ଅତ୍ୟନ୍ତ ଦୟନୀୟ। ସରକାର କହିଲେ, ଏଥର ମଣ୍ଡିରେ କଟ୍‌ନିଛଟ୍‌ନି ବନ୍ଦ ହେବ। ଫଳ କିନ୍ତୁ ଓଲଟା। ଧାନ କ୍ୱିଣ୍ଟାଲ ପିଛା **୫ କିଗ୍ରାରୁ ବଢ଼ି ଏ ଥର ୮ କିଗ୍ରା କଟନିଛଟ୍‌ନି** ହେଲା। ଧାନର ଅଭାବୀ ବିକ୍ରି ରୋକାଯାଉନାହିଁ କି ଚାଷୀଙ୍କ ପାଇଁ ବୀମା ନାହିଁ।

**ବିଏମ୍‌ସିରେ ବିଜେପିର ଗୁଣ୍ଡାରାଜ** ସଭିଏଁ ଦେଖିଲେ। ପଦାଧିକାରୀଙ୍କୁ ଘୋଷାରି ଘୋଷାରି ମାଡ଼ ମାରିବା ଦୃଶ୍ୟ ରାଜ୍ୟରେ ସମସ୍ତଙ୍କୁ ହତବାକ୍ କରିଦେଲା। ଚାରିଦିନ କାଳ ଶାସନ ଚକ ଗଡ଼ିଲାନି। ଲୋକେ ହନ୍ତସନ୍ତ ହେଲେ। ବିରୋଧୀଙ୍କ ଚାପରେ ବାଧ ହୋଇ ସମର୍ପଣ କଲେ ସରକାର।

ଓଡ଼ିଶାର ମହିଳା, ଛାତ୍ର, ଯୁବକ, ଶ୍ରମିକ, ଚାଷୀ ସମସ୍ତେ ଆସନ୍ତା ୧୧ ତାରିଖ ରାହୁଲ ଗାନ୍ଧୀଙ୍କ ମହାସମାବେଶରେ ସାମିଲ ହେବା ପାଇଁ ଅନୁରୋଧ କରୁଛି। 'ସମ୍ବିଧାନ ବଂଚାଅ, ଦେଶ ବଂଚାଅ' ସମାବେଶକୁ ସଫଳ କରିବା ପାଇଁ ଓଡ଼ିଶାବାସୀ ଆଗେଇ ଆସନ୍ତୁ।

ନିବେଦକ
ଭକ୍ତ ଚରଣ ଦାସ
ସଭାପତି, ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି







# ପୁଲୱାମା ଆକ୍ରମଣ ପାଇଁ ଆମାଜନ୍‌ରୁ କିଣାଯାଇଥିଲା ବିସ୍ଫୋରକ

ନୂଆଦିଲ୍ଲୀ, ୮।୭ (ଏଜେନ୍ସି): ପୁଲୱାମା ଆତଙ୍କବାଦୀ ଆକ୍ରମଣକୁ ନେଇ ବଡ଼ ତଥ୍ୟ ଆସିଛି। ଏହି ଆକ୍ରମଣରେ ବ୍ୟବହୃତ ବିସ୍ଫୋରକ ଇ-କମର୍ସ ୱେବସାଇଟ ଆମାଜନରୁ କିଣା ଯାଇଥିଲା ବୋଲି ଜଣାପଡ଼ିଛି। ସାରା ବିଶ୍ୱରେ ଆତଙ୍କବାଦକୁ ପାଣ୍ଠି ଯୋଗାଣ ଉପରେ ନଜର ରଖୁଥିବା ଫାଇନାନ୍‌ସିଆଲ ଆକ୍ସନ ଟାସ୍କ ଫୋର୍ସ (ଏଫଏଟିଏଫ୍) ପକ୍ଷରୁ ଏହି ସୂଚନା ଦିଆଯାଇଛି। ଏଫଏଟିଏଫ ରିପୋର୍ଟ 'କମ୍ପ୍ରିହେନସିଭ୍ ଅପଡେଟ ଅନ୍ ଟେରରିଷ୍ଟ ଫାଇନାନ୍ସିଂ ରିସ୍କ' ରେ ୨୦୨୨ରେ ଉତ୍ତର ପ୍ରଦେଶ ଗୋରଖପୁର ଗୋରଖନାଥ ମନ୍ଦିରରେ ହୋଇଥିବା ଆକ୍ରମଣ ବିଷୟରେ ମଧ୍ୟ ସୂଚନା ଦିଆଯାଇଛି। ଏହି ଆକ୍ରମଣକାରୀକୁ ପେପାଲ୍ ଆପ୍ ମାଧ୍ୟମରେ ପେମେଣ୍ଟ ହୋଇଥିଲା ବୋଲି କୁହାଯାଇଛି। ଏହି ଦୁଇ ମାମଲାକୁ ଉଦାହରଣ ଭାବେ ନେଇ ଏଫ୍‌ଏଟିଏଫ୍ ସତର୍କ କରାଇ ଦେଇଛି। ଇ-କମର୍ସ ଏବଂ ଡିଜିଟାଲ ପେମେଣ୍ଟ ସେବା ଖରାପ ବ୍ୟକ୍ତିଙ୍କ ହାତରେ ଲାଗିଗଲେ ଏହା ଆତଙ୍କବାଦୀକୁ ପ୍ରୋତ୍ସାହନ ଦେବାର ମାଧ୍ୟମ ପାଲଟି ଯାଇପାରେ ବୋଲି କୁହାଯାଇଛି।

### ଗୋରଖନାଥ ମନ୍ଦିର ଆକ୍ରମଣକାରୀକୁ 'ପେ ପାଲ୍'ରେ ହୋଇଥିଲା ପେମେଣ୍ଟ !

ଅନ୍‌ଲାଇନ ପ୍ଲାଟଫର୍ମଗୁଡ଼ିକୁ କିଭଳି ଆତଙ୍କବାଦୀ କାର୍ଯ୍ୟକଳାପ ପାଇଁ ବ୍ୟବହାର କରାଯାଉଛି ତାହାର ସୂଚନା ଏହି ରିପୋର୍ଟରେ ପ୍ରଦାନ କରାଯାଇଛି। କୁହାଯାଇଛି ଯେ ଆତଙ୍କବାଦୀ ସଂଗଠନ ଏବେ ପାରମ୍ପରିକ ଫଣ୍ଡିଂ ସହିତ ଅନ୍‌ଲାଇନ ପେମେଣ୍ଟ, ଗେମିଂ ପ୍ଲାଟଫର୍ମ, ସୋସିଆଲ ମିଡିଆ ଏବଂ ଇ-କମର୍ସ ସାଇଟ୍ସ ଭଳି ଡିଜିଟାଲ ପ୍ଲାଟଫର୍ମ ବ୍ୟବହାର କରୁଛନ୍ତି। ଏହାକୁ ନେଇ ସରକାର ଏବଂ ଡିଜିଟାଲ କମ୍ପାନୀଙ୍କୁ ଏଫଏଟିଏଫ ଚେତାବନୀ ଦେଇଛି। ଏଭଳି ପ୍ଲାଟଫର୍ମର ଅପବ୍ୟବହାର ରୋକିବା ପାଇଁ କଠୋର ପଦକ୍ଷେପ ନେବାକୁ କୁହାଯାଇଛି। କାରଣ ଏହା ଏବେ ଆତଙ୍କବାଦୀ ସଂଗଠନଗୁଡ଼ିକ ପାଇଁ ନୂଆ ଏବଂ ପ୍ରଭାବଶାଳୀ ମାଧ୍ୟମ ପାଲଟି ଯାଇଛି।



ମିଳିତ ଜାତିସଂଘରର ଆତଙ୍କବାଦୀ ବିରୋଧୀ ଶାଖା (ୟୁଏନ ସିଟିଇଡି) ଏବଂ ଫ୍ରାନ୍ସ ସହ ମିଶି ଏହି ରିପୋର୍ଟ ପ୍ରସ୍ତୁତ କରାଯାଇଛି। ରିପୋର୍ଟ ଅନୁଯାୟୀ ଆତଙ୍କବାଦ ଫଣ୍ଡିଂ ଯାଞ୍ଚ, ଦୋଷ ସାବ୍ୟସ୍ତ କରିବାରେ ୬୯ ପ୍ରତିଶତ ଦେଶ ବିଫଳ ହୋଇଛନ୍ତି। ଆର୍ଥିକ ବ୍ୟବସ୍ଥାର ଅପବ୍ୟବହାର ଅନ୍ତର୍ଜାତୀୟ ଶାନ୍ତିକୁ ଦୁର୍ବଳ କରିପାରେ। ସେଥିପାଇଁ ସବୁ ସଦସ୍ୟ ରାଷ୍ଟ୍ରଙ୍କୁ ଗ୍ଲୋବାଲ ନେଟୱର୍କ ବ୍ୟବହାର କରିବାକୁ ପରାମର୍ଶ ଦିଆଯାଇଛି। ଟ୍ରାଭେଲ, ପେମେଣ୍ଟ, ସୋସିଆଲ ମିଡିଆ ଭଳି ସନ୍ଦେହଜନକ ପ୍ଲାଟଫର୍ମକୁ ଚିହ୍ନଟ କରିବା ପାଇଁ ନୂଆ ବ୍ୟବସ୍ଥା ବିକଶିତ କରିବାକୁ ପରାମର୍ଶ ଦିଆଯାଇଛି। ସରକାରୀ ଏବଂ ଘରୋଇ କ୍ଷେତ୍ର ମଧ୍ୟରେ ଡାଟା ସେୟାର କରିବାକୁ କୁହାଯାଇଛି। ରିପୋର୍ଟରୁ ଜଣାପଡ଼ିଛି ଯେ ଆତଙ୍କବାଦକୁ ପାଣ୍ଠି ଯୋଗାଣ ସମ୍ବନ୍ଧିତ ରଣନୀତି ସବୁବେଳେ ସମାନ ହୋଇ ନ ଥାଏ। ଏହା ପରିସ୍ଥିତି ହିସାବରେ ଭିନ୍ନ ଭିନ୍ନ ହୋଇଥାଏ।

#### ଅହମଦାବାଦ ବିମାନ ଦୁର୍ଘଟଣା

## ସରକାରଙ୍କୁ ଦିଆଗଲା ପ୍ରାରମ୍ଭିକ ଯାଞ୍ଚ ରିପୋର୍ଟ

ନୂଆଦିଲ୍ଲୀ, ୮।୭ (ଏଜେନ୍ସି): ଅହମଦାବାଦ ବିମାନ ଦୁର୍ଘଟଣାର ୨୬ ଦିନ ପର ମଙ୍ଗଳବାର ଏୟାରକ୍ରାଫ୍ଟ ଆକ୍ସିଡେଣ୍ଟ ଇନଭେଷ୍ଟିଗେସନ ବ୍ୟୁରୋ (ଏଏଆଇବି) ପ୍ରାରମ୍ଭିକ ଯାଞ୍ଚ ରିପୋର୍ଟ ସରକାରଙ୍କୁ ପ୍ରଦାନ କରିଛି। ପ୍ରାରମ୍ଭିକ ଯାଞ୍ଚରୁ ମିଳିଥିବା ପ୍ରମାଣ ଏବଂ ପ୍ରଯୁକ୍ତିବିଦ୍ୟାର ବିଶ୍ଳେଷଣକୁ ଆଧାର କରି ଏହି ରିପୋର୍ଟ ପ୍ରସ୍ତୁତ କରାଯାଇଛି ବୋଲି ସୂଚନା ମିଳିଛି। ଏହି ସପ୍ତାହ ପରେ ରିପୋର୍ଟକୁ ସାର୍ବଜନୀନ କରାଯିବ ବୋଲି ଅଧିକାରୀ କହିଛନ୍ତି। ଏହି ରିପୋର୍ଟରେ କ'ଣ ରହିଛି ତାହା ଜଣା ପଡ଼ି ନ ଥିବାବେଳେ ଦୁର୍ଘଟଣାର କାରଣ ସମ୍ପର୍କରେ ଗୁରୁତ୍ୱପୂର୍ଣ୍ଣ ସୂଚନା ଦିଆଯାଇଛି ବୋଲି କୁହାଯାଉଛି। ଏହା ପୂର୍ବରୁ ଗତ ୨୮ ତାରିଖରେ କେନ୍ଦ୍ର ବେସାମରିକ ବିମାନ ଚଳାଚଳ ରାଷ୍ଟ୍ରମନ୍ତ୍ରୀ ମୁରଲୀଧର ମୋହୋଲ କହିଥିଲେ ଯେ ସବୁ ଦିଗରୁ ବିମାନ ଦୁର୍ଘଟଣାର ତଦନ୍ତ କରାଯାଉଛି। ଏଥିର ଷଡ଼ଯନ୍ତ୍ର ଦିଗକୁ ମଧ୍ୟ ଧ୍ୟାନରେ ରଖାଯାଇଛି। ସେହିପରି ତିନି ମାସ ପରେ ବିସ୍ତୃତ ଯାଞ୍ଚ ରିପୋର୍ଟ ସାମ୍ନାକୁ ଆସିବ। ଜୁନ୍ ୧୨ରେ ଘଟିଥିବା ଏହି ଦୁର୍ଘଟଣାରେ ୨୭୫ ଜଣଙ୍କ ମୃତ୍ୟୁ ହୋଇଥିଲା। ଏହି ବିମାନର କେବଳ ଜଣେ ଯାତ୍ରୀଙ୍କ ଜୀବନ ବଞ୍ଚି ଯାଇଥିଲା।

## ରନୱେରେ ଦୌଡୁଥିଲେ; ବିମାନ ଇଞ୍ଜିନ ଟାଣିନେଲା

ରୋମ୍, ୮।୭ (ଏଜେନ୍ସି): ଇଟାଲୀର ଏକ ବିମାନବନ୍ଦରରେ ମଙ୍ଗଳବାର ସକାଳ ୧୦ଟା ୨୦ରେ ବଡ଼ ଅଘଟଣ ଘଟିଛି। ରନୱେରେ ଦୌଡୁଥିବାବେଳେ ଜଣେ ବ୍ୟକ୍ତିଙ୍କୁ ବିମାନର ଇଞ୍ଜିନ ଟାଣି ନେଇଛି। ଇଞ୍ଜିନରେ ଫସି ରହିବାରୁ ଏହି ବ୍ୟକ୍ତିଙ୍କ ମୃତ୍ୟୁ ହୋଇଛି। ସ୍ଥାନୀୟ ଗଣମାଧ୍ୟମର ସୂଚନା ଅନୁଯାୟୀ ସେହି ବ୍ୟକ୍ତି ରନୱେରେ ଦୌଡୁଥିବାବେଳେ ଏ୩୧୯ ବିମାନ ମାର୍ଗରେ ଆସି ଯାଇଥିଲେ। ଏଥିଯୋଗୁଁ ବିମାନ ଇଞ୍ଜିନ ତାଙ୍କୁ ଟାଣି ନେଇଥିଲା। ଏହି ବିମାନଟି ସ୍ପେନ ଅଭିମୁଖେ ଉଡ଼ାଣ ଆରମ୍ଭ କରୁଥିଲା। ଏହି ଦୁର୍ଘଟଣା ପରେ ବିମାନବନ୍ଦରରୁ ସବୁ ଉଡ଼ାଣ ବନ୍ଦ କରିଦିଆଯାଇଥିଲା। ଏହି ମାମଲାର ଯାଞ୍ଚ କରାଯାଉଛି ବୋଲି ବିମାନବନ୍ଦର ପକ୍ଷରୁ କୁହାଯାଇଛି।

## ୯୫୩୧ କୋଟି ମିଳିଲେ ଲାଇବେରିଆ ଜାହାଜ ଛଡ଼ାଯିବ

ତିରୁଅନନ୍ତପୁରମ, ୮।୭ (ଏଜେନ୍ସି): ଲାଇବେରିଆ ଜାହାଜ 'ଏମଏସ୍‌ସି ଅକିକେତା-୨'କୁ ଜବତ କରିବା ପାଇଁ କେରଳ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଏହି ଜାହାଜ ଲାଇବେରିଆର 'ଏମଏସ୍‌ସି ଏଲ୍ସା-୩'ର ସହଯୋଗୀ ଥିଲା। ମେ' ୨୫ ତାରିଖରେ ଏହା କୋଚି ଉପକୂଳରେ ବୁଡି ଯାଇଥିଲା। ଉଭୟ ଜାହାଜ ଏମଏସ୍‌ସି ମେଡିଟେରେନିୟନ ସିପିଂ କମ୍ପାନୀର ଥିଲା। ଏଲ୍ସା-୩ ବୁଡିବା ଯୋଗୁଁ ପରିବେଶ ଏବଂ ଆର୍ଥିକ କ୍ଷତି ପାଇଁ ୯୫୩୧ କୋଟି ଟଙ୍କାର କ୍ଷତିପୂରଣ ଦେବା ଦାବିରେ କେରଳ ସରକାର ଆବେଦନ ଦାଏର କରିଥିଲେ। ଏମଏସ୍‌ସି-୨ ଭାରତ ବାହାରକୁ ଯିବା ଆଶଙ୍କା କରି ଜବତ କରିବାକୁ ଦାବି କରିଥିଲେ। ହାଇକୋର୍ଟ ମାମଲାର ଶୁଣାଣି କରି କ୍ଷତିପୂରଣ ନ ଦେବା ପର୍ଯ୍ୟନ୍ତ ଅକିକେତା-୨କୁ ଜବତ କରିବା ପାଇଁ ସୋମବାର ନିର୍ଦ୍ଦେଶ ଦେଇଥିଲେ। ମାମଲାର ସମାଧାନ ନ ହେବା ପର୍ଯ୍ୟନ୍ତ ଜାହାଜ ଭାରତ ବାହାରକୁ ଯାଇପାରିବ ନାହିଁ।

## ଲୋହିତ ସାଗରରେ ଲେଜର୍ ଆକ୍ରମଣ କରୁଛି ଚୀନ୍

ବର୍ଲିନ, ୮।୭ (ଏଜେନ୍ସି): ଲୋହିତ ସାଗରରେ ଚୀନ୍ ଦାଦାଗିରି ଦେଖାଉଛି। ଏହି କମ୍ୟୁନିଷ୍ଟ ଦେଶ ବିରୋଧରେ ଜର୍ମାନୀ ଗୁରୁତର ଅଭିଯୋଗ ଲଗାଇଛି। ଚୀନ୍ ସାମରିକ ଯୁଦ୍ଧ ଜାହାଜ ଜର୍ମାନୀର ଲଡୁଆ ବିମାନ ଉପରେ ଲେଜର୍ ଆଟାକ କରିଥିବା କୁହାଯାଇଛି। ୟୁରୋପୀୟ ସଂଘ (ଇୟୁ) ନେତୃତ୍ୱରେ ଚାଲିଥିବା ଲୋହିତ ସାଗରରେ 'ସାମୁଦ୍ରିକ ସୁରକ୍ଷା ଅଭିଯାନ'ବେଳେ ଚୀନ୍ ଏପରି କରିଛି। ଏହାକୁ ନେଇ ଜର୍ମାନୀ ଚୀନ୍ ଆମ୍ବାସାଡରଙ୍କୁ ସମନ ଜାରି କରିଛି। ଏହି ଆକ୍ରମଣକୁ ନେଇ ବିସ୍ତୃତ ସୂଚନା ଦେବାକୁ କୁହାଯାଇଛି। ଜର୍ମାନୀ ପକ୍ଷରୁ କୁହାଯାଇଛି ଯେ ଜର୍ମାନୀ ସୈନିକଙ୍କ ଜୀବନକୁ ବିପଦରେ ପକାଇବା ଏବଂ ଅଭିଯାନରେ ବାଧା ସୃଷ୍ଟି କରିବାକୁ କଦାପି ଗ୍ରହଣ କରାଯିବ ନାହିଁ। ଇୟୁର ନେତୃତ୍ୱରେ ଚାଲିଥିବା ଏହି ଆସପାଇଡ୍ସ ଅଭିଯାନ ଲୋହିତ ସାଗର, ଉପସାଗର ଏବଂ ଭାରତ ମହାସାଗର ଦେଇ ଯାତ୍ରା କରୁଥିବା ବାଣିଜ୍ୟିକ ଜାହାଜଗୁଡ଼ିକୁ ସୁରକ୍ଷା ଦେବାକୁ ଲକ୍ଷ୍ୟ ରଖାଯାଇଛି।

# ଭାରତ ମହାସାଗରରେ ଭାରତକୁ ଘେରୁଛି ଚୀନ୍

ନୂଆଦିଲ୍ଲୀ, ୮।୭ (ଏଜେନ୍ସି): ଚୀନ୍ ଏବଂ ଭାରତ ମଧ୍ୟରେ ଶୀତଳ ଯୁଦ୍ଧ ଜାରି ରହିଛି। ଏହି କମ୍ୟୁନିଷ୍ଟ ରାଷ୍ଟ୍ର ସବୁ କ୍ଷେତ୍ରରେ ଭାରତକୁ ଘେରିବା ପାଇଁ ପ୍ରୟାସ କରୁଛି। ଏଥିପାଇଁ ଅନ୍ତର୍ଜାତୀୟ ସ୍ତରରେ ଷଡ଼ଯନ୍ତ୍ର ଚଳାଇଛି। ଭାରତର ଅଗଣା କୁହାଯାଉଥିବା ଭାରତ ମହାସାଗରକୁ ବି ଭାରତ ବିରୋଧରେ ବ୍ୟବହାର ପାଇଁ ଚୀନ୍ ଜୋରଦାର ପ୍ରୟାସ ଚଳାଇଛି। ଏହି ମହାସାଗରର ଅତିକମ୍‌ରେ ୯ଟି ପଏଣ୍ଟରେ ନିଜ ସ୍ଥିତ ମଜବୁତ କରିବାରେ ଲାଗିଛି। ବନ୍ଦର, ନୌସେନା ଘାଟୀ, ବିମାନ ବନ୍ଦର ଏବଂ ନିଜ ଜାହାଜ ଗୁଡିକ ପାଇଁ ଠିକଣା ନିର୍ମାଣ କରୁଛି। ଏହା ଭାରତ ପାଇଁ ବଡ଼ ଆହ୍ୱାନ ପାଲଟି ଯାଇଛି। ବିଦେଶ ମାମଲାର ସଂସଦୀୟ କମିଟି ମଧ୍ୟ ଏହା ସ୍ୱୀକାର କରିଛି। ତେବେ ଚୀନ୍‌କୁ ଜବାବ ଦେବା ଲାଗି ଭାରତ ମଧ୍ୟ ଜାଲ୍ ବିଛାଇବା ଆରମ୍ଭ କରିଦେଇଛି।

ଅଷ୍ଟ୍ରେଲିଆରୁ ଆଫ୍ରିକା ଏବଂ ଭାରତରୁ ଦକ୍ଷିଣ ମହାସାଗର ପର୍ଯ୍ୟନ୍ତ ୭.୦୬ କୋଟି ବର୍ଗ କିମିରେ ବ୍ୟାପିଥିବା ଭାରତ ମହାସାଗରର ଉପକୂଳରେ ୩୩ ଦେଶ ଏବଂ ୫୭ ଦ୍ୱୀପ ରହିଛି। ଏଠାରେ ୩ ଅରବ ଲୋକ ରହୁଛନ୍ତି। ଭାରତ ଏହାର କେନ୍ଦ୍ରରେ ରହିଛି। ତେଣୁ ଏହାର ନାମ ଭାରତ ମହାସାଗର ରହିଛି। ଏହି ମହାସାଗର ତଳେ ୪୦ ପ୍ରତିଶତ ପେଟ୍ରୋଲିୟମ ରହିଛି। ବର୍ଷକୁ ଲକ୍ଷେରୁ ଅଧିକ ବାଣିଜ୍ୟିକ ଜାହାଜ ଏହି ମାର୍ଗ ଦେଇ ଯାଉଛି। ଏହା ମାଧ୍ୟମରେ ୮୦ ପ୍ରତିଶତ ସାମୁଦ୍ରିକ ତୈଳ ଯୋଗାଣ ହେଉଛି। ଏହି ମାର୍ଗରେ କୌଣସି ସମସ୍ୟା ସୃଷ୍ଟି ହେଲେ ୟୁରୋପ, ମଧ୍ୟପ୍ରାଚ୍ୟ, ଆଫ୍ରିକା ଏବଂ ଏସିଆକୁ ବ୍ୟାପାର ବନ୍ଦ ହୋଇଯିବ। ତେବେ ଭାରତ ସହିତ ନିଜ ଶତ୍ରୁ ରାଷ୍ଟ୍ରଙ୍କୁ ଘେରିବା ପାଇଁ ଚୀନ୍ ଏହି ମହାସାଗରରେ ନିଜ ବେସ୍ ବନାଉଛି। ଅନ୍ୟ ଦେଶଗୁଡିକ ସହ ମିଶି କିମ୍ବା ଜମିକୁ ଲିଜ୍ ନେଇ ବନ୍ଦର ଆଦି ନିର୍ମାଣ କରୁଛି। ଚୀନ୍ କମ୍ବୋଡିଆରେ ରିମ୍ ନାଭାଲ ବେସ୍, ମ୍ୟାଁମାରର କୋକୋ ଆଇଲ୍ୟାଣ୍ଡ, କୋକପ୍ୟୁ ବନ୍ଦର ନିର୍ମାଣ କରୁଛି। ସେହିପରି ବାଂଲାଦେଶର ଚିଟଗାଁଓ ବନ୍ଦର, ଶ୍ରୀଲଙ୍କାର ହମ୍ବନଟୋଟା ବନ୍ଦର, ମାଳଦ୍ୱୀପରେ ଭିତ୍ତିଭୂମି ବିକାଶ ସହିତ ସାମରିକ ଘାଟୀ ନିର୍ମାଣ, ପାକିସ୍ତାନ ଗ୍ୱାଦର ବନ୍ଦର ଲିଜ୍‌ରେ ନେଇଛି। ଏହା ବ୍ୟତୀତ ପୂର୍ବ ଆଫ୍ରିକାର ଜିବୁତିରେ ନୌ ଚୀନ୍ ନିଜର ପ୍ରଥମ ନୌସେନା ଘାଟୀ ବନାଇଛି। ସେଚେଲ୍ସର ଭିକ୍ଟୋରିଆ ବନ୍ଦର ନିର୍ମାଣରେ ମଧ୍ୟ ଆର୍ଥିକ ସହାୟତା କରୁଛି। ଦକ୍ଷିଣ ଆଫ୍ରିକା ଉପକୂଳକୁ ନିୟନ୍ତ୍ରଣ କରିବା ପାଇଁ ବେଜିଂ ତାଞ୍ଜାନିଆ ଏବଂ କେନିଆରେ ମଧ୍ୟ ଅନେକ ବନ୍ଦର ନିର୍ମାଣ କରିଛି।

### ପାଲଟା ଜବାବ ପାଇଁ ଭାରତର ରଣନୀତି ପ୍ରସ୍ତୁତ




ଚୀନ୍‌ର ଏହି 'ଷ୍ଟ୍ରିଙ୍ଗ ଅଫ୍ ପର୍ଲ୍ସ'ର ଜବାବ ଦେବା ଲାଗି ଭାରତ 'ନେକ୍‌ଲେସ୍ ଅଫ୍ ଡାଏମଣ୍ଡ' ରଣନୀତି ଆପଣାଇଛି। ତେବେ ଏ ନେଇ ଭାରତ ପକ୍ଷରୁ କୌଣସି ଆନୁଷ୍ଠାନିକ ଘୋଷଣା କରାଯାଇ ନାହିଁ। ସିଙ୍ଗାପୁରର ଚାଙ୍ଗୀ ନେଭାଲ ବେସ୍ ବ୍ୟବହାର ପାଇଁ ଭାରତ ଚୁକ୍ତି କରିଛି। ଇଣ୍ଡୋନେସିଆର ସବାଙ୍ଗ ବନ୍ଦରରେ ଭାରତ ସାମରିକ କାର୍ଯ୍ୟକଳାପ ବୃଦ୍ଧି କରିଛି। ସେଚେଲ୍ସ ସହ ମିଶି ଭାରତ ଅସମ୍ପସନ ଦ୍ୱୀପରେ ନୌସେନା ଘାଟୀ ନିର୍ମାଣ କରୁଛି। ସେହିପରି ଓମାନର ଦୁକମ ବନ୍ଦର ନିର୍ମାଣ, ଇରାନ ଚାବାହର ବନ୍ଦରକୁ ଲିଜ୍, ଚୀନ୍‌କୁ ଉତ୍ତର ଦେବା ପାଇଁ ମଙ୍ଗୋଲିଆ ସହ ସମ୍ବନ୍ଧ ବୃଦ୍ଧି କରି ଏୟାର କରିଡୋର ନିର୍ମାଣ ଲାଗି ଚୁକ୍ତି,ଜାପାନ ସହ ମିଶି 'ଏସିଆ-ଆଫ୍ରିକା ଗ୍ରୋଥ୍ କରିଡର' ପାଇଁ ଚୁକ୍ତି କରିଛି। ଦକ୍ଷିଣ-ପୂର୍ବ ଏସିଆରେ ଭିଏତନାମ ସହ ଭାରତ ଘନିଷ୍ଠତା ବଢାଇ ବ୍ରହ୍ମୋସ କ୍ଷେପଣାସ୍ତ୍ର ବିକ୍ରି କରିଛି। ୧.୯ ବିଲିୟନ ଡଲାର ମଧ୍ୟ ନିବେଶ କରିଛି। ସେହିପରି ଆନ୍ଧ୍ରପ୍ରଦେଶର ରାମବିଲିରେ ନୌସେନା ଘାଟୀ 'ଆଇଏନଏସ ବର୍ଷା' ନିର୍ମାଣ କରୁଛି। ମରିସସ୍ ଦ୍ୱୀପରୁ ମଧ୍ୟ ଭାରତ ଚୀନ୍ କାର୍ଯ୍ୟକଳାପ ଉପରେ ନଜର ରଖିଛି।

# ଭାଷା ପାଇଁ ମହାରାଷ୍ଟ୍ର ଅଶାନ୍ତ

ମୁମ୍ବାଇ, ୮।୭: ଭାଷାକୁ ନେଇ ଅଶାନ୍ତ ହୋଇପଡ଼ିଛି ମହାରାଷ୍ଟ୍ର। ପ୍ରାଥମିକ ବିଦ୍ୟାଳୟରେ ହିନ୍ଦି ଭାଷାରେ ପାଠପଢ଼ା ପାଇଁ ରାଜ୍ୟ ସରକାରଙ୍କ ନିର୍ଦ୍ଦେଶକୁ ବିରୋଧ କରି ଏକାଠି ହୋଇଥିବା ରାଜ ଏବଂ ଉଦ୍ଧବ ଠାକରେଙ୍କ ଦଳ ଏବେ ରାସ୍ତାକୁ ଓହ୍ଲାଇଛନ୍ତି। ସେମାନଙ୍କ ବିରୋଧ ପରେ ସରକାର ଏହି ନିଷ୍ପତ୍ତିକୁ ପ୍ରତ୍ୟାହାର କରିଥିଲେ ମଧ୍ୟ ମରାଠୀ କହିପାରୁ ନଥିବା ଲୋକମାନଙ୍କ ଉପରେ ଆକ୍ରମଣ ଚଳାଇଛନ୍ତି ଦଳୀୟ କର୍ମୀ। ଏହାକୁ ନେଇ ରାଜ୍ୟବ୍ୟାପୀ ତୀବ୍ର ଉତ୍ତେଜନା ପ୍ରକାଶ ପାଇଛି।

ଭାଷା ନାମରେ ଦୀର୍ଘ ୨୦ ବର୍ଷ ପରେ ଏକାଠି ହୋଇଥିବା ମହାରାଷ୍ଟ୍ର ନବନିର୍ମାଣ ସେନା (ଏମ୍‌ଏନ୍‌ଏସ୍) ମୁଖ୍ୟ ରାଜ ଠାକରେ ଏବଂ ଶିବସେନା (ୟୁବିଟି) ମୁଖ୍ୟ ଉଦ୍ଧବ ଠାକରେ ଏକାଠି ହେବାପରେ ଏଭଳି ପରିସ୍ଥିତି ସୃଷ୍ଟି ହୋଇଛି। ବିଶେଷ କରି ରାଜ ଠାକରେଙ୍କ ଏମ୍‌ଏନ୍‌ଏସ୍ କର୍ମୀ ବେଶି ଉତ୍ପାତ କରୁଛନ୍ତି। ମହାରାଷ୍ଟ୍ର ବାହାରୁ ଆସି ଏଠାରେ କାମ/ବ୍ୟବସାୟ କରୁଥିବା ଲୋକମାନଙ୍କୁ ସେମାନେ ଟାର୍ଗେଟ କରିଛନ୍ତି। ଗତ ସପ୍ତାହ ରାଜଙ୍କ କର୍ମୀମାନେ ଏକ ଦୋକାନରେ ପଶି ବ୍ୟବସାୟୀ ଓ କର୍ମଚାରୀଙ୍କୁ ମାଡ଼ ମାରିଥିଲେ। ସେମାନେ ମରାଠୀ ଭାଷା ଜାଣି ନଥିଲେ ଏବଂ ହିନ୍ଦି ଭାଷା କହିବାରୁ ମାଡ଼ ମାରିଥିଲେ। ଏହାର ପ୍ରତିବାଦରେ ଆଜି ବ୍ୟବସାୟୀମାନେ ବିକ୍ଷୋଭ ଯାତ୍ରା ବାହାର କରିଥିଲେ। ଏହାକୁ ଭଣ୍ଡୁର କରିବା ଲାଗି

### ଏମଏନଏସ୍ ଟାର୍ଗେଟରେ ଅଣ ମରାଠୀ ଶ୍ରମିକ



ଏମ୍‌ଏନ୍‌ଏସ୍ କର୍ମୀମାନେ ମଧ୍ୟ ଥାନେର ମୀରା ରୋଡ୍‌ରେ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ତେବେ ସେମାନେ ବ୍ୟବସାୟୀଙ୍କ ବିକ୍ଷୋଭ ରାସ୍ତା ଆଡ଼କୁ ମୁହାଁଇବାରୁ ପୋଲିସ ଅଟକାଇଥିଲା। ଏହାକୁ ନେଇ ସେଠାରେ ଉତ୍ତେଜନା ପ୍ରକାଶ ପାଇଥିଲା। ଏମ୍‌ଏନ୍‌ଏସ୍ କର୍ମୀମାନଙ୍କୁ ପୁଲିସ ଉଠାଇନେଇଥିଲା। ପୁଲିସ ଆଗରେ ସେମାନେ ଉତ୍ପାତ ଆରମ୍ଭ କରିଦେଇଥିଲେ। ବ୍ୟବସାୟୀମାନଙ୍କୁ ବିକ୍ଷୋଭ ପାଇଁ କାହିଁକି ଅନୁମତି ଦିଆଗଲା ବୋଲି ପ୍ରଶ୍ନ କରିବା ସହିତ ସେମାନେ ଧମକ ଦେଇଥିଲେ ଯେ ଯେଉଁମାନେ ମରାଠୀ ନଶିଖିବେ, ସେମାନଙ୍କୁ ଆକ୍ରମଣ କରାଯିବ। ସେମାନଙ୍କୁ ସମର୍ଥନ ଜଣାଇ ଶିବ ସେନାର ଜଣେ ମନ୍ତ୍ରୀ ପ୍ରତାପ ସରନାଏକ ଏହି ବିକ୍ଷୋଭରେ ସାମିଲ ହେବାକୁ ଯାଉଥିବା ବେଳେ ଏମ୍‌ଏନ୍‌ଏସ୍ କର୍ମୀମାନେ ତାଙ୍କୁ ଘଉଡ଼ାଇ ଦେଇଥିଲେ।

ଇତିମଧ୍ୟରେ ରାଜ ଓ ଉଦ୍ଧବଙ୍କ କର୍ମୀମାନଙ୍କୁ ଧମକ ଦେଇଛନ୍ତି ବିଜେପି ସାଂସଦ ନିଶିକାନ୍ତ ଦୁବେ। ସେ କହିଛନ୍ତି ଯେ ଯଦି ସାହାସ ଅଛି, ତାହାହେଲେ ଏହି କର୍ମୀମାନେ ବିହାର କିମ୍ବା ଉତ୍ତର ପ୍ରଦେଶ ଆସନ୍ତୁ। ସେମାନଙ୍କୁ ଦଉଡ଼ାଇ ଦଉଡ଼ାଇ ମାଡ଼ କରାଯିବ। କେବଳ ହିନ୍ଦି କହିପାରୁଥିବା ସାଧାରଣ ଲୋକଙ୍କୁ କାହିଁକି ଆକ୍ରମଣ କରୁଛନ୍ତି। ଉର୍ଦ୍ଦୁ, ତାମିଲ ଏବଂ ତେଲୁଗୁ କହୁଥିବା ଲୋକମାନଙ୍କୁ କାହିଁକି ସେମାନେ ଆକ୍ରମଣ କରୁ ନାହାନ୍ତି ବୋଲି ଦୁବେ କଟାକ୍ଷ କରିଛନ୍ତି।

## ବ୍ଲାକମେଲ୍ କରି ମାଗିଲେ ୩ କୋଟି; ଆତ୍ମହତ୍ୟା କଲେ ଚାର୍ଟାଡ ଆକାଉଣ୍ଟାଣ୍ଟ

ମୁମ୍ବାଇ, ୮।୭ (ଏଜେନ୍ସି): ନିର୍ଯାତନା ଏବଂ ବ୍ଲାକମେଲିଂ ସହି ନ ପାରି ମୁମ୍ବାଇର ଚାର୍ଟାଡ ଆକାଉଣ୍ଟାଣ୍ଟ (ସିଏ) ରାଜ ଲୀଳା ମୋର (୩୨) ବିଷ ପିଇ ମଙ୍ଗଳବାର ଆତ୍ମହତ୍ୟା କରିଛନ୍ତି। ଘଟଣାସ୍ଥଳରୁ ତିନି ପୃଷ୍ଠାର 'ସୁଇସାଇଡ ନୋଟ୍' ମିଳିଛି। ଏଥିରେ ସେ ନିଜ ମୃତ୍ୟୁ ପାଇଁ ଦୁଇ ଜଣଙ୍କୁ ଦାୟୀ କରିଛନ୍ତି। ରାହୁଲ ପରୱାନି ଏବଂ ସାବା କ୍ୟୁରେସି ତାଙ୍କୁ ବ୍ଲାକମେଲିଂ କରୁଥିଲେ। ଗୋପନୀୟ ଭିଡିଓ ଲିକ୍ କରାଇଦେବାର ଧମକ ଦେଇ କିଛି ମାସ ହେଲା ତିନି କୋଟି ଟଙ୍କା ମାଗୁଥିଲେ। ଗତ ୧୮ ମାସ ହେଲା ଉଭୟେ ମୋରଙ୍କଠାରୁ କୋଟି କୋଟି ଟଙ୍କା ମଧ୍ୟ ନେଇ ଯାଇଥିଲେ। ଏହା ସତ୍ତ୍ୱେ ଅଧିକ ଟଙ୍କା ମାଗିବାରୁ ମୋର ଚରମ ପଦକ୍ଷେପ ନେଇଥିଲେ।

ପୁଲିସ ସୂଚନା ଅନୁଯାୟୀ ମୋର ଷ୍ଟକ ମାର୍କେଟରେ ବିପୁଳ ନିବେଶ କରିଥିବା ଅଭିଯୁକ୍ତ ଜାଣି ପାରିଥିଲେ। ସିଏ ହୋଇଥିବାରୁ ଅଧିକ ଟଙ୍କା ଦରମା ପାଉଥିବା ମଧ୍ୟ ଜାଣିଥିଲେ। ଧମକ ଦେଇ କମ୍ପାନୀ ଆକାଉଣ୍ଟରୁ ଉଭୟଙ୍କ ବ୍ୟକ୍ତିଗତ ଆକାଉଣ୍ଟକୁ ଟଙ୍କା ଟ୍ରାନ୍ସଫର କରିବାକୁ କହିଥିଲେ। ଦୁଇ ଅଭିଯୁକ୍ତ ଜୋର ଜବରଦସ୍ତି ଏକ ଦାମୀ କାର୍ ମଧ୍ୟ ତାଙ୍କଠାରୁ ନେଇ ଯାଇଥିଲେ। ଏଥିପାଇଁ ପୁଅ ଦୀର୍ଘ ଦିନ ହେଲା ଅତ୍ୟଧିକ ଚାପରେ ଥିଲା ବୋଲି ମୋରଙ୍କ ମା' କହିଛନ୍ତି। ସୁଇସାଇଡ ନୋଟ୍‌ର ଗୋଟିଏ ପୃଷ୍ଠାରେ ମୋର ନିଜ ମା'ଙ୍କ ବିଷୟରେ ଲେଖିଛନ୍ତି। ସେ ପରିବାର ଲୋକଙ୍କୁ କ୍ଷମା ମାଗି ମା'ଙ୍କ ଯତ୍ନ ନେବା ପାଇଁ କହିଛନ୍ତି। ଦ୍ୱିତୀୟ ପୃଷ୍ଠାରେ ସହଯୋଗୀଙ୍କୁ କ୍ଷମା ମାଗିଛନ୍ତି। ଆସ୍ଥା ହରାଇଛି ବୋଲି କହିଛନ୍ତି। ଶ୍ୱେତା ଏବଂ ଜୟପ୍ରକାଶଙ୍କୁ ଦୋଷ ନ ଦେବା ପାଇଁ କହିଛନ୍ତି। ତୃତୀୟ ପୃଷ୍ଠାରେ ରାହୁଲ ଏବଂ ସାବାଙ୍କୁ ଦାୟୀ କରିଛନ୍ତି। ରାହୁଲ ଜାଲିଆତି କରି ତାଙ୍କୁ ବ୍ଲାକମେଲ କରିଥିଲେ। ସଞ୍ଚୟ ଟଙ୍କା ଉଠାଇବାକୁ ଏବଂ କମ୍ପାନୀରୁ ଟଙ୍କା ଚୋରି କରିବାକୁ ବାଧ୍ୟ କରିଥିଲେ। ପୁଲିସ ମାମଲାର ରୁଜୁ କରି ତଦନ୍ତ ଆରମ୍ଭ କରିଛି। ତେବେ ଏ ପର୍ଯ୍ୟନ୍ତ କାହାକୁ ଗିରଫ କରାଯାଇ ନାହିଁ।



## ବ୍ୟବସାୟୀ ଗୋପାଳ ଖେମକାଙ୍କ ହତ୍ୟା କରାଇଥିଲେ ବିଲ୍ଡର


ପାଟନା, ୮।୭ (ଏଜେନ୍ସି): ବିହାର ବ୍ୟବସାୟୀ ଗୋପାଳ ଖେମ୍‌କାଙ୍କ ହତ୍ୟାକୁ ନେଇ ଚାଞ୍ଚଲ୍ୟକର ଖୁଲାସା ହୋଇଛି। ବ୍ୟାବସାୟିକ ବିବାଦକୁ ନେଇ ବିଲ୍ଡର ଅଶୋକ ଶାହ ସୁପାରୀ ଦେଇ ଖେମ୍‌କାଙ୍କୁ ହତ୍ୟା କରାଇ ଥିଲେ। ହତ୍ୟା ପାଇଁ ସୁଟର୍ ଉମେଶକୁ ସୁପାରୀ ଦିଆଯାଇଥିଲା। ଏଥିପାଇଁ ୪ ଲକ୍ଷ ଟଙ୍କାରେ ଚୁକ୍ତି ଚୂଡ଼ାନ୍ତ ହୋଇଥିଲା। ଅଗ୍ରୀମ ଭାବେ ୫୦ ହଜାର ଟଙ୍କା ଦିଆଯାଇଥିଲା। ଏହି ଟଙ୍କାରେ ଉମେଶ ନିଜ ପିଲାଙ୍କ ସ୍କୁଲ ଦେୟ ଦେଇଥିଲା। ସେ ହିଁ ଖେମକାଙ୍କ ଘରର ରେକି କରିଥିଲା। ପରେ ଉମେଶ ଏହି ହତ୍ୟା ପାଇଁ ନିଜ ଅଞ୍ଚଳରେ ରହୁଥିବା ବିକାଶକୁ ସୁପାରୀ ଦେଇଥିଲା। କିନ୍ତୁ ସେ ଅଧିକ ଟଙ୍କା ଦାବି କରିବାରୁ ଗତ ଚାରି ତାରିଖରେ ଘର ଫାଟକ ନିକଟରେ ଉମେଶ ଖେମ୍‌କାଙ୍କୁ ଗୁଳି ମାରି ହତ୍ୟା କରିଥିଲା। ଡିଜିପି ବିନୟ କୁମାର ଆଜି ଏହି ସୂଚନା ଦେଇଛନ୍ତି।

ପୁଲିସ ସୋମବାର ବିଲ୍ଡର ଅଶୋକ ଏବଂ ସୁଟର ଉମେଶକୁ ଗିରଫ କରିଛି। ସୁଟର ନିକଟରୁ ୩ ଲକ୍ଷ ଟଙ୍କା ଜବତ କରାଯାଇଛି। ତା ଘରୁ ୫୯ ରାଉଣ୍ଡ ଗୁଳି ଏବଂ ଘଟଣାରେ ବ୍ୟବହୃତ ବନ୍ଧୁକ ଜବତ କରାଯାଇଛି। ଜେରା ସମୟରେ ଉମେଶ କହିଛି ଯେ ଦେଢ଼ ମାସ ତଳେ ହତ୍ୟାର ଯୋଜନା ହୋଇଥିଲା। ଅଶୋକ ସାହ ମୋବାଇଲରୁ ଜମି ବିବାଦ ସମ୍ବନ୍ଧିତ ଆଲୋଚନାର ଅନେକ ରେକର୍ଡିଂ ମିଳିଛି। ଜମି ବିବାଦ ପାଇଁ ଖେମକାଙ୍କୁ ହତ୍ୟା କରାଯାଇଛି। ଅଶୋକ ଘରୁ ଅନେକ ଜମିର କାଗଜପତ୍ର ମିଳିଛି।

ପୁଲିସ ସୂଚନା ଅନୁଯାୟୀ ଉଦୟଗିରି ଆପାର୍ଟମେଣ୍ଟର ୬୦୧ ଫ୍ଲାଟରୁ ଅଶୋକ ସାହକୁ ଗିରଫ କରାଯାଇଥିଲା। ଏହି ଫ୍ଲାଟ୍‌ରେ ପୂର୍ବରୁ ଦୁର୍ଦ୍ଧାନ୍ତ ଅଶୋକ ସମ୍ରାଟ ଏବଂ ବୃଜବିହାରୀର ସହଯୋଗୀ ରତ୍ନେଶ୍ୱର ସାହ ରହୁଥିଲା। ସୁଟର ଉମେଶର କଥାରେ ପୁଲିସ ମଙ୍ଗଳବାର ଭୋର ୪ଟାରେ ବନ୍ଧୁକ ଯୋଗାଣକାରୀ ବିକାଶକୁ ଧରିବା ପାଇଁ ପଟନା ସିଟିର ମାଲସଲାମୀ ଅଞ୍ଚଳରେ ପହଞ୍ଚି ଥିଲା। ଏହି ସମୟରେ ବିକାଶ ପୁଲିସ ଉପରେ ଗୁଳିମାଡ଼ କରିଥିଲା। କିନ୍ତୁ ପୁଲିସର ଜବାବୀ କାର୍ଯ୍ୟାନୁଷ୍ଠାନରେ ସେ ନିହତ ହୋଇଥିଲା।



## ୬୭ ଜଣଙ୍କ ଜୀବନ ବଞ୍ଚାଇ ଦେଲା କୁକୁର



ମଣ୍ଡି, ୮।୭ (ଏଜେନ୍ସି): ମଣିଷ ତୁଳନାରେ ପଶୁପକ୍ଷୀ ଆଗୁଆ ପ୍ରାକୃତିକ ବିପର୍ଯ୍ୟୟର ସୂଚନା ପାଇ ଯାଆନ୍ତି ବୋଲି କୁହାଯାଏ। ଏହି ଲୋକକଥାଟି ହିମାଚଳ ପ୍ରଦେଶ ମଣ୍ଡି ଜିଲ୍ଲାର ସିୟାଥି ଗ୍ରାମରେ ସତ ସାବ୍ୟସ୍ତ ହୋଇଛି। ବାଦଲ ଫଟା ବର୍ଷା, ଭୂସ୍ଖଳନ ଏବଂ ଅଚାନକ ବନ୍ୟାରେ ଲୋକଙ୍କ ଜୀବନ ଦୁର୍ବିସହ ହୋଇ ଯାଇଥିବାବେଳେ ମଣିଷର ଅତି ବିଶ୍ୱସ୍ତ ପ୍ରାଣୀ କୁକୁର ଦେବଦୂତ ପାଲଟି ଯାଇଛି। ଏହି କୁକୁର ୨୦ ପରିବାରର ୬୭ ଲୋକଙ୍କ ଜୀବନ ବଞ୍ଚାଇ ଦେଇଛି। ଏବେ ସବୁଠି ଏହି କୁକୁରକୁ ନେଇ ଚର୍ଚ୍ଚା ହେଉଛି। ସମୟ ପୂର୍ବରୁ ସତର୍କ କରି ଏହି କୁକୁର ଗ୍ରାମବାସୀଙ୍କୁ ରକ୍ଷା କରି ହିରୋ ପାଲଟି ଯାଇଛି। ସୂଚନା ଅନୁଯାୟୀ ଧରମପୁର ଅଞ୍ଚଳରେ ଥିବା ସିଆଥି ଗ୍ରାମ ଗତ ୩୦ ତାରିଖ ମଧ୍ୟରାତ୍ରିରୁ ୧ଟା ଭିତରେ ଅବଶେଷରେ ପରିଣତ ହୋଇଯାଇଥିଲା। କିନ୍ତୁ ଏହା ପୂର୍ବରୁ କୁକୁର ପାଇଁ ଗ୍ରାମବାସୀଙ୍କ ଜୀବନ ରକ୍ଷା ପାଇ ଯାଇଥିଲା।

ସିଆଥି ଗ୍ରାମର ନରେନ୍ଦ୍ର କହିଛନ୍ତି ଯେ ଏହି କୁକୁରଟି ତାଙ୍କ ଘରର ଦ୍ୱିତୀୟ ମହଲାରେ ଶୋଇଥିଲା। ପ୍ରବଳ ବର୍ଷା ଜାରି ରହିଥିବାବେଳେ ରାତିରେ କୁକୁର ଜୋର୍‌ରେ ଭୋକିବାରେ ଲାଗିଥିଲା। ଏହା ପରେ ମଧ୍ୟରାତ୍ରିରେ ଚାରିଆଡେ ଖାଲି ଚିତ୍କାର ଶୁଭିଥିଲା। କୁକୁର ଭୋକିବା ଶୁଣି ନରେନ୍ଦ୍ର ନିଦରୁ ଉଠି ଯାଇଥିଲେ। କୁକର ପାଖକୁ ଗଲା ପରେ ସେ ଯାହା ଦେଖିଥିଲେ ତାହାକୁ ବିଶ୍ୱାସ କରିପାରି ନ ଥିଲେ। ଘରର କାନ୍ଥରେ ଏକ ବଡ଼ ଫାଟ ସୃଷ୍ଟି ହୋଇଥିଲା। ଏହା ମଧ୍ୟ ଦେଇ ପାଣି ପ୍ରବେଶ କରି ଚାଲିଥିଲା। ସେ କାଳ ବିଳମ୍ବ ନ କରି କୁକୁର ସହ ତଳକୁ ପଳାଇ ଥିଲେ। ଘରେ ଶୋଇଥିବା ସମସ୍ତଙ୍କୁ ଜଗାଇ ଥିଲେ। ଏହା ପରେ ଅନ୍ୟ ଗ୍ରାମବାସୀଙ୍କୁ ସତର୍କ କରାଇ ସୁରକ୍ଷିତ ସ୍ଥାନକୁ ଚାଲିଯିବାକୁ କହିଥିଲେ। ଲୋକେ ଏହା ଶୁଣି ଘରଦ୍ୱାର ଛାଡ଼ି ସୁରକ୍ଷିତ ଆଶ୍ରୟ ସ୍ଥଳକୁ ଚାଲି ଯାଇଥିଲେ। ଏହାର କିଛି ସମୟ ପରେ ଏକ ବିରାଟ ଭୂସ୍ଖଳନ ସଂସ୍ପର୍ଶରେ ଗାଁ ଆସି ଯାଇଥିଲା। ଏଥିରେ ୧୨ରୁ ଅଧିକ ଘର ମାଟିରେ ମିଶି ଯାଇଛି। ମାତ୍ର ଚାରିରୁ ପାଞ୍ଚଟି ଘର ଏବେ ବାହାରକୁ ଦିଶୁଛି। ଆଉ ବାକି ସବୁ ଅବଶେଷ ତଳେ ଦବି ରହିଛି। ଗ୍ରାମର ୨୦ ପରିବାରର ୬୭ ଜଣ ସଦସ୍ୟ ଗତ ୭ ଦିନ ହେଲା ତ୍ରିୟମବାଲା ଗ୍ରାମର ନୈନା ଦେବୀ ମନ୍ଦିରରେ ଆଶ୍ରୟ ନେଇଛନ୍ତି। ଏଭଳି ସ୍ଥିତି ଦେଖି ଅନେକ ଗ୍ରାମବାସୀଙ୍କ ରକ୍ତଚାପ ବଢ଼ି ଯାଇଛି। କିଛି ଜଣ ଅବସାଦଗ୍ରସ୍ତ ହୋଇଛନ୍ତି। ଅନ୍ୟ ଗ୍ରାମର ଗ୍ରାମବାସୀ ଏମାନଙ୍କୁ ସହାୟତାର ହାତ ବଢ଼ାଇଛନ୍ତି। ଜୁନ୍ ୨୦ରୁ ଏ ପର୍ଯ୍ୟନ୍ତ ବର୍ଷା ଜନିତ ଘଟଣାରେ ରାଜ୍ୟରେ ୭୮ ଜଣଙ୍କ ଜୀବନ ଗଲାଣି।






୭ଦଫା ଦାବି ନେଇ ଡ୍ରାଇଭର ସଂଘର ରାଜ୍ୟବ୍ୟାପୀ ଷ୍ଟିୟରିଂ ଛାଡ଼ ଆନ୍ଦୋଳନ: ଭୁବନେଶ୍ୱର ଅନ୍ତରାଜ୍ୟ ବସ୍‌ଷ୍ଟାଣ୍ଡରେ ଅଟକି ରହିଛି ବସ୍, ଯାତ୍ରୀ ହନ୍ତସନ୍ତ

# ମହାପ୍ରଭୁଙ୍କୁ ରସଗୋଲା ମଣୋହୀ

ପୁରୀ,୮।୭(ସମିସ): ନୀଳାଦ୍ରିବିଜେ ଅବସରରେ ଅନେକ ଭକ୍ତ ମହାପ୍ରଭୁଙ୍କୁ ରସଗୋଲା ଚକ୍ରମଣୋହୀ କରିଥିଲେ। ରଥ ପାଖରେ ରସଗୋଲା ଭୋଗ କରିଥିଲେ। ଏହି ରସଗୋଲା ମଣୋହୀ ପ୍ରଥାରୁ ଏବେ ପରମ୍ପରାରେ ପରିଣତ ହୋଇଛି। ଏ ସମ୍ପର୍କରେ ଗବେଷକ ମତ ଦିଅନ୍ତି ଯେ ମହାପ୍ରଭୁଙ୍କ ଉପାସନାରେ ଅନେକ ସାମାଜିକ ଓ ପାରିବାରିକ ପରମ୍ପରାର ବାର୍ତ୍ତା ଦେଖିବାକୁ ମିଳିଥାଏ। ଘୋଷଯାତ୍ରାରେ ଭାଇଭଉଣୀଙ୍କୁ ସାଙ୍ଗରେ ନେଇ ଚାଲିଯାଇଥିବାରୁ ଅଭିମାନ କରିଥିଲେ ଶ୍ରୀଦେବୀ (ଲକ୍ଷ୍ମୀ ଠାକୁରାଣୀ)। ଏଥିଯୋଗୁଁ ଯେଉଁ ପାରିବାରିକ ଅଭିମାନ ମୁଣ୍ଡ ଟେକିଥିଲା, ତାହାକୁ ଗଜପତି ମହାରାଜା ବାହୁଡ଼ା ଦିନ ଭେଟ କରାଇ ସମାଧାନର ଏକ ସୁସ୍ଥ ବାତାବରଣ ସୃଷ୍ଟି କରିଥିଲେ। ନୀଳାଦ୍ରିବିଜେ ଦିନ ମହାପ୍ରଭୁ ଶ୍ରୀମନ୍ଦିର ଭିତରକୁ ପ୍ରବେଶ କଲା ବେଳେ ସେହି ଅଭିମାନର ପୁନରାବୃତ୍ତି ଘଟିଥାଏ। ଲକ୍ଷ୍ମୀ ଠାକୁରାଣୀ ଶ୍ରୀମନ୍ଦିରର ଦ୍ୱାର ବନ୍ଦ କରିଦିଅନ୍ତି। ସେଠାରେ ଯେଉଁ ନୀତି ହୁଏ, ତାହା ଲକ୍ଷ୍ମୀ-ନାରାୟଣ ବଚନିକା ଭାବେ ପ୍ରସିଦ୍ଧ। ବଚନିକା ହେବା ପରେ ମହାପ୍ରଭୁ ଜଗମୋହନକୁ ବିଜେ କଲେ ସେଠାରେ ଗଇଁଠାଳ ଫିଟା ନୀତି ହୁଏ। ପରେ ଶ୍ରୀଦେବୀଙ୍କ ଅଭିମାନ ଭାଙ୍ଗି ନ ଥାଏ। ଲକ୍ଷ୍ମୀ ଠାକୁରାଣୀ ଯେତେବେଳେ ଜୟବିଜୟ ଦ୍ୱାର ବନ୍ଦ କରନ୍ତି ସେତେବେଳେ ମହାପ୍ରଭୁ ସାଙ୍ଗରେ ଆଣିଥିବା ମିଷ୍ଟାନ୍ନ (ରସଗୋଲା) ଦେଇ ଲକ୍ଷ୍ମୀଙ୍କ ମାନଭଞ୍ଜନ କରିଥା'ନ୍ତି। ଭକ୍ତମାନେ ମହାପ୍ରଭୁଙ୍କୁ ସେହି ସ୍ମୃତି ସ୍ୱରୂପ ନୀଳାଦ୍ରିବିଜେ ପୂର୍ବରୁ ମହାପ୍ରଭୁଙ୍କୁ ରସଗୋଲା ଚକ୍ରମଣୋହି କରିଥା'ନ୍ତି। ବିଶ୍ୱାସ ରହିଚି, ମହାପ୍ରଭୁ ଶ୍ରୀଦେବୀଙ୍କୁ ସନ୍ତୁଷ୍ଟ କରିବା ପୂର୍ବରୁ ଭକ୍ତମାନେ ମହାପ୍ରଭୁଙ୍କୁ ସନ୍ତୁଷ୍ଟ କରିଥା'ନ୍ତି। ଲୋକାଚାର ପ୍ରଥା ଅନୁଯାୟୀ ଏହା ଏବେ ପରମ୍ପରାରେ ପରିଣତ ହୋଇଯାଇଛି।

## ଅଗଷ୍ଟରେ ହୋଇପାରେ ରତ୍ନଅଳଙ୍କାର ଗଣତିମଣତି

ପୁରୀ, ୮।୭ (ସମିସ): ଶେଷ ହୋଇଛି ରତ୍ନଭଣ୍ଡାର ମରାମତି ଓ ସଂରକ୍ଷଣ। ଏଏସ୍‌ଆଇ ଉଭୟ ଭିତର ଏବଂ ବାହାର ରତ୍ନଭଣ୍ଡାର ମରାମତି କାମ ଶେଷ କରି ଶ୍ରୀମନ୍ଦିର ପ୍ରଶାସନକୁ ଚାବି ହସ୍ତାନ୍ତର କରିଛି। ଏବେ ସମସ୍ତଙ୍କ ନଜର ରହିଛି କେବେ ମହାପ୍ରଭୁଙ୍କ ରତ୍ନ ଅଳଙ୍କାରର ଗଣତିମଣତି କରାଯିବ। ଏ ପ୍ରସଙ୍ଗରେ ମଙ୍ଗଳବାର ଗଣମାଧ୍ୟମ ସମ୍ମୁଖରେ ପ୍ରତିକ୍ରିୟା ରଖିଛନ୍ତି ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ। ସେ କହିଛନ୍ତି, ବୁଧବାର ରିଜର୍ଭ ବ୍ୟାଙ୍କ୍ ଅଫ୍ ଇଣ୍ଡିଆ(ଆର୍‌ବିଆଇ)କୁ ଚିଠି ଲେଖାଯିବ। ଆର୍‌ବିଆଇର ଦୁଇଜଣ ବରିଷ୍ଠ ଓ ଅଭିଜ୍ଞ ଅଧିକାରୀ ଆସିବା ପାଇଁ ଏହି ଚିଠିରେ ଉଲ୍ଲେଖ କରାଯିବ। ସ୍ୱତନ୍ତ୍ର ଏସ୍‌ଓପି ଅନୁଯାୟୀ ଉଚ୍ଚସ୍ତରୀୟ କମିଟି ବୈଠକ ବସିବ। ଏହାପରେ ଅସ୍ଥାୟୀ ଖଟଶେଯ ଓ ଫୁଲ ଶେଯ ଘରେ ଥିବା ରତ୍ନଅଳଙ୍କାର ଭିତର ଓ ବାହାର ରତ୍ନଭଣ୍ଡାରକୁ ଅଣାଯିବ। ଅଗଷ୍ଟ ମାସରେ ରତ୍ନଭଣ୍ଡାର ଗଣତିମଣତି ପ୍ରକ୍ରିୟା ହୋଇପାରେ ବୋଲି ଆଇନ ମନ୍ତ୍ରୀ ସୂଚନା ଦେଇଛନ୍ତି। ତେବେ ୧୯୭୮ ମସିହାରେ ଭିତର ରତ୍ନଭଣ୍ଡାର ଅଳଙ୍କାର ଗଣତିମଣତି ହୋଇ ତାଲିକା ପ୍ରକାଶ ପାଇଥିଲା। ସେହି ତାଲିକା ସହ ମହାପ୍ରଭୁଙ୍କ ଅଳଙ୍କାର ମେଳ କରାଯିବ।

■ ଉତ୍ତରମୁହାଁ ଲଘୁଚାପ

## ଝାରଖଣ୍ଡରେ ବର୍ଷିବ, ଓଡ଼ିଶାରେ କମିବ

ଭୁବନେଶ୍ୱର,୮।୭(ସମିସ): ମହାନଦୀର ଉପରମୁଣ୍ଡରେ ପ୍ରବଳ ବର୍ଷା ଯୋଗୁଁ ହୀରାକୁଦରେ ଜଳସ୍ତର ବୃଦ୍ଧି ପାଉଛି। ବର୍ତ୍ତମାନ ପଶ୍ଚିମବଙ୍ଗ ଉପରେ ରହିଥିବା ଲଘୁଚାପ କ୍ଷେତ୍ରଟି ଆଗକୁ ଝାଡ଼ଖଣ୍ଡ-ଛତିଶଗଡ଼ ମୁହାଁ ହେବାକୁ ଥିବାରୁ ବର୍ଷାର ପ୍ରଭାବ ଆହୁରି ବଢ଼ିବାର ଆଶଙ୍କା ରହିଛି। ଅନ୍ୟପଟେ ବର୍ତ୍ତମାନ ହୀରାକୁଦରୁ ୨୦ଟି ଗେଟ୍ ଦେଇ ଜଳ ନିଷ୍କାସିତ ହେଉଥିବା ବେଳେ ମଙ୍ଗଳବାର ସକାଳ ସୁଦ୍ଧା ଏହି ଜଳ ମୁଣ୍ଡଳୀଠାରେ ପହଞ୍ଚିଛି। ବୁଧବାରଠାରୁ ୧୧ ଜୁଲାଇ ମଧ୍ୟରେ ଓଡ଼ିଶାରେ ବର୍ଷାର ପରିମାଣ କମିବାର ସମ୍ଭାବନା ରହିଛି। ମାତ୍ର ଉତ୍ତର ପଶ୍ଚିମ ଜିଲ୍ଲାମାନଙ୍କରେ ବୁଧବାର କିଛି କିଛି ବର୍ଷା ନେଇ ଆଶଙ୍କା ରହିଛି। ତେବେ ଆସନ୍ତା ୧୨/୧୩ ବେଳକୁ ଆଉ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବାର ଆଶଙ୍କା ରହିଥିବାରୁ ପୁଣି ବର୍ଷା ବଢ଼ିବାର ଆଶଙ୍କା ରହିଛି।

ଅନ୍ୟପଟେ ବୈତରଣୀ ନଦୀ ଫୁଲିବା ହେତୁ ଉତ୍ତର ଓଡ଼ିଶାରେ ବିଭିନ୍ନ ଅଞ୍ଚଳରେ ଜଳବନ୍ଦୀ ସ୍ଥିତି ସୃଷ୍ଟି ହୋଇଛି। ଶିମିଳିପାଳ ଉପର ମୁଣ୍ଡରେ ପ୍ରବଳ ବର୍ଷା ପାଇଁ ଦେଓ ନଦୀରେ ମଧ୍ୟ ଜଳସ୍ତର ବଢ଼ିଛି। ଏବେ ଉଦଳା-ବାଲେଶ୍ୱର ସମେତ ୮ଟି ପଞ୍ଚାୟତକୁ ଯୋଗାଯୋଗ ବିଚ୍ଛିନ୍ନ ହୋଇଛି। ବୈତରଣୀ ଫୁଲିବା ହେତୁ ଆଖୁଆପଦା ନିକଟରେ ଜଳସ୍ତର ସତର୍କ ସଙ୍କେତ ଉପରେ ପ୍ରବାହିତ ହେଉଛି। ବନ୍ୟା ଜଳ ବୃଦ୍ଧି ଭିତରେ ଯାଜପୁର ନିଜାମପୁରରେ ୨୦ରୁ ୩୦ ଫୁଟ୍ ଯାଏଁ ଆଡ଼ିବନ୍ଧ ଧସିଛି। ବାଲି ବସ୍ତା ପକାଇ ଘାଇ ମରାମତି କରାଯାଉଥିବା ବେଳେ ଏଠାରେ ଲୋକେ ଆତଙ୍କିତ ଅବସ୍ଥାରେ ଅଛନ୍ତି। ତେବେ ରାଜ୍ୟରେ ବନ୍ୟା ସ୍ଥିତି ଭିତରେ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ଲୋକଙ୍କୁ ଆତଙ୍କିତ ନ ହେବାକୁ ପରାମର୍ଶ ଦେଇଛନ୍ତି। ରାଜ୍ୟବାସୀଙ୍କ ସହ ସରକାର ଅଛନ୍ତି। ବିଚଳିତ ହେବାର ଆବଶ୍ୟକତା ନାହିଁ ବୋଲି ମନ୍ତ୍ରୀ କହିଛନ୍ତି।

ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ବୁଧବାର କଳାହାଣ୍ଡି, ନୂଆପଡ଼ା, ବଲାଙ୍ଗିର, ବୌଦ୍ଧ, ସୋନପୁର, ବରଗଡ଼, ସମ୍ବଲପୁର, ଝାରସୁଗୁଡ଼ା, ଦେବଗଡ଼, ଅନୁଗୁଳ, ସୁନ୍ଦରଗଡ଼, କେନ୍ଦୁଝର, ମୟୂରଭଞ୍ଜ, ନବରଙ୍ଗପୁର ଓ କୋରାପୁଟ ଜିଲ୍ଲାର ବିଭିନ୍ନ ସ୍ଥାନରେ ବର୍ଷା ଆଶଙ୍କା ରହିଛି। ଗୁରୁବାରଠାରୁ ବର୍ଷାର ପ୍ରଭାବ କମିବା ସହ ୧୩ ପରେ ପୁଣି ବର୍ଷା ବଢ଼ିବ ବୋଲି କେନ୍ଦ୍ର ଆକଳନ କରିଛି।

## ମହରମ ଶୋଭାଯାତ୍ରାରେ ଆମ୍ବୁଲାନ୍ସ ଭଙ୍ଗାରୁଜା

### ବାପା-ମା' ସମେତ ୨ ଶିଶୁ ଆହତ, ୫ ଅଟକ

ବାଲେଶ୍ୱର,୮।୭(ସମିସ): ମହରମ ଶୋଭାଯାତ୍ରା ବେଳେ ଆମ୍ବୁଲାନ୍ସ ଭଙ୍ଗାରୁଜା। ବାଲେଶ୍ୱର ଜିଲ୍ଲା ରେମୁଣା ବଜାର ହାତୀଆଗଣ୍ଡ ଛକ ନିକଟରେ ଗତ ରବିବାର ଏହି ଘଟଣା ଘଟିଛି। ଏଥିରେ ଆମ୍ବୁଲାନ୍ସରେ ମେଡିକାଲ ଯାଉଥିବା ଏକ ଦମ୍ପତିଙ୍କ ସମେତ ତାଙ୍କର ୨ଶିଶୁ ଆହତ ହୋଇଛନ୍ତି। ଏ ସଂପର୍କରେ ସୋମବାର ରେମୁଣା ଥାନାରେ ଅଭିଯୋଗ ହେବା ପରେ ପୁଲିସ୍ ଏକ ମାମଲା ରୁଜୁ କରି ୫ଜଣଙ୍କୁ ଅଟକ ରଖିଛି।

ସୂଚନାନୁଯାୟୀ, ରେମୁଣା ଥାନା ଅଧୀନ ରସଲପୁରର ରଶ୍ମିରଂଜନ ସାହୁ ଓ ଉର୍ମିଳାଙ୍କ ୩ ବର୍ଷର ପୁଅ ଓ ଅଢ଼େଇ ବର୍ଷର ଝିଅ ପ୍ରବଳ ଜ୍ୱରରେ ଆକ୍ରାନ୍ତ ଥିଲେ। ଦୁହିଁଙ୍କ ଅବସ୍ଥା ବିଗିଡ଼ିବାରୁ ରାତି ପ୍ରାୟ ସାଢ଼େ ୧୦ଟାରେ ଏକ ୧୦୮



ଆମ୍ବୁଲାନ୍ସରେ ସେମାନେ ହସ୍ପିଟାଲକୁ ନେଇ ଯାଉଥିଲେ। ଏହି ସମୟରେ ରେମୁଣା ବଜାର ହାତୀଆଗଣ୍ଡ ଛକ ନିକଟରେ ମହରମ୍ ଶୋଭାଯାତ୍ରା ଚାଲିଥିଲା। ଶୋଭାଯାତ୍ରାରେ ସାମିଲ ଥିବା ଲୋକଙ୍କ ମଧ୍ୟରୁ ୧୦ରୁ ୧୫ଜଣ ଆମ୍ବୁଲାନ୍ସ ଭଙ୍ଗାରୁଜା କରିଥିଲେ। ଜୋରରେ ସାଇରନ ବଜାଇ କାହିଁକି ବାରମ୍ବାର ଯିବାଆସିବା କରୁଛୁ କହିବା ସହ ଡ୍ରାଇଭରକୁ ଖରାପ ଭାଷାରେ ଗାଳିଗୁଲଜ କରିଥିଲେ। ଏହାସହ ଚାଳକଙ୍କ ସହଯୋଗୀକୁ ବାହାରକୁ ଟାଣି ଆଣି ପିଟିଥିଲେ। ଗାଡ଼ିର ପଛପଟ କାଚକୁ ଠେଙ୍ଗାରେ ପିଟି ଭାଙ୍ଗି ଦେବାରୁ ଗାଡ଼ି ଭିତରେ ବସିଥିବା ୨ ଶିଶୁ ଓ ବାପା ମା' କାଚ ବାଜି ଲହୁଲୁହାଣ ହୋଇଥିବା ଜଣାପଡ଼ିଛି। ତେବେ, ପ୍ରାୟ ଅଧ ଘଣ୍ଟା ଧରି ଅଟକିବା ପରେ ଆମ୍ବୁଲାନ୍ସ ଘଟଣାସ୍ଥଳରୁ ଯାଇଥିଲା। ଏ ନେଇ ସୋମବାର ସନ୍ଧ୍ୟାରେ ଆମ୍ବୁଲାନ୍ସ ଚାଳକ ରେମୁଣା ଥାନାରେ ଏକ ଲିଖିତ ଅଭିଯୋଗ କରିଛନ୍ତି।

## କାନ୍ଥ ପଡ଼ି ଯୁବକ ମୃତ

ଭୋଗରାଇ, ୮।୭ (ସମିସ): ଭୋଗରାଇ ବ୍ଲକ୍ ନାରାୟଣ ମାହାନ୍ତି ପଡ଼ିଆ ପଞ୍ଚାୟତ, କିର୍ତ୍ତନୀୟା ଗ୍ରାମରେ କାନ୍ଥ ପଡ଼ି ଜଣେ ଯୁବକଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ, ବଳରାମଗଡ଼ି ଥାନା ମିର୍ଜାପୁର ଗ୍ରାମର ବାସୁ ଦାସ। ସେ ଦୀର୍ଘ ବର୍ଷ ହେବ କିର୍ତ୍ତନୀୟା ଗ୍ରାମରେ ଏକ ସରକାରୀ ଜାଗାରେ ଘର କରି ରହିଆସୁଥିଲେ। ଗତ ସୋମବାର ମଧ୍ୟରାତ୍ରିରେ ସେ ଶୋଇଥିବା ବେଳେ ତାଙ୍କ ଉପରେ ଘରର କାନ୍ଥ ପଡ଼ିଯାଇଥିଲା। ସଙ୍ଗେସଙ୍ଗେ ପରିବାରଲୋକ ତାଙ୍କୁ ଜଳେଶ୍ୱରପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଭୋଗରାଇ ପୁଲିସ ପହଞ୍ଚି ଶବ ଜବତ କରିବା ସହ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ଏନେଇ ପୁଲିସ୍ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଛି।

## ବଜ୍ରପାତରେ ଜଣେ ମୃତ

ରାଜଘାଟ, ୮।୭(ସମିସ): ସିଂଲା ଥାନା ଆମ୍ବକୁଡୁଡ଼ି ଗ୍ରାମରେ ଜଣେ ବ୍ୟକ୍ତିଙ୍କ ବଜ୍ରପାତରେ ମୃତ୍ୟୁ ଘଟିଛି। ପଞ୍ଚୁପାଲି ଗ୍ରାମର ବାଳକୃଷ୍ଣ ଦାସ (୫୦) ନିଜ ଶ୍ୱଶୁର ଘର ଆମ୍ବକୁଡୁଚିରେ ରହିଆସୁଥିଲେ। ଆଜି ସକାଳ ପ୍ରାୟ ସାଢ଼େ ୬ଟାରେ ବର୍ଷା ଲାଗି ରହିଥିବାବେଳେ ସେ ବିଲରେ ପଡ଼ିଥିବା ତଳି ଦେଖିବାକୁ ଯାଇଥିଲେ। ଏହି ସମୟରେ ସେ ବଜ୍ରପାତର ଶିକାର ହୋଇଥିଲେ। ସ୍ଥାନୀୟ ଲୋକେ ତାଙ୍କୁ ତୁରନ୍ତ ବସ୍ତା ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ସିଂଲା ପୁଲିସ୍ ମେଡିକାଲରେ ପହଞ୍ଚି ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଥିଲା।

## ସାପକାମୁଡ଼ାରେ ଜଣେ ମୃତ

ବୌଦ୍ଧ, ୮।୭ (ସମିସ): ବୌଦ୍ଧ ବ୍ଲକ୍ ଆମ୍ବଝରୀ ପଞ୍ଚାୟତ ପାବୁଲିପଡ଼ା ଗ୍ରାମରେ ସାପ କାମୁଡ଼ାରେ ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ, ଶ୍ରଦ୍ଧାକର କହଁର (୫୫)। ମଙ୍ଗଳବାର ଭୋର୍ ୫ଟାରେ ଶ୍ରଦ୍ଧାକର ଘରେ ଶୋଇଥିବା ବେଳେ କୌଣସି ଏକ ବିଷଧର ସାପ ତାଙ୍କୁ କାମୁଡ଼ି ଦେଇଥିଲା। ପରିବାରଲୋକେ ତାଙ୍କୁ ବୌଦ୍ଧ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ବୌଦ୍ଧ ଥାନା ପୁଲିସ୍ ଶବକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିବା ସହ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଛି।

ଖସୁଛି ଜଳସ୍ତର

## ୪ ଗେଟ୍ ବନ୍ଦ କଲା ହୀରାକୁଦ



ସମ୍ବଲପୁର, ୮।୭ (ସମିସ): ହୀରାକୁଦ ଜଳଭଣ୍ଡାରର ଜଳସ୍ତର ଖସିବାରେ ଲାଗିଛି। ରବିବାର ୧୨ଟା ବେଳକୁ ଜଳସ୍ତର ୬୧୦ ଫୁଟ୍‌ରେ ପହଞ୍ଚି ଯାଇଥିଲା। ହୀରାକୁଦ ନଦୀବନ୍ଧ କର୍ତ୍ତୃପକ୍ଷଙ୍କ ପୂର୍ବ ନିଷ୍ପତ୍ତି ଅନୁଯାୟୀ, ସେହିଦିନ ପୂର୍ବାହ୍ନ ୧୦ଟାରେ ଚଳିତବର୍ଷର ପ୍ରଥମ ବନ୍ୟାଜଳ ନିଷ୍କାସନ ଆରମ୍ଭ ହୋଇଥିଲା। ଆଜି ସନ୍ଧ୍ୟା ୬ଟା ସୁଦ୍ଧା ଜଳସ୍ତର ୬୦୬.୭୭ ଫୁଟ୍ ଥିବା ବେଳେ ୨୦ଟି ଗେଟ୍ ଦେଇ ଜଳ ନିଷ୍କାସନ ଜାରି ରହିଥିଲା। ସେଥିରୁ ୪ଟି ସ୍ଲୁଇସ୍ ଗେଟ୍ ବନ୍ଦ କରିଦେବାକୁ ସନ୍ଧ୍ୟା ସାଢ଼େ ୬ଟା ବେଳକୁ ନିର୍ଦ୍ଦେଶ ଦିଆଯାଇଛି।

**ସନ୍ଧ୍ୟା ୬ଟା ସୁଦ୍ଧା ଜଳସ୍ତର ୬୦୬.୭୭ ଫୁଟ୍**

ଉଲ୍ଲେଖଯୋଗ୍ୟ, ହୀରାକୁଦ ନଦୀବନ୍ଧର କର୍ଭରୁଲ୍ ଅନୁଯାୟୀ ଜୁଲାଇ ୩୧ ତାରିଖ ସୁଦ୍ଧା ଜଳସ୍ତର ୬୦୫ ଫୁଟ୍ ରହିବା ଆବଶ୍ୟକ।

ଆଜି ସନ୍ଧ୍ୟା ୬ଟାରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୦୬.୭୭ ଫୁଟ ରହିଛି। ନଦୀବନ୍ଧର ବାମପଟର ୧୧ଟି ଓ ଡାହାଣ ପଟର ୫ଟି; ଏହିପରି ୧୬ଟି ସ୍ଲୁଇସ ଗେଟ୍ ଜରିଆରେ ବନ୍ୟାଜଳ ନିଷ୍କାସନ କରାଯାଉଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୨,୧୨,୬୫୧ ଘନଫୁଟ୍ ଜଳ ପ୍ରବେଶ କରୁଥିବା ବେଳେ ପାୱାର ଚ୍ୟାନେଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୩,୨୪,୯୩୧ ଘନଫୁଟ ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ ୨,୯୨,୬୫୧ ଘନଫୁଟ, ପାୱାର ଚେନାଲ ଦେଇ ୨୯୪୧୬ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୩୪ ଘନଫୁଟ, କେନାଲ ପାଇଁ ୩୦୦୧ ଘନଫୁଟ ଜଳ ନିଷ୍କାସିତ ହେଉଛି। ଅନ୍ୟପକ୍ଷରେ ତଳମୁଣ୍ଡରେ ବେଲଗାଁଠାରେ ୧୬୦୦୦ କ୍ୟୁସେକ ଜଳ ପ୍ରବାହିତ ହେଉଥିବା ବେଳେ ପଥର୍ଲାଠାରେ ୫୧୨୧୮ କ୍ୟୁସେକ, ଖଇରମାଳଠାରେ ୪୭୨୦୦୦ କ୍ୟୁସେକ, ବାରମୂଲଠାରେ ୪୩୬୦୦୦ କ୍ୟୁସେକ ଏବଂ ମୁଣ୍ଡଳୀଠାରେ ୩୩୧୯୬୩ କ୍ୟୁସେକ ଜଳ ପ୍ରବାହିତ ହେଉଥିବା ହୀରାକୁଦ ମୁଖ୍ୟ ନଦୀବନ୍ଧ ସୂତ୍ରରୁ ପ୍ରକାଶ। ଗତ ୨୪ ଘଣ୍ଟାରେ ଉପରମୁଣ୍ଡରେ ୩୫.୫୭ ମିମି ଏବଂ ତଳମୁଣ୍ଡରେ ୭.୬୯ ମିମି ବର୍ଷା ହୋଇଥିବା ଜଣାପଡ଼ିଛି।

## ଆଜି ସର୍ବଭାରତୀୟ ଧର୍ମଘଟ

ଭୁବନେଶ୍ୱର,୮।୭(ସମିସ): ବୁଧବାର ସର୍ବ ଭାରତୀୟ କେନ୍ଦ୍ରୀୟ ଟ୍ରେଡ୍ ୟୁନିୟନ୍ ଫେଡେରେସନ୍‌ସ୍ ଓ ଶିଳ୍ପ ଶ୍ରମିକ ସଂଗଠନ ପକ୍ଷରୁ ଭାରତ ବନ୍ଦ ଡାକରା ଦିଆଯାଇଛି। କେନ୍ଦ୍ର ସରକାରଙ୍କର ୪ଟି ଶ୍ରମକୋଡ୍‌କୁ ବିରୋଧ ସହିତ ଘରୋଇ କରଣ, ଦରଦାମ୍ ବୃଦ୍ଧି, ବେକାରୀ ସମସ୍ୟା, ସର୍ବନିମ୍ନ ମଜୁରୀ ୨୬୦୦୦ ଟଙ୍କା, ଅଙ୍ଗନବାଡ଼ି, ଆଶା, ପାଚିକା ଆଦି ସ୍କିମ୍‌ରେ କାର୍ଯ୍ୟରତ ମା'ମାନଙ୍କୁ ଶ୍ରମିକର ମାନ୍ୟତା ଦେବା ଆଦି ଦାବି ରହିଛି। ରାଜ୍ୟ ସରକାର ବନ୍ଦର, ଖଣି, ବିମାନ ବନ୍ଦର ଓ ପ୍ରାୟ ସରକାରୀ ସଂସ୍ଥାକୁ ଆଦାନୀ ହାତରେ ଟେକିଦେବା ଓ ଅନ୍ୟାନ୍ୟ ବୃହତ ଶିଳ୍ପକୁ ଶିଳ୍ପପତି ମାନଙ୍କ ହାତରେ ଟେକିଦେବା ବିଶେଷକରି ପରିବହନ ଶ୍ରମିକ ମାନଙ୍କ ଦାବି ତୁରନ୍ତ ପୁରଣ କରିବା ପାଇଁ ଏହି ଧର୍ମଘଟର ଆହ୍ୱାନ ଦିଆଯାଇଛି।

**ସାମିଲ ହେବ ବିଜୁ ଶ୍ରମିକ ସାମ୍ମୁଖ୍ୟ**

ଏହି ଧର୍ମଘଟରେ ସାମିଲ ହେବାକୁ ଘୋଷଣା କରିଛି ବିଜୁ ଶ୍ରମିକ ସାମ୍ମୁଖ୍ୟ। ହି ଧର୍ମଘଟକୁ ସମ୍ପୂର୍ଣ୍ଣ ସଫଳ କରିବା ପାଇଁ ବିଜୁ ଶ୍ରମିକ ସାମୁଖ୍ୟ ତଥା ବିଏସ୍‌ଏସ୍ ଓଡିଶାର ସମସ୍ତ ଶ୍ରମିକମାନଙ୍କୁ ଆହ୍ୱାନ ଦେଇଛି। ୯ ଜୁଲାଇ ସକାଳ ୮ ଟା ୩୦ ସମୟରେ ଭୁବନେଶ୍ୱର ରାଜମହଲ ଛକ ଠାରେ ସଂଗଠନର ଉପ ସଭାପତି ନବ କିଶୋର ମହାନ୍ତିଙ୍କ ନେତୃତ୍ୱରେ ବିଜୁ ଶ୍ରମିକ ସାମ୍ମୁଖ୍ୟର ପ୍ରାୟ ଏକ ହଜାରରୁ ଉର୍ଦ୍ଧ୍ୱ କର୍ମକର୍ତ୍ତା ଧର୍ମଘଟରେ ସାମିଲ ହେବେ ବୋଲି ନିଷ୍ପତି ନିଆଯାଇଛି। ମଙ୍ଗଳବାର ସଂଘଠନ ପକ୍ଷରୁ ଏକ ସାମ୍ବାଦିକ ସମ୍ମିଳନୀରେ ବିସ୍ତୃତ ସୂଚନା ଦିଆଯାଇଛି। ଏହି ସାମ୍ବାଦିକ ସମ୍ମିଳନୀରେ ବିଜୁ ଶ୍ରମିକ ସାମୁଖ୍ୟର ସଭାପତି ପ୍ରଫୁଲ୍ଲ ସାମଲ, ମହାସଚିବ ସୁବାସ ସିଂହ, ଉପସଭାପତି ନବ କିଶୋର ମହାନ୍ତି, ସମ୍ପାଦକ ରାଜୀବ ମହାନ୍ତି ଓ ଅଟୋଚାଳକ ମହାସଂଘର ରାଜ୍ୟ ସାଧାରଣ ସମ୍ପାଦକ ପଦ୍ମନ ସାମଲ, ରାଜ୍ୟ ପାଚିକା ସାମୁଖ୍ୟର ସଭାପତି ଯୋଗେନ୍ଦ୍ର ସ୍ୱାଇଁ, ରସ୍ମିତା ଜେନା ଓ ଅନ୍ୟାନ୍ୟ କର୍ମକର୍ତ୍ତା ମାନେ ଉପସ୍ଥିତି ଥିଲେ।

ଆରଆଇ ଅମିନ ନିଯୁକ୍ତି

## ଅନ୍‌ଲାଇନ୍ ପରୀକ୍ଷା ପ୍ରତିବାଦରେ ଆଶାୟୀଙ୍କ ଧାରଣା

ଭୁବନେଶ୍ୱର,୮।୭(ସମିସ): ଅନ୍‌ଲାଇନ୍‌ରେ ଆର୍‌ଆଇ, ଏଆର୍‌ଆଇ, ଅମିନ ଓ ଆଇସିଡିଏସ୍ ସୁପରଭାଇଜର୍ ନିଯୁକ୍ତି ପାଇଁ ମୁଖ୍ୟ ପରୀକ୍ଷା କରିବାକୁ ବିରୋଧ କରିଛନ୍ତି ଆଶାୟୀ। ମଙ୍ଗଳବାର ଶତାଧିକ

■ ଗୋଟିଏ ଦିନ, ଗୋଟିଏ ସିଫ୍ଟ ଏବଂ ଗୋଟିଏ ପ୍ରଶ୍ନପତ୍ରରେ ପରୀକ୍ଷା ଦାବି
■ ଉନ୍ନତ ଓ ଅଭିଜ୍ଞତାସଂପନ୍ନ କମ୍ପାନୀ ପରିଚାଳନା କରିବ: ଓଏସ୍‌ଏସ୍‌ଏସ୍‌ସି

ପରୀକ୍ଷାର୍ଥୀ ଓଡ଼ିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗ(ଓଏସ୍‌ଏସ୍‌ଏସ୍‌ସି) କାର୍ଯ୍ୟାଳୟ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ କରି ଅଫ୍‌ଲାଇନ୍ ପରୀକ୍ଷା ଦାବି କରିଛନ୍ତି। ଅନ୍‌ଲାଇନ୍‌ରେ ହୋଇଥିବା ପ୍ରିଲିମ୍ ପରୀକ୍ଷାରେ ବ୍ୟାପକ ଅନିୟମିତତା ହୋଇଥିଲା। ଫଳରେ ସମସ୍ତଙ୍କୁ ମୁଖ୍ୟ ପରୀକ୍ଷା ପାଇଁ ଉତ୍ତୀର୍ଣ୍ଣ କରାଯାଇଛି। ଏଣୁ ମୁଖ୍ୟ ପରୀକ୍ଷାକୁ ଅନ୍‌ଲାଇନ୍ ପରିବର୍ତ୍ତେ ଅଫ୍‌ଲାଇନ୍‌ରେ ଗୋଟିଏ ସିଫ୍ଟରେ




କରିବାକୁ ଆଶାୟୀମାନେ ଦାବି କରିଛନ୍ତି।

ସୂଚନାଯୋଗ୍ୟ, ଅଗଷ୍ଟ ପହିଲାରୁ ସେପ୍ଟେମ୍ବର ପ୍ରଥମ ସପ୍ତାହ ପର୍ଯ୍ୟନ୍ତ ଅନ୍‌ଲାଇନ୍‌ରେ ପରୀକ୍ଷା କରିବାକୁ ବିଜ୍ଞପ୍ତି ପ୍ରକାଶ ପାଇଛି। ପ୍ରାୟ ମାସେ ପର୍ଯ୍ୟନ୍ତ ଅନ୍‌ଲାଇନ୍ ପରୀକ୍ଷା କରିବା ଦ୍ୱାରା ପ୍ରିଲିମ୍ ପରୀକ୍ଷା ପରି ହେରଫେର୍ ଓ ଜାଲିଆତି ଆଶଙ୍କା କରୁଛନ୍ତି ଆଶାୟୀ। ପୁଣି ନର୍ମାଲାଇଜେସନ୍ କରି ପରସେଣ୍ଟାଇଲ୍ ପ୍ରକାଶ କରାଯାଉଥିବାରୁ ବହୁ ଯୋଗ୍ୟ ପ୍ରାର୍ଥୀ ଚାକିରି ପାଇ ପାରୁନାହାନ୍ତି। ତହିଁରେ ସ୍ୱଚ୍ଛତା ନେଇ ମଧ୍ୟ ଆଶାୟୀମାନେ ଆଶଙ୍କା ପ୍ରକାଶ କରିଛନ୍ତି। ଏଣୁ ଗୋଟିଏ ଦିନ, ଗୋଟିଏ ସିଫ୍ଟରେ ଏବଂ ଗୋଟିଏ ପ୍ରଶ୍ନପତ୍ରରେ ପରୀକ୍ଷା କରିବାକୁ ସେମାନେ ଦାବି କରିଛନ୍ତି।

ଧାରଣାରତ ଆଶାୟୀଙ୍କ ସହ ଓଏସ୍‌ଏସ୍‌ଏସ୍‌ସି ଅଧ୍ୟକ୍ଷ ଆଲୋଚନା କରି ବୁଝାସୁଝା କରିଥିଲେ। ଅନ୍‌ଲାଇନ୍‌ରେ ପରୀକ୍ଷା ହେବ, କିନ୍ତୁ ଉନ୍ନତ ବୈଷୟିକ ଜ୍ଞାନକୌଶଳ ଉପଯୋଗ କରି ଅଭିଜ୍ଞତାସଂପନ୍ନ କମ୍ପାନୀକୁ ପରୀକ୍ଷା ପରିଚାଳନା ଦାୟିତ୍ୱ ପ୍ରଦାନ କରାଯିବ ବୋଲି ଅଧ୍ୟକ୍ଷ ଆଶ୍ୱାସନା ଦେଇଛନ୍ତି। ଏପରିକି, ପରସେଣ୍ଟାଇଲ୍ ସମ୍ପର୍କରେ ବିଚାର କରିବାକୁ ମଧ୍ୟ କହିଛନ୍ତି। ଆଶାୟୀଙ୍କ ମଧ୍ୟରେ ଏନେଇ ଅସନ୍ତୋଷ ପ୍ରକାଶ ପାଇଛି। ଧାରଣାରତ ଆଶାୟୀଙ୍କ ମଧ୍ୟରେ ପରମେଶ୍ୱର ବଳ, ତୋଫାନ ପରିଡ଼ା, ପରେଶ କୁମାର ରଏ, ରଞ୍ଜନ ସେଠୀ ପ୍ରମୁଖ ନେତୃତ୍ୱ ନେଇଥିବା ବେଳେ ଶତାଧିକ ପରୀକ୍ଷାର୍ଥୀ ସାମିଲ ଥିଲେ।

# ରଙ୍ଗାମାଟିଆ ଓ ଡାହିସାହି ଗ୍ରାମ ରାସ୍ତା ଶୋଚନୀୟ

## ନୂତନ ରାସ୍ତା ନିର୍ମାଣ ପାଇଁ ଜିଲ୍ଲା ପ୍ରଶାସନ ନିକଟରେ ଦାବି



ବାରିପଦା, ୮।୭(ସମିସ): ଡବଲ ଇଞ୍ଜିନ ସରକାର ଓଡ଼ିଶାର ସବୁ ଗାଁକୁ ବିକଶିତ ଗ୍ରାମରେ ପରିଣତ କରିବା ନେଇ ଡିଣ୍ଡିମ ବଜାଉଥିବା ବେଳେ ପ୍ରକୃତ ଚିତ୍ର କିନ୍ତୁ ଅଲଗା ରହୁଛି। ବାରିପଦା ସହର ସନ୍ନିକଟ ତଥା ବ୍ଲକ ଅଧୀନ ବଡ଼ଯୋଡ଼ ପଞ୍ଚାୟତର ରଙ୍ଗାମାଟିଆ ଓ ଡାହିସାହି ଗ୍ରାମର ରାସ୍ତାବସ୍ଥା ଅତି ଖରାପ ଥିବା ବେଳେ ବର୍ଷା ଋତୁରେ ଆହୁରି ଶୋଚନୀୟ ହୋଇଛି। ଏନେଇ ନୂତନ ରାସ୍ତା ନିର୍ମାଣ ପାଇଁ ଜିଲ୍ଲାପାଳଙ୍କୁ ଗ୍ରାମବାସୀ ଅଭିଯୋଗପତ୍ର ପ୍ରଦାନ କରିଛନ୍ତି। ବାରିପଦା ବ୍ଲକ ଅଧୀନ ବଡ଼ଯୋଡ଼ ପଞ୍ଚାୟତର ଉକ୍ତ ଦୁଇଟି ଗ୍ରାମର ୱାର୍ଡ ନମ୍ବର ୧୭ ଓ ୧୫ର ପ୍ରାୟ ୩ ହଜାରରୁ ଅଧିକ ଲୋକେ ଏହି ରାସ୍ତା ଉପରେ ନିର୍ଭରଶୀଳ ଅଟନ୍ତି। ଉକ୍ତ ରାସ୍ତାକଡ଼କୁ ବଡ଼ଯୋଡ଼ ବନ୍ଧର ଦକ୍ଷିଣ ପାର୍ଶ୍ୱର ଏକ କେନାଲ ରହିଛି। କେନାଲ ରାସ୍ତାଟି ବାରିପଦା ସମେତ ପ୍ରତାପପୁର, ଡୁକୁରା, ଖୁଣ୍ଟା ଓ ଉଦଳାକୁ ସଂଯୋଗ କରୁଥିବା ଅଧିକାଂଶ ଲୋକେ ମଧ୍ୟ ଯିବାଆସିବା କରନ୍ତି। ଏହା ସହିତ ଗାଁର ଏକମାତ୍ର ରାସ୍ତା ଥିବା ବେଳେ ଛାତ୍ରଛାତ୍ରୀଙ୍କ ଚଳପ୍ରଚଳ ମଧ୍ୟ ଅନେକ ସମସ୍ୟା ସୃଷ୍ଟି କରିଛି। ରଙ୍ଗାମାଟିଆ ଗ୍ରାମରେ ବିଦ୍ୟାଳୟ ଆଦି ଥିବା ଡାହିସାହି ଗ୍ରାମର ଛାତ୍ରଛାତ୍ରୀ ଯିବାଆସିବା କଷ୍ଟକର ହେଉଛି। ଏମିତିକା କି ବର୍ଷା ଦିନେ ଶୋଚନୀୟ ରାସ୍ତା ଅବସ୍ଥା ନିମନ୍ତେ ପାଠ ପଢ଼ିବା ବନ୍ଦ ହୋଇଯାଉଛି। ବାରମ୍ବାର ଦାବି ସତ୍ତ୍ୱେ ଉକ୍ତ ରାସ୍ତା ନିର୍ମାଣ କାର୍ଯ୍ୟ ହେଲାନାହିଁ। ସରକାର ସ୍ୱାଧୀନତାର ୭୮ବର୍ଷ ପାଳନ କରୁଥିବା ବେଳେ ଗ୍ରାମବାସୀ ଭଲ ରାସ୍ତାରୁ ବଞ୍ଚିତ ଥିବା ନେଇ କହିଛନ୍ତି। ଯାହାକୁ ନେଇ ବିଗତ ଦିନର ପଞ୍ଚାୟତ ନିର୍ବାଚନରେ ଭୋଟ ବର୍ଜନ କରିଥିଲେ। ଅଧିକାରୀମାନେ ପରିଦର୍ଶନ କରି ସମସ୍ୟାର ସମାଧାନ ନେଇ ପ୍ରତିଶ୍ରୁତି ଦେଲେ କିନ୍ତୁ କୌଣସି ସୁଫଳ ମିଳିଲା ନାହିଁ। ବିଭାଗୀୟ ଅଧିକାରୀଙ୍କୁ ବାରମ୍ବାର ସମସ୍ୟା ସମ୍ପର୍କରେ ଅବଗତ କରିଲେ ସୁଦ୍ଧା କେହି କର୍ଣ୍ଣପାତ କରୁନାହାନ୍ତି। ତେଣୁକରି ସମସ୍ୟାର ସମାଧାନ ପାଇଁ ରାସ୍ତା ନିର୍ମାଣ କରିବାକୁ ଗୁହାରି କରିଛନ୍ତି। ତେବେ ଆଗକୁ ଏହାର ସମାଧାନ ନହେଲେ ଆନ୍ଦୋଳନାତ୍ମକ ପନ୍ଥା ଅବଲମ୍ବନ କରାଯିବ ବୋଲି ଗ୍ରାମବାସୀ ଚେତାବନୀ ଦେଇଛନ୍ତି। ଦାବିପତ୍ର ପ୍ରଦାନ ବେଳେ ଭଞ୍ଜସେନା ବାରିପଦା ବ୍ଲକ ସଭାପତି ଲଲାଟ କେଶରୀ ରାଉତ, ରୁନୁ ମହାକୁଡ଼, ଭାରତୀ ମହାକୁଡ଼, ଶମ୍ଭୁନାଥ ନାଏକ, ଚକ୍ରଧର ନାଏକ, ଦୁଲା ନାଏକ ଓ ଅନ୍ୟାନ୍ୟ ଗ୍ରାମବାସୀ ଉପସ୍ଥିତ ଥିଲେ।

## କେନ୍ଦ୍ରୀୟ ଶ୍ରମିକ ସଂଗଠନର ବନ୍ଦକୁ ସିପିଆଇର ସମର୍ଥନ

ବାରିପଦା, ୮।୭(ସମିସ): ବିଜେପି ସରକାର ତୃତୀୟ ପାଳିରେ ପୁଞ୍ଜିପତି ଜଗତକୁ ସନ୍ତୁଷ୍ଟ ଓ ସମୃଦ୍ଧିଶାଳୀ କରିବା ପାଇଁ ଭାରତର ଶ୍ରମଜୀବୀ ଜନଗଣର ମୌଳିକ ଗଣତାନ୍ତ୍ରିକ ଅଧିକାରକୁ ଛଡାଇ ନେଉଛି। ଦରବୃଦ୍ଧି, ଶ୍ରମକୋଡ୍, ଫସଲର ଆଇନ୍ ଗତ ଗ୍ୟାରେଣ୍ଟି, ଦାଦନ ସମସ୍ୟା, ସ୍କିମ ୱାର୍କରଙ୍କ ଦାବିପ୍ରତି ଅଣଦେଖା, ଶ୍ରମକୁ ଠିକା ଓ ଆଉସୋର୍ଶିଂ ଆଇନ୍ ବଳରେ ଶୋଷଣ କରାଯାଉଛି। ନାରୀ ନିର୍ଯାତନା ଶୀର୍ଷ ସିମାରେ ପହଞ୍ଚିଲାଣି। ସାଧାରଣ ମଣିଷ ନିଜକୁ ସୁରକ୍ଷିତ ମଣୁନାହାନ୍ତି। ବିପର୍ଯ୍ୟସ୍ତ ଆଇନ୍ ଶୃଙ୍ଖଳା ପରିସ୍ଥିତି ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ପାରିବାପଣିଆକୁ ପ୍ରଶ୍ନ କରିଛି। ପୁଞ୍ଜିପତି ତୋଷଣ ନୀତି ଆପଣାଇବା ଯୋଗୁଁ, ଦେଶରେ ଧନୀ ଗରିବର ତାରତମ୍ୟ ବଢ଼ି ଚାଲିଛି। ଏହା ବିରୁଦ୍ଧରେ ଦେଶର ପାଞ୍ଚଟି ପ୍ରମୁଖ ବାମପନ୍ଥୀ ଦଳ ଏବଂ ୧୦ଟି କେନ୍ଦ୍ରୀୟ ଟ୍ରେଡ ୟୁନିଅନ (ସିଟିୟୁ) ଏବଂ ସ୍ୱାଧୀନ ଫେଡେରେସନ ସମୂହ ଏବଂ ଆସୋସିଏସନ୍ ଦ୍ୱାରା ଜୁଲାଇ ୯ ତାରିଖ ଦେଶବ୍ୟାପୀ ସାଧାରଣ ଧର୍ମଘଟକୁ ମୟୂରଭଞ୍ଜ ଜିଲ୍ଲାରେ ସିପିଆଇ ପୂର୍ଣ୍ଣ ସମର୍ଥନ ଦେଇଛି ବୋଲି ଜିଲ୍ଲା ପରିଷଦ ପକ୍ଷରୁ ଜିଲ୍ଲାର ସମ୍ପାଦକ ସାଥୀ ଜଗବନ୍ଧୁ ମିଶ୍ର ଜଣାଇଛନ୍ତି।

## କିନ୍ନର ସଂଘ ପକ୍ଷରୁ କଳସ ଯାତ୍ରା ଓ ଅଧିବାସ



ରାଇରଙ୍ଗପୁର, ୮।୭(ସମିସ): ରାଇରଙ୍ଗପୁର କିନ୍ନର ସଂଘ ପକ୍ଷରୁ କଳସଯାତ୍ରା ଓ ଅଧିବାସ ଶୁଭାରମ୍ଭ ହୋଇଯାଇଛି। ଶ୍ରୀଜଗନ୍ନାଥ ମନ୍ଦିର ନିକଟ ଖଡ଼ଖାଇ ନଦୀରୁ କଳସ ଶୋଭାଯାତ୍ରାରେ ମାତାଙ୍କ ଅଭିଷେକ ପାଇଁ ଜଳ ଆଣିଥିଲେ। ଦୁଇ ଦିନ ଧରି ଆୟୋଜିତ ପୂଜାର୍ଚ୍ଚନାରେ କିନ୍ନର ପରମ୍ପରା ଓ ପୂଜାବିଧିରେ ବହୁଚରା ମାତାଙ୍କୁ ଆବାହନ କରାଯାଇଥାଏ। ଜିଲ୍ଲାର ସମସ୍ତ କିନ୍ନର ସମାଜ ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁର ପୌରପରିଷଦ ଅଧୀନ ବୃନ୍ଦାବନ ଗାର୍ଡେନ ତଥା ରାଉତଖମାରରେ ପହଞ୍ଚିଥିଲେ। ଦ୍ୱିତୀୟଦିବସରେବହୁଚରାମାତାଙ୍କଚଣ୍ଡିପାଠଓହୋମଯଜ୍ଞଏବଂଶେଷଦିନ ସର୍ବସାଧାରଣଙ୍କ ପାଇଁ ପ୍ରସାଦ ବଣ୍ଟନ କାର୍ଯ୍ୟକ୍ରମ ରହିଥିଲା। କାର୍ଯ୍ୟକ୍ରମକୁ କିନ୍ନର ଚୁମୁକି କାରୁଆ, ଅଳକା ଦାସ, ସିମରନ ସେଠି ଓ ବୁଲି କିନ୍ନର ପରିଚାଳନା କରିଥିଲେ।

## ନୂତନ ଅଧ୍ୟାପକ ଓ ଅଧ୍ୟାପିକାଙ୍କୁ ସମ୍ବର୍ଦ୍ଧନା



କରଞ୍ଜିଆ, ୮।୭(ସମିସ): ମୟୂରଭଞ୍ଜ ଜିଲ୍ଲା କରଞ୍ଜିଆ ସହରସ୍ଥିତ ପାଞ୍ଚପୀଢ଼ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ସମ୍ମିଳନୀ କକ୍ଷରେ ଅଧକ୍ଷ ଦିଲ୍ଲୀପ କୁମାର ପୃଷ୍ଟିଙ୍କ ସଭାପତିତ୍ୱରେ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ନୂତନ ଭାବେ ଯୋଗଦେଇଥିବା ସରକାରୀସ୍ତରର ଅଧ୍ୟାପକ ଓ ଅଧ୍ୟାପିକାଙ୍କ ପାଇଁ ସ୍ୱାଗତ ସମ୍ବର୍ଦ୍ଧନା ଉତ୍ସବ ଆୟୋଜିତ ହୋଇଯାଇଛି। ଗଣିତ ବିଭାଗର ଅଧ୍ୟାପକ ସଞ୍ଜୀତ କୁମାର କର ଓ ପଦାର୍ଥ ବିଜ୍ଞାନର ଅଧ୍ୟାପିକା ଅର୍ଚ୍ଚନା ମାଝୀଙ୍କ ସହ ସମସ୍ତ ନୂତନ ଅଧ୍ୟାପକ ଅଧ୍ୟାପିକାଙ୍କୁ ଆସନ ଅଳଙ୍କୃତ କରିବା ପାଇଁ ଅନୁରୋଧ କରିଥିଲେ। ପରେ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଅଧ୍ୟାପିକା ଦିବ୍ୟଶ୍ରୀ ବାରିକ, ରୀମା ସେଠୀ, ଶୁଭଦର୍ଶିନୀ ଶ୍ୱେତପଦ୍ମା, ଯଶୋମତୀ ମହାନ୍ତ, ପ୍ରୀୟଙ୍କା ପାତ୍ର ଓ କନିଷ୍ଠ କିରାଣି ନନ୍ଦିନୀ ସାହୁ ପୁଷ୍ପଗୁଚ୍ଛ ପ୍ରଦାନ କରିଥିଲେ। ଅଧକ୍ଷ ଦିଲ୍ଲୀପ କୁମାର ପୃଷ୍ଟି ନୂତନ ଅଧ୍ୟାପକ ଓ ଅଧ୍ୟାପିକାଙ୍କୁ ଉତ୍ତରୀ ପ୍ରଦାନ କରିଥିଲେ। ରାଜନୀତି ବିଜ୍ଞାନରେ ସୁନ୍ଦରଗଡ଼ ଜିଲ୍ଲାର ଉଇଲିୟମ କେରକେଟ୍ଟା, ଓଡ଼ିଆରେ ଟଙ୍ଗାବିଲା କରଡିଆର ତନିସା ନାଏକ, ସଂସ୍କୃତରେ ପାଟବିଲର ଦେବଜାନୀ ନାଏକ, ଗୃହ ବିଜ୍ଞାନରେ ଢେଙ୍କାନାଳର ସ୍ମୃତୀମୟୀ ସ୍ୱାଇଁ, ତର୍କଶାସ୍ତ୍ରରେ ଝୁମ୍ପୁରାର ରୂପମଣୀ ଟୁଡୁ, ଇତିହାସରେ ଯମୁନା ହେମ୍ବ୍ରମ ନୂତନ ଭାବେ ଯୋଗଦେଇଛନ୍ତି। ଅଧ୍ୟାପକ ମାନସ ରଞ୍ଜନ ବେହେରାଙ୍କ ନେତୃତ୍ୱରେ ଛାତ୍ରୀଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ଶେଷରେ ପଦାର୍ଥ ବିଜ୍ଞାନ ଅଧ୍ୟାପିକା ଅର୍ଚ୍ଚନା ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ।

## ଗୋପବନ୍ଧୁ ଜରୁରୀକାଳୀନ ସେବା ସଂଗଠନ ଉଦ୍‌ଘାଟିତ

କପ୍ତିପଦା, ୮।୭(ସମିସ): କପ୍ତିପଦା ବ୍ଲକ ଅଧୀନ ସରଡ଼ିହା ଗ୍ରାମରେ କିଛି ଯୁବକ ଗୋପବନ୍ଧୁ ଜରୁରୀକାଳୀନ ସେବା ସଂଗଠନ ଗଠନ କରିଛନ୍ତି। ଏହାକୁ କରଞ୍ଜିଆ ବିଧାୟକଙ୍କ ଶରତ ପ୍ରତିନିଧି ସଙ୍ଗା ପାଳିଆ ଉଦ୍‌ଘାଟନ କରିଛନ୍ତି। ଗୋପବନ୍ଧୁ ଦୁଃଖୀ ରଙ୍କିଙ୍କ ସେବା ମନୋଭାବ ନେଇ ଯେଉଁଭଳି କାମ କରୁଥିଲେ ଉକ୍ତ ସଂଗଠନ ସେଇଭଳି କାମ କରିବା ଉଚିତ ବୋଲି ପ୍ରତିଷ୍ଠାତା ଜଗତ ପ୍ରକାଶ ସିଂ ବକ୍ତବ୍ୟରେ କହିଥିଲେ। ପୂର୍ବତନ ୱାର୍ଡ ମେମ୍ବର ଗଙ୍ଗା ତିରିଆ ତାଙ୍କ ବକ୍ତବ୍ୟରେ ଆଦିବାସୀ ଅଧ୍ୟୁଷିତ ଅଞ୍ଚଳରେ ଏହି ଭଳି ସଂଗଠନର ଆବଶ୍ୟକତା ଉପରେ ଆଲୋଚନା କରିଥିଲେ। ସଂଗଠନର ସଭାପତି ମାଠା ସିଂ, ସମ୍ପାଦକ କୁସୁନ ସିଂ ବଦରା, ନାରାୟଣ ପାତ୍ର ଉପ ସଭାପତି, ପାଉଲ ସିଂ ସଦସ୍ୟ, ସୁମି ପୂର୍ତ୍ତି ସଦସ୍ୟ, ଚାନ୍ଦୁ ବୁଲିଉଲି ସଦସ୍ୟ ଓ ଦେବେନ୍ଦ୍ର ସିଂ ସଦସ୍ୟ ଭାବେ ମନୋନୀତ ହୋଇଛନ୍ତି।

## ୧୧ ଗୋରୁ ଉଦ୍ଧାର; ଚାଳକ ଫେରାର

ଶୁଳିଆପଦା, ୮।୭(ସମିସ): ପଶ୍ଚିମବଙ୍ଗକୁ ଚୋରା ଚାଲାଣ ବେଳେ ଶୁଳିଆପଦା ଭାରପ୍ରାପ୍ତ ଥାନା ଅଧିକାରୀ ୧୧ଟି ଗୋରୁ ଉଦ୍ଧାର କରିଥିବା ଖବର ମିଳିଛି। ସୂଚନା ମୁତାବକ ଶୁଳିଆପଦା ଥାନା ଭାରପ୍ରାପ୍ତ ଅଧିକାରୀ ସତ୍ୟନାରାୟଣ ବଳ ରାତି ପାଟ୍ରୋଲିଂରେ ଯାଇଥିବା ବେଳେ ଓଡି ୧୧ ଏସି ୩୨୫୫ ନମ୍ବର ଥିବା ପିକଅପ୍‌ରେ ୧୧ଟି ଗୋରୁ ପଶ୍ଚିମବଙ୍ଗକୁ ଚୋରାଚାଲାଣ ହେଉଥିବା ସମୟରେ ବାଘଡା କେନାଲ୍ ରାସ୍ତାରେ ଉଦ୍ଧାର କରିଥିଲେ। ଚାଳକ ଗାଡ଼ି ଛାଡ଼ି ଚମ୍ପଟ ମାରିଥିବା ପୁଲିସ ପକ୍ଷରୁ ସୂଚନା ମିଳିଛି। ଖବର ଲେଖାହେବା ପର୍ଯ୍ୟନ୍ତ ଉଦ୍ଧାର ହୋଇଥିବା ଗୋରୁ ପୁଲିସ ହେପାଜତରେ ଥିବାବେଳେ ମାମଲା ରୁଜୁ ହୋଇଛି।

## ଶୁଳିଆପଦାରେ ଚଷମା ବିତରଣ କାର୍ଯ୍ୟକ୍ରମ




ଶୁଳିଆପଦା, ୮।୭(ସମିସ): ଶୁଳିଆପଦା ଗୋଷ୍ଠୀ ଶିକ୍ଷା କାର୍ଯ୍ୟାଳୟ ଆନୁକୂଲ୍ୟରେ ସୁରେନ୍ଦ୍ର ସାଏ ଦିବ୍ୟ ଦୃଷ୍ଟି ଯୋଜନାରେ ଭାଲିଆଶୋଳ ସ୍ଥିତ ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ ଚଷମା ବିତରଣ କାର୍ଯ୍ୟକ୍ରମ ହୋଇଯାଇଛି। ବ୍ଲକ ଅଧୀନ ପ୍ରଥମରୁ ଦଶମ ଶ୍ରେଣୀରେ ଅଧ୍ୟୟନରତ ଦୃଷ୍ଟି ଦୋଷଥିବା ୧୪୯ ଜଣ ଛାତ୍ରଛାତ୍ରୀଙ୍କୁ ଚଷମା ବଣ୍ଟନ କରାଯାଇଛି। କାର୍ଯ୍ୟକ୍ରମକୁ ଗୋଷ୍ଠୀ ଶିକ୍ଷାଧିକାରିଣୀ ମାଳତୀ ଟୁଡୁ ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ଜିଲ୍ଲା ପରିଷଦ ସଦସ୍ୟ ନଗେନ୍ଦ୍ର ନାଥ କିସ୍କୁ, ସରପଞ୍ଚ ରାଇମାତ ମୁର୍ମୁ, ଓଏଭିର ଅଧକ୍ଷ ବିଜୟ କୁମାର ପୃଷ୍ଟି, ବିଆରସିସି ସରୋଜ କୁମାର ସାହୁ ଯୋଗଦେଇଥିଲେ। କାର୍ଯ୍ୟକ୍ରମକୁ ବିଆରଟି ଶ୍ରୀଧର ପ୍ରସାଦ ସାହୁ ଓ ପ୍ରଦୀପ କୁମାର ଦଳାଇ ପରିଚାଳନା କରିଥିଲେ। ଗୋଷ୍ଠୀ ଶିକ୍ଷାଧିକାରୀ କାର୍ଯ୍ୟାଳୟର ଆକାଉଟାଣ୍ଟ ପଙ୍କଜ ମହାପାତ୍ରଙ୍କ ସମେତ ସମସ୍ତ କର୍ମଚାରୀ, ସିଆରସିସି ଓ ଆଦର୍ଶ ବିଦ୍ୟାଳୟର ସମସ୍ତ କର୍ମଚାରୀ ସହଯୋଗ କରିଥିଲେ।

## କୁଡୁମୀ ସମାଜର ନୂତନ ଭବନର ଗୃହ ପ୍ରବେଶ

ରାଇରଙ୍ଗପୁର, ୮।୭(ସମିସ): ଓଡ଼ିଶା କୁଡୁମୀ ସମାଜ ରାଇରଙ୍ଗପୁର ଆନୁକୂଲ୍ୟରେ କଲେଜ ଛକ ପାଖରେ କୁଡୁମୀ ଶିକ୍ଷା, ସାମାଜିକ ଓ ସଂସ୍କୃତି ଭବନର ଗୃହ ପ୍ରବେଶ ଅନୁଷ୍ଠିତ ହୋଇଯାଇଛି। ଓଡ଼ିଶା କୁଡୁମୀ ସମାଜ, ରାଇରଙ୍ଗପୁର ସାଧାରଣ ସମ୍ପାଦକ ମନୋଜ କୁମାର ମହାନ୍ତ, କୋଷାଧ୍ୟକ୍ଷ ତଥା ସମାଜର ଦେହୁରୀ ପ୍ରଭାସ କୁମାର ମହାନ୍ତଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। କୁଡୁମୀ ସମାଜର ଲୋକଙ୍କୁ ନିଜର ସଂସ୍କୃତି ଓ ପରମ୍ପରା ପ୍ରତି ସଚେତନତା ଓ ଜାଗୃତ କରିବା ଉଦ୍ଦେଶ୍ୟରେ ରାଇରଙ୍ଗପୁର ସମାଜ ପକ୍ଷରୁ ୨୦୧୮ ମସିହାରୁ ପ୍ରୟାସରତ। ବିଗତ ସରକାରଙ୍କ ଅନୁଦାନରେ ନିର୍ମାଣ ହୋଇଥିବା ସାଂସ୍କୃତିକ ଭବନର ଗୃହ ପ୍ରବେଶ ନେଇ କୁଡୁମୀ ସମ୍ପ୍ରଦାୟର ଜନଜାତିଙ୍କ ମଧ୍ୟରେ ଖୁସି ପରିଲକ୍ଷିତ ହୋଇଥିଲା। କାର୍ଯ୍ୟକ୍ରମରେ ଓଡ଼ିଶା କୁଡୁମୀ ସମ୍ପ୍ରଦାୟର ସାମାଜିକ ଉପସଭାପତି ଜ୍ୟୋତିପ୍ରକାଶ ମହାନ୍ତ, ସହସମ୍ପାଦକ ମାନସ ରଞ୍ଜନ ମହାନ୍ତ, କ୍ଷୀତିଶ ଚନ୍ଦ୍ର ମହାନ୍ତ, ଆଇନ ପରାମର୍ଶଦାତା ବିଜୟ କୁମାର ମହାନ୍ତ, ପୂର୍ବତନ ରାଇରଙ୍ଗପୁର ବ୍ଲକ ଚେୟାରମ୍ୟାନ ଯଜ୍ଞେଶ୍ୱରୀ ମହାନ୍ତ, ଉପଦେଷ୍ଟା ବିମଳ ମହାନ୍ତ, ଗଣେଶ୍ୱର ମହାନ୍ତ, ଜହରଲାଲ ମହାନ୍ତ, କୁଞ୍ଜବିହାରୀ ମହାନ୍ତ, ସୁବାସ ଚନ୍ଦ୍ର ମହାନ୍ତ, ଗୌରୀଶଙ୍କର ମହାନ୍ତ, ସନ୍ତୋଷ ମହାନ୍ତ, ଅଶୋକ ମହାନ୍ତ, ବିକାଶ ମହାନ୍ତ, ପ୍ରଦୀପ ମହାନ୍ତ, ଭବାନୀ ଶଙ୍କର ମହାନ୍ତ, ବାବୁରାମ ମହାନ୍ତ, ରହିନା ମହାନ୍ତ, ଦେବେନ୍ଦ୍ର ନାଥ ମହାନ୍ତ, ହରେକୃଷ୍ଣ ମହାନ୍ତ, ବରୁଣ କୁମାର ମହାନ୍ତ ସହଯୋଗ କରିଥିଲେ।

## ମୁକୁଳା ଅବସ୍ଥାରେ ପଡ଼ିରହିଛି ଟ୍ରାନ୍ସଫର୍ମର

ଠାକୁରମୁଣ୍ଡା, ୮।୭(ସମିସ): ମୟୂରଭଞ୍ଜ ଜିଲ୍ଲା ଠାକୁରମୁଣ୍ଡା ବ୍ଲକ ଅଧୀନ ତାଳପଦା ଗ୍ରାମର ରାସ୍ତାକଡ଼ରେ ଥିବା ପୋଖରୀ ନିକଟରେ ବିପଦପୂର୍ଣ୍ଣ ଭାବେ ଏକ ମୁକୁଳା ଟ୍ରାନ୍ସଫର୍ମର ରହିଛି। ସୂଚନାନୁଯାୟୀ, ଦୀର୍ଘ ବର୍ଷ ପୂର୍ବେ ତାରବାଡ଼ରେ ସୁରକ୍ଷା ବ୍ୟବସ୍ଥା କରାଯାଇଥିଲା। ବର୍ତ୍ତମାନ ତାରବାଡ଼ର ଅବସ୍ଥା ଅତି ଶୋଚନୀୟ। ଟ୍ରାନ୍ସଫର୍ମର ଚତୁଃପାର୍ଶ୍ୱରେ ବାଡ଼ା ନଥିବାରୁ ଚାରିପଟେ ଅନାବନା ତୃଣ ଜାତୀୟ ଗଛ ହୋଇଯିବା ସହ ବିପଦପୂର୍ଣ୍ଣ ଅବସ୍ଥାରେ ଅଛି। ଯାହାଫଳରେ ଗାଈଗୋରୁ ତାହା ମଧ୍ୟକୁ ଅବାଧ ପ୍ରବେଶ କରି ବିଦ୍ୟୁତ୍ ସଂସ୍ପର୍ଶରେ ଆସି ଆଘାତ ହୋଇପାରନ୍ତି। ବିଶେଷ କରି ତାହା ପୋଖରୀ ଗାଧୁଆ ଘାଟର ଅତି ନିକଟତର ଏବଂ ଜୁଆଳିକଟାରୁ ଭୀମକୁଣ୍ଡ ଯିବା ରାସ୍ତାର ଏକ ବାଙ୍କ ନିକଟରେ ରହିଛି। ଅନେକ ସମୟରେ ଯାନବାହାନ ସେହି ପାଖାପାଖି ଅଞ୍ଚଳରେ ଦୁର୍ଘଟଣା ଘଟି ଟ୍ରାନ୍ସଫରମର ନିକଟରେ ପଡ଼ିଥିବାର ନଜିର ରହିଛି। ଏହାର ସମାଧାନ ପାଇଁ ଗ୍ରାମବାସୀ ଦାବି କରିଛନ୍ତି।

## ମହିଷାସୁରି ପୋଲରେ ଗାଡ଼ି ଚଳାଚଳ ଦାବି

କପ୍ତିପଦା, ୮।୭(ସମିସ): କପ୍ତିପଦା ମହିଷାସୁରି ସୋନ ନଦୀରେ ନବ ନିର୍ମିତ ପୋଲ ଉପରେ ଗାଡ଼ି ଚଳାଚଳ ପାଇଁ ଦାବି ହୋଇଛି। ଦୀର୍ଘ ୩ବର୍ଷ ପୂର୍ବରୁ ସୋନନଦୀ ଉପରେ ନିର୍ମାଣାଧିନ ପୋଲ ଗତ ଫେବୃଆରୀରୁ ଶେଷ ହୋଇଥିଲେ ବି ଗାଡ଼ି ଚଳାଚଳ ଓ ଗମନାଗମନ ବନ୍ଦ ରହିଛି। ଯାହାଫଳରେ ବିପଦ ସଂକୁଳ ଚଟାଣ ପୋଲ ଉପରେ ଯାତାୟାତ ହେଉଛି। ଗତବର୍ଷ ବନ୍ୟାରେ ଏହି ଚଟାଣ ପୋଲର ଦୁଇପାଖ ଧସିଯାଇଥିବା ବେଳେ ଏହାକୁ ମରାମତି କରି କାମଚଳା ଭାବେ କରାଯାଇଥିଲା। ଏବେ ପୋଲ କାମ ପୂର୍ଣ୍ଣାଙ୍ଗ ହୋଇଥିଲେ ବି ଯାତାୟାତ ହୋଇପାରୁନାହିଁ। ଏବର୍ଷ ସୋନବନ୍ଧ ୨ଥର ପାଣି ଛାଡ଼ି ସରିଲାଣି। ଲଗାଣ ବର୍ଷାରେ କେତେବେଳେ



ଯେ ଅସ୍ଥାୟୀ ଚଟାଣ ପୋଲଟି ଧସିଯିବ ତାହା କହିହେବ ନାହିଁ। ପୋଲ କାମ ସରିବା ପରେ ଉପରେ ଦେଇ ଯାଇଥିବା ୧୧କେଭି ବିଦ୍ୟୁତ ତାର ଅଳ୍ପ ଉଚ୍ଚତାରେ ଅଛି। ଯାନବାହାନ ଯିବା ସମୟରେ ତାର ଲାଗିଯିବ ବୋଲି ବିଭାଗ ପକ୍ଷରୁ ବ୍ୟାନର ଟାଙ୍ଗିଦେଇ କାମ ସାରିଦେଇଛି। ପ୍ରଶାସନ ପକ୍ଷରୁ ପଦକ୍ଷେପ ନେଇ ପୋଲ ଉପରେ ଚଳାଚଳ ପାଇଁ ବ୍ୟବସ୍ଥା କରିବାକୁ ଏହା ଉପରେ ନିର୍ଭର କରିଥିବା ୯ଟି ପଞ୍ଚାୟତର ଲୋକେ ଅଭିଯୋଗ କରିଛନ୍ତି। ବିପଦ ସଂକୁଳ ଯାତାୟାତ ହେଉଥିବା ବେଳେ ତୁରନ୍ତ ପୋଲ ଉପରୁ ବିଦ୍ୟୁତ୍ ତାର ହଟାଇ ନେବାକୁ ସ୍ଥାନୀୟ ଲୋକେ ଦାବି କରିଛନ୍ତି।

# ବିଭିନ୍ନ ସ୍ଥାନରେ ୭୬ତମ ବନ ମହୋତ୍ସବ

### ମହୁଲଡିହା ଏସ୍‌ଏସ୍‌ଡି ଉଚ୍ଚ ବାଳିକା ବିଦ୍ୟାଳୟ



ରାଇରଙ୍ଗପୁର, ୮।୭(ସମିସ): ଓଡ଼ିଶାର ପ୍ରଥମ ସ୍ଥାପିତ ରାଇରଙ୍ଗପୁର ପୌରାଞ୍ଚଳର ମହୁଲଡିହା ଗ୍ରାମସ୍ଥ ଏସ୍‌ଏସ୍‌ଡି ଉଚ୍ଚ ବାଳିକା ବିଦ୍ୟାଳୟରେ ୭୬ତମ ବନ ମହୋତ୍ସବ ଅନୁଷ୍ଠିତ ହୋଇଯାଇଛି। ପ୍ରଧାନଶିକ୍ଷୟିତ୍ରୀ ପଦ୍ମାଳୟା ସୋରେନଙ୍କ ତତ୍ତ୍ୱାବଧାନରେ ଚାରାରୋପଣ କାର୍ଯ୍ୟକ୍ରମରେ ରାଇରଙ୍ଗପୁର ବନାଞ୍ଚଳ ଅଧିକାରୀ ଜ୍ୟୋତିରଞ୍ଜନ ସେନାପତି, ପ୍ରକୃତିବନ୍ଧୁ ଲଳିତ ମହାନ୍ତ, ବନପାଳ ବିପିନ ଚନ୍ଦ୍ର ବେହେରା, ବନପାଳିକା ମେନକା ନାଏକ, ଅର୍ଚ୍ଚନା କୁମାରୀ, ଏସ୍‌ଏମ୍‌ଏସ୍ ତ୍ରିଲୋଚନ ରାୟ, ସଂଯୋଜକ ରଶ୍ମିରଞ୍ଜନ ମହାନ୍ତ, ବନରକ୍ଷୀ ସୁଭଦ୍ରା ପାତ୍ର, ଦୁଷ୍ମନ୍ତ ଦାସ, ରାମଦାସ ମାଝୀ ପ୍ରମୁଖ ଯୋଗଦେଇଥିଲେ। ପ୍ରାରମ୍ଭରେ ବିଦ୍ୟାଳୟର ଇକୋକ୍ଲବ୍ ସଦସ୍ୟା ବୃନ୍ଦ, ଶିକ୍ଷକ, ଶିକ୍ଷୟିତ୍ରୀ, ଛାତ୍ରୀ ସମୂହ ଚାରାରୋପଣ, ବୃକ୍ଷ ସୁରକ୍ଷା ଓ ମା' ପାଇଁ ଗଛଟିଏ ସଚେତନତା ଶୋଭାଯାତ୍ରାରେ ମହୁଲଡିହା ପରିକ୍ରମା କରିଥିଲେ। ପରେ ବିଦ୍ୟାଳୟ ପରିସରରେ ବିଭିନ୍ନ ପ୍ରଜାତିର ଚାରାରୋପଣ କରାଯାଇଥିଲା। ଅତିଥି ଗଣ ବ୍ୟାପକ ଚାରାରୋପଣ, ସୁରକ୍ଷାକୁ ସମସ୍ତେ ଗୁରୁତ୍ୱ ଦେବା ଉଚିତ ବୋଲି କହିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ଇକୋକ୍ଲବ୍ ମୁଖ୍ୟ ପରିଚାଳିକା ଶିକ୍ଷୟିତ୍ରୀ ସରସ୍ୱତୀ ମହଲା, ହେମଲତା ମହାନ୍ତ, ଗୁରୁପ୍ରସାଦ ମହାକୁଡ଼, ସାଗରିକା ମହାପାତ୍ର, ପୁଷ୍ପିତା ରାଉତ, ପ୍ରଭାସିନୀ ସେଠୀ, ହରପ୍ରସାଦ ମହାନ୍ତ, ରଶ୍ମିତା ମୁର୍ମୁ, ଲଳିତ ବାରିକ ପ୍ରମୁଖ ସହଯୋଗ କରିଥିଲେ।

### କୁଳିଅଣା ଲ୍ୟାମ୍ପସ୍




କୁଳିଅଣା: ବନ ମହୋତ୍ସବ ସପ୍ତାହ ଅବସରରେ 'ମା' ପାଇଁ ଗଛଟିଏ' ତଥା ଚାରାରୋପଣ କାର୍ଯ୍ୟକ୍ରମ କୁଳିଅଣା ଲ୍ୟାମ୍ପସ୍ ପକ୍ଷରୁ ପରିଚାଳନା ନିର୍ଦ୍ଦେଶକ ଆନନ୍ଦ ଶଙ୍କର ଦେଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଯାଇଛି। ବାରିପଦା ସମବାୟ ଉପ ନିବନ୍ଧକ ଅଶୋକ କୁମାର ପାଣି ଯୋଗଦେଇ କାର୍ଯ୍ୟକ୍ରମକୁ ଶୁଭାରମ୍ଭ କରିଥିବା ବେଳେ ସମିତିର ସଭାପତି ଶରତ ଚନ୍ଦ୍ର ନାଏକ, ବରିଷ୍ଠ ସମବାୟବିତ ସୁଧାଂଶୁ କୁମାର ପାଣିଗ୍ରାହୀ, ପରିଚାଳନା ପରିଷଦର ସଭ୍ୟ ମୃତ୍ୟୁଞ୍ଜୟ ପାଣିଗ୍ରାହୀ, ଦୁର୍ଯ୍ୟୋଧନ ନାଏକ, ଆଦିକନ୍ଦ ସାହୁ ପ୍ରମୁଖ ବିଭିନ୍ନ ପ୍ରକାର ଚାରାରୋପଣ କରିଥିଲେ। ଏଥିରେ ଲ୍ୟାମ୍ପସର ଶାଖା ପରିଚାଳକ ପ୍ରଶାନ୍ତ କୁମାର ନାଏକ, କର୍ମଚାରୀ ଶାନ୍ତନୁ କୁମାର ଦେ, ସୁନୀଲ କୁମାର ମହାପାତ୍ର, ଚନ୍ଦ୍ରଶେଖର ବେହେରା ଓ ମନରଞ୍ଜନ ଖମାରି ସହଯୋଗ କରିଥିଲେ।

### ପ୍ରକୃତି ମିତ୍ର ପୁରସ୍କାର ପ୍ରାପ୍ତ ବିଦ୍ୟାଳୟ

ଶୁକ୍ଳି: ଶୁକ୍ଳି ବ୍ଲକ ଅଧୀନ ତଳଗାଁ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ବନ



ମହୋତ୍ସବ ପାଳିତ ହୋଇଯାଇଛି। ପ୍ରଧାନଶିକ୍ଷକ ତାପସ କୁମାର ବେହେରାଙ୍କ ଅଧକ୍ଷତାରେ ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ଓ ସଭ୍ୟସଭ୍ୟାଙ୍କୁ ନେଇ ଗ୍ରାମର ବିଭିନ୍ନ ସ୍ଥାନରେ ଫଳ, ଔଷଧ, ଆମ୍ବ, ପିଜୁଳି, ଡାଳିମ୍ବ, ଅମୃତଭଣ୍ଡା, ଅଁଳା, ହରିଡା, ବାହାଡ଼ା, ଶାଳ, ପିଆଶାଳ, ଚନ୍ଦନ, ଗମ୍ଭାରୀ, ନିମ୍ବ ଆଦି ଚାରାରୋପଣ କରାଯାଇଛି। ଏଅବସରରେ ବିଦ୍ୟାଳୟର ଜାତୀୟ ସବୁଜ ବାହିନୀ ତରଫରୁ କୁଇଜ୍, ପ୍ରବନ୍ଧ ଓ ସ୍ଲୋଗାନ ଲିଖନ ପ୍ରତିଯୋଗିତା ଆୟୋଜନ କରି କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କାର ପ୍ରଦାନ କରାଯାଇଥିଲା। ଶିକ୍ଷକ ଦଶରଥ ଦାସ ଓ ଶିକ୍ଷୟିତ୍ରୀ ମାନିନୀ ମହାକୁଡ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ।

### ଚନ୍ଦନପୁର ଆଶ୍ରମ ବିଦ୍ୟାଳୟ

ବଡ଼ସାହି: ବ୍ଲକ ଅଧୀନ ଚନ୍ଦନପୁର ଆଶ୍ରମ ବିଦ୍ୟାଳୟ (ନୂତନ) ରେ ବନ ମହୋତ୍ସବ ଉପଲକ୍ଷେ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ଇକୋକ୍ଲବ୍ ଆନୁକୂଲ୍ୟରେ ପ୍ଲାକାର୍ଡ ଓ ବ୍ୟାନର ଧରି ପିଲାମାନଙ୍କୁ ନେଇ ସଚେତନତା ରାଲି ଗ୍ରାମ ପରିକ୍ରମା କରିଥିଲା। ବଡ଼ସାହି ବ୍ଲକ ଜଙ୍ଗଲ ବିଭାଗର ଫରେଷ୍ଟ ଗାର୍ଡ ସନତ୍ ନାଏକ ଓ ଇକୋକ୍ଲବ୍ ସଂଯୋଜକ ରାମଚନ୍ଦ୍ର ସିଂଙ୍କ ସଂଯୋଜନାରେ ଗ୍ରାମର ଚନ୍ଦନେଶ୍ୱର ଶିବମନ୍ଦିର ପ୍ରାଙ୍ଗଣ ଏବଂ ବିଦ୍ୟାଳୟ ପରିସରରେ ବଉଳ, ରକ୍ତ ଚନ୍ଦନ,



ଆମ୍ବ, କାଞ୍ଚନ, ଚମ୍ପା ଆଦି ଚାରାରୋପଣ କରାଯାଇଥିଲା। ପ୍ରଧାନଶିକ୍ଷକ ପ୍ରଦୀପ କୁମାର ଭୂୟାଁଙ୍କ ଅଧକ୍ଷତାରେ ସମସ୍ତଙ୍କୁ ନେଇ ବୈଠକ ଅନୁଷ୍ଠିତ ହୋଇଥିଲା। ପ୍ରତ୍ୟେକ ଛାତ୍ରଛାତ୍ରୀ 'ମା' ପାଇଁ ଗଛଟିଏ' ଚାରାରୋପଣ କରିବା ପାଇଁ ଶପଥ ପାଠ କରିଥିଲେ। ଶିକ୍ଷକ ଅଭିମନ୍ୟୁ ସାତୁଆ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିବା ବେଳେ ଚିନ୍ମୟୀ ଆରଖ, ଦେବଦତ୍ତା ପତ୍ତି, ଅଲିଭା ମହାତ, ସ୍ନେହଲତା ନାଏକ, ଗଣେଶ ମାଝୀ କାର୍ଯ୍ୟକ୍ରମକୁ ସଫଳ କରିଥିଲେ।

### କଟୁରିଆ ଏସ୍‌ଏସ୍‌ଡି ବିଦ୍ୟାଳୟ

ଶରତ: କଟୁରିଆ ସରକାରୀ ଏସ୍‌ଏସ୍‌ଡି ବାଳିକା ଉଚ୍ଚ ବିଦ୍ୟାଳୟରେ ଗ୍ରୀନଏଜ୍ ଫାଉଣ୍ଡେସନ୍ (ଲବଣ୍ୟଦେପୁର କ୍ଲଷ୍ଟର) ବନ ବିଭାଗ, ବିଦ୍ୟାଳୟର ୟୁଥ ଓ ଇକୋ କ୍ଲବ୍ ଆନୁକୂଲ୍ୟରେ ବନ ମହୋତ୍ସବ ଉତ୍ସବ ଆୟୋଜିତ ହୋଇଯାଇଛି। କାର୍ଯ୍ୟକ୍ରମକୁ ଇକୋକ୍ଲବର ଇନଚାର୍ଜ ରାଜେଶ ଦାଶ ପରିଚାଳନା କରିବାସହ




ପ୍ରଧାନଶିକ୍ଷକ ଡମ୍ବୁରୁଧର ମରାଣ୍ଡି ଅଧକ୍ଷତା କରିଥିଲେ। ଗ୍ରୀନଏଜ୍ ଫାଉଣ୍ଡେସନ୍ ଜିଲ୍ଲା ସମନ୍ୱୟକର୍ତ୍ତା ଗୀତାଞ୍ଜଳି ମହାନ୍ତ, କଟୁରିଆ ବନଖଣ୍ଡ ବନପାଳ ସାଧବ ସିଂ, କପ୍ତିପଦା ବ୍ଲକ ଗ୍ରୀନଏଜ୍ ଫାଉଣ୍ଡେସନ୍ ସମନ୍ୱୟକର୍ତ୍ତା ପ୍ରବୀର ସାହୁ, ଲବଣ୍ୟଦେପୁର କ୍ଲଷ୍ଟର ସଂଯୋଜକ ଖୁଲଣା ମହାନ୍ତ ଯୋଗଦେଇଥିଲେ। ପରିବେଶ କ୍ଲବର ୨୪ ଜଣ ଛାତ୍ରୀ ଔଷଧିୟ ଗଛ ବିଷୟରେ ମତ ରଖିଥିଲେ। ଛାତ୍ରଛାତ୍ରୀ, ଶିକ୍ଷକ ଓ ଅତିଥିମାନେ ମିଳିତ ଦେଶୀ ଓ ଔଷଧିୟ ପ୍ରଜାତିର ଗଛର କ୍ଲୋନ୍ ଲଗାଇଥିଲେ। କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରାଯାଇଥିଲା। ଶିକ୍ଷକ ପ୍ରକାଶ କୁମାର ବାରିକ ଧନ୍ୟବାଦ ଅର୍ପଣ କରିଥିଲେ।

ଦ୍ୱାଦଶାହ ଉପଲକ୍ଷେ
ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



ଂ ମୁରଲୀଧର ରଥ
ବର୍ଷୀୟାନ ଜନନେତା
ଚାନ୍ଦପୁର, ମୁଦୁପୁର, ପଟିଲୋ, ଜଗତସିଂହପୁର
ଆବିର୍ଭାବ - ୨୦.୦୨.୧୯୩୪
ତିରୋଧାନ - ୨୮.୦୬.୨୦୨୫

"ତୁମ ମର ଦେହ ସିନା ତୁମିଛି ଶ୍ମଶାନ
ମାତ୍ର ଯଶୋଦେହେ ତୁମେ ଚିର ଆୟୁଷ୍ମାନ୍
ଧର୍ମ ପଥେ କର୍ମ ପଥେ ଗୁରୁ ଗରୀୟାନ
ପ୍ରାଣର ପ୍ରେରଣା ତୁମେ ଅଭୁଲା ଅମ୍ଳାନ
ଦିବ୍ୟ ତୁମେ ଲଭ୍ୟ ତୁମେ ଚିର ଦୀପ୍ତିମାନ
ମାଟିର ସରଗ ତୁମେ ଘେନ ହେ ପ୍ରଣାମ।"

ଶୋକସନ୍ତପ୍ତ : ରଥ ପରିବାର ଓ ଆତ୍ମୀୟ ସ୍ୱଜନ

ଡ୍ରାଇଭରଙ୍କ ଷ୍ଟିୟରିଂ ଛାଡ଼ ଆନ୍ଦୋଳନ

# ପରିବହନ ବ୍ୟବସ୍ଥା ଠପ୍, ଜନସାଧାରଣ ହନ୍ତସନ୍ତ

ବାରିପଦା, ୮।୭ (ସମିସ)

ଡ୍ରାଇଭରମାନଙ୍କ ବିଭିନ୍ନ ସମସ୍ୟା ନେଇ ମଙ୍ଗଳବାରଠାରୁ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଷ୍ଟିୟରିଂ ଛାଡ଼ ଆନ୍ଦୋଳନ କରିଛନ୍ତି। ଯାହାକୁ ନେଇ ପରିବହନ ବ୍ୟବସ୍ଥା ଠପ୍ ହୋଇଥିବା ଦେଖିବାକୁ ମିଳିଛି। ଓଡ଼ିଶା ଡ୍ରାଇଭର ମହାସଂଘର ଆହ୍ୱାନକ୍ରମେ ଜିଲ୍ଲା ଶାଖା ପକ୍ଷରୁ ବାରିପଦାର ପାଲବଣିରେ ଶାନ୍ତିପୂର୍ଣ୍ଣ ଧାରଣା ପ୍ରଦାନ କରାଯାଇଛି। ବିଗତ ଦିନରୁ ଡ୍ରାଇଭରମାନଙ୍କ ବିଭିନ୍ନ ସମସ୍ୟାକୁ ନେଇ ଭିନ୍ନ ଭିନ୍ନ ଉପାୟ ମାଧ୍ୟମରେ ବାରମ୍ବାର ରାଜ୍ୟ ସରକାରଙ୍କୁ ଅବଗତ କରାଯାଇଛି। ବିଜେପି ସରକାର ସମସ୍ତ ସମସ୍ୟାର ସମାଧାନ କରିବ ବୋଲି ପ୍ରତିଶ୍ରୁତି ଦେଇ ସୁଦ୍ଧା; କୋଣସି ଗୋଟିଏ ବି ସମସ୍ୟାର ସମାଧାନ ହୋଇନାହିଁ ବୋଲି



ଅଭିଯୋଗ ହେଉଛି। ଡ୍ରାଇଭରମାନେ ସମାଜର ଅର୍ଥନୈତିକ ଅଭିବୃଦ୍ଧି ପାଇଁ ବେଶ ସହାୟକ ହେଉଥିବା ବେଳେ ତାଙ୍କୁ ସରକାର ବାରମ୍ବାର ଉପେକ୍ଷା କରିବାରେ ଲାଗିଛି। ଏନେଇ ୭ଦଫା ଦାବି ଉପସ୍ଥାପନ କରିଛନ୍ତି। ମୋଟର ଚାଳକ ବୋର୍ଡରେ ଅଟୋ ଡ୍ରାଇଭରଙ୍କୁ ସାମିଲ, ଡ୍ରାଇଭର ସମାଜ ସୁରକ୍ଷା ପାଇଁ ସ୍ୱତନ୍ତ୍ର ଆଇନ, ବୃତ୍ତିଗତ ଡ୍ରାଇଭରଙ୍କୁ ୬୦ ବର୍ଷ ସ୍ୱତନ୍ତ୍ର ଭତ୍ତା ପ୍ରଦାନ, ଡ୍ରାଇଭର ମାନଙ୍କ ବିଶ୍ରାମଗାର ଓ ଶୌଚାଳୟ ବ୍ୟବସ୍ଥା ପ୍ରତି ୧୦୦ କିଲୋମିଟର ଅନ୍ତରରେ କରିବା, ଓଡ଼ିଶାର ପ୍ରତି ଖଣି ଖାଦାନ ଏବଂ କଳକାରଖାନାରେ ୭୦ ପ୍ରତିଶତ ଡ୍ରାଇଭରଙ୍କୁ ଅଗ୍ରାଧୀକାର, ସେପ୍ଟେମ୍ବର ୧କୁ ଜାତୀୟ ଡ୍ରାଇଭର ଦିବସ ଘୋଷଣା ଓ ଗାଡ଼ି କାଗଜପତ୍ର ଯାଞ୍ଚ କ୍ଷମତା ପୁଲିସରୁ ଅପସାରଣ କରିବା ଇତ୍ୟାଦି ରହିଛି। ଏଥିନିମନ୍ତେ ବାରମ୍ବାର ସରକାରଙ୍କ ଦ୍ୱାରସ୍ଥ ହେବାପରେ ବି ସରକାର କୌଣସି କଥାକୁ କର୍ଣ୍ଣପାତ କରୁନାହାନ୍ତି; ଯାହାକୁ ନେଇ ଆନ୍ଦୋଳନ କରିଛନ୍ତି। ପାଲବଣିରେ ପିକେଟିଂ କରି ଅନ୍ୟ ଗାଡ଼ିଚାଳକଙ୍କୁ ସଚେତନ କରିବା ସହ ସମର୍ଥନ ଲୋଡିଥିଲେ। ଆନ୍ଦୋଳନ ଯୋଗୁଁ ଜିଲ୍ଲାବ୍ୟାପୀ ପରିବହନ ବ୍ୟବସ୍ଥା ଉପରେ ପ୍ରଭାବ ପଡ଼ିଛି। ବସ୍‌ଷ୍ଟାଣ୍ଡରେ ବସ୍ ନଯାଇ ଅଟକି ରହିଥିଲା। ଯାହାଫଳରେ ଲୋକେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହୋଇଛନ୍ତି। ବାରିପଦା ସହର ମଧ୍ୟରେ ଅଟୋ ଚଳାଚଳ ପ୍ରାୟତଃ ସ୍ୱାଭାବିକ ରହିଥିଲା। ଦାବିପୂରଣ ନହେବା ପର୍ଯ୍ୟନ୍ତ ଡ୍ରାଇଭରମାନେ ଗାଡ଼ି ନଚଳାଇ ଷ୍ଟିଅରିଂ ଛାଡ଼ି ଆନ୍ଦୋଳନ କରିବେ ବୋଲି ଚେତାବନୀ ଦେଇଛନ୍ତି।



**ବୈଶିଙ୍ଗା:** ବେତନଟୀ ବ୍ଲକ ଓଡ଼ିଶା ଡ୍ରାଇଭର ମହାସଂଘ ପକ୍ଷରୁ ବୈଶିଙ୍ଗା ଥାନା ବଗଲପୁରରେ ବି ଆନ୍ଦୋଳନ ଅନୁଷ୍ଠିତ ହୋଇଯାଇଛି। ବେତନଟୀ ବ୍ଲକ ସଭାପତି ଅନାଦି ଚରଣ ବିନ୍ଧାଣି, କମିଟିର କାର୍ଯ୍ୟକର୍ତ୍ତା ଓ ସଦସ୍ୟ ଗଣ ବଗଲପୁରରେ ଏକତ୍ରିତ ହୋଇଥିଲେ। ଆନ୍ଦୋଳନ ଫଳରେ ଯାତ୍ରୀବାହି ବସ୍ ଠାରୁ ଆରମ୍ଭକରି ବିଶେଷକରି ପରିବହନ କ୍ଷେତ୍ରରେ ଚରମ ବିଭ୍ରାଟ ସୃଷ୍ଟି ହୋଇଛି।



**କରଞ୍ଜିଆ:** ରାଜ୍ୟ ମଟର ଚାଳକ ମହାସଂଘ ତରଫରୁ ବିଭିନ୍ନ ଦାବି ନେଇ ଡାକରା ଦିଆଯାଇଥିବା ଚକା ବନ୍ଦ ଆନ୍ଦୋଳନ ଯୋଗୁଁ ନାହିଁ ନଥିବା ସମସ୍ୟା ଦେଖାଦେଇଛି। ପାଞ୍ଚପୀର ମଟର ଚାଳକ ସଂଘ, କରଞ୍ଜିଆ ତରଫରୁ ଶହ ଶହ ବସ୍, କମାଣ୍ଡର, ଟ୍ରକ୍, ଅଟୋ ପ୍ରଭୃତି ଚାଳକମାନେ ଚକା ଜାମ ଆନ୍ଦୋଳନରେ ସାମିଲ ହୋଇଥିଲେ। ଆନ୍ଦୋଳନ ପାଇଁ ପରିବହନ ବ୍ୟବସ୍ଥା ସମ୍ପୂର୍ଣ୍ଣ ଠପ୍ ହୋଇଯାଇଥିଲା। ଲକ୍ଷ୍ମୀ ବସ୍ ବନ୍ଦ ଥିବାରୁ କରଞ୍ଜିଆକୁ କୋର୍ଟ କଚେରୀ, ବଜାର, ଡାକ୍ତରଖାନା, ବିଭିନ୍ନ ସରକାରୀ କାର୍ଯ୍ୟାଳୟକୁ ଆସିପାରିନଥିଲେ। ଦାବି ପୂରଣ ନହେଲେ ଆଗାମୀ ମାସେ ପରେ ଆନ୍ଦୋଳନକୁ ତ୍ରୀବ କରାଯିବ ବାଲି କର୍ମକର୍ତ୍ତା ମାନେ ପ୍ରକାଶ କରିଛନ୍ତି।

**କପ୍ତିପଦା:** ଓଡ଼ିଶା ଡ୍ରାଇଭର ମହାସଂଘ, କପ୍ତିପଦା ତରଫରୁ ୭ ଦଫା ଦାବି ସମ୍ବଳିତ ଶାନ୍ତିପୂର୍ଣ୍ଣ ଧର୍ମଘଟ ଅନୁଷ୍ଠିତ ହୋଇଯାଇଛି। କପ୍ତିପଦା ଡ୍ରାଇଭର



ସଂଘ ତରଫରୁ କପ୍ତିପଦା-ବାଲେଶ୍ୱର ଗୋଲେଇଠାରେ ଶାନ୍ତିପୂର୍ଣ୍ଣ ସଭାର ଆୟୋଜନ ହୋଇଥିଲା। କପ୍ତିପଦା ଅଞ୍ଚଳରେ କେବଳ ୧୦୮, ଆମ୍ବୁଲାନ୍ସ ଓ ସ୍କୁଲ ଗାଡ଼ି ବ୍ୟତୀତ ପ୍ରାୟ ସମସ୍ତ ବସ୍, ଟ୍ରକ୍ ଇତ୍ୟାଦି ସବୁ ପ୍ରକାର ଗାଡ଼ି ଚଳାଚଳ ବନ୍ଦ ଥିଲା। ଯଥେଷ୍ଟ ପୂର୍ବରୁ ଧର୍ମଘଟ ସମ୍ପର୍କରେ ବିଧାୟକଙ୍କ ସମେତ ପ୍ରଶାସନକୁ ଦାବିଗୁଡିକ ମାନିନେବାକୁ ସଂଘ ତରଫରୁ ଦାବିପତ୍ର ଦିଆଯାଇଥିଲା। ଶାନ୍ତିପୂର୍ଣ୍ଣ ଭାବେ ଧର୍ମଘଟ କରାଯାଇଛି। ଯେତେଦିନ ପର୍ଯ୍ୟନ୍ତ ସରକାର ଆମ ଦାବି ନ ମାନିଛନ୍ତି ସେତେଦିନ ପର୍ଯ୍ୟନ୍ତ ଏହା ଚାଲୁ ରହିବ ବୋଲି ବ୍ଲକ ଉପ ସଭାପତି ଶିବାଜୀ ଦେହୁରୀ ପ୍ରକାଶ କରିଛନ୍ତି। କାର୍ଯ୍ୟକ୍ରମରେ ଜିଲ୍ଲା ସଭାପତି ବିଜୟ ଦାସ, ଜିଲ୍ଲା ଉପଦେଷ୍ଟା କ୍ରିଷ୍ଣା ନାୟକ, ବ୍ଲକ ସମ୍ପାଦକ ସର୍ବେଶ୍ୱର ବାରିକ ଓ ବ୍ଲକ କୋଷାଧ୍ୟକ୍ଷ ମାୟାଧର ବେହେରାଙ୍କ ସମେତ ୫ଶହରୁ ଅଧିକ ଡ୍ରାଇଭର

**ରାଇରଙ୍ଗପୁର:** ମୟୂରଭଞ୍ଜ ଜିଲ୍ଲାର ବାମନଘାଟୀ ଉପଖଣ୍ଡର ରାଇରଙ୍ଗପୁର, ବିଶୋଇ, ବିଜାତଳା, ବାଦାମପାହାଡ଼, ହାଟବାଦଡା, ପାହାଡ଼, ଗୋରୁମହିଷାଣୀ, ବହଳଦା, ବଡ଼ଡାଳିମା, ଝରାଡିହି, ଯାମଦା ଓ ତିରିଂ ସବୁଆଡ଼େ ଓଡ଼ିଶା ଡ୍ରାଇଭର ସଂଘ ସଦସ୍ୟ ମାନେ ଶାନ୍ତିପୂର୍ଣ୍ଣ ଭାବେ ଆନ୍ଦୋଳନ କରିଛନ୍ତି। ପ୍ରବଳ ବର୍ଷାକୁ ଖାତିର ନ କରି ରାଇରଙ୍ଗପୁରରେ ଓଡ଼ିଶା ଡ୍ରାଇଭର ସଂଘ ତରଫରୁ ସଭାପତି ଅମୂଲ୍ୟ ମହାନ୍ତିଙ୍କ ନେତୃତ୍ୱରେ ଆନ୍ଦୋଳନ ହୋଇଥିଲା। ତାଙ୍କ ସହିତ ସମ୍ପାଦକ ଅଶ୍ୱିନୀ ମହାନ୍ତ, ଦିଲ୍ଲୀପ ମହାନ୍ତ, ପିଣ୍ଟୁ ସର୍ଦାର, ପବନ ଗୋପାଲ, ଶଙ୍କର ଗିରି, ପିଣ୍ଟୁ ମହାନ୍ତ, ସୁବାସ ମହାନ୍ତ, ହେମନ୍ତ ହାଁସଦା,



ଭରତ ଚୌଧୁରୀ, ସୁଶିଲ ଦାସ, ଧାନ ମୁଣ୍ଡା, ତୁଷାର ଗିରି, ବିଜୟ ମୁଣ୍ଡା, ପରମେଶ୍ୱର ଗିରି, ସେଖ୍ କୁର୍ବାନ, ଯାକତୁ କିସ୍କୁ, ଭଗତ ପାତ୍ର, ପଦ୍ମଲୋଚନ ବିନ୍ଧାଣି, ମୋହନ ମାଝୀ, ଦେବ ସୋରେନ, ବୋଲ ମହାନ୍ତ, ବିଜୟ ମୁଣ୍ଡା, ତୁଷାର ଗିରି ଏବଂ ଅନ୍ୟମାନେ ଆନ୍ଦୋଳନରେ ସାମିଲ ହୋଇଥିଲେ।



**ମହୁଲଡିହା:** ଠାକୁରମୁଣ୍ଡା ବ୍ଲକରେ ୭ ଦଫା ଦାବି ନେଇ ଓଡ଼ିଶା ଡ୍ରାଇଭର ମହାସଂଘର ଡାକରାରେ ଡ୍ରାଇଭର ସମୂହ ଆନ୍ଦୋଳନ କରିଛନ୍ତି। ଆନ୍ଦୋଳନ ଅବସରରେ ଠାକୁରମୁଣ୍ଡା ବ୍ଲକ ଡ୍ରାଇଭର ସଂଘ ମଧ୍ୟ ଧର୍ମଘଟରେ ବସିଥିଲେ। ଠାକୁରମୁଣ୍ଡା ବ୍ଲକରେ ଓଏସ୍‌ଆରଟିସି ବସ୍ ଚଳାଚଳ ମଧ୍ୟ ସମ୍ପୂର୍ଣ୍ଣ ବନ୍ଦ ରହିଥିଲା। ଚକ ଅଖ ସମ୍ପୂର୍ଣ ବନ୍ଦ ରହିଥିବା ବେଳେ ସାଧାରଣ ଲୋକେ ଯାତାୟାତରେ ଅସୁବିଧାର ସମ୍ମୁଖୀନ ହୋଇଛନ୍ତି। ସରକାର ଦାବି ପୂରଣ କରିନାହାନ୍ତି ସେତେଦିନ ପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରହିବ ବୋଲି ଡ୍ରାଇଭର ସଂଘ ସଦସ୍ୟ କହିଥିଲେ।

## ଆଜି ସାଧାରଣ ଧର୍ମଘଟ; ବନ୍ଦ ସଫଳ ପାଇଁ ନିବେଦନ

**ବାରିପଦା, ୮।୭ (ସମିସ):** କେନ୍ଦ୍ରୀୟ ଶ୍ରମିକ ସଂଗଠନ ଓ ସ୍ୱାଧୀନ ଫେଡେରେସନ ସମୂହଙ୍କ ପକ୍ଷରୁ ଶ୍ରମିକ, କୃଷକ, କର୍ମଚାରୀ ଓ ସାଧାରଣ ମଣିଷ ବଞ୍ଚିବାର ୧୭ ଦଫା ଦାବି ନେଇ ବୁଧବାର ସାଧାରଣ ଧର୍ମଘଟ, ଭାରତ ବନ୍ଦକୁ ସଫଳ କରିବା ପାଇଁ ମଙ୍ଗଳବାର ବାରିପଦା ସହରର ବିଭିନ୍ନ ସ୍ଥାନରେ ପଥ ପ୍ରାନ୍ତ ସଭା ଅନୁଷ୍ଠିତ ହୋଇଯାଇଛି। ଧର୍ମଘଟକୁ ରାଜ୍ୟରେ କଂଗ୍ରେସ ସମର୍ଥନ ଦେଇଥିବାରୁ ପ୍ରଚାରରେ ପୂର୍ବତନ ସହର କଂଗ୍ରେସ ସଭାପତି ଶାନ୍ତନୁ ପାଲ ଯୋଗଦେଇ ସଫଳ କରିବାକୁ ଜନସାଧାରଣଙ୍କୁ ନିବେଦନ କରିଛନ୍ତି। ଏଥିରେ ଏଆଇଟିୟୁସି ଜିଲ୍ଲା ସମ୍ପାଦକ ସାଥୀ ଜଗବନ୍ଧୁ ମିଶ୍ର, ମହେଶ୍ୱର ବେହେରା ପ୍ରମୁଖ ଭାଗନେଇଥିଲେ।

### ଆଇନଶୃଙ୍ଖଳା ପରିସ୍ଥିତିକୁ ନେଇ ପୁଲିସ ପ୍ରଶାସନ ପକ୍ଷରୁ ସଜାଗ

**ବାରିପଦା:** ୧୭ଦଫା ଦାବିକୁ ନେଇ ସର୍ବଭାରତୀୟ ଧର୍ମଘଟକୁ ସଫଳ କରିବା ପାଇଁ ଟ୍ରେଡ୍ ୟୁନିୟନ, ବାମପନ୍ଥୀ ଓ କଂଗ୍ରେସ ପକ୍ଷରୁ ମିଳିତ ନିଷ୍ପତ୍ତି ଗ୍ରହଣ କରାଯାଇଛି। ଜିଲ୍ଲାରେ ଧମଘଟକୁ ଦୃଷ୍ଟିରେ ରଖି ଆଇନଶୃଙ୍ଖଳା ପରିସ୍ଥିତି ପ୍ରତି ପୁଲିସ ପ୍ରଶାସନ ପକ୍ଷରୁ ବ୍ୟାପକ ପ୍ରସ୍ତୁତି ଗ୍ରହଣ କରାଯାଇଛି। ଏସଂକ୍ରାନ୍ତରେ ଅତିରିକ୍ତ ଏସ୍‌ପି ଗୌତମ କିଶାନ କହନ୍ତି, ସବୁ ଥାନାକୁ ହାଇ ଆଲର୍ଟ ଦିଆଯାଇଛି। ଅପ୍ରୀତିକର ପରିସ୍ଥିତିକୁ ଏଡ଼ାଇବା ପାଇଁ ଆସନ୍ତାକାଲି ଭୋରରୁ ବ୍ୟବସ୍ଥା ଗ୍ରହଣ କରାଯିବ। ଏସ୍‌ଡିପିଓ ଓ ଥାନାଧିକାରୀଙ୍କୁ ସଜାଗ ରହିବାକୁ କୁହାଯାଇଛି।

### ବଦଳିଲେ ୭ ସିଆର୍‌ସିସି

**କୁଆମରା, ୮।୭ (ସମିସ):** ଗୋପବନ୍ଧୁନଗର ବ୍ଲକରେ ମୋଟ ୧୨ଟି କ୍ଲଷ୍ଟର ମଧ୍ୟରୁ ୭କ୍ଲଷ୍ଟରର ସିଆରସିସିଙ୍କ ବଦଳି ହୋଇଛି। ତାଙ୍କ ସ୍ଥାନରେ ନୂତନ ସିଆରସିସିଙ୍କ ନାମ ପ୍ରକାଶ ପାଇଛି। ଶିକ୍ଷା ବିଭାଗ ଦ୍ୱାରା ୨୦୧୯ରେ ନିଯୁକ୍ତି ପାଇଥିବା ସିଆରସିସି କୃଷ୍ଣଚନ୍ଦ୍ର ଦଳେଇ, ଆଶିଷ କୁମାର ସାହୁ, ଭାଗରଥୀ ପରିଡ଼ା, ସଞ୍ଜିତ କୁମାର ଦେ, ଦ୍ୱାରୀ ହେମ୍ବ୍ରମ, ରୁଦ୍ର ନାରାୟଣ ସେଠୀ ଓ ସର୍ବେଶ୍ୱର ନାୟକଙ୍କ କାର୍ଯ୍ୟକାଳ ଶେଷ ହୋଇଥିବା ବେଳେ ନୂତନ ସିଆରସିସି ଭାବେ ପଶୁଦା କ୍ଲଷ୍ଟର ପାଇଁ ଷ୍ଟାଲିନ କୁମାର ଦେ, ଆରପଟା କ୍ଲଷ୍ଟର ପାଇଁ ସୁଶାନ୍ତ କୁମାର ପାତ୍ର, ପୁରୁଣା ବାରିପଦା କ୍ଲଷ୍ଟର ପାଇଁ ପ୍ରଶାନ୍ତ କୁମାର ମହାପାତ୍ର, ରାଣୀବନ୍ଧ କ୍ଲଷ୍ଟର ପାଇଁ ତ୍ରିଦୀପ ମହାକୁଡ, ଶୀଳଘାଟି କ୍ଲଷ୍ଟର ପାଇଁ ଉମାକାନ୍ତ ଦଣ୍ଡପାଟ, ଜୟପୁର କ୍ଲଷ୍ଟର ପାଇଁ ହିମାଂଶୁ କୁମାର ଆଚାର୍ଯ୍ୟ ଓ କୁଆମରା କ୍ଲଷ୍ଟର ପାଇଁ ଅମର କୁମାର ବାଘରାଏଙ୍କୁ ଏହି ପଦ ମିଳିଛି। ତେବେ ଜୁଲାଇ ୧୦ ତାରିଖରେ ନିଯୁକ୍ତି ପାଇଥିବା ନୂତନ ସିଆରସିସିମାନେ କାର୍ଯ୍ୟରେ ଯୋଗଦେବେ ବୋଲି ଶିକ୍ଷା ବିଭାଗ ପକ୍ଷରୁ ନିର୍ଦ୍ଦେଶନାମା ରହିଛି।

## 'ପ୍ରତିଶ୍ରୁତି'ର ରଥଯାତ୍ରା ବିଶେଷାଙ୍କ ଲୋକାର୍ପିତ



**ବାରିପଦା, ୮।୭ (ସମିସ):** ମୟୂରଭଞ୍ଜ ଜିଲ୍ଲାର ବାରିପଦାରୁ ଦୀର୍ଘ ୪୩ବର୍ଷ ଧରି ପଣ୍ଡିତ ଭାଗବତ ପଣ୍ଡାଙ୍କ ସମ୍ପାଦନାରେ ପ୍ରକାଶ ପାଉଥିବା ସାହିତ୍ୟ ସଂସ୍କୃତି ମୂଳକ ତ୍ରୈମାସିକ ପତ୍ରିକା 'ପ୍ରତିଶ୍ରୁତି'ର ରଥଯାତ୍ରା ବିଶେଷାଙ୍କ ରଥପଡ଼ିଆରେ ଅତିରିକ୍ତ ଜିଲ୍ଲାପାଳ ନେତ୍ରାନନ୍ଦ ମଲ୍ଲିକଙ୍କ ସଭାପତିତ୍ୱରେ ଲୋକାର୍ପିତ ହୋଇଯାଇଛି। ଉତ୍ସବରେ ମୟୂରଭଞ୍ଜର ଜିଲ୍ଲାପାଳ ହେମକାନ୍ତ ସଏ ମୁଖ୍ୟଅତିଥି, ଜିଲ୍ଲା ଆରକ୍ଷୀ ଅଧିକ୍ଷକ ବରୁଣ ଗୁଣ୍ଟୁପାଲ୍ଲୀ, ମୟୂରଭଞ୍ଜର ମହାରାଜା ପ୍ରବୀଣ ଚନ୍ଦ୍ର ଭଞ୍ଜଦେଓ ତଥା ମହାରାଣୀ ରଶ୍ମୀ ରାଜ୍ୟଲକ୍ଷ୍ମୀ ଭଞ୍ଜଦେଓ ବିଶେଷ ଅତିଥି ଭାବେ ଯୋଗଦେଇ ପତ୍ରିକାର ପ୍ରଶଂସା କରିଥିଲେ। ମୁଖ୍ୟବକ୍ତା ଭାବେ ବାରିପଦା ନଗରପାଳ କୃଷ୍ଣାନନ୍ଦ ମହାନ୍ତି, ଓଡ଼ିଶାର ବହୁ ଲବ୍ଧ ପ୍ରତିଷ୍ଠିତ ଲେଖକ-ଲେଖିକାଙ୍କ ରଚନାରେ ସମୃଦ୍ଧ ଏହି ପତ୍ରିକା ନିଶ୍ଚିତ ଭାବେ ପାଠକୀୟ ଆଦୃତି ଲାଭ କରିବ ବୋଲି ଉଲ୍ଲେଖ କରିଥିଲେ। ବାରିପଦା ସଦର ଉପ-ଜିଲ୍ଲାପାଳ ଡ.ଦୟାସିନ୍ଧୁ ପରିଡ଼ା, ଅତିରିକ୍ତ ଆରୋକ୍ଷୀ ଅଧିକ୍ଷକ ଦୀପକ କୁମାର ଗୋଚ୍ଛାୟତ ଓ ଗୌତମ କିସାନ ପ୍ରମୁଖ ସମ୍ମାନୀତ ଅତିଥି ଭାବେ ଯୋଗ ଦେଇ ଆଧ୍ୟାତ୍ମିକ ଚେତନା ତଥା ଜଗନ୍ନାଥ ସଂସ୍କୃତି ସମ୍ବଳିତ ଉପାଦେୟ ଲେଖାଗୁଡିକ ଶ୍ରୀ ଜଗନ୍ନାଥ ପ୍ରେମୀଙ୍କ ସନ୍ଦେହ ମୋଚନ ପାଇଁ ବହୁ ଉପାଦାନ ଯୋଗାଇବ ବୋଲି ପ୍ରକାଶ କରିଥିଲେ। କାର୍ଯ୍ୟକ୍ରମରେ ଆଇନଜୀବୀ ହିମାଂଶୁ ପାଣିଗ୍ରାହୀ ସମ୍ମାନିତ ବକ୍ତାଭାବେ ନିଜର ବକ୍ତବ୍ୟ ରଖିଥିବା ବେଳେ ପତ୍ରିକାର ପ୍ରତିଷ୍ଠାତା ସମ୍ପାଦକ ଭାଗବତ ପଣ୍ଡା କାର୍ଯ୍ୟକ୍ରମ ପରିଚାଳନା କରିବା ସହିତ ଧନ୍ୟବାଦ ଅର୍ପଣ କରିଥିଲେ। ବିଶେଷାଙ୍କରେ ପ୍ରଫେସର ଡ. ବୈଷ୍ଣବ ଚରଣ ସାମଲ, ଡ. ତୁଳସୀ ଓଝା, ଡ. ପ୍ରମୋଦ କୁମାର ମହାପାତ୍ର, ଡ. ସାରଙ୍ଗଧର ରାୟଗୁରୁ, ପଣ୍ଡିତ ଡ. ସୂର୍ଯ୍ୟମଣି ଖୁଣ୍ଟିଆ, ଡ. ଭାସ୍କର ମିଶ୍ର, ଡ. ତ୍ରିନାଥ ପଟ୍ଟନାୟକ, ଡ. ସିଦ୍ଧାର୍ଥ କାନୁନ୍‌ଗୋ, ଡ. ନରେଶ ଚନ୍ଦ୍ର ଦାସ, ଡ. ବଂଶୀଧର ମହାନ୍ତି, ବିଜୟଲକ୍ଷ୍ମୀ ମହାନ୍ତି, ଡା. ଭାଗବତ ବେହେରା, ସତ୍ୟବ୍ରତ ମିଶ୍ର ପ୍ରମୁଖ ବହୁ ଲବ୍ଧ ପ୍ରତିଷ୍ଠିତ ଜଗନ୍ନାଥ ସଂସ୍କୃତି ଗବେଷକ ତଥା ସାରସ୍ୱତ ସାଧକଙ୍କ ରଚନା ସ୍ଥାନ ପାଇଛି।

## ତାଲା ଭାଙ୍ଗି ପଞ୍ଚାୟତ ଅଫିସରୁ ଚୋରି

**କୁଆମରା, ୮।୭ (ସମିସ):** ଗୋପବନ୍ଧୁନଗର ବ୍ଲକ ଟିଟିଆ ପଞ୍ଚାୟତ କାର୍ଯ୍ୟାଳୟର ତାଲା ଭାଙ୍ଗି ଦୁର୍ବୃତ୍ତମାନେ ରାତିରେ ବିଭିନ୍ନ ସାମଗ୍ରୀ ଚୋରି କରି ନେଇଥିବାର ଖୁଣ୍ଟା ଥାନାରେ ଅଭିଯୋଗ ହୋଇଛି। କାର୍ଯ୍ୟାଳୟ ମଧ୍ୟରେ ଥିବା ଇନର୍ଭଟର, ଓଜନ କଣ୍ଟା, ଟିଭି ସମେତ ଅନ୍ୟାନ୍ୟ ସାମଗ୍ରୀ ଲୁଟ କରି ନେଇଛନ୍ତି। ପୁଲିସ ମାମଲା ରୁଜୁ କରିବା ସହ ତନାଘନା ଚଳାଇଛି। ତେବେ ଚୋରି ସାମଗ୍ରୀ କିମ୍ବା ଚୋରଙ୍କର ଟେର୍ ପାଇବାରେ ପୁଲିସ ସକ୍ଷମ ହୋଇ ପାରିନାହିଁ।

## ଏମ୍‌ପିସି ଉଚ୍ଚ ବିଦ୍ୟାଳୟରେ ବନମହୋତ୍ସବ

**ବେତନଟୀ, ୮।୭ (ସମିସ):** ବେତନଟୀର ପିଏମ୍‌ଶ୍ରୀ ମହାରାଜା ପ୍ରତାପ ଚନ୍ଦ୍ର ଉଚ୍ଚବିଦ୍ୟାଳୟ ପରିସରରେ ବନମହୋତ୍ସବ ପରିପ୍ରେକ୍ଷୀରେ ଫଳ ଓ ଫୁଲ ଚାରାରୋପଣ କରାଯାଇଛି। ଛାତ୍ରଛାତ୍ରୀ, ଶିକ୍ଷକ, ଶିକ୍ଷୟିତ୍ରୀଗଣ ଓ ସିଭିଲ ସୋସାଇଟି ତରଫରୁ ଚାରରୋପଣ କରାଯାଇଥିଲା। 'ପରିବେଶ ସୁରକ୍ଷା' ଶୀର୍ଷକ ପ୍ରତିଯୋଗିତାରେ କୃତୀ ଛାତ୍ରଛାତ୍ରୀଙ୍କୁ ଅତିଥିଗଣଙ୍କ ମାଧ୍ୟମରେ ପୁରସ୍କୃତ କରାଯାଇଥିଲା। ପ୍ରଧାନଶିକ୍ଷକ ଅର୍ଜୁନ ସିଂହଙ୍କ ଅଧ୍ୟକ୍ଷତାରେ ସଭାରେ ନୀହାର ରଞ୍ଜନ ସାମଲ, ଜୀବନ ସଂଯୋଜକ



ପ୍ରଦୀପ କୁମାର ଦେହୁରୀ, ବନପାଳ ଉପେନ୍ଦ୍ର ପାତ୍ର, ଡିଇଓ ଅଫିସ ସହାୟିକା ରଞ୍ଜିତାଙ୍କ ସହ ସିଭିଲ ସୋସାଇଟିର କାର୍ଯ୍ୟକାରୀ ସଭାପତି ହରିଶ ଚନ୍ଦ୍ର ନନ୍ଦ ଗୋସ୍ୱାମୀ, ସାଧାରଣ ସମ୍ପାଦକ ସଚ୍ଚିଦାନନ୍ଦ ମହାନ୍ତିଙ୍କ ସହ ବାସୁଦେବ ନାପିତ, ହରେନ୍ଦ୍ର ନାଥ ବାରିକ, ଗଣେଶ ଚନ୍ଦ୍ରସାହୁ, ବିଜୟ କୁମାର ଦ୍ୱିବେଦୀ, ରାମଚନ୍ଦ୍ର ପଣ୍ଡା, ଦୁର୍ଯ୍ୟୋଧନ ସିଂ ପ୍ରମୁଖ ଅଂଶଗ୍ରହଣ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ବିଦ୍ୟାଳୟର ସମସ୍ତ ଶିକ୍ଷକ/ଶିକ୍ଷିକା ଗଣ ସହଯୋଗ କରିଥିଲେ।

## ଗୁରୁପୂର୍ଣ୍ଣିମାରେ ଚିନ୍ମୟ ମିଶନର ରକ୍ତଦାନ ଶିବିର

ବାରିପଦା, ୮।୭ (ସମିସ): ପ୍ରତିବର୍ଷ ଭଳି ଏବର୍ଷ ମଧ୍ୟ ରଥଯାତ୍ରା ଓ ଗୁରୁପୂର୍ଣ୍ଣିମା ଉପଲକ୍ଷେ ଚିନ୍ମୟ ମିଶନ ବାରିପଦା ତରଫରୁ ଆସନ୍ତା ୧୩ ତାରିଖ ରବିବାର ସକାଳ ୮ରୁ ଦିବା ୧ଟା ପର୍ଯ୍ୟନ୍ତ ସ୍ଥାନୀୟ ମଧୁବନସ୍ଥିତ ଚିନ୍ମୟ ଗୁରୁପାଦ ଆଶ୍ରମରେ ଉତ୍ସବ ପାଳନ ସହିତ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ ହେବ। ଚିନ୍ମୟ ମିଶନର ପ୍ରଧାନଆଚାର୍ଯ୍ୟ ସ୍ୱାମୀ ଗୋବିନ୍ଦାନନ୍ଦ ସରସ୍ୱତୀଙ୍କ ଅଧ୍ୟକ୍ଷତାରେ ଚୂଡ଼ାନ୍ତ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ସଭାପତି ବିଜୟ ଲେଙ୍କା ଅତିଥି ପରିଚୟ ପ୍ରଦାନ କରିବା ସହିତ ବିଗତ ୧୫ ବର୍ଷ ଧରି ରକ୍ତଦାନ ଶିବିର ଅନୁଷ୍ଠିତ ହେଉଥିବାର ସୂଚନା ଦେଇଥିଲେ। ସମ୍ପାଦକ ତଥା ସଚ୍ଚିଦାନନ୍ଦ ଗୁରୁକୁଳର ଅଧ୍ୟକ୍ଷ ଅଜିତ କୁମାର ବେହେରା ଶିବିରର କାର୍ଯ୍ୟକ୍ରମ ବିଷୟରେ ବିସ୍ତୃତ ବିବରଣୀ ଦେବା ସହିତ ଶିବିରକୁ ଉତ୍ସବ ଭଳି ଆୟୋଜନ କରାଯିବ। ସମାଜର ବିଭିନ୍ନ ବର୍ଗର ସମାଜସେବୀ ମାନଙ୍କୁ ସମ୍ମାନିତ କରିଯିବ ବୋଲି ସୂଚନା ଦେଇଥିଲେ। ଅବସରପ୍ରାପ୍ତ ଆୟକର ଅଧିକାରୀ ତପନ ପଟ୍ଟନାୟକ, ଆଇନଜୀବୀ ହିମାଂଶୁ ମହାକୁଡ଼, ପ୍ରଦୀପ ମହାନ୍ତି, ଶକୁନ୍ତଳା ପାଲ, ସବ୍ୟସାଚୀ ପଲେଇ, କ୍ରିଷ୍ଣା ଘୋଷ, ଜୟନ୍ତୀ ଲେଙ୍କା, ଇନ୍ଦିରା ଜେନା, ପଙ୍କୋଜିନୀ ଦାଶ, ଶିକ୍ଷାବିତ ହୃଦାନନ୍ଦ ଆଚାର୍ଯ୍ୟ, ସୁରେଶ୍ୱରୀ ମହାନ୍ତି, ସମ୍ପଦ ଦାସ, ଲକ୍ଷ୍ମୀ ପାଣି, ସୁରତି ଦାସ, ବିବେକାନନ୍ଦ ଦାସ, ପ୍ରଦୀପ ଭଞ୍ଜଦେଓ, ଶିକ୍ଷାବିତ କବିତା ଦାସ, ପଲକ ପଣ୍ଡା, ଭବେଶ ବେହେରା ଓ ବିଶ୍ୱକର୍ମା ଡାକୁଆ ପ୍ରମୁଖ ଆଲୋଚନାରେ ଭାଗ ନେଇଥିଲେ। ଶେଷରେ ଶିବିର ସଂଯୋଜକ ବରିଷ୍ଠ ଆଇନଜୀବୀ ସତ୍ୟବ୍ରତ ମହାନ୍ତି ଧନ୍ୟବାଦ ଅର୍ପଣ କରିବା ସହିତ ଶିବିରରେ ରକ୍ତଦାନ କରିବାପାଇଁ ଯୁବପିଢ଼ିଙ୍କୁ ଅନୁରୋଧ କରିଥିଲେ।

## ଜିଲ୍ଲାସ୍ତରୀୟ ପ୍ରବନ୍ଧ, ବକ୍ତୃତା, କବିତା ଆବୃତି, ସାଧାରଣଜ୍ଞାନ ପ୍ରତିଯୋଗିତା

**ବାରିପଦା, ୮।୭ (ସମିସ):** ଓଡ଼ିଶା ସାହିତ୍ୟ ଏକାଡେମୀ ତରଫରୁ 'ଓଡ଼ିଶା ସାହିତ୍ୟ ଏକାଡେମୀ ସ୍ୱନକ୍ଷେତ୍ର ଦିବସ' ପାଳନ ଅବସରରେ ମୟୂରଭଞ୍ଜ ଜିଲ୍ଲା ଶିକ୍ଷା ବିଭାଗର ଆନୁକୂଲ୍ୟରେ ବାରିପଦାସ୍ଥିତ ମହାରାଣୀ ପ୍ରେମ କୁମାରୀ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟରେ ଜିଲ୍ଲାସ୍ତରୀୟ ପ୍ରବନ୍ଧ, ବକ୍ତୃତା, କବିତା ଆବୃତି, ସାଧାରଣଜ୍ଞାନ ପ୍ରତିଯୋଗିତା ହୋଇଯାଇଛି। ଜିଲ୍ଲାର ବିଭିନ୍ନ ଉପ୍ରା ବିଦ୍ୟାଳୟ, ହାଇସ୍କୁଲ୍, ଓଡ଼ିଶା ଆଦର୍ଶ ବିଦ୍ୟାଳୟର ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ପ୍ରବନ୍ଧ ପ୍ରତିଯୋଗିତାରେ କନିଷ୍ଠ ବର୍ଗରେ ସ୍ମୃତିରେଖା ସାହୁ, ପଦ୍ମାଳୟା ସିଂ, ରୋହିତ ପାଲବାବୁ ଏବଂ ବରିଷ୍ଠ ବର୍ଗରେ ତୃପ୍ତିମୟୀ ବିଶ୍ୱାଳ, ଅନ୍ୱେଷା ଦାସ, ଜାଗୃତି ମିଶ୍ର ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ହୋଇଛନ୍ତି। ବକ୍ତୃତାରେ କନିଷ୍ଠ ବର୍ଗରେ ସାଧନାସେଜଲ ସ୍ୱାଇଁ, ସ୍ୱୟଂପ୍ରଭା ଆଚାର୍ଯ୍ୟ, ବାଗ୍ମୀତା ଜେନା ଏବଂ ବରିଷ୍ଠ ବର୍ଗରେ ଆଦ୍ୟାଶା ଦାସ, ଅମୃତାଂଶୀ ବେହେରା, ପ୍ରାଚୀ ଦ୍ୱିବେଦୀ ପ୍ରଥମ, ଦ୍ୱତୀୟ ଓ ତୃତୀୟ। କବିତା ଆବୃତି ପ୍ରତିଯୋଗିତାରେ କନିଷ୍ଠ ବର୍ଗରେ ଦିବ୍ୟଶିନୀ ପ୍ରଧାନ, ବି. ଦେବର୍ପିତା ମହାନ୍ତ,



ମୋନିକା ବୈଠା ଏବଂ ବରିଷ୍ଠ ବର୍ଗରେ ରିତିକ୍ରିଷ୍ଣା ମହଲ, ଦିବ୍ୟଜ୍ୟୋତି କୁଅଁର, ଶୁଭଦର୍ଶିନୀ ମହାକୁଡ଼ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ। ସାଧାରଣଜ୍ଞାନ ପ୍ରତିଯୋଗିତାରେ ହିମାଦ୍ରୀ ନାରାୟଣ ମିଶ୍ର, ଲକ୍ଷ୍ମୀପ୍ରିୟା ଜେନା, ପୁରଜିତ ମହାନ୍ତ ଏବଂ ବରିଷ୍ଠ ବର୍ଗରେ ପାର୍ଥସାରଥୀ ମହାନ୍ତ, ବିଷ୍ଣୁପ୍ରିୟା ମହାପାତ୍ର, ତନୁକ୍ରିଷ୍ଣା ମହଲା ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ। ପ୍ରତିଯୋଗିତାକୁ ଜିଲ୍ଲା ଶିକ୍ଷା ଅଧିକାରୀ ପୂର୍ଣ୍ଣଚନ୍ଦ୍ର ସେଠୀ, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ବିନୋଦ ସିଂ, ଜିଲ୍ଲା ବିଜ୍ଞାନ ପରିଦର୍ଶକ ଜ୍ଞାନରଞ୍ଜନ ଆଚାର୍ଯ୍ୟ, ଏମ୍‌ପିକେ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ ଲଳିତ କୁମାର ମହାନ୍ତ ଉଦ୍‌ଘାଟନ କରିଥିଲେ। କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା ଏବଂ ସମସ୍ତ ପ୍ରତିଯୋଗୀମାନଙ୍କୁ ସାର୍ଟିଫିକେଟ ପ୍ରଦାନ କରାଯାଇଥିଲା। ବିଚାରକ ଭାବେ ରାଜେନ୍ଦ୍ର ସାମଲ, ଅତୁଲ ପରିଡ଼ା, ଡ. ଶଶୀଧର ବିଶ୍ୱାଳ, ଅମିତାଭ ମିଶ୍ର, ଅମୀୟ ରଞ୍ଜନ ପଣ୍ଡା, ସୁଦତ୍ତା ବାରିକ, ପ୍ରେମାଞ୍ଜଳି ହେମ୍ବ୍ରମ, ମୌସୁମୀ ଦୀକ୍ଷିତ, ଜ୍ୟୋତି କର୍ମକାର, ନୟନ ଗିରି, ପ୍ରାର୍ଥନା ମିଶ୍ର, ଦୀପକ ରାମ, ଅଜିତ ମହାନ୍ତି ପ୍ରମୁଖ ଯୋଗ ଦେଇଥିଲେ। ଜିଲ୍ଲା ଶିକ୍ଷା କାର୍ଯ୍ୟାଳୟର କନିଷ୍ଠ ସହାୟକ ପ୍ରବୀର ବେହେରା, ଆୟୋଜକ ବିଦ୍ୟାଳୟର ବିଶ୍ୱେଶ୍ୱର ଦ୍ୱିବେଦୀ, ବିଦ୍ୟାଳୟର ସମସ୍ତ ଶିକ୍ଷକଶିକ୍ଷୟିତ୍ରୀ, ଶିକ୍ଷା କର୍ମଚାରୀ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ।


## ଘର ଭାଙ୍ଗି ଧାନ ଚାଉଳ ଖାଇଗଲେ ହାତୀପଲ

ମୋରଡ଼ା, ୮।୭ (ସମିସ)

ରାସଗୋବିନ୍ଦପୁର ରେଞ୍ଜ ଅଧୀନରେ ଦିନକୁ ଦିନ ହାତୀ ଉପଦ୍ରବ ବଢ଼ିଚାଲିଛି। ହାତୀକୁ ଘଉଡ଼ାଇବାରେ ବନବିଭାଗ ନାକେଦମ ହୋଇଗଲାଣି। ରବିବାର କୃଷ୍ଣଚନ୍ଦ୍ରପୁର ଅଙ୍ଗନବାଡ଼ି ଭାଙ୍ଗି ୨୨ଟିକିଆ ହାତୀପଲ ବିଭିନ୍ନ ଜିନିଷ ନଷ୍ଟ କରିଥିଲେ। ପୁଣି ସୋମବାର ରାତିରେ ସାରୁମୁଳା ଜଙ୍ଗଲରେ ଥିବା ହାତୀପଲ ମଧ୍ୟରୁ ତିନୋଟି ହାତୀ ଆସି ଭୀମ ଟୁଡୁଙ୍କ ଘରକୁ ସମ୍ପୂର୍ଣ୍ଣ ଭାଙ୍ଗିଦେଇ ଧାନ, ଚାଉଳ ଖାଇବା ସହ ଅନେକ ଜିନିଷପତ୍ର ନଷ୍ଟ କରିଦେଇଛନ୍ତି। ତେବେ ନାକୀଚୁଆ ଫରେଷ୍ଟ ବିଟ୍ ଅଞ୍ଚଳରେ ପ୍ରତିଦିନ ହାତୀ ଉପଦ୍ରବ ଲାଗିରହିଥିବା ବେଳେ ପୂର୍ବରୁ ଥିବା ଫରେଷ୍ଟ ଗାର୍ଡଙ୍କୁ ବଦଳି କରି ଦୁଇଦିନ ତଳେ ଜଣେ ମହିଳା ଗାର୍ଡଙ୍କୁ ନିଯୁକ୍ତି ଦିଆଯାଇଛି। ଯାହାଫଳରେ ଅଞ୍ଚଳବାସୀଙ୍କ ମଧ୍ୟରେ ଅସନ୍ତୋଷ ବୃଦ୍ଧି



ପାଇଛି। ତେଣୁ ଜଣେ ପୁରୁଷ ଫରେଷ୍ଟ ଗାର୍ଡଙ୍କୁ ନିଯୁକ୍ତି କରିବା ସହ ପ୍ରତିଦିନ ବନବିଭାଗ ତରଫରୁ ପାଟ୍ରୋଲିଂ କରିବା ପାଇଁ ରାସଗୋବିନ୍ଦପୁର ବ୍ଲକର ଟାଣୁଆ ବିଜେଡି ନେତା ଉତ୍ତମ ମହାନ୍ତି ଡିଏଫଓଙ୍କୁ ଦାବି କରିଛନ୍ତି। ଏପଟେ ପୂର୍ବରୁ ବିଭିନ୍ନ ଲୋକଙ୍କ ଘର ହାତୀମାନଙ୍କ ଦ୍ୱାରା କ୍ଷୟକ୍ଷତି ହୋଇଥିବା ବେଳେ ବର୍ତ୍ତମାନ ସୁଦ୍ଧା ଅନୁକମ୍ପା ସହାୟତା ମିଳିନାହିଁ। ଭୀମ ଟୁଡୁ ଅତ୍ୟନ୍ତ ଗରିବ ଶ୍ରେଣୀର ହୋଇଥିବା ବେଳେ ତାଙ୍କୁ ଯଥାଶୀଘ୍ର ଆର୍ଥିକ ସହାୟତା ଏବଂ ନୂତନ ଘର ଯୋଗାଇ ଦେବାକୁ ଜିଲ୍ଲା ପରିଷଦ ସଦସ୍ୟ ଶ୍ୟାମସୁନ୍ଦର ଡାକୁଆ ଓ ସାରୁମୁଳା ସରପଞ୍ଚ ମନୋରଞ୍ଜନ ସିଂ ଦାବି କରିଛନ୍ତି। ଏବାବଦରେ ରେଞ୍ଜର ଘନଶ୍ୟାମ ସିଂଙ୍କୁ ପଚାରିବାରୁ ଆର୍‌ଆଇ ତଦନ୍ତ ରିପୋର୍ଟ ଆସିବା ପରେ ଯଦି ଆଂଶିକ କ୍ଷତି ହୋଇଥାଏ ତେବେ ୧୦ହଜାର ଏବଂ ସମ୍ପୂର୍ଣ୍ଣ କ୍ଷତି ହୋଇଥିଲେ ୨୦ହଜାର ଟଙ୍କା ସହ ଅନ୍ତୋଦ୍ୟୋୟ ଗୃହ ଯୋଜନାରେ ଘର ଯୋଗାଇ ଦିଆଯିବ ବୋଲି କହିଛନ୍ତି। ଏଥିସହ ବର୍ତ୍ତମାନ ଉଦୁଆଷୋଳ ଜଙ୍ଗଲରେ ୨୨ଟି, ସାରୁମୁଳା ଜଙ୍ଗଲରେ ୫ଟି ଏବଂ ନୂଣଚାଟି ଜଙ୍ଗଲରେ ୨ଟି ହାତୀ ରହିଥିବା ପ୍ରକାଶ କରିଛନ୍ତି।



ଗଣତନ୍ତ୍ରରୁ ହିଁ ସ୍ୱାଭାବିକ ଭାବରେ ଏକଚ୍ଛତ୍ରବାଦୀ ଶାସନ ସୃଷ୍ଟି ହୁଏ । ସେହିପରି ମାତ୍ରାଧିକ ସ୍ୱାଧୀନତାରୁ ହିଁ ଦାସତ୍ୱ ଓ ଅତ୍ୟାଚାର ଜନ୍ମ ନିଏ ।
-ପ୍ଲାଟୋ

ସକାଳ
THE SAKALA

# ସାର ସଙ୍କଟ

ଚଳିତ ବର୍ଷ ଆଗୁଆ ମୌସୁମୀ ଆସିବା ସହିତ ସାରାଦେଶରେ ବେଉଷଣ ଓ ରୁଆ କାମ ପ୍ରାୟତଃ ସରିଯାଇଛି । ଓଡ଼ିଶା ସମେତ ଆମ ଦେଶର ଚାଷୀମାନଙ୍କର ମୁଖ୍ୟ ସମସ୍ୟା ହେଲା ଜଳସେଚନ, ବିହନ ଓ ସାର । ସୌଭାଗ୍ୟବଶତଃ ଏଥର ବିହନ ସମସ୍ୟା ପ୍ରାୟତଃ ନାହିଁ । ମନୁଆ ମୌସୁମୀ ଯଦି ତା'ର ମତିଗତି ଅନୁକୂଳ ରଖିଲା ତେବେ ଜଳସେଚଦନ ସମସ୍ୟା ମଧ୍ୟ ସେତେ ଉତ୍କଟ ହେବ ନାହିଁ । ତେବେ ଏ ପର୍ଯ୍ୟନ୍ତ ସାର ସମସ୍ୟାର ସମାଧାନ ହୋଇପାରିନାହିଁ । ଓଡ଼ିଶା ଚାଷୀମାନଙ୍କ ଏ ସମସ୍ୟା ଏବର୍ଷ ଶୀଘ୍ର ଦୂର ହୋଇଥିବା ବେଳେ ଅନ୍ୟାନ୍ୟ କୃଷିପ୍ରଧାନ ରାଜ୍ୟରେ ବଢ଼ିବାରେ ଲାଗିଛି ।

ଭାରତୀୟ କୃଷିରେ ଡିଏପି ଓ ୟୁରିଆର ଚାହିଦା ଅଧିକ । ଠିକ୍ ସମୟରେ ଏହି ଦୁଇ ସାର ନ ମିଳିଲେ ସ୍ୱାଭାବିକ ମୌସୁମୀର ଲାଭ ଚାଷୀକୁଳ ପାଇପାରିବେ ନାହିଁ । କୃଷିଋଣ ମଧ୍ୟ ପାଇବାରେ ଚାଷୀ ଅସୁବିଧାର ସମ୍ମୁଖୀନ ହୋଇପାରନ୍ତି । ଅଥଚ ହରିଆଣା, ପଞ୍ଜାବ, ବିହାର, ମଧ୍ୟପ୍ରଦେଶ, ଉତ୍ତରପ୍ରଦେଶ ଆଦି ରାଜ୍ୟର ଚାଷୀମାନେ ସାର ପାଇଁ ରାତି ଅଧରୁ ଲମ୍ବା ଧାଡ଼ିରେ ଠିଆ ହେଉଥିଲେ ମଧ୍ୟ ଖାଲି ହାତରେ ଫେରୁଥିବା ଦେଖିବାକୁ ମିଳୁଛି । କେତେକ ସ୍ଥାନରେ ପୁଲିସ୍ ଉପସ୍ଥିତିରେ ସାର ବିତରଣ ହେଉଛି । ଆଉ କେତେକ ରାଜ୍ୟରେ ସାରର କଳାବଜାରୀ ଓ ବର୍ଦ୍ଧିତ ମୂଲ୍ୟରେ ବିକ୍ରି ହେଉଥିବା ଅଭିଯୋଗମାନ ଆସିଛି । କେତେକ ସ୍ଥାନରେ ପରିସ୍ଥିତିର ଫାଇଦା ଉଠାଇ ଅସାଧୁ ବ୍ୟବସାୟୀମାନେ ୟୁରିଆ ସହିତ ଅନ୍ୟ କେତେକ ଉତ୍ପାଦ ବାଧ୍ୟତାମୂଳକ ଭାବେ ବିକ୍ରି କରୁଥିବା ଦେଖାଯାଉଛି । ଡିଏପିର ଅଭାବରେ କାମ ଚଳିବା ପାଇଁ ସିଙ୍ଗଲ ସୁପରଫସଫେଟ୍ ବ୍ୟବହାର କରିବାକୁ କୃଷି ବିଶେଷଜ୍ଞମାନେ ପରାମର୍ଶ ଦେଇଛନ୍ତି । କିନ୍ତୁ ଏହା ଫଳରେ ଚାଷୀଙ୍କ ଉତ୍ପାଦନ ଖର୍ଚ୍ଚ ବହୁଗୁଣା ବୃଦ୍ଧି ପାଇବାକୁ ଥିବାରୁ ଚାଷୀମାନେ ଅମଙ୍ଗ ହେଉଛନ୍ତି । ଏଭଳି ପରିସ୍ଥିତିରେ ସାର ସଙ୍କଟର ଶୀଘ୍ର ସମାଧାନ ନ ହେଲେ ଦେଶର ବିଶାଳ ଖାଦ୍ୟ ସୁରକ୍ଷା କାର୍ଯ୍ୟକ୍ରମ ପ୍ରଭାବିତ ହେବାର ଆଶଙ୍କା ମଧ୍ୟ ସୃଷ୍ଟି ହୋଇଛି ।

ସବୁଜ ବିପ୍ଳବ ପ୍ରଭାବରେ ଆମ ଦେଶର ଚାଷୀ ଓ ଚାଷର ସଙ୍କରଜାତୀୟ ବିହନ ଓ ସାର ଉପରେ ନିର୍ଭରଶୀଳତା କ୍ରମଶଃ ବଢ଼ିବାରେ ଲାଗିଛି । ବିଡ଼ମ୍ବନା ହେଉଛି ସବୁଜ ବିପ୍ଳବ ପରେ ଭାରତ ଖାଦ୍ୟ ଶସ୍ୟ ଉତ୍ପାଦନରେ ସ୍ୱାବଲମ୍ବୀ ଏବଂ କେତେକ ଶସ୍ୟରେ ବଳକା ଦେଶ ହେବାର ରେକର୍ଡ ସୃଷ୍ଟି କରିଥିଲେ ମଧ୍ୟ ସାର ପାଇଁ ଏ ପର୍ଯ୍ୟନ୍ତ ଆମଦାନୀ ଉପରେ ହିଁ ନିର୍ଭର କରିବାକୁ ପଡୁଛି । ଭାରତ ଏବେ ୟୁରିଆ ଚାହିଦାର ୨୦%, ଡିଏପିର ୬୦% ଓ ଏମ୍ଓପିର ୧୦୦% ଆମଦାନୀ କରୁଛି । ତେଣୁ ବିଶ୍ୱ ଭୂରାଜନୈତିକ ସ୍ତରରେ ଅସ୍ଥିରତା ସୃଷ୍ଟି ହେଲେ ତାହାର ସିଧାସଳଖ ପ୍ରଭାବ ଭାରତୀୟ କୃଷି ଉପରେ ପଡୁଛି । ଉଦାହରଣ ସ୍ୱରୂପ ଡିଏପି ପାଇଁ ଭାରତୀୟ କୃଷି ମୁଖ୍ୟତଃ ଚୀନ୍ ଉପରେ ନିର୍ଭରଶୀଳ । ଚୀନ୍‌ରୁ ଭାରତ ବାର୍ଷିକ ହାରାହାରି ୨୨ ଲକ୍ଷ ୯୦ ହଜାର ଟନ୍ ଡିଏପି ଆମଦାନୀ କରୁଛି । କିନ୍ତୁ ଇଲେକ୍ଟ୍ରୋନିକ୍ ଯାନରେ ବ୍ୟବହୃତ ବ୍ୟାଟେରି ଉତ୍ପାଦନ ପାଇଁ ଡିଏପିର ଘରୋଇ ଚାହିଦା ବୃଦ୍ଧି ପାଉଥିବାରୁ ଚୀନ୍ ଇତିମଧ୍ୟରେ ଡିଏପି ରପ୍ତାନୀ କାଣ୍ଟଛାଣ୍ଟ କରିଛି । ତେଣୁ ଭାରତ ବାଧ୍ୟ ହୋଇ ମଧ୍ୟପ୍ରାଚ୍ୟ ଆଡ଼କୁ ମୁହାଁଇଛି । ସେଠାରେ ମଧ୍ୟ ଅସ୍ଥିରତା ଯୋଗୁଁ ପଣ୍ୟବାହୀ ଜାହାଜମାନ ଲୋହିତ ସାଗର ପରିବର୍ତ୍ତେ 'କେପ୍ ଅଫ୍ ଗୁଡ୍ ହୋପ୍' ଦେଇ ଆସୁଥିବାରୁ ପରିବହନ ଖର୍ଚ୍ଚ ବୃଦ୍ଧି ପାଉଛି ଏବଂ ସାର ପହଞ୍ଚିବାରେ ବିଳମ୍ବ ହେଉଛି । ଏହିସବୁ କାରଣ ସହିତ କଳାବଜାରୀ ମିଶି ଯିବାରୁ ଦେଶରେ ସାର ସଙ୍କଟ ଉତ୍କଟ ହେବାରେ ଲାଗିଛି । ଗତ ଜୁନ୍ ୧ ତାରିଖ ସୁଦ୍ଧା ଭାରତରେ ମୋଟ ଡିଏପି ମହଜୁଦ ପରିମାଣ ୯ ଲକ୍ଷ ଟନ୍ ଥିଲା, ଯାହା ପୂର୍ବବର୍ଷର ଏହି ସମୟ ତୁଳନାରେ ୪୨% କମ୍ । ଭାରତୀୟ କୃଷି ପାଇଁ ଆଶ୍ୱସ୍ତିର କଥା ଯେ ଇସ୍ରାଏଲ୍-ଇରାନ୍ ଯୁଦ୍ଧରେ ମାତ୍ର ୧୨ ଦିନ ପରେ ବିରାମ ଲାଗିଲା । ଯୁଦ୍ଧ ଅଧିକ ଦିନ ଲାଗି ରହିଥିଲେ ଅଶୋଧିତ ତୈଳ ତୁଳନାରେ ଭାରତର ସାର ସଙ୍କଟ ଅଧିକ ଉତ୍କଟ ହୋଇଥା'ନ୍ତା ଏବଂ ଡିଏପି ଓ ୟୁରିଆ ଆମଦାନୀ ୨୫% ପର୍ଯ୍ୟନ୍ତ ହ୍ରାସ ପାଇଥା'ନ୍ତା ।

ସାର ସଙ୍କଟ ସମାଧାନ ଦିଗରେ ସରକାର ମଧ୍ୟ ନିରୂପାୟ । ରାସାୟନିକ ସାର ଯୋଗାଣ ପାଇଁ ସମସ୍ତ ରାଜ୍ୟ କେନ୍ଦ୍ର ସରକାରଙ୍କ ଉପରେ ନିର୍ଭରଶୀଳ । ଏଥିପାଇଁ ସାର ଓ ରସାୟନ ମନ୍ତ୍ରଣାଳୟ ପକ୍ଷରୁ ପ୍ରତ୍ୟେକ ରାଜ୍ୟ ନିମନ୍ତେ ମାସିକ କୋଟାର ବ୍ୟବସ୍ଥା କରାଯାଇଛି । ଆମଦାନୀ ପରେ ଭାରତ ସରକାର ଚାହିଦା ଓ କୋଟା ଭିତ୍ତିରେ ରାଜ୍ୟମାନଙ୍କୁ ସାର ଯୋଗାଇ ଦେଇ ଆସୁଛନ୍ତି । ଇଫ୍‌କୋ, ଆରସିଏଫ୍ ଓ ଏନ୍‌ଏଫ୍‌ଏଲ୍ ପରି ରାଷ୍ଟ୍ରାୟତ୍ତ ଉଦ୍ୟୋଗମାନେ ଯେତିକି ସାର ମହଜୁଦ ରଖୁଛନ୍ତି ତାହା କେବଳ ୩୦ରୁ ୪୦ ଦିନର ଚାହିଦା ପୂରଣ କରିବାରେ ସକ୍ଷମ । ଯଦି ବିଶ୍ୱସ୍ତରରେ ଅଧିକ ଦିନ ଅସ୍ଥିରତା ଦେଖାଦିଏ ତେବେ ଭାରତର କୃଷି ଉତ୍ପାଦନ ଗୁରୁତର ବ୍ୟାହତ ହେବ ।

ଏଭଳି ସମ୍ବେଦନଶୀଳ ସ୍ଥିତିକୁ ଦୃଷ୍ଟିରେ ରଖି ଭାରତ ଯଥାଶୀଘ୍ର ସାର ଉତ୍ପାଦନରେ ଆତ୍ମନିର୍ଭରଶୀଳ ହେବାକୁ ପଡ଼ିବ । ଏ ଦିଗରେ ପ୍ରମୁଖ ପ୍ରତିବନ୍ଧକ ହେଉଛି କଞ୍ଚାମାଲ । କଞ୍ଚାମାଲ୍ ଆମଦାନୀ ସୁଗମ ଓ ସୁଲଭ କରିବା ପାଇଁ ଭାରତ କୂଟନୈତିକ-ବାଣିଜ୍ୟିକ-ରଣନୀତିରେ ଆବଶ୍ୟକ ପରିବର୍ତ୍ତନ କରିବାକୁ ହେବ । ଏହାଛଡ଼ା ଭାରତରେ ସାର ଉତ୍ପାଦନ ଶିଳ୍ପର ଯନ୍ତ୍ରାଂଶଗୁଡ଼ିକ ପୁରୁଣାକାଳିଆ ଏବଂ ଅଧିକ ଶକ୍ତି ଆହରଣକାରୀ । ଏହାକୁ ଆମୂଳଚୂଳ ପରିବର୍ତ୍ତନ ନ କରିବା ପର୍ଯ୍ୟନ୍ତ ଘରୋଇ ସାର ଉତ୍ପାଦନ ଆମଦାନୀ ତୁଳନାରେ ମହଙ୍ଗା ପଡ଼ିବ । ତେଣୁ ଏ ଦିଗରେ ଦୀର୍ଘମିଆଦୀ ପୁଞ୍ଜିନିବେଶ ପାଇଁ ସରକାର ଯୋଜନା କରିବାକୁ ହେବ । ଏହାଛଡ଼ା ବିତରଣ ବ୍ୟବସ୍ଥାରେ ମଧ୍ୟ ଉନ୍ନତି ଆଣିବାକୁ ପଡ଼ିବ । ଏବେ ୟୁରିଆ ସାର ଉପରେ ସରକାର ସମ୍ପୂର୍ଣ୍ଣ ରିହାତି ଦେଉଥିବାରୁ ଏହାର କଳାବଜାରୀ ଅଧିକ ହେଉଥିବା ଅଭିଯୋଗ ଆସୁଛି । ଡିଏପି ଓ ଏମ୍ଓପିରେ ଚାଷୀ ପାଉଥିବା ଆଂଶିକ ରିହାତି ବଜାରଭିତ୍ତିକ । ଅର୍ଥାତ୍ ବିଶ୍ୱ ବଜାରରେ ମୂଲ୍ୟ ବୃଦ୍ଧି ପାଇଲେ ଚାଷୀ ମଧ୍ୟ ଅଧିକ ଦାମରେ କିଣିବାକୁ ବାଧ୍ୟ, ଠିକ୍ ରୋଷେଇ ଗ୍ୟାସ୍ କିଣିବା ପରି । ବିଶେଷକରି ସାର ଏଭଳି ଏକ ପ୍ରସଙ୍ଗ, ଯାହା କୋଟିକୋଟି ଲୋକଙ୍କ ଜୀବନ ଜୀବିକା ସହିତ ଜଡ଼ିତ । ତେଣୁ ସାର ରିହାତି ବାବଦ ବୋଝ ବୃଦ୍ଧି ପାଉଥିଲେ ମଧ୍ୟ ସରକାର ଏ ଦିଗରେ ବିଶେଷକିଛି କରିବା ଅବସ୍ଥାରେ ନାହାନ୍ତି; ଅଥଚ କୃଷି-ଶିଳ୍ପ ସଂସ୍ଥାମାନେ ଏଥିରୁ ଭରପୂର ଫାଇଦା ଉଠାଉଛନ୍ତି ।

ଏବେ ସମୟ ଆସିଛି କେନ୍ଦ୍ର ସରକାର ସାରକୁ ଜାତୀୟ ଅତ୍ୟାବଶ୍ୟକ ନୀତିରେ ସାମିଲ୍ କରିବା ଦିଗରେ ଅଧିକ ବିଚାରବିମର୍ଶ ଲାଗି ପଥ ଉନ୍ମୋଚନ କରିବା ଆବଶ୍ୟକ । ଓଡ଼ିଶା ସରକାର ଭଳି ସାରକୁ ଅନ୍ୟ ରାଜ୍ୟ ସରକାରମାନେ ଅତ୍ୟାବଶ୍ୟକ ସାମଗ୍ରୀ ବର୍ଗରେ ତାଲିକାଭୁକ୍ତ କଲେ ବେଆଇନ ମହଜୁଦ, କୃତ୍ରିମ ଅଭାବ ଏବଂ କଳାବଜାରୀ ଆଇନତଃ ଦଣ୍ଡନୀୟ ହୋଇପାରିବ ଏବଂ ଚାଷୀଙ୍କ ସାର କଷଣ କେତେକାଂଶରେ ଦୂର ହୋଇପାରିବ ।

# ଡାହାଣୀ ହତ୍ୟା: ଏକ ସାମାଜିକ ମହାମାରୀ!

**ଡକ୍ଟର ଅବଶ ପରିଡ଼ା**

ଆମ ଦେଶରେ ଗୁଣିଗାରେଡ଼ି ଓ ଡାହାଣୀ ସନ୍ଦେହରେ ହତ୍ୟା ଏକ ସାମାଜିକ ସମସ୍ୟା । ପ୍ରାୟ ତିନିଶହ ବର୍ଷ ପୂର୍ବରୁ ଆରମ୍ଭ ହୋଇଥିବା ଏହି ସମସ୍ୟା ଆଜିର କୃତ୍ରିମ ବୁଦ୍ଧିମତ୍ତା ଓ ଅନ୍ତରୀକ୍ଷ ବିଜ୍ଞାନ ଯୁଗରେ ମଧ୍ୟ ଲାଗି ରହିଛି । ପଡ଼ୋଶୀ ରାଜ୍ୟ ଝାଡ଼ଖଣ୍ଡ ପରେ ଗୁଣିଗାରେଡ଼ି ଓ ଡାହାଣୀ ସନ୍ଦେହ ହତ୍ୟା ଘଟଣାରେ ଓଡ଼ିଶାର ସ୍ଥାନ ଜାତୀୟସ୍ତରରେ ଦ୍ୱିତୀୟ । ଜାତୀୟ ଅପରାଧ ରେକର୍ଡ ବ୍ୟୁରୋ ଦ୍ୱାରା ପ୍ରଦତ୍ତ ତଥ୍ୟରେ ଉଲ୍ଲେଖ ଅଛି ଯେ ଗତ ଦଶନ୍ଧିରେ ଓଡ଼ିଶାରେ ଡାହାଣୀ ସନ୍ଦେହରେ ନିର୍ଯାତିତ ଏବଂ ପ୍ରଭାବିତ ସଂଖ୍ୟା ତିନି ହଜାରରୁ ଅଧିକ । ସେଥିମଧ୍ୟରୁ ସତୁରିରୁ ଅଧିକ ଜଣଙ୍କୁ ଡାହାଣୀ ଓ ଗୁଣିଗାରେଡ଼ି ସନ୍ଦେହରେ ନିର୍ମମ ହତ୍ୟା କରାଯାଇଥିଲା । କିନ୍ତୁ ପରିସଂଖ୍ୟାନ ସରକାରଙ୍କ ପ୍ରଦତ୍ତ ତଥ୍ୟ ଠାରୁ ଢେର୍ ଅଧିକ ବୋଲି କିଛି ନାଗରିକ ସମାଜ ଦାବି କରନ୍ତି । ସେହିପରି କିଛି ହେତୁବାଦୀ ସଂଗଠନ ଦୃଢ଼ୋକ୍ତି କରନ୍ତି ଯେ ପ୍ରତିବର୍ଷ ଓଡ଼ିଶାରେ ୭୫ରୁ ଅଧିକ ଲୋକଙ୍କୁ ଗୁଣିଗାରେଡ଼ି ଓ ଡାହାଣୀ ସନ୍ଦେହରେ ହତ୍ୟା କରାଯାଉଛି ।

ମୟୂରଭଞ୍ଜ, କେନ୍ଦୁଝର, ସୁନ୍ଦରଗଡ଼, ରାୟଗଡ଼ା, ମାଲକାନଗିରି, ଗଜପତି ଓ ନୂଆପଡ଼ା ଜିଲ୍ଲାରେ ହେଉଥିବା ଗୁଣିଗାରେଡ଼ି ଓ ଡାହାଣୀ ସନ୍ଦେହ ହତ୍ୟା ମାମଲା ସମଗ୍ର ଓଡ଼ିଶାରେ ହେଉଥିବା ଘଟଣାର ଶତକଡ଼ା ୮୩ ଭାଗ । ଏବେ କିଛି ବର୍ଷ ହେଲାଣି ଗଞ୍ଜାମ ଓ ବାଲେଶ୍ୱର ପରି ଦୁଇଟି ଉପକୂଳବର୍ତ୍ତୀ ଜିଲ୍ଲାରେ ମଧ୍ୟ ଏହି ଭଳି ହତ୍ୟାକାଣ୍ଡ ନିୟମିତ ବ୍ୟବଧାନରେ ଦେଖିବାକୁ ମିଳୁଛି । ଗୁଣିଗାରେଡ଼ିକୁ ନେଇ ଘଟୁଥିବା ସମସ୍ତ ହିଂସକ ଘଟଣାରେ ତିରିଶ ପ୍ରତିଶତ ହତ୍ୟାର ଶିକାର ହୁଅନ୍ତି ଏବଂ ବାକି ସତୁରି ଭାଗ ଲୋକ ନିଜ ବାସସ୍ଥାନ ବା ନିଜ ଗାଁ ଛାଡ଼ି ଦେଉଛନ୍ତି ବୋଲି ଓଡ଼ିଶା ମହିଳା ଆୟୋଗର ଏକ ରିପୋର୍ଟରେ ଉଲ୍ଲେଖ ଅଛି ।

ସମାଜବିଜ୍ଞାନର ଏକ ଅଧ୍ୟୟନ କୁହେ ଯେ ଡାଇନି, ଡାହାଣୀ ବା ଡାୟନ ଏକ ପୁରୁଣା ଲିଙ୍ଗ - ନିରପେକ୍ଷ ଶବ୍ଦ । ଯାହା କେବଳ ମହିଳା ନୁହେଁ ବରଂ ପୁରୁଷମାନଙ୍କ ପାଇଁ ମଧ୍ୟ ପ୍ରଯୁଜ୍ୟ । ଏବେ ମଧ୍ୟ ଭାରତର ଅନେକ ସ୍ଥାନରେ ପୁରୁଷଙ୍କୁ ଡାହାଣୀ ରୂପେ ପରିଚୟ ଦିଆଯାଏ ଓ ହତ୍ୟା ମଧ୍ୟ କରାଯାଏ । ଭାରତର ପୁରୁଷ ଡାହାଣୀମାନେ 'ଡୋହାନା' ନାମରେ ବେଶ୍ ପରିଚିତ । ଗୁଣିଗାରେଡ଼ି କିମ୍ବା ଡାହାଣୀର ନାମକରଣ, ଚୟନ ଓ ଦଣ୍ଡ ପ୍ରକ୍ରିୟା ତିନୋଟି ସୋପାନ ଦେଇ ଗତିକରେ । ପ୍ରଥମ, ନାମକରଣ ପ୍ରକ୍ରିୟାରେ ଗପସପ ମାଧ୍ୟମରେ କଳାଯାଦୁ କିମ୍ବା ଡାହାଣୀ ବିଦ୍ୟା ହେଉଥିବାର ଚର୍ଚ୍ଚା ଆରମ୍ଭ ହୁଏ । ସମ୍ପୃକ୍ତ ପୁରୁଷ କିମ୍ବା ମହିଳା ହେଉଛନ୍ତି ଭୟଙ୍କର, ବିନାଶକାରୀ ଓ ନକାରାତ୍ମକ ଶକ୍ତି ଏବଂ ସେମାନେ ଶିଶୁ ମୃତ୍ୟୁ, ହଇଜା, ମହାମାରୀ, କୂଅ ଓ ପୋଖରୀ ଶୁଖିଯିବା, ମରୁଡ଼ି କିମ୍ବା ଅପମୃତ୍ୟୁ ପାଇଁ ସିଧାସଳଖ ଦାୟୀ ବୋଲି ଧରି ନିଆଯାଏ । ଅନେକଯାଗାରେ ଦେଖା ଯାଇଛି ଯେ ପଡ଼ୋଶୀ(ଗାଁରେ ପଡ଼ୋଶୀ ସାଧାରଣତଃ କୁଟୁମ୍ବ), ଗାଁ ପୂଜକ ବା ଗୁଣିଆ, ଉଚ୍ଚ ଜାତି ଓ ସମ୍ପର୍କୀୟମାନେ ଏହି ନାମକରଣ କରନ୍ତି । ଏପରି କିଛି ଉଦାହରଣ ଅଛି ଯେଉଁଠି ସ୍ୱାଧୀନ, ସଶକ୍ତ ମହିଳା ଓ ଅନ୍ଧବିଶ୍ୱାସ ବିରୁଦ୍ଧରେ ଲଢୁଥିବା ସମାଜସେବୀଙ୍କୁ ନିୟନ୍ତ୍ରଣ କରିବା ପାଇଁ ମଧ୍ୟ ଡାହାଣୀ ନାମକରଣ କରଯାଇଛି ।

ଦ୍ୱିତୀୟ ପ୍ରକ୍ରିୟାଟି ହେଉଛି ଡାହାଣୀ ବା କଳା ଯାଦୁକରକୁ ଚୟନ କରିବା । ପ୍ରାୟତଃ ଏହି ଚୟନର ଦାୟିତ୍ୱ ଓ ପ୍ରକ୍ରିୟାକୁ ନିୟନ୍ତ୍ରଣ କରନ୍ତି ଗାଁ ପୂଜକ ଯେଉଁମାନେ ଗୁଣିଆ କିମ୍ବା ଭୋପା କିମ୍ବା ଓଝା ନାଁ ରେ ପରିଚିତ । ଭାରତରେ ଅନ୍ଧବିଶ୍ୱାସରେ ଭରପୂର ଅସଂଖ୍ୟ ଚିହ୍ନଟ ପ୍ରକ୍ରିୟା ଅଛି । ଏଠାରେ କିଛି ଲୋକପ୍ରିୟ ଡାହାଣୀ ଚୟନ ପ୍ରକ୍ରିୟା କଥା ଆଲୋଚନା କରିବା । ଓଡ଼ିଶା ଓ ଛତିଶଗଡ଼ର କିଛି ଆଦିବାସୀ ଅଞ୍ଚଳରେ ସନ୍ଦିଗ୍ଧ ଡାହାଣୀଙ୍କ ନାଁରେ ଓଝା ଏକ ପାଣିପାତ୍ରରେ ମସୁର ଡାଲିକୁ ପକାଏ । ଯଦି ଡାଲି ପାଣିରେ ବୁଡ଼ିଯାଏ ତେବେ ସମ୍ପୃକ୍ତ ବ୍ୟକ୍ତିକୁ ଡାହାଣୀ ଭାବେ ଚୟନ କରାଯାଏ । ସେହିପରି ଅନ୍ୟ କିଛି ଗୋଷ୍ଠୀରେ ଓଝାମାନେ କିଛି ଗଛର ପତ୍ରରେ ସନ୍ଦିଗ୍ଧ ନାମଗୁଡ଼ିକ ଲେଖନ୍ତି, ଯାହା ନାଁ ପତ୍ରରୁ ଲିଭିଯାଏ, ସେ ବ୍ୟକ୍ତିଙ୍କୁ ଡାହାଣୀ ଭାବେ ଚିହ୍ନଟ କରାଯାଏ ।

ତୃତୀୟ ବା ଶେଷ ପ୍ରକ୍ରିୟା ହେଉଛି ଦଣ୍ଡବିଧାନ । ଗୁଣିଗାରେଡ଼ି ସନ୍ଦେହ ଅଭିଯୁକ୍ତଙ୍କ ପାଇଁ ଚରମ ଦଣ୍ଡ ହେଉଛି ମୃତ୍ୟୁ । ଏହାର ମଧ୍ୟ ପ୍ରକାରଭେଦ ଅଛି । ଯେପରିକି ଅଭିଯୁକ୍ତକୁ ପଥରରେ ଛେଚି କରି ହତ୍ୟା କରିବା, ନିଆଁରେ ଫିଙ୍ଗିଦେବା କିମ୍ବା ଉପର ତଳକୁ ଝୁଲାଇ ମୃତ୍ୟୁ ଦଣ୍ଡ ଦେବା ଇତ୍ୟାଦି । ଏପରି ଅନେକ ଉଦାହରଣ ଅଛି, ଯେଉଁଠି ପୀଡ଼ିତଙ୍କ ବ୍ୟତୀତ ସେମାନଙ୍କ ପରିବାର ସଦସ୍ୟଙ୍କୁ ମଧ୍ୟ ନିର୍ଯାତନା ଦିଆଯାଏ କିମ୍ବା ହତ୍ୟା କରାଯାଏ । ଦଣ୍ଡ ଦେବା ସମୟରେ ମହିଳାମାନଙ୍କୁ ବଳାତ୍କାର ଓ ନିର୍ଯାତନା ମଧ୍ୟ ଦିଆଯାଉଥିବାର ବହୁଳ ଅଭିଯୋଗମାନ ପ୍ରମାଣିତ ହୋଇଛି । ଡାହାଣୀ ସନ୍ଦେହରେ ବିଚାର ପ୍ରକ୍ରିୟାକୁ ନେଇ ହୋଇଥିବା ଏକ ଅଧ୍ୟୟନରେ କୁହାଯାଇଛି ଯେ ଗୁଣିଗାରେଡ଼ି ବା ଡାହାଣୀ ବିଚାରରେ ଶତକଡ଼ା ୭୩ ଭାଗ ଅଭିଯୁକ୍ତଙ୍କୁ ହତ୍ୟା କରାଯାଉଛି, ୮% ଅଭିଯୁକ୍ତଙ୍କୁ ଗାଁରୁ ବାହାର କରି ଦିଆଯାଉଛି ଏବଂ ୧୯ % ଲୋକ ଆକ୍ରମଣ କିମ୍ବା ହିଂସାର ଶିକାର ହେଉଛନ୍ତି ।

ଗୁଣିଗାରେଡ଼ି, କଳା ଯାଦୁ ଓ ଡାହାଣୀ ପ୍ରସଙ୍ଗର ଅନେକ ସାମାଜିକ ଦିଗ ଅଛି । ଯେପରିକି ଦାରିଦ୍ର୍ୟ, ସମ୍ପତ୍ତି ଲୋଭ, ଅର୍ଥ, ଜମି, ଜାତି, ଲିଙ୍ଗ ଓ ପ୍ରାଧାନ୍ୟକୁ ନେଇ ଏହା ଏକ ଅଘୋଷିତ ଯୁଦ୍ଧ । ମହିଳାଙ୍କ ଉପରେ ହେଉଥିବା ନିର୍ଯାତନା ଓ ଲିଙ୍ଗଭିତ୍ତିକ ହିଂସାର ଏକ ସାମାଜିକ ଅନୁମୋଦିତ ପ୍ରକ୍ରିୟା । ସମାଜର ଅବହେଳିତ ଗୋଷ୍ଠୀଙ୍କ ଉପରେ ଗୁଣିଗାରେଡ଼ି ସନ୍ଦେହ ହେଉଛି ଏକ ପ୍ରକାର ଅତ୍ୟାଚାର ଓ ପ୍ରାଧାନ୍ୟର ପ୍ରତୀକ । ଅନେକ ସମୟରେ ଏହା ଗୋଷ୍ଠୀ ହିଂସା ଓ ଭିଡ଼ ହତ୍ୟାର ଏକ ଯୋଜନାବଦ୍ଧ ଦିଗ ମଧ୍ୟ ପାଲଟୁଛି । ଅନୁଧ୍ୟାନରୁ ଜଣାପଡ଼େ ଯେ, ଗୁଣିଗାରେଡ଼ି ହତ୍ୟା ଦୁଇଟି ଉପାୟରେ ଘଟିଥାଏ । ପ୍ରଥମଟି ହେଉଛି ମନୁଷ୍ୟ ବଳି, ଯେଉଁଠି କୌଣସି ଅଲୌକିକ ଶକ୍ତି ବା ଆତ୍ମାଙ୍କୁ ସନ୍ତୁଷ୍ଟ କରିବା ନାମରେ ମଣିଷକୁ ହତ୍ୟା କରାଯାଏ, ଯାହା ଗୁଣିଗାରେଡ଼ି ଦ୍ୱାରା ପ୍ରବର୍ତ୍ତିତ । ଏହି ହତ୍ୟାର ଉଭୟ ବ୍ୟକ୍ତିଗତ ଓ ସମ୍ପ୍ରଦାୟର ସ୍ୱାର୍ଥ ଲୁଚି ଥାଏ ।

କିଛିବର୍ଷ ତଳେ ବଲାଙ୍ଗୀରରେ ଏକ ଶିଶୁ ବଳି ଘଟଣା ପୂରା ଓଡ଼ିଶାକୁ ସ୍ତବ୍ଧ କରିଥିଲା । ଗୁଣିଆ କଥାରେ ପ୍ରଲୋଭିତ ହୋଇ ଏକ ଶିଶୁପୁତ୍ରକୁ ତା'ର ନିଜ ଦାଦା ଓ ଭାଇ ବଳି ଦେଇଥିଲେ । କଳା ଯାଦୁ, ବଶୀକରଣ ଏବଂ ଦେବାଦେବୀଙ୍କୁ ସନ୍ତୁଷ୍ଟ ପାଇଁ ଶିଶୁ ବଳି ଓ ନାବାଳିକା ବଳି ଭଳି ଅଘଟଣ ଆମ ସଭ୍ୟ ସମାଜରେ ଏବେ ବି ଘଟୁଛି । ଏଠି ଜାଣି ରଖିବାକୁ ହେବ ଯେ ମନୁଷ୍ୟ ବଳି ପ୍ରଥାକୁ ସାମାଜିକ ସ୍ୱୀକୃତି ମଧ୍ୟ ମିଳିଥିଲା । ଏହି ପ୍ରଥାର ନାଁ ଥିଲା 'ମେରିଆ ବଳି' । ଏହା ପ୍ରାଚୀନ ସମୟର ବଳି ପ୍ରଥା, ଯେଉଁଠି ବଳି ଦେବା ପାଇଁ ବଜାରରେ ମଣିଷ ବିକ୍ରି ହେଉଥିଲେ । ଅବଶ୍ୟ ଏ ପ୍ରଥାଟି ଏବେ ଆଉ ନାହିଁ ।

ଦ୍ୱିତୀୟଟି ହେଉଛି, ବ୍ୟାପକ ରୂପେ ଦେଖାଯାଉଥିବା ଗୁଣିଗାରେଡ଼ି ଓ ଡାହାଣୀ ସନ୍ଦେହରେ ହତ୍ୟା । ଏ ହତ୍ୟାର କାରଣ କେବଳ ଅନ୍ଧବିଶ୍ୱାସ ନୁହେଁ, ବରଂ ଅନେକ କ୍ଷେତ୍ରରେ ବ୍ୟକ୍ତିଗତ, ସାମାଜିକ ଓ ଅର୍ଥନୈତିକ କାରଣ ମଧ୍ୟ ରହିଥାଏ । ଏହାର ଶିକାର ବିଶେଷତଃ ମହିଳାମାନେ ହିଁ ହୋଇଥା'ନ୍ତି । ଏହା ଏକ ସଂଗଠିତ ଲିଙ୍ଗଭିତ୍ତିକ ହିଂସା । ବିହାର, ଓଡ଼ିଶା ଓ ଛତିଶଗଡ଼ରେ ଗୁଣିଗାରେଡ଼ି ଓ ଡାହାଣୀ ସନ୍ଦେହ ମୃତ୍ୟୁ ଉପରେ ଆଧାରିତ ଏକ ରିପୋର୍ଟରେ ଦର୍ଶାଯାଇଛି ଯେ ସମୁଦାୟ ଡାହାଣୀ ହତ୍ୟା ଓ ଗୁଣିଗାରେଡ଼ି ନିର୍ଯାତିତଙ୍କ ମଧ୍ୟରେ ମହିଳାମାନଙ୍କ ସଂଖ୍ୟା ନବେ ପ୍ରତିଶତ । ଏ ସମସ୍ତ ମହିଳା ପ୍ରାୟତଃ ଦରିଦ୍ର, ବିଧବା, ନିଃସହାୟ, ଦଳିତ କିମ୍ବା ଗ୍ରାମୀଣ ଆଦିବାସୀ ଶ୍ରେଣୀର । ସବୁଠାରୁ ମୁଖ୍ୟ କଥା ହେଲା ମୁଖ୍ୟତଃ ୫୦ ରୁ ୬୫ ବର୍ଷ ବୟସର ମହିଳାମାନେ ଅଭିଯୁକ୍ତ ହେବାର ସର୍ବାଧିକ ଆଶଙ୍କା ଥାଏ । ଏକ ଜାତୀୟ ସଂସ୍ଥା ଦ୍ୱାରା କରାଯାଇଥିବା ପରିସଂଖ୍ୟାନର ଏକ ତଥ୍ୟରୁ ଜଣାପଡ଼େ ଯେ ଆମ ଦେଶରେ ୨୦୧୦ ମସିହାରୁ ୨୦୨୧ ମସିହା ମଧ୍ୟରେ ପ୍ରାୟ ୧୫୦୦ ବୃଦ୍ଧା ମହିଳାଙ୍କୁ ଡାହାଣୀ ସନ୍ଦେହରେ ହତ୍ୟା କରାଯାଇଛି । ଗୁଣିଗାରେଡ଼ି ସନ୍ଦେହ ହତ୍ୟାର ମଧ୍ୟ ବିବର୍ତ୍ତନ ହେଉଛି । ଏ କିଛି ଦଶନ୍ଧି ହେଲା, ଏହା ମବଲିଂଚିଂ ବା ଭିଡ଼ହତ୍ୟା ସହ ଯୋଡ଼ି ହୋଇଯାଇଛି । ଯେଉଁଠି ଭିଡ଼ ବା ଏକ ଗୋଷ୍ଠୀ ନ୍ୟାୟ ଦେବା ନାମରେ ହତ୍ୟା କରୁଛି ।

ଡାହାଣୀ ହତ୍ୟାକୁ ନେଇ ବଳିଷ୍ଠ ନିୟମ କାନୁନ ଥିବା ସତ୍ତ୍ୱେ ଏହା ଏକ ସାମାଜିକ ସଂକ୍ରମିତ ବ୍ୟାଧି ହୋଇଗଲାଣି । ଓଡ଼ିଶା ସରକାରଙ୍କ ଡାହାଣୀ ହତ୍ୟା ପ୍ରତିରୋଧ ବିଲ୍ ୨୦୧୩ର ପ୍ରୟୋଗ ଅନେକ ମାତ୍ରାରେ ଏ ସାମାଜିକ ବ୍ୟାଧିକୁ ନିୟନ୍ତ୍ରଣ କରିବାରେ ସଫଳ ହୋଇପାରିଛି । କିନ୍ତୁ ଏ ନିୟମରେ କିଛି ସଂଶୋଧନର ଆବଶ୍ୟକତା ଅଛି । ଯେପରିକି, ଅପରାଧୀ ଓ ହତ୍ୟାକାରୀ ଅପେକ୍ଷା ଡାହାଣୀ ହତ୍ୟାର ପ୍ରରୋଚକଙ୍କ ପାଇଁ କଠୋର ଦଣ୍ଡବିଧାନର ଆବଶ୍ୟକତା ଅଛି । ବ୍ୟାପକ ଶିକ୍ଷା, ଆଇନର ଉପଯୋଗିତା, ସମୂହ ଯୋଗଦାନ, ରାଜନୈତିକ ଇଚ୍ଛାଶକ୍ତି ଓ ମହିଳା ସଶକ୍ତୀକରଣ ଇତ୍ୟାଦି ଡାହାଣୀ ହତ୍ୟା ଭଳି ସାମାଜିକ ସମସ୍ୟାକୁ ଓଡ଼ିଶାରେ ରୋକିପାରିବ ବୋଲି ଆଶା । କିନ୍ତୁ ଏହା ମଧ୍ୟରେ ଆଶଙ୍କା ଉପୁଜୁଛି ଯେ ଗୁଣିଗାରେଡ଼ି ସନ୍ଦେହରେ ହତ୍ୟା ଏକ ରହସ୍ୟମୟ ସାମାଜିକ ମହାମାରୀର ରୂପ ନେଉନାହିଁ ତ ?

ଭୁବନେଶ୍ୱର, ମୋ: ୮୪୫୬୮୭୯୫୨୨

# ବରିଷ୍ଠ ବନାମ ବଳିଷ୍ଠ ନାଗରିକ

**ଅନନ୍ତ ଚରଣ ସ୍ୱାଇଁ**

ସେପରି କିଛି ଅପ୍ରୀତିକର ସ୍ଥିତି ନ ଆସିଲେ ଜୀବନରେ ବରିଷ୍ଠ ନାଗରିକ ହେବା ନିଶ୍ଚିତ । ବରିଷ୍ଠ ନାଗରିକମାନେ ନିଜର ସ୍ୱାସ୍ଥ୍ୟ, ବିତ୍ତ ଓ ଚିତ୍ତଜନିତ ସମସ୍ୟା ଭିତରେ ଘାଣ୍ଟି ହୁଅନ୍ତି । ଜେଜେ ବାପାଙ୍କଠାରୁ ଶୁଣିଥିଲି, ମନୁଷ୍ୟ, ବଳଦ, କୁକୁର ଓ ପେଚା ପରି ଚାରୋଟି ଜୀବ ଈଶ୍ୱର ସୃଷ୍ଟି କରି ପ୍ରତ୍ୟେକଙ୍କୁ ଚାଳିଶ ବର୍ଷ ଲେଖାଏଁ ଆୟୁଷ ଦେଲେ । ମଣିଷ ଏତିକି ଆୟୁଷରେ ସନ୍ତୁଷ୍ଟ ନଥିଲା । ସେ ଈଶ୍ୱରଙ୍କୁ ଗୁହାରୀ କରି ବଳଦ, କୁକୁର ଓ ପେଚାଠାରୁ କୋଡ଼ିଏ ବର୍ଷ ଲେଖାଏଁ ଆୟୁଷ ମାଗି ନେଲା । ଏହାପରେ ମନୁଷ୍ୟର ଆୟୁ ହେଲା ଶହେବର୍ଷ । ପ୍ରଥମ ଚାଳିଶ ବର୍ଷ ନିଜ ଆୟୁ ହୋଇଥିବାରୁ ଜୀବନ ଭଲ ଭଲରେ କଟେ । ପରବର୍ତ୍ତୀ କୋଡ଼ିଏ ବର୍ଷ ବଳଦଠାରୁ ଆସିଥିବାରୁ ତା' ପରି କଷ୍ଟ ସହେ । ଷାଠିଏରୁ ଅଶୀ ବର୍ଷ କୁକୁରଠାରୁ ଆସିଥିବା ଆୟୁରେ ବଞ୍ଚୁଥିବାରୁ ଜଗୁଆଳିର କାମ କରେ ଏବଂ ଅଶୀରୁ ଶହେ ବର୍ଷ ପେଚାଠାରୁ ଧାର ନେଇଥିବାରୁ ତା' ପରି କେବେଳ ନୀରବଦ୍ରଷ୍ଟା ସାଜେ ।

ଜନ୍ମ-ମୃତ୍ୟୁ ମଧ୍ୟରେ ମନୁଷ୍ୟ ଶିଶୁ, କିଶୋର, ଯୌବନ ଓ ବାର୍ଦ୍ଧକ୍ୟ ଅବସ୍ଥା ଦେଇ ଗତି କରେ । ଭିନ୍ନ ଭିନ୍ନ ସମୟର ସମସ୍ୟା ଭିନ୍ନ । ଆଜିର ଶିଶୁ ଆସନ୍ତା କାଲିର ବରିଷ୍ଠ ନାଗରିକ । ଏମାନେ ସମାଜର ଏକ ଅଭିନ୍ନ ଅଂଶ । ବରିଷ୍ଠ ନାଗରିକଙ୍କ ସଂଖ୍ୟା ଦ୍ରୁତ ଗତିରେ ବଢ଼ିବାରେ ଲାଗିଛି । । ଏକ ଆକଳନ ଅନୁସାରେ ବରିଷ୍ଠ ନାଗରିକଙ୍କ ସଂଖ୍ୟା ୨୦୨୨ ମସିହାରେ ସମୁଦାୟ ଜନସଂଖ୍ୟାର ୧୦.୫ ପ୍ରତିଶତ ଥିଲା । ୨୦୫୦ ମସିହା ବେଳକୁ ଏହା ବୃଦ୍ଧି ପାଇ ୨୦.୮ ପ୍ରତିଶତରେ ପହଞ୍ଚିବ ଏବଂ ଶତାବ୍ଦୀ ଶେଷ ବେଳକୁ ମୋଟ ଜନସଂଖ୍ୟାର ୩୬ ପ୍ରତିଶତକୁ ଟପିଯିବ । ଜାତିସଂଘର ଏକ ତଥ୍ୟ ଅନୁଯାୟୀ, ୨୦୪୬ ସୁଦ୍ଧା ଭାରତରେ ବରିଷ୍ଠ ନାଗରିକଙ୍କ ସଂଖ୍ୟା ଶିଶୁଙ୍କ (୦ ରୁ ୧୫ ବର୍ଷ) ସଂଖ୍ୟାକୁ ଅତିକ୍ରମ କରିଯିବ । ୨୦୨୨ ରୁ ୨୦୫୦ ମଧ୍ୟରେ ୮୦ ଓ ତଦୂର୍ଦ୍ଧ୍ୱ ବୟସର ଲୋକଙ୍କ ସଂଖ୍ୟା ପ୍ରାୟ ୨୭୯% ବୃଦ୍ଧି ପାଇବ । ଏମାନଙ୍କ ମଧ୍ୟରେ ବିଧବା ଓ ଅତ୍ୟଧିକ ନିର୍ଭରଶୀଳ ବୃଦ୍ଧ ମହିଳାଙ୍କ ସଂଖ୍ୟା ଅଧିକ ରହିବ ।

ସମାଜରେ ବରିଷ୍ଠ ନାଗରିକମାନେ ଅବହେଳିତ । ପାରିବାରିକ ସମସ୍ୟା, ଆର୍ଥିକ ସମସ୍ୟା, ସ୍ୱାସ୍ଥ୍ୟ ସମସ୍ୟା ଓ ଏକାକୀତ୍ୱ ବା ଏକଲାପଣିଆ ସେମାନଙ୍କ ମନୋବଳ ଭାଙ୍ଗିଦିଏ । ବରିଷ୍ଠ ନାଗରିକଙ୍କ ପ୍ରତି ସହାନୁଭୂତି ବଦଳରେ ସେମାନେ ବୃଦ୍ଧାବସ୍ଥାରେ ପ୍ରତାରିତ ହେବା ସହ ବିଭିନ୍ନ ପ୍ରକାରର ଉତ୍ପୀଡ଼ନର ଶିକାର ହେବା ଦୃଷ୍ଟାନ୍ତ ଅନେକ । ବୟସ ବଢ଼ିବା ସହ ସ୍ୱାସ୍ଥ୍ୟଗତ ସମାସ୍ୟା ବୃଦ୍ଧି ପାଏ । ତେଣୁ ପରିଣତ ବୟସରେ ଉତ୍ତମ ସ୍ୱାସ୍ଥ୍ୟ ପ୍ରତି ଯତ୍ନ ନେବା ଆବଶ୍ୟକ । ଉତ୍ତମ ସ୍ୱାସ୍ଥ୍ୟ ପାଇଁ ସୁଷମ ଖାଦ୍ୟ, ନିୟମିତ ବ୍ୟାୟାମ ଏବଂ ହସ ଖୁସିରେ ଜୀବନ କାଟିବା ଦରକାର । ମନ ଉପରେ ନିୟନ୍ତ୍ରଣ ଜୀବନ ପାଇଁ ସୁଖଦାୟକ । ମନକୁ ସ୍ଥିର ଓ ନିଜ ନିୟନ୍ତ୍ରଣରେ ରଖିବାକୁ ଯୋଗ, ଧ୍ୟାନ, ପ୍ରାଣାୟମ ଅଭ୍ୟାସ ଜରୁରୀ । ମନକୁ ନିଜ ଆୟତ୍ତରେ ରଖିବାକୁ ଚେଷ୍ଟା କରିବା ଦରକାର । କାରଣ ମନର ଅଧୀନକୁ ଚାଲିଗଲେ ନିଜର ବୋଲି କିଛି ନଥାଏ । ଏହାଦ୍ୱାରା ଅନେକପ୍ରକାର ସମସ୍ୟା ଦେଖାଦିଏ ।

ତନ ଓ ମନ ବ୍ୟତୀତ ଧନ ପ୍ରତ୍ୟେକ ବ୍ୟକ୍ତି ପାଇଁ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ । ବିତ୍ତୀୟ ସ୍ୱାଧୀନତା ବା ବିତ୍ତୀୟ ସମ୍ପନ୍ନତା ବ୍ୟକ୍ତିକୁ ବଳିଷ୍ଠ କରିବାରେ ସହାୟକ ହୋଇଥାଏ । ପାଖରେ ଧନ ଥିଲେ ଅନ୍ତତଃ ବୃଦ୍ଧାବସ୍ଥାର ଅବହେଳିତ ହେବାର ଆଶଙ୍କା ହ୍ରାସ ପାଏ । ଆର୍ଥିକ ଅଭାବ ରହିଲେ ଅନ୍ୟମାନଙ୍କ ଉପରେ ନିର୍ଭର କରିବାକୁ ପଡ଼େ । ବୃଦ୍ଧାବସ୍ଥାରେ ଯେପରି ଆର୍ଥିକ ଅଭାବ ନ ରହିବ ସେଥିପାଇଁ ବହୁପୂର୍ବରୁ ପ୍ରସ୍ତୁତି ଦରକାର । ରୋଜଗାରକ୍ଷମ ହେବା ସଙ୍ଗେ ସଙ୍ଗେ ସଞ୍ଚୟ ଓ ନିବେଶ ଆରମ୍ଭ କରିବା । ନିଜ ପାଇଁ ବଞ୍ଚିବା । ଅନ୍ୟର ପସନ୍ଦ ଅନୁସାରେ ପିନ୍ଧିବା, ଖାଇବା, ଚଳିବା ଦ୍ୱାରା ଅଯଥାରେ ଅନେକ ଖର୍ଚ୍ଚ ହୋଇଯାଏ । ଆର୍ଥିକ ସଙ୍କଟ ଦେଖାଯାଏ । ବଜେଟ ପ୍ରସ୍ତୁତି କରି ତଦନୁଯାୟୀ ଚାଲିଲେ ଖର୍ଚ୍ଚ ନିୟନ୍ତ୍ରଣ ହେବା ସହ ଆର୍ଥିକ ସମୃଦ୍ଧି ଆସିଥାଏ ।

ଆକସ୍ମିକ କ୍ରୟ ବା ପ୍ରେରଣା କ୍ରୟ(ଇମ୍ପଲ୍ସ ବାଇଂ) ରୁ ଦୂରେଇ ରହିବା ଆବଶ୍ୟକ । ଆକସ୍ମିକ କ୍ରୟ ହେଉଛି ପୂର୍ବଯୋଜନା ନଥିବା କିମ୍ବା ଆବଶ୍ୟକ ନଥିବା ଜିନିଷ ହଠାତ କିଣିବା । ବଞ୍ଚିଥିବା ବେଳେ କିମ୍ବା ମୃତ୍ୟୁ ପରେ ସମ୍ପତ୍ତି ପାଇବା ପାଇଁ ଉତ୍ତରାଧିକାରୀମାନଙ୍କ ମଧ୍ୟରେ ଯେପରି ଅସନ୍ତୋଷ ଓ କଳହ ନହୁଏ ସେଥିପାଇଁ ଇଷ୍ଟେଟ ପ୍ଲାନିଂର ଆବଶ୍ୟକ । ଏହାଦ୍ୱାରା ବରିଷ୍ଠ ନାଗରିକଙ୍କ ନିଜର ମାନସିକ ଶାନ୍ତି ବୃଦ୍ଧି ପାଇବ । ଜୀବିତାବସ୍ଥାରେ ସ୍ୱଅର୍ଜିତ ସମ୍ପତ୍ତିର ସୁରକ୍ଷା, ସୁପରିଚାଳନା ଓ ମୃତ୍ୟୁ ପରେ ସେସବୁର ଉତ୍ତରାଧିକାରୀଙ୍କ ମଧ୍ୟରେ ବଣ୍ଟନର ସୁବ୍ୟବସ୍ଥା କରିବା ହେଉଛି ଇଷ୍ଟେଟ ପ୍ଲାନଂର ଉଦ୍ଦେଶ୍ୟ । ବରିଷ୍ଠ ନାଗରିକମାନେ ନିଜ ଅର୍ଜିତ ଧନସମ୍ପତ୍ତି ଭୋଗ କରିବା ଅଧିକାରରୁ ବଞ୍ଚିତ ନହେବା, ଜୀବନକୁ ଅଧିକ ସରସ ସୁନ୍ଦର କରିବା ପାଇଁ ଇଷ୍ଟେଟ ପ୍ଲାନିଂହେଉଛି ଏକ ସୁରକ୍ଷିତ ଆୟୁଧ ।

ବରିଷ୍ଠ ନାଗରିକମାନଙ୍କର ଅନେକ ସମସ୍ୟା । ବରିଷ୍ଠ ହେବା ସହ ନିଜକୁ ବଳିଷ୍ଠ କରିପାରିଲେ ଅନେକ ସମସ୍ୟାର ସମାଧାନ ହୋଇପାରିବ । ତେଣୁ ବରିଷ୍ଠ ନାଗରିକଙ୍କ ପାଖରେ ବଳିଷ୍ଠ ହେବାର ସମସ୍ତ ଉପାଦାନ ଥିଲେ ସୁଖ ଶାନ୍ତିରେ ଜୀବନ ବିତିଥାଏ । ଜୀବନକୁ ସରସ ସୁନ୍ଦର କରିବାକୁ ବରିଷ୍ଠ ନାଗରିକମାନେ ନିଜକୁ ବଳିଷ୍ଠ କରିବାର ଆବଶ୍ୟକ ରହିଛି ।

ଭୁବନେଶ୍ୱର, ମୋ: ୭୩୮୧୦୪୬୪୭୭

# ଶ୍ରୀମନ୍ଦିର ବେଢ଼ାରେ ଜ୍ୱର ଦେବତା

**ସ୍ୱପ୍ନେଶ୍ୱର**

## ଲୋକକଥାରେ ଲୋକଦେବତା

ଶ୍ରୀମନ୍ଦିର ଦେବଗ୍ରାମରେ କ୍ଷେତ୍ରାଧିପତି ଶ୍ରୀଜଗନ୍ନାଥଙ୍କ ସହ ଅନେକ ଦେବାଦେବୀ ଆରାଧିତ ହେଉଛନ୍ତି । ସେମାନେ ସମସ୍ତେ ମହାପ୍ରଭୁଙ୍କର କିଛି ନା କିଛି ନିଜ କାନ୍ଧରେ ବହନ କରିଛନ୍ତି । ପ୍ରଭୁ ଲୋକନାଥ ଶ୍ରୀମନ୍ଦିରର ଭଣ୍ଡାରରକ୍ଷକ ଓ ଯମେଶ୍ୱର ମହାଦେବ ସାଆନ୍ତଙ୍କ ହିସାବ ରଖନ୍ତି ବା ମୁନସୀର କାମ କରନ୍ତି । ଈଶାନେଶ୍ୱର ମହାଦେବ ମହାପ୍ରଭୁଙ୍କର ଗୁରୁ ଗୋସେଇଁ । ଅଷ୍ଟଶମ୍ଭୁ, ଅଷ୍ଟଚଣ୍ଡି ଓ ଅଷ୍ଟମହାବୀର କ୍ଷେତ୍ରକୁ ସୁରକ୍ଷା ପ୍ରଦାନ କରୁଛନ୍ତି । ରୋଷ ଗଣେଶ ରୋଷଘରର ଭଣ୍ଡାର ଜଗୁଛନ୍ତି । ଦକ୍ଷିଣ କାଳୀକା ରୋଷଘରର ତତ୍ତ୍ୱାବଧାରିକା । କୁତାମ ଚଣ୍ଡୀ ବା ଶ୍ୱାନ ଭୈରବୀ ଶ୍ରୀକ୍ଷେତ୍ର ପରିସରକୁ କୁକୁରମାନଙ୍କ ଉପଦ୍ରବରୁ ରକ୍ଷା କରୁଛନ୍ତି । ସେହିକ୍ରମରେ ବଡ଼ଦେଉଳ ବେଢ଼ାରେ ଜଣେ ବିଚିତ୍ର ଦେବତା ବିରାଜମାନ କରିଛନ୍ତି । ମହାପ୍ରଭୁଙ୍କ ଭକ୍ତମାନେ ଜ୍ୱର ରୋଗରେ ପୀଡ଼ିତ ହେଲେ ସେ ଦେବତା ତା'ର ଉପଶମ କରନ୍ତି । ତେଣୁ ତାଙ୍କର ନାମ 'ଜ୍ୱର ଦେବତା' ରଖାଯାଇଛି ।

ମହାଲକ୍ଷ୍ମୀଙ୍କ ମନ୍ଦିର ସାମନାରେ ବେଢ଼ାର ଦ୍ୱିତୀୟ ବୃହତ୍ତମ ମନ୍ଦିରରେ ସୂର୍ଯ୍ୟନାରାୟଣ ଦେବ ଆରାଧିତ ହେଉଛନ୍ତି । ସେହି ମନ୍ଦିରର ଜଗମୋହନର ଏକ ଠଣାରେ 'ଜ୍ୱର ଦେବତା' ବିଜେ କରିଛନ୍ତି । ତିନି ପାଦ ଓ ତିନି ମୁଣ୍ଡ ବିଶିଷ୍ଟ ଏହି ବିଚିତ୍ର ଦିଅଁଙ୍କ ବିଗ୍ରହର ଛଅ ଗୋଟି ହାତ ଅଛନ୍ତି । କ୍ଷୀରରେ କଦଳୀ ଚକଟା ହୋଇଥିବା ପଣା ତାଙ୍କର ପ୍ରିୟ ପ୍ରସାଦ । ଜ୍ୱରରେ ପୀଡ଼ିତମାନେ ଏହି ପଣା ଭୋଗ ସହ 'ଜ୍ୱର ଦେବତା'ଙ୍କୁ ଆରାଧନା କରନ୍ତି । ପୂଜକ ରୋଗୀର ନାମ ଓ ଗୋତ୍ର ଉଚ୍ଚାରଣ କରି ପଣା ପ୍ରସାଦ ଦିଅଁଙ୍କୁ ସମର୍ପଣ କଲା ପରେ ପ୍ରସାଦକୁ ମେଘନାଦ ପାଚେରୀ ବାହାରେ ଫିଙ୍ଗି ଦିଆଯାଏ । ଆରାଧନା ପରେ ଦୁରାରୋଗ୍ୟ ଜ୍ୱର ମଧ୍ୟ ଭଲ ହୋଇଯାଏ ବୋଲି ଭକ୍ତମାନେ ବିଶ୍ୱାସ କରନ୍ତି ।

ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କୁ ଅତ୍ୟନ୍ତ ଭଲ ପାଉଥିବା ଅନେକ ଭକ୍ତ କୋଟିବ୍ରହ୍ମାଣ୍ଡର ମାଲିକ ମହାପ୍ରଭୁଙ୍କର ଜ୍ୱରର ଉପଶମ ପାଇଁ ତାଙ୍କର ଅଧସ୍ତନ 'ଜ୍ୱର ଦେବତା'ଙ୍କୁ ପଣା ଭୋଗ ଦେଇ ପୂଜା କରନ୍ତି । ସ୍ନାନପୂର୍ଣ୍ଣିମା ଦିନ ଅଣ୍ଡାପାଣିରେ ପ୍ରତ୍ୟକ୍ଷ ସ୍ନାନ କଲା ପରେ ଜଗନ୍ନାଥ ଜ୍ୱରରେ ପୀଡ଼ିତ ହୋଇ ଅନବସରରେ ରହନ୍ତି । ବୈଦ୍ୟଙ୍କ ପରାମର୍ଶ କ୍ରମେ ପଥିପାଚନ ଖାଆନ୍ତି । ତାଙ୍କର ଏ ଅବସ୍ଥା କଥା ଶୁଣି ଭକ୍ତମାନେ ଦୁଃଖ କରନ୍ତି । କେତେକ ଭକ୍ତ ମହାପ୍ରଭୁଙ୍କର ଆରୋଗ୍ୟ କାମନା କରି ଜ୍ୱର ଦେବତାଙ୍କ ପାଖରେ କାତ୍ୟାୟନ ଗୋତ୍ରୀ ଜଗନ୍ନାଥଙ୍କ ନାମ ନେଇ ପଣା ପ୍ରସାଦ ଭୋଗ କରନ୍ତି ଏବଂ ଭୋଗ ସମର୍ପଣ ପରେ ପାଚେରୀ ବାହାରକୁ ଫିଙ୍ଗି ଦିଅନ୍ତି ।

ଏହି ଦେବତାଙ୍କ ଆବିର୍ଭାବକୁ ନେଇ ଏକ ରୋଚକ ଲୋକକଥା ଶୁଣାଯାଏ । ଦ୍ୱାପର ଯୁଗରେ ବାଣାସୁର ନାମରେ ଜଣେ ପ୍ରବଳ ପ୍ରତାପୀ ଅସୁର ରାଜା ଥିଲା । ସେ ବଡ଼ ଶିବ ଭକ୍ତ ଥିଲା ଏବଂ ବିଷ୍ଣୁ ଅବତାର ଶ୍ରୀକୃଷ୍ଣଙ୍କୁ ହୀନ ଦୃଷ୍ଟିରେ ଦେଖୁଥିଲା । ଉଷା ନାମରେ ତା'ର ଜଣେ ଅନନ୍ୟା ସୁନ୍ଦରୀ କନ୍ୟା ଥିଲା । ସେ କନ୍ୟାର ସୌନ୍ଦର୍ଯ୍ୟରେ ମୁଗ୍ଧ ହୋଇ କୃଷ୍ଣଙ୍କ ନାତି (ରୁକ୍ମିଣୀଙ୍କ ବଡ଼ପୁଅ ପ୍ରଦ୍ୟୁମ୍ନଙ୍କ ପୁଅ) ଅନିରୁଦ୍ଧ ତା'କୁ ବିବାହ କରିବା ପାଇଁ ଇଚ୍ଛା କଲା । ଉଷାକୁ ଦେଖା କରିବାକୁ ଯାଇଥିବା ବେଳେ ବାଣାସୁର ତାଙ୍କୁ ବନ୍ଦୀ କରି ରଖିଲା । ଏ ଖବର ପାଇ କୃଷ୍ଣବଳରାମ ଯାଦବ ସେନାବାହିନୀ ସହ ଯୁଦ୍ଧଯାତ୍ରା କଲେ । ଦୁଇ ପକ୍ଷ ଭିତରେ ପ୍ରବଳ ଯୁଦ୍ଧ ହେଲା । ବାଣାସୁର ଯାଦବ ବଳଙ୍କଠାରୁ ପରାଜୟ ଆଶଙ୍କା କରି ମହେଶ୍ୱର ଶିବଙ୍କ ଶରଣାଗତ ହେଲା । ଭୋଳାନାଥ ଶିବ ଭକ୍ତର ପ୍ରାର୍ଥନାରେ ସନ୍ତୁଷ୍ଟ ହୋଇ ତା' ପକ୍ଷରେ ଯୋଗ ଦେଲେ ଏବଂ କୃଷ୍ଣଙ୍କ ସହ ଯୁଦ୍ଧ କଲେ । ଶ୍ରୀକୃଷ୍ଣଙ୍କ ଶରାଘାତରେ ଶିବ ଜ୍ୱରରେ ପୀଡ଼ିତ ହେଲେ । ତାଙ୍କର ସର୍ବାଙ୍ଗ ଥରିବାକୁ ଲାଗିଲା । ସେ ନିଜର ଶକ୍ତି ପ୍ରୟୋଗ କରି ନିଜ ଶ୍ରୀଅଙ୍ଗରୁ ଜଣେ ଦେବତାଙ୍କୁ ସୃଷ୍ଟି କଲେ । ତିନି ପାଦ, ତିନି ମୁଣ୍ଡ ଓ ଛଅ ହାତ ବିଶିଷ୍ଟ ଏହି ଅଦ୍ଭୁତ ଦେବତା ଶିବଙ୍କ ଆଦେଶମାତ୍ରେ ତାଙ୍କୁ ରୋଗମୁକ୍ତ କରିଦେଲେ । ଏଥିରେ ଖୁସି ହୋଇ ଶିବ ତାଙ୍କୁ କ୍ଷୀର ଓ କଦଳୀର ପଣା ପ୍ରସାଦ ପୁରସ୍କାର ସ୍ୱରୂପ ପ୍ରଦାନ କଲେ । ଶ୍ରୀକୃଷ୍ଣ ଏ କଥା ଜାଣିଥିଲେ । କଳି ଯୁଗରେ ସେ ନୀଳାଚଳରେ ଜଗନ୍ନାଥ ନାମ ବହନ କରି ଦାରୁରୂପେ ଆରାଧିତ ହେଲେ । ଏ ଯୁଗର ମଣିଷମାନେ ବହୁଳଭାବେ ଜ୍ୱରରେ ପୀଡ଼ିତ ହେବେ ବୋଲି ତାଙ୍କୁ ଜଣାଥିଲା । ତେଣୁ ତାଙ୍କ ମନ୍ଦିର ପରିସରରେ ଉପସ୍ଥିତ ରହି ଭକ୍ତମାନଙ୍କୁ ଜ୍ୱର ରୋଗରୁ ମୁକ୍ତି ଦେବା ପାଇଁ ସେ ଜ୍ୱର ଦେବତାଙ୍କୁ ଆଦେଶ ଦେଲେ ।

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ୧୨ ଦିନରେ...

ପୁଷ୍ପାଞ୍ଜଳି ପ୍ରଦାନ ପରେ ବାଜିଥିଲା ବିଜେକାହାଳୀ । ପ୍ରଥମେ ତାଳଧ୍ୱଜ ପରେ ନନ୍ଦିଘୋଷ ଓ ଶେଷରେ ଦେବଦଳନ ରଥରେ ପୁଷ୍ପାଞ୍ଜଳି ପ୍ରଦାନ କରିଥିଲେ ମୁଦିରସ୍ତ । ପରେ ଡୋରଲାଗି ହୋଇ ସନ୍ଧ୍ୟା ୭ଟା ୨୫ରେ ପହଣ୍ଡି ଆରମ୍ଭ ହୋଇଥିଲା । ହରିବୋଲ, ହୁଳହୁଳି ଓ ଜୟଜଗନ୍ନାଥ ଧ୍ୱନିରେ ପ୍ରକମ୍ପିତ ହୋଇଥିଲା ସିଂହଦ୍ୱାର । ନନ୍ଦିଘୋଷ ରଥରୁ ମଦନମୋହନ ଓ ତାଳଧ୍ୱଜ ରଥରୁ ରାମ, କୃଷ୍ଣଙ୍କୁ ମହାଜନ ସେବକମାନେ ହାତରେ ଦକ୍ଷିଣୀ ଘରକୁ ବିଜେ କରାଇଥିଲେ । ପରେ ଆରମ୍ଭ ହୋଇଥିଲା ଚତୁର୍ଦ୍ଧାବିଗ୍ରହଙ୍କ ପହଣ୍ଡି । ଗୋଟି ପହଣ୍ଡିରେ ରଥରୁ ନୀଳକନ୍ଦର ଅଭିମୁଖେ ବାହାରିଥିଲେ ଠାକୁର ।

କାଳିଆ ସାଆନ୍ତ ରଥରୁ ଓହ୍ଲାଉଥିବା ଦେଖି ଲକ୍ଷ୍ମୀ ସାଆନ୍ତାଣୀ ଚାହାଣୀ ମଣ୍ଡପକୁ ବିଜେ କରିଥିଲେ । ଭେଟ ମଣ୍ଡପରୁ ଭିତରଛ ମହାପାତ୍ର ମହାଲକ୍ଷ୍ମୀଙ୍କୁ ମହାପ୍ରଭୁଙ୍କ ସହ ଭେଟ କରାଇଥିଲେ । ପରେ ଶ୍ରୀଜଗନ୍ନାଥ ରତ୍ନସିଂହାସନ ଅଭିମୁଖେ ବାହାରିଥିଲେ । କିନ୍ତୁ ଲକ୍ଷ୍ମୀ ଠାକୁରାଣୀ ଅଭିମାନରେ ସିଂହଦ୍ୱାରକୁ ବନ୍ଦ କରିଦେଇଥିଲେ । କିଛି ସମୟ ପରେ ସିଂହଦ୍ୱାର ଖୋଲି ଭିତରକୁ ପଳାଇଥିଲେ ମହାଲକ୍ଷ୍ମୀ । ପରେ ଶ୍ରୀମନ୍ଦିର ଭିତରକୁ ବିଜେ କରିଥିଲେ ମହାପ୍ରଭୁ । କିନ୍ତୁ ସେତେବେଳେ ଜୟବିଜୟ ଦ୍ୱାର ବନ୍ଦ ରହିଥିଲା । ସେଠାରେ ବଚନିକା ସରିବା ପରେ ଶ୍ରୀଜଗନ୍ନାଥଙ୍କର ଭଣ୍ଡାର ଘର ନିକଟରେ ଲକ୍ଷ୍ମୀଙ୍କ ସହ ଭେଟ ହାଇଥିଲା । ସେଠାରେ ବିବାହର ଗଇଁଠାଳ ଫିଟାଯାଇଥିଲା । ଏହି ନୀତିକୁ ଭିତରଛ ମହାପାତ୍ର ସମ୍ପାଦନ କରିଥିଲେ । ପରେ ସେଠାରେ ବନ୍ଦାପନା ଏବଂ ରସଗୋଲା ଭୋଗ ହୋଇଥିଲା । ଅର୍ଥାତ୍ କାଳିଆ ସାଆନ୍ତ ରସଗୋଲା ଖୁଆଇ ଲକ୍ଷ୍ମୀ ସାଆନ୍ତାଣୀଙ୍କ ମାନଭଞ୍ଜନ କରିଥିଲେ । ଘଷାବିଡ଼ିଆ ଓ ମଣୋହି ପରେ ମହାପ୍ରଭୁ ରତ୍ନସିଂହାସନକୁ ବିଜେ କରିଥିଲେ ।

## ଏଥର ଡିଜିଟାଲ୍...

ଆଧାର କରି ଲୋକସଭା ଏବଂ ବିଭିନ୍ନ ବିଧାନସଭା ନିର୍ବାଚନମଣ୍ଡଳୀର ସୀମା ପୁନଃନିର୍ଦ୍ଧାଣ କରାଯିବ ବୋଲି କୁହାଯାଉଛି । ଆସନ୍ତା ସାଧାରଣ ନିର୍ବାଚନ ୨୦୨୯ରେ ହେବାକୁ ଯାଉଥିବା ବେଳେ ଏହା ପୂର୍ବରୁ ନିର୍ବାଚନମଣ୍ଡଳୀ ସୀମା ପୁନଃନିର୍ଦ୍ଧାରଣ କରାଯିବାର ଯଥେଷ୍ଟ ସମ୍ଭାବନା ରହିଛି ।

ରେଜିଷ୍ଟ୍ରାର ଜେନେରାଲଙ୍କ ପକ୍ଷରୁ କୁହାଯାଇଛି ଯେ ଏପ୍ରିଲ ୨୦୨୬ରୁ ପ୍ରଥମ ପର୍ଯ୍ୟାୟ ଆରମ୍ଭ ହେବ ଏବଂ ଏହି ପର୍ଯ୍ୟାୟରେ ବାସଗୃହ ଓ ଆସବାବପତ୍ର ସଂପର୍କରେ ତଥ୍ୟ ସଂଗ୍ରହ କରାଯିବ । ଫେବୃଆରୀ ୨୦୨୭ରୁ ଆରମ୍ଭ ହେଉଥିବା ଦ୍ୱିତୀୟ ପର୍ଯ୍ୟାୟରେ ଜନସଂଖ୍ୟା ସଂକ୍ରାନ୍ତ ତଥ୍ୟ ସଂଗ୍ରହ କରାଯିବ । ତେବେ ଜନଗଣନା ପୂର୍ବରୁ ଚଳିତ ବର୍ଷ ଡିସେମ୍ବର ୩୧ ସୁଦ୍ଧା ପ୍ରଶାସନିକ ସୀମା ନିର୍ଦ୍ଧାରଣ କାର୍ଯ୍ୟ ଶେଷ କରିବା ଲାଗି ରାଜ୍ୟମାନଙ୍କୁ କୁହାଯାଉଛି । ଏହି ତାରିଖ ପରେ ଆଉ ଜିଲ୍ଲା/ବ୍ଲକ୍ ଗଠନ କିମ୍ବା ନାମକରଣକୁ ଅନୁମତି ମିଳିବ ନାହିଁ । ଜନଗଣନା ପ୍ରକ୍ରିୟା ସଂପନ୍ନ ହେବା ପର୍ଯ୍ୟନ୍ତ ଏହାକୁ ନିଷିଦ୍ଧ କରାଯାଇଥିବା ରେଜିଷ୍ଟ୍ରାର ଜେନେରାଲ ସ୍ପଷ୍ଟ କରିଦେଇଛନ୍ତି ।

୨୦୨୧ରେ ହେବାକୁ ଥିବା ଜନଗଣନା ପାଇଁ ନାଗରିମାନଙ୍କ ଠାରୁ ୩୧ଟି ବିଷୟରେ ତଥ୍ୟ ପାଇଁ ବିଜ୍ଞପ୍ତି ପ୍ରକାଶ ପାଇଥିଲା । ଏଥିରେ ବାସଗୃହ, ପରିବାର ସଂପର୍କରେ ତଥ୍ୟ ସହିତ ପାଣି, ପାଇଖାନା, ରୋଷେଇ ପାଇଁ ଇନ୍ଧନ, ରେଡିଓ, ଟିଭି, ଲାପଟପ୍ କଂପ୍ୟୁଟର, କାର, ମୋବାଇଲ ନମ୍ବର ଏବଂ ଖାଦ୍ୟ ସାମଗ୍ରୀ ସଂପର୍କରେ ତଥ୍ୟ ରହିଥିଲା । କିନ୍ତୁ ଏଥର ଜନଗଣନାରେ ଜାତି ସଂପର୍କରେ ମଧ୍ୟ ତଥ୍ୟ ସଂଗ୍ରହ କରାଯିବ । ଏଥିଲାଗି ୩୪ ଲକ୍ଷ କର୍ମଚାରୀଙ୍କୁ ନିୟୋଜିତ କରାଯିବ । ସେମାନଙ୍କୁ ତାଲିମ ଦେବାଲାଗି ତ୍ରିସ୍ତରୀୟ ବ୍ୟବସ୍ଥା କରାଯାଇଥିବା ରେଜିଷ୍ଟ୍ରାଲ ଜେନେରାଲଙ୍କ ପକ୍ଷରୁ କୁହାଯାଇଛି । ସୂଚନାଯୋଗ୍ୟ ଯେ ୨୦୨୧ରେ ହେବାକୁ ଥିବା ଜନଗଣନାକୁ କୋଭିଡ୍ ମହାମାରୀ ପାଇଁ ସ୍ଥଗିତ କରି ଦିଆଯାଇଥିଲା ।

## ସାରା ରାଜ୍ୟରେ...

ପାରି ଅନେକ ଯାତ୍ରୀ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହୋଇଛନ୍ତି । ସଂଘ ପକ୍ଷରୁ ରଖାଯାଇଥିବା ଦାବି ପୂରଣ ନ ହେବା ଯାଏଁ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଏହି ଆନ୍ଦୋଳନ ଜାରି ରହିବ ବୋଲି ମହାସଂଘ କହିଛି । ଗତ ମାସେ ତଳେ ମହାସଂଘ ପକ୍ଷରୁ ସାମ୍ବାଦିକ ସମ୍ମିଳନୀ କରି ସରକାରଙ୍କ ଆଗରେ ଦାବି ଉପସ୍ଥାପନ କରାଯାଇଥିବା ବେଳେ ଏହି ଦାବି ପୂରଣ ହୋଇ ନ ଥିବାରୁ ମଙ୍ଗଳବାରଠାରୁ ରାଜ୍ୟର ସମସ୍ତ ଗାଡ଼ି ଚାଳକ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତ୍ତି ହୋଇଛି । ଗାଡ଼ି ଚାଳକମାନଙ୍କ ଦ୍ୱାରା ଡାକରା ଦିଆଯାଇଥିବା ଏହି ଆନ୍ଦୋଳନକୁ ରାଜ୍ୟ ଘରୋଇ ବସ୍ ମାଲିକ ସଂଘ ଓ ଟ୍ରକ୍ ମାଲିକ ସଂଘ ସମର୍ଥନ ଜଣାଇଥିବାରୁ ସାରା ରାଜ୍ୟରେ ଆନ୍ଦୋଳନର ଜୋରଦାର ପ୍ରଭାବ ପଡ଼ିଛି ।

ମହାସଂଘ ପକ୍ଷରୁ କୁହାଯାଇଛି ଯେ ଡ୍ରାଇଭର ମାନଙ୍କ ବିଭିନ୍ନ ସମସ୍ୟାକୁ ନେଇ ସରକାରଙ୍କୁ ଅବଗତ କରାଯାଇଛି । ଏହି ସମୟ ମଧ୍ୟରେ ଡ୍ରାଇଭରମାନଙ୍କର କେବଳ ଗୋଟିଏ ଦାବି ପୂରଣ ହୋଇଛି । ଗତ ମାର୍ଚ୍ଚ ୨୯ରୁ ୬ ଦିନ ପର୍ଯ୍ୟନ୍ତ ଗାନ୍ଧୀମାର୍ଗରେ ଡ୍ରାଇଭରମାନେ ଶାନ୍ତିପୂର୍ଣ୍ଣ ଧାରଣା ଦେଇଥିଲେ । ହେଲେ ସରକାର ଡ୍ରାଇଭରମାନଙ୍କ ଦାବି ପୂରଣ ନେଇ କୌଣସି ପଦକ୍ଷେପ ନେଇ ନାହାନ୍ତି । ଯାହାଦ୍ୱାରା ଡ୍ରାଇଭରମାନଙ୍କ ମଧ୍ୟର ଅସନ୍ତୋଷ ପ୍ରକାଶ ପାଉଛି ଏବଂ ସମସ୍ତ ଡ୍ରାଇଭର ବଡ଼ ଆନ୍ଦୋଳନକୁ ଯିବା ପାଇଁ ନିଷ୍ପତ୍ତି ନେଇଛନ୍ତି ।

ମହାସଂଘ ପକ୍ଷରୁ ରହିଥିବା ଦାବି ମଧ୍ୟରେ ଡ୍ରାଇଭର ଉନ୍ନୟନ ବୋର୍ଡରେ ଅଟୋ ଚାଳକଙ୍କୁ ସାମିଲ କରିବା ସହ ଜନ ସାଧାରଣଙ୍କ ଆକ୍ରୋଶର ଶିକାର ହେଉଥିବା ଡ୍ରାଇଭରଙ୍କ ସୁରକ୍ଷା ପାଇଁ ସ୍ୱତନ୍ତ୍ର ଆଇନ୍, ୬୦ ବର୍ଷ ପରେ ସ୍ୱତନ୍ତ୍ର ଭତ୍ତା, ଗାଡ଼ି ପାଇଁ ପାର୍କିଂ ସ୍ଥଳୀ ଓ ଡ୍ରାଇଭରଙ୍କ ବିଶ୍ରାମ ପାଇଁ ସ୍ଥାନ, ଖଣି ଖାଦାନ ଏବଂ କାରଖାନାରେ ୭୦ ପ୍ରତିଶତ ଓଡ଼ିଆ ଡ୍ରାଇଭର ନିଯୁକ୍ତି ଓ ସେପ୍ଟେମ୍ବର ୧କୁ ଡ୍ରାଇଭର ଦିବସ ଘୋଷଣା ଆଦି ଦାବି ରହିଛି ।

ଡ୍ରାଇଭର ସଂଘର ଆନ୍ଦୋଳନ ପରେ ସରକାରଙ୍କ ପକ୍ଷରୁ ସଂଘ ସହିତ ଆଲୋଚନା କରାଯାଇଛି । ମାତ୍ର ଏହି ଆଲୋଚନାରେ କୌଣସି ସନ୍ତୋଷ ଜନକ ପ୍ରତିଶ୍ରୁତି ମିଳି ନ ଥିବାରୁ ଆନ୍ଦୋଳନ ପ୍ରତ୍ୟାହାର ହେବ ନାହିଁ ବୋଲି ଡ୍ରାଇଭର ସଂଘର ସମ୍ପାଦକ ଚଇତନ ପ୍ରଧାନ କହିଛନ୍ତି । ଏହି ଆନ୍ଦୋଳନ ପରେ ମଙ୍ଗଳବାର ସନ୍ଧ୍ୟାରେ ପରିବହନ ମନ୍ତ୍ରୀ ବିଭୂତି ଭୂଷଣ ଜେନା, ବିଭାଗୀୟ ପ୍ରମୁଖ ଶାସନ ସଚିବ ଉଷା ପାଢ଼ୀ, ଏସ୍‌ଟିଏ ଅଧ୍ୟକ୍ଷ ଅମିତାଭ୍ ଠାକୁର ପ୍ରମୁଖ ଡ୍ରାଇଭର ସଂଘ ସହିତ ଆଲୋଚନା କରିଥିଲେ । ଏହି ଆଲୋଚନା ବିଫଳ ହୋଇଥିବା ଜଣାପଡ଼ିଛି ।

## ପୁଣି ଡରାଇଲାଣି...

୧୦ହଜାର ଲୋକେ ପ୍ରଭାବିତ ହେବାର ଆଶଙ୍କା ରହିଛି । ବୁଢ଼ାବଳଙ୍ଗ ନଦୀର ସତର୍କ ସଙ୍କେତ ୭.୨୧ମି ଥିବା ବେଳେ ବିପଦ ସଙ୍କେତ ୮.୧୩ମି ରହିଛି । ଆଜି ଅପରାହ୍ଣ ୫ଟା ସୁଦ୍ଧା ନଦୀର ଜଳସ୍ତର ୪.୭୦ମିଟରରେ ପାଣି ପ୍ରବାହିତ ହେଉଛି । ବନ୍ୟା ହେଲେ ପରିଖୀ, ନଗ୍ରମ, ଆଳୁମିଦା, ସାର୍ଥା, ଗୋପୀନାଥପୁର, ବୁଆଁଳ, ସିନ୍ଧିଆ, ବଇଁଚା ଆଦି ବିଭିନ୍ନ ପଞ୍ଚାୟତ କ୍ଷତିଗ୍ରସ୍ତ ହେବାର ସମ୍ଭାବନା ରହିଛି ।

## ମିଳିଛି ପଟ୍ଟା...

ପାଲଟିଯାଇଛି । କେବଳ ରାଜଧାନୀ ନୁହେଁ, ରାଜ୍ୟର ଅଧିକାଂଶ ସ୍ଥାନରେ ସମାନ ଅବସ୍ଥା ।

ୟୁନିଟ୍-୮ ଅଞ୍ଚଳର ବୈକୁଣ୍ଠନାଥ ସେନାପତି । ୨୦୧୭ ମସିହାରେ ଗାଡ଼କଣ ମୌଜାରେ ବିଲ୍ଡର ସଂସ୍ଥା ଜରିଆରେ ୧୫ଲକ୍ଷ ଟଙ୍କା ଦେଇ ୧୨୦୦ ବର୍ଗଫୁଟ୍‌ର ଜମି ଖଣ୍ଡେ କିଣି ପାଚେରୀ ବୁଲାଇଲେ । ଭୁବନେଶ୍ୱର ତହସିଲ୍ କାର୍ଯ୍ୟାଳୟରୁ ପଟ୍ଟା ବି ପାଇଲେ । ୨୦୨୫ ମସିହାରେ ଘର କରିବା ପାଇଁ ଉକ୍ତ ଜମିକୁ ଗଲାବେଳକୁ ସେଠି ୩ମହଲା କୋଠା ଛିଡ଼ା ହୋଇଛି । ହତବାକ୍ ବୈକୁଣ୍ଠ ଉକ୍ତ ବିଲ୍ଡର ସଂସ୍ଥାକୁ ଯୋଗାଯୋଗ କଲେ; ହେଲେ ସେଠାରୁ କୌଣସି ସହଯୋଗ ମିଳିଲାନି । ଶେଷରେ ପୁଲିସ ନିକଟକୁ ଗଲେ । ଦଲିଲ୍, ପଟ୍ଟା ସବୁ ପୁଲିସକୁ ଦେଖାଇଲେ । ପୁଲିସ ତାଙ୍କୁ ସରକାରୀ ଭାବେ ତହସିଲ୍ କାର୍ଯ୍ୟାଳୟରେ ଜମି ଚିହ୍ନଟ(ଡିମାର୍‌କେସନ୍) ପ୍ରକ୍ରିୟାରେ ଆବେଦନ ପାଇଁ ପ୍ରସ୍ତାବ ଦେଲା ।

ବୈକୁଣ୍ଠନାଥ ତହସିଲ୍ କାର୍ଯ୍ୟାଳୟକୁ ଦୌଡ଼ିଲେ, ସେଠି ଆବଶ୍ୟକ ଫି' ଓ କାଗଜପତ୍ର ଜମା କରି ଆବେଦନ ବି କଲେ । ହେଲେ ତାଙ୍କ ଜମି ଚିହ୍ନଟ ପାଇଁ ସରକାରୀ ଅମିନ ଆସିଲେନି । ପ୍ରାୟ ୩ମାସ ଦୌଡ଼ିବା ପରେ ତହସିଲ୍ କାର୍ଯ୍ୟାଳୟର 'ଲ୍ୟାଣ୍ଡ ସର୍ଭେ ବିଭାଗ' କହିଲା, ଆଉ ୩ ବର୍ଷ ପରେ ଜମି ଚିହ୍ନଟ ହେବ । ଏବେ ଆମ ପାଖରେ ୩ହଜାର ଆବେଦନ ପଡ଼ିଛି । ଆମ ପାଖରେ ମାତ୍ର ଦୁଇ ଜଣ ସରକାରୀ ଅମିନ ଅଛନ୍ତି । ସେମାନେ ଦିନକୁ ଅତି ବେଶୀରେ ଦୁଇଟି ଜମି ଚିହ୍ନଟ କରିପାରୁଛନ୍ତି । ଏହାଶୁଣି ବୈକୁଣ୍ଠ ନିଜର ଜୀବନ ଯାକର ଜମା ପୁଞ୍ଜି ଦେଇ କିଣିଥିବା ଜମି ଖଣ୍ଡକ କୋଉଠି ବୋଲି ତାଙ୍କ ଜୀବଦଶାରେ ଚିହ୍ନଟ କରିପାରିବେ ନା ନାହିଁ, ତାକୁ ନେଇ ଚିନ୍ତାରେ ପଡ଼ିଛନ୍ତି ।

ଜମି ଚିହ୍ନଟ ପାଇଁ ରାଜସ୍ୱ ବିଭାଗ ଡିମାର୍‌କେସନ୍ ବ୍ୟବସ୍ଥା ରଖିଛି । ଏହି ପ୍ରକ୍ରିୟାରେ ଜମି ମାଲିକ ଆବେଦନ କଲେ, ସରକାରଙ୍କ ପକ୍ଷରୁ ଜମିର ଚଉହଦୀ ଜମି ଗୁଡ଼ିକୁ ଚିହ୍ନଟ କରି ସେମାନଙ୍କ ପାଖକୁ ଡାକ ଯୋଗେ ଚିଠି ପଠାଇବେ । ଏଥିପାଇଁ ଆବେଦନକାରୀଙ୍କ ଆବେଦନକୁ ଭିତ୍ତିକରି ପ୍ରତିବେଦୀମାନଙ୍କୁ ତହସିଲ୍ କାର୍ଯ୍ୟାଳୟ ତରଫରୁ ଡକାଯିବ । ସେମାନଙ୍କ ଖାତା ନମ୍ବର ଓ ପ୍ଲଟ୍ ନମ୍ବର ଆବେଦନକାରୀଙ୍କ ଖାତା ନମ୍ବର ଓ ପ୍ଲଟ୍ ନମ୍ବର ଉକ୍ତ ମଉଜାରେ କେଉଁଠି ଅଛି ତାକୁ ସରକାରୀ ପ୍ରଦତ୍ତ ମ୍ୟାପ୍ ଅନୁଯାୟୀ ଚିହ୍ନଟ କରି ଜମି ଚିହ୍ନଟ କରାଯିବ । ଏହି ପ୍ରକ୍ରିୟା ଦ୍ୱାରା ଜଣେ ଜମି ମାଲିକ ବାସ୍ତବରେ ନିଜର ଜମି କେଉଁଟା ଜାଣିପାରିବ । ହେଲେ ତହସିଲ୍ କାର୍ଯ୍ୟାଳୟରେ ଆବଶ୍ୟକ ଅମିନ ନାହାନ୍ତି । ୧୦ଟି ମଞ୍ଜୁରପ୍ରାପ୍ତ ଅମିନ ପଦବୀ ଥିବାବେଳେ ଅଛନ୍ତି ମାତ୍ର ୨ଜଣ । ତେଣୁ ଜମି ଚିହ୍ନଟ ପ୍ରକ୍ରିୟା ପୁରା ଧୀମା ଗତିରେ ଚାଲୁଛି । ତେଣୁ ଏହି ବ୍ୟବସ୍ଥାରେ ସୁଧାର ଆଣିବା ପାଇଁ ବିଭିନ୍ନ ମହଲରୁ ଦାବି ହେଉଛି ।

## ମନମୋହନଙ୍କ ମଥାରେ...

ବିଜେପି ସଭାପତି ଘୋଷଣା ହେବା ପରେ ମନମୋହନ ସାମଲଙ୍କ ପାଇଁ ଦଳୀୟ କାର୍ଯ୍ୟାଳୟରେ ଏକ ସ୍ୱାଗତ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମର ଆୟୋଜନ କରାଯାଇଥିଲା । ଏଥିରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ଉପ ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା, ରାଜ୍ୟ ମନ୍ତ୍ରିମଣ୍ଡଳର ସଦସ୍ୟ, ସାଂସଦ, ବିଧାୟକ, ଦଳର ବରିଷ୍ଠ କାର୍ଯ୍ୟକର୍ତ୍ତା, ଜିଲାସ୍ତରରୁ ଆସିଥିବା ନବ ନିର୍ବାଚିତ ମଣ୍ଡଳ ଓ ଜିଲ୍ଲା ସଭାପତିମାନେ ଉପସ୍ଥିତ ଥିଲେ ।

ଏହି ଅବସର ଶ୍ରୀ ସାମଲ କହିଛନ୍ତି ଯେ ମୋତେ ମିଳିଥିବା ଦାୟିତ୍ୱ ସଂଗଠନ କର୍ମକର୍ତ୍ତାଙ୍କର । ସେମାନଙ୍କର ପରିଶ୍ରମ ପାଇଁ ଆମେ ରାଜ୍ୟରେ ସରକାର କରିପାରିଛୁ । ସରକାର ଆଣିବା ଯେତିକି କଷ୍ଟ, ସଂକଳ୍ପ ପୂରଣ ପାଇଁ ସେତିକି କଷ୍ଟ । ରାଜ୍ୟରେ ବିଜେପି ସରକାର ଲମ୍ବା ସମୟ ଧରି ରହିବ । ଆମ ପାଖରେ ଯୋଗ୍ୟ ମୁଖ୍ୟମନ୍ତ୍ରୀ ଓ ଯୋଗ୍ୟ କର୍ମକର୍ତ୍ତା ଅଛନ୍ତି । ସମୃଦ୍ଧ ଓଡ଼ିଶା ଗଠନ ପାଇଁ ଆମେ ଆମର ପ୍ରତିବଦ୍ଧତାକୁ ପୂରଣ କରିବା । ସରକାର ସହ ଦଳ ଖୁଣ୍ଟ ହୋଇ ଠିଆ ହୋଇ ରହିବ । ଓଡ଼ିଶାରେ ଲମ୍ବା ସମୟ ଧରି ଆମର ଶାସନ ରହିବ ବୋଲି ସେ ଦୃଢ଼ୋକ୍ତି ପ୍ରକାଶ କରିଥିଲେ । ଏହି ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମଧ୍ୟ ମନମୋହନଙ୍କ ନେତୃତ୍ୱକୁ ଭୂୟସୀ ପ୍ରଶଂସା କରିଥିଲେ । ମନମୋହନଙ୍କ ନେତୃତ୍ୱ ଯୋଗୁଁ ରାଜ୍ୟରେ ସରକାର ଗଠନ କରିପାରିଛୁ ଓ ରାଜ୍ୟରେ ୨୧ରୁ ୨୦ ସାଂସଦ ଜିତିବା ମନମୋହନ ଭାଇଙ୍କ ନେତୃତ୍ୱ ପାଇଁ ସମ୍ଭବ ହୋଇଛି । ପୋଷ୍ଟରୁ ଲଗାଇ ନିଜ ରାଜନୈତିକ ଜୀବନ ଆରମ୍ଭ କରିଥିବା ମନମୋହନ ଦଳର ୪ ଥର ନେତୃତ୍ୱ ନେଇ ଇତିହାସ ରଚିଛନ୍ତି । ଏହି ଅବସରରେ ତାଙ୍କୁ ମୁଁ ଅଭିନନ୍ଦନ ଜଣାଉଛି । ମନମୋହନଙ୍କ ନେତୃତ୍ୱରେ ଦଳ ନିରନ୍ତର ଭାବେ ଆଗକୁ ବଢ଼ିବ ବୋଲି ମୁଖ୍ୟମନ୍ତ୍ରୀ ଏହି ଅବସରରେ ଆଶା ପ୍ରକାଶ କରିଛନ୍ତି ।

## ଆଗରେ ଆହ୍ୱାନ...

ତେବେ ଚଳିତ ଥର ମନମୋହନଙ୍କ ପାଇଁ ଦଳ ପରିଚାଳନା ସହଜ ହେବନାହିଁ ବୋଲି ଯୁକ୍ତି ବାଢ଼ିଛନ୍ତି ରାଜନୈତିକ ବିଶେଷଜ୍ଞ । ନିଗମ ଓ ବୋର୍ଡଗୁଡ଼ିକରେ ନିଯୁକ୍ତି ଆଶାରେ ଆତୁର ନେତାଙ୍କୁ ସନ୍ତୁଷ୍ଟ କରିବା ଦଳ ସଭାପତି ଓ ସରକାରଙ୍କ ପାଇଁ ସବୁଠାରୁ ବଡ଼ ଆହ୍ୱାନ ହେବ । ଅନୁରୂପ ଭାବରେ ବିଶୃଙ୍ଖଳିତ ନେତା, ବିଧାୟକଙ୍କ ଉପରେ ଲଗାମ କଷିବା ଏବଂ ସରକାର ଓ ସଂଗଠନ ମଧ୍ୟରେ ତାଳମେଳ ରଖିବା ମନମୋହନଙ୍କ ପାଇଁ କାଠିକର ପାଠ ହେବ ବୋଲି ରାଜନୈତିକ ମହଲରେ ଆଲୋଚନା ହେଲାଣି ।

ସରକାରଙ୍କୁ ୧୩ ମାସ ପୂରିବାକୁ ଯାଉଛି । ମାତ୍ର ଏଯାବତ୍ ବିଭିନ୍ନ ନିଗମ, ବୋର୍ଡ, ଅକାଦେମୀ ଏବଂ କମିଶନରେ ନିଯୁକ୍ତି ହୋଇପାରିଲା ନାହିଁ । ଦଳ ମଧ୍ୟରେ ତୀବ୍ର ଗୋଷ୍ଠୀକନ୍ଦଳ ଏବଂ ବରିଷ୍ଠଙ୍କ ମଧ୍ୟରେ ଛକାପଞ୍ଝା କାରଣରୁ ଏହା ସମ୍ଭବ ହୋଇପାରୁ ନାହିଁ । ନିଜ ନିଜ ଅନୁଗତଙ୍କୁ ଥଇଥାନ ପାଇଁ ପ୍ରମୁଖ ନେତାଙ୍କ ମଧ୍ୟରେ ଏକପ୍ରକାର ରେସ୍ ଲାଗିଥିବା ବେଳେ ନେତୃତ୍ୱ ସହମତି ଆଣିପାରୁ ନାହାନ୍ତି । ନିଗମ ନିଯୁକ୍ତି ପାଇଁ ଗତ ବର୍ଷକ ମଧ୍ୟରେ ଏକାଧିକ ଥର ପ୍ରୟାସ ହୋଇଥିଲେ ହେଁ ଶେଷରେ ଏହା ବିଫଳ ସାବ୍ୟସ୍ତ ହୋଇଛି । ଅତଏବ, ପୁନର୍ବାର ସଭାପତି ଦାୟିତ୍ୱ ନେବା ପରେ ଛାମୁଆଙ୍କ ମଧ୍ୟରେ ସହମତି ଆଣି ନିଗମ, ବୋର୍ଡ ନିଯୁକ୍ତିକୁ ସାକାର ରୂପ ଦେବା ମନମୋହନଙ୍କ ପାଇଁ ପ୍ରମୁଖ ଆହ୍ୱାନ ସାଜିବ ବୋଲି କୁହାଯାଉଛି । ପୁନଶ୍ଚ ଦଳରେ ବଢୁଥିବା ବିଶୃଙ୍ଖଳାକୁ ପ୍ରଶମନ କରିବା ମଧ୍ୟ ମନମୋହନଙ୍କ ପାଇଁ କାଠିକର ପାଠ ହେବ ବୋଲି ସାଧାରଣରେ ମତପ୍ରକାଶ ପାଉଛି ।

ନିକଟରେ ନୀଳଗିରି ବିଧାୟକ ସନ୍ତୋଷ ଖଟୁଆ ଏବଂ ଭୁବନେଶ୍ୱର ବିଜେପିର ବରିଷ୍ଠ ନେତା ଜଗନ୍ନାଥ ପ୍ରଧାନଙ୍କ କ୍ଷେତ୍ରରେ ଦଳର ନିରବତା ସଂଗଠନରେ ରହିଥିବା ଦୁର୍ବଳତାକୁ ପରିପ୍ରକାଶ କରିଛି । ଦଳରେ ଶୃଙ୍ଖଳାର ଅଭାବ ଯୋଗୁଁ କେହି କାହାରିକୁ ମାନିବାକୁ ପ୍ରସ୍ତୁତ ନୁହନ୍ତି । ଯାହାପାଇଁ ନେତାମାନେ ଦିନକୁ ଦିନ ଲଗାମ ଛଡ଼ା ହେବାକୁ ବସିଥିବା ବେଳେ ଦଳକୁ ଏଥିପାଇଁ ସାଧାରଣରେ ଅପଦସ୍ତ ହେବାକୁ ପଡୁଛି । ତୃଣମୂଳସ୍ତରରେ ବିଭିନ୍ନ ସରକାରୀ କାର୍ଯ୍ୟାଳୟକୁ ବିଜେପି ନେତାମାନେ ଏକପ୍ରକାର ନିଜ କବଜାକୁ ନେଇଥିବା ବେଳେ ସରକାରୀ ଅଧିକାରୀ ଏବଂ କର୍ମଚାରୀମାନେ ମୁକ୍ତ ଭାବେ କାର୍ଯ୍ୟ କରି ପାରୁନାହାନ୍ତି । ଯାହାର ପ୍ରଭାବ ବିକାଶମୂଳକ କାମ ଉପରେ ସିଧାସଳଖ ପଡୁଛି । ତେଣୁ ଦଳରେ କିପରି ଶୃଙ୍ଖଳା ଫେରାଇ ଅଣାଯିବ, ତାହା ମନମୋହନଙ୍କ ଆଗରେ ଅନ୍ୟତମ ବଡ଼ ଆହ୍ୱାନ ସାଜିବ ବୋଲି ତଥ୍ୟଭିତ୍ତିକ ମହଲ ଯୁକ୍ତି ବାଢ଼ିଛନ୍ତି ।

ଅପରପକ୍ଷେ ଗତ ଏକବର୍ଷରେ ସଫଳତା ଅପେକ୍ଷା ବିଭିନ୍ନ କ୍ଷେତ୍ରରେ ବିବାଦ, ବିଶୃଙ୍ଖଳା ଉଭୟ ସରକାର ଏବଂ ସଂଗଠନ ପାଇଁ ବଦନାମ ଆଣିଛି । ଆଉ ଦେଢ଼ ବର୍ଷ ପରେ ରାଜ୍ୟରେ ପଞ୍ଚାୟତ ନିର୍ବାଚନ ହେବ । ୨୦୨୪ ସାଧାରଣ ବିଜୟ ଯେ ଆକସ୍ମିକ ନଥିଲା, ଏହାକୁ ପ୍ରମାଣିତ କରିବାକୁ ହେଲେ ଦଳକୁ ପଞ୍ଚାୟତ ଓ ପୌର ନିର୍ବାଚନରେ ଆଖିଦୃଶିଆ ସଫଳତା ହାସଲ କରିବାକୁ ପଡ଼ିବ । ଏଥିପାଇଁ ସରକାରଙ୍କୁ ବିକାଶ ମୂଳକ କାର୍ଯ୍ୟକ୍ରମ ଏବଂ ସଂଗଠନକୁ ସଶକ୍ତ ହେବାର ଆବଶ୍ୟକତା ରହିଛି । ଏହା ମନମୋହନଙ୍କ ପାଇଁ ଅନ୍ୟତମ ଆହ୍ୱାନ ସାଜିବ ବୋଲି ସାଧରାଣରେ ମତପ୍ରକାଶ ପାଉଛି ।

## ■ ୧୪ରୁ କାର୍ଯ୍ୟବନ୍ଦ ଡାକରା ପରେ

# ଆଲୋଚନା ପାଇଁ ରାଜସ୍ୱ ଅମଲା ସଂଘକୁ ଡାକିଲେ ସରକାର

ଭୁବନେଶ୍ୱର,୮।୭(ସମିସ): ୧୦ ଟି ପ୍ରମୁଖ ଦାବି ନେଇ କଳା ବ୍ୟାଜ୍ ପିନ୍ଧି କାର୍ଯ୍ୟରତ ଥିବା ଓଡ଼ିଶା ରାଜସ୍ୱ ଅମଲା ସଂଘକୁ ଆଲୋଚନା ପାଇଁ ଡାକିଛନ୍ତି ରାଜ୍ୟ ସରକାର । ବୁଧବାର ସନ୍ଧ୍ୟାରେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ଓଡ଼ିଶା ରାଜସ୍ୱ ଅମଲା ସଂଘର କର୍ମକର୍ତ୍ତାଙ୍କ ସହିତ ଆଲୋଚନା କରିବେ ବୋଲି ନିଷ୍ପତ୍ତି ହୋଇଛି । ରାଜସ୍ୱ ଅମଲା ସଂଘ ପକ୍ଷରୁ ବାରମ୍ବାର ଏହି ଦାବି ପୂରଣ ପାଇଁ ସରକାରଙ୍କୁ ଅବଗତ କରାଯାଇଥିଲେ ମଧ୍ୟ ସରକାର କର୍ଣ୍ଣପାତ କରି ନ ଥିଲେ । ଏଥିପାଇଁ ଗତ ୭ ତାରିଖଠାରୁ ରାଜ୍ୟର ରାଜସ୍ୱ ଅମଲା ସଂଘର ସଦସ୍ୟ ସଦସ୍ୟାମାନେ କଳାବ୍ୟାଜ୍ ପିନ୍ଧି କାମ କରୁଥିବା ବେଳେ ଆସନ୍ତା ୧୪ ତାରିଖରୁ କାର୍ଯ୍ୟବନ୍ଦ ଆନ୍ଦୋଳନ ଡାକରା ଦେଇଛନ୍ତି । ସଂଘର ଏହି ଆନ୍ଦୋଳନ ଡକାରା ପରେ ସରକାର ତାଙ୍କ ସହ ଆଲୋଚନା କରିବାକୁ ନିଷ୍ପତ୍ତି ନେଇଛନ୍ତି । ସଂଘ ପକ୍ଷରୁ ରଖାଯାଇଥିବା ପ୍ରମୁଖ ଦାବିଗୁଡ଼ିକ ମଧ୍ୟରେ ଜିଲ୍ଲା ସ୍ତରରେ କାର୍ଯ୍ୟରତ ରାଜସ୍ୱ ମନ୍ତ୍ରୀସ୍ତରୀୟ କର୍ମଚାରୀଙ୍କ ପ୍ରାରମ୍ଭିକ ଦରମା ସ୍ତର-୯କୁ ବୃଦ୍ଧି କରାଯିବାକୁ କୁହାଯାଇଛି । ଏହା ଜିଏ ବିଭାଗର ପତ୍ର ସଂଖ୍ୟା ୮୮୯୮ ଏବଂ ରାଜ୍ୟର ସମସ୍ତ ଜିଲ୍ଲାପାଳଙ୍କ ଦ୍ୱାରା ପ୍ରଦାନ କରାଯାଇଥିବା ସୂଚନା ଆଧାରରେ, ନୂତନ ପଦବୀ ସୃଷ୍ଟି କରି ସେହି ଅନୁଯାୟୀ କ୍ୟାଡର ପୁନର୍ଗଠନ କରିବାକୁ ଦାବି ହୋଇଛି ।


email- serwsbd2003@yahoo.com

GOVERNMENT OF ODISHA
OFFICE OF THE CHIEF CONSTRUCTION ENGINEER
RURAL WORKS CIRCLE, SUNABEDA

O-381

**e- Procurement Notice for Road Work**

1 Name of the work : Periodical Renewal work of 5 year post DLP PMGSY Roads (14 Nos)

3 Class of contractor : "B" & "A" Class of (Odisha PWD) or relevant class of other licensing authority .

3 Estimated Cost : Varies from Rs.73.95 Lakhs to Rs. 283.61 Lakhs (Approximately)

4 Details projects as per Annexure attached. :

| Procurement Officer | Bid Identification No. | Availability of Tender online for bidding | | Last Date & Time of seeking tender clarification | Date & Time of opening of tender | |
|---|---|---|---|---|---|---|
| | | From | To | | Technical Bid | Financial Bids |
| 1 | 2 | 3 | 4 | 5 | 6 | 7 |
| Chief Construction Engineer, Rural Works Circle, Sunabeda | CCERWCSBD – Online – 07/2025-26 | 10.07.2025 at 11.00 A.M. | 30.07.2025 up to 5.00 P.M. | 29.07.2025 up to 2.00 P.M. | 31.07.2025 at 11.00 A.M. | To be intimated separately |

5. The details of works can be seen from the web site https://www.tendersodisha.gov.in
6. Any Corrigendum/Addendum will be displayed in the above e-tender web site.

OIPR-25182/11/0064/2526

Chief Construction Engineer,
Rural Works Circle, Sunabeda



C-618

e-mail: eephbhpt@gmail.com

GOVERNMENT OF ODISHA
OFFICE OF THE SUPERINTENDING ENGINEER, PUBLIC HEALTH DIVISION, BHAWANIPATNA
Parmanandpur, Railway Station Road, Bhawanipatna, Dist: Kalahandi, PIN -766002

**NATIONAL COMPETITIVE BIDDING THROUGH e-Procurement**
**Identification No.SEPH-BHPT– 07 of 2025-26/ Dt. 04.07.2025**
**e-Procurement Notice**

01. Name of the Work : 3no Work.
02. Type of Bid. : Single Bid System
03. Estimated Cost : Rs. 6.65 to Rs. 10.44 lakh
04. Period of Completion : 01 (One) Calendar Months
05. Date & Time of availability of bid document in the portal : From 11.00 AM of dt. 08.07.2025 to 5.00 PM of 17.07.2025
06. Last date / time of receipt of bids in the portal : 5.00 PM of 17.07.2025.
07. Date & Time of opening of technical bids : At 11.30 AM of 18.07.2025
08. Name and Address of the Officer Inviting Bid : Superintending Engineer, P.H. Division, Bhawanipatna , Railway Station Road, At/Po- Parmanandpur, 766002 Dist- Kalahandi.

Further details can be seen from the web site http://tenders.ori.nic.in or www.tendersorissa.gov.in

OIPR-13059/11/0028/2526

Superintending Engineer,
P.H. Division, Bhawanipatna



**ODISHA LIFT IRRIGATION CORPORATION LTD**

CAD-995

(A GOVERNMENT OF ODISHA UNDERTAKING)
PLOT NO.17/2, NAYAPALLI, BHUBANESWAR-12

Phone : (0674) 2390195,
Fax: : (0674)2395844
E-mail : olicltd123@bsnl.com
olicltd@ymail.com

**No. 4P-24/2025, 5427/OLIC, Dated: 03.07.2025**

**NATIONAL COMPETITIVE BIDDING THROUGH e-Procurement**

The Managing Director, OLIC Ltd., Bhubaneswar invites online tender through e-procurement with Technical and Commercial bids for supply of Control Panel with DOL Starter in conformity with detail tender call notice from reputed manufactures as per the following schedule.

| Sl. No. | Tender Specification No. | Brief Description | Approx. Quantity Required in Nos. | Estimated cost in (Rs. in lakhs) | Bid Security Declaration to be submitted for EMD (Rs. In lakhs) | Cost of Tender Paper (In Rs.) |
|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 |
| 1 | IT-11 (E) 2025-26 | Control panel with DOL starter suitable for 3.0 HP submersible pump sets coupled with induction motor | 19400 | 814.412 | 8.14412 | 11,800/- (inclusive of 18% GST) |

1. Period of Completion :- 60 days from the date of issue of purchase order.
2. Date& Time of availability of bid document in the portal:- From Dt.10.07.2025 to Dt. 08.08.2025
3. Last date/Time for receipt of bids in the portal:-Dt.08.08.2025 upto17.00 hrs.
4. Last date of seeking clarification: Dt. 18.07.2025 up to 17.00 hrs
5. Date of opening of Technical Bid : Dt. 11.08.2025 at 11.00 hours.
6. Name and address of the Officer inviting Bid:- M.D , OLIC,. Plot No. N- 17/2, Nayapalli, P.B No.155 Bhubaneswar-751 012
7. Further details can be seen from the e-procurement portal https://tendersodisha.gov.in

Any Addendum/ corrigendum/ Cancellation of tender will be available in the said website. Authority reserves the right to reject any or all the tenders without assigning any reasons thereof .

OIPR-32135/11/0051/2526

EXECUTIVE DIRECTOR



बैंक ऑफ महाराष्ट्र
Bank of Maharashtra
भारत सरकार का उद्यम
एक परिवार एक बैंक

**ବ୍ୟାଙ୍କ ଅଫ୍ ମହାରାଷ୍ଟ୍ର**
ଅଞ୍ଚଳ କାର୍ଯ୍ୟାଳୟ : ଭୁବନେଶ୍ୱର
ପ୍ରଥମ ମହଲା, ଦୂର ସଞ୍ଚାର ଭବନ, ୟୁନିଟ୍-୯, ରୁପାଲି ସ୍କୋୟାର ନିକଟ, ଭୁବନେଶ୍ୱର - ୭୫୧୦୨୨, ଇ-ମେଲ୍: dzmbbsr@mahabank.co.in

**ଲକର ନୋଟିସ୍**

| କ୍ର. ନଂ. | ଲକର ନଂ. | ଗ୍ରାହକମାନଙ୍କ ନାମ ଏବଂ ଠିକଣା |
|---|---|---|
| | | ଭୁବନେଶ୍ୱର ଶାଖା, ସା: ପ୍ଲଟ୍ ନଂ.: ୪୨୬/୨୨୬୦, ଏନ୍.ବି.ଟାୱାର, ନୟାପଲ୍ଲୀ, ଭୁବନେଶ୍ୱର - ୭୫୧୦୧୨ |
| ୧ | ୬ | ପବିତ୍ର ରାଉତରାୟ, ପ୍ଲଟ୍ ନଂ.: ୧୨୪୮, ନୟାପଲ୍ଲୀ, ଭୁବନେଶ୍ୱର-୭୫୧୦୧୨ |
| ୨ | ୩୯ | ପ୍ରତାପ ପଟ୍ଟନାଏକ, ବ୍ଲକ୍-ଏ, କ୍ୱାର୍ଟର ନଂ.: ୬୦୨, କ୍ରୀଷ୍ଣା ଟାୱାର୍ସ, ନୟାପଲ୍ଲୀ, ଭୁବନେଶ୍ୱର-୭୫୧୦୧୨ |
| ୩ | ୮୬ | ଅଶୋକ କାନୁନ୍‌ଗୋ, ଏମ୍/୫-୨୪, ଆଚାର୍ଯ୍ୟ ବିହାର, ଭୁବନେଶ୍ୱର-୭୫୧୦୧୩ |

ବ୍ୟାଙ୍କ ଦ୍ୱାରା ଉପରଦର୍ଶିତ ଲକରଧାରୀମାନଙ୍କୁ ବ୍ୟାଙ୍କରେ ପଞ୍ଜିକୃତ ଥିବା ସେମାନଙ୍କର ଠିକଣାରେ ବାରମ୍ବାର ନୋଟିସ୍ ଦିଆଯାଇଥିଲେ ମଧ୍ୟ ସେମାନେ ସେମାନଙ୍କର ଲକର ଫିସ୍ ପୈଠ କରିବାରେ ବିଫଳ ହୋଇଛନ୍ତି ଏବଂ ଶାଖା ସହିତ ଯୋଗାଯୋଗ କରୁନାହାଁନ୍ତି । ତେଣୁ ସେମାନଙ୍କୁ ଜଣାଇ ଦିଆଯାଉଛି କି, ଏହି ନୋଟିସ୍ ତାରିଖ ଠାରୁ ୯୦ ଦିନ ମଧ୍ୟରେ ସେମାନେ ସେମାନଙ୍କର ବ୍ୟାଙ୍କ ଶାଖା ସହ ଯୋଗାଯୋଗ କରନ୍ତୁ ଏବଂ ବ୍ୟାଙ୍କର ବକେୟା ଦେୟ ସଙ୍ଗେ ସଙ୍ଗେ ପୈଠ କରନ୍ତୁ । ଆପଣମାନେ ବକେୟା ଦେୟ ପୈଠ କରୁନଥିବାରୁ ବ୍ୟାଙ୍କ ପକ୍ଷରୁ ଦେୟ ପୈଠ ନିମନ୍ତେ ବାରମ୍ବାର ଅନୁରୋଧ କରାଯାଉଛି ତଥାପି ଆପଣମାନେ ଦେୟ ପୈଠ କରିବାରେ ବିଫଳ ହୋଇଛନ୍ତି, ଫଳସ୍ୱରୂପ ଆପଣଙ୍କର ଭଡା ଲକରର ସମସ୍ତ ଅଧିକାର ବାଜ୍ୟାପ୍ତି ହୋଇଯିବ ଏବଂ ଆପଣଙ୍କୁ ଆବଣ୍ଟିତ ଲକରକୁ ବ୍ୟାଙ୍କ ପୁନଃ ଦଖଲ କରିବାରେ ହକଦାର ହେବ ।

ବ୍ୟାଙ୍କ ଆପଣଙ୍କ ଲକର ଉପରେ ପୁନଃ ଦଖଲ ଅଧିକାର ପ୍ରୟୋଗ କରି, ତାହାକୁ ତା.୧୩.୧୦.୨୦୨୫ରିଖ (ନୋଟିସ୍ ପ୍ରକାଶନର ୯୦ ଦିନ ଠାରୁ) ମଧ୍ୟାହ୍ନ ୧୨.୦୦ ଘଟିକା (ସମୟ)ରେ ଆପଣଙ୍କ ଖର୍ଚ୍ଚ ଏବଂ ଦାୟରେ ଭାଙ୍ଗି ଖୋଲିବାକୁ ସ୍ଥିର କରିଛି । ଏଣୁ, ଆପଣଙ୍କୁ ପରାମର୍ଶ କି ଆପଣ ଏହି ନୋଟିସ୍ ପ୍ରକାଶନ ତାରିଖ ଠାରୁ ଧାର୍ଯ୍ୟ ସମୟସୀମା ମଧ୍ୟରେ ବକେୟା ଦେୟ ବ୍ୟାଙ୍କକୁ ପୈଠ କରନ୍ତୁ ।

ସ୍ଥାନ: ଭୁବନେଶ୍ୱର, ତାରିଖ : ୦୯.୦୭.୨୦୨୫ — ଶାଖା ପ୍ରବନ୍ଧକ/କ୍ଷମତାପ୍ରାପ୍ତ ଅଧିକାରୀ, ବ୍ୟାଙ୍କ ଅଫ୍ ମହାରାଷ୍ଟ୍ର



**NOTICE**

By virtue of an affidavit sworn before The Notary Public, Bhubaneswar dated- 07.07.2025. I, **HARAN BIBI**, Address: At-Dibyasinghaprasad, Po- Keranga, Ps/Dist- Khordha, Odisha-752055 and presently residing at Dibyasinghaprasad, Po- Keranga, Ps/Dist- Khordha, Odisha-752055 declare that I have changed my name from **HARUN BIBI** to **HARAN BIBI.** Henceforth, she shall be known as **HARAN BIBI** for all purposes.

**(HARAN BIBI)**

**AFFIDAVIT**

I, Dibyasingha Dash, age about 82 years, S/o-Late Anam Dash, resident of At- Kolar, Po-Desthali, Ps-Kakatpur, Dist- Puri, Pin- 752107, Odisha declared by this affidavit No. 8190, dated- 08.07.2025 that now onwards I Shall be known **DIBYASINHA DASH** for all future purposes.

**AFFIDAVIT**

I, Saikat Dev, S/o-Samir Deb, resident of At- Gali No.7, Pahadi Mandir, PO- K.M. Road, Ps/Dist- Jharsuguda, PIN- 768202, Odisha declared by this affidavit No. 3234, dtd-07/07/2025 that now onwards I shall be known as **SAIKAT DEB** for all future purposes.

**AFFIDAVIT**

I, Bachana Sahoo, S/o- Late Bairagi Sahoo resident of At-Talamal, Po-Gadakokal, PS-Brahmagiri, Dist- Puri, Pin-752011, Odisha declare by this affidavit no-07, dtd-09/05/2025 that now onwards I shall be known as **BACHAN SAHOO** for all future purposes.



**ପୂର୍ବ ତଟ ରେଳପଥ**

(1) ଟେଣ୍ଡର ସଂ. ELOP-T-06-2025

**କାର୍ଯ୍ୟର ନାମ :** 02 ବର୍ଷ ଅବଧି ନିମନ୍ତେ ସବ୍‌ସିଡ୍ ପ୍ରାପ୍ତ ଭୋଜନ ବ୍ୟବସ୍ଥା ସହିତ ଅନୁଗୁଳ ଠାରେ କ୍ଲୁ ଲବି ଏବଂ ରନିଙ୍ଗ୍ ରୁମ୍‌ର ରକ୍ଷଣାବେକ୍ଷଣ ।

**ବିଜ୍ଞାପିତ ମୂଲ୍ୟ :** ₹ 1,49,76,774.36, EMD : ₹ 2,24,900/-, ଟେଣ୍ଡର ନଥିପତ୍ରର ମୂଲ୍ୟ : ₹ 5,900/-, ଶେଷ ହେବା ଅବଧି : 730 ଦିନ ।

(2) ଟେଣ୍ଡର ସଂ. ELOP-T-07-2025

**କାର୍ଯ୍ୟର ନାମ :** 02 ବର୍ଷ ଅବଧି ନିମନ୍ତେ ବାହାର ଏଜେନ୍ସି ଜରିଆରେ ସବ୍‌ସିଡ୍ ପ୍ରାପ୍ତ ଭୋଜନ ବ୍ୟବସ୍ଥା ସହିତ ପାରାଦ୍ୱୀପ ଠାରେ କ୍ଲୁ ଲବି ଏବଂ ରନିଙ୍ଗ୍ ରୁମ୍‌ର ରକ୍ଷଣାବେକ୍ଷଣ ।

**ବିଜ୍ଞାପିତ ମୂଲ୍ୟ :** ₹ 3,06,70,684.98, EMD : ₹ 3,03,400/-, ଟେଣ୍ଡର ନଥିପତ୍ରର ମୂଲ୍ୟ : ₹ 11,800/-, ଶେଷ ହେବା ଅବଧି : 730 ଦିନ ।

ବିଡ୍ ଆରମ୍ଭ ହେବା ତାରିଖ : ତା.10.07.2025ରିଖ

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.24.07.2025ରିଖ 1600 ଘଟିକାରେ ।

ଏହି ଟେଣ୍ଡର ନିମନ୍ତେ ମାନୁଆଲ ଅଫରଗୁଡ଼ିକୁ ଅନୁମତି ଦିଆଯିବ ନାହିଁ ଏବଂ ସେହିଭଳି ପ୍ରାପ୍ତ ଯେକୌଣସି ମାନୁଆଲ ପ୍ରସ୍ତାବକୁ ଗ୍ରହଣ କରାଯିବ ନାହିଁ ।

ଇ-ଟେଣ୍ଡର ନଥିପତ୍ର ସହିତ ସଂପୂର୍ଣ୍ଣ ବିବରଣୀ ଏବଂ ଶୁଦ୍ଧିପତ୍ର ୱେବ୍‌ସାଇଟ୍ www.ireps.gov.inରେ ଉପଲବ୍ଧ ଅଟେ ।

ବରିଷ୍ଠ ମଣ୍ଡଳ ବିଦ୍ୟୁତ୍ ଯନ୍ତ୍ରୀ (OP), ଖୋର୍ଦ୍ଧା ରୋଡ୍

PR-332/Q/25-26



**AFFIDAVIT**

I, Bikash Agrawal, S/o-Ramniwas Agrawal, Resident of Ward No.11, Shaktinagar, Bargarh, P.O./P.S./ Dist.- Bargarh, Pin- 768028 (Odisha), declare by this Affidavit No. 92, Dated 07.07.2025, that now onwards I shall be known as **Bikash Agrawala** for all future purposes.

**AFFIDAVIT**

By virtue of an affidavit sworn before the Executive Magistrate, Bhubaneswar on dated 05.07.2025 vide C.F.No.01 Dated 05.07.2025, I Rohit Mahakhud (New Name) employed as AAO ZAO, CBDT, Bhubaneswar, Odisha declare that, I have changed my name from Rohita Mahakhuda (Old Name) to Rohit Mahakhud (New Name). Henceforth I shall be known as **Rohit Mahakhud** for all purpose.

**AFFIDAVIT**

By virtue of an affidavit sworn before Executive Magistrate: Papadahandi, on 26-06-2025. I Daimati Bindhani, W/o Damu Bindhani, residing At/Po: Biriguda Ps: Kodinga Dist: Nabarangpur, declare that I have changed my name from Dayamati Bindhani to Daimati Bindhani. Henceforth I shall be known as **Daimati Bindhani** for all purposes.

**AFFIDAVIT**

By virtue of an affidavit sworn before Executive Magistrate: Papadahandi, on 07-07-2025. I Durjyan Goud, residing At: SilokgudaPo: Mokia Ps: Papadahandi Dist: Nabarangpur, declare that I have changed my Son's name from Dama Goud to Sripati Goud. Henceforth he shall be known as **Sripati Goud** for all purposes.

**AFFIDAVIT**

I, Ajay Kumar Pradhan, S/o- Laxmidhar Pradhan, resident of At/Po- Dandamukundapur, Ps- Pipili, Pin-752104, Dist- Puri, Odisha declared by this affidavit No- 8189, dated- 08.07.2025, that now onwards I shall be known as **AJAYA KUMAR PRADHAN** for all future purposes.

**AFFIDAVIT**

I, Swarnamudra Dev, W/o- Saikat Deb, resident of At- Gali No.7, Pahadi Mandir, PO- K.M. Road, Ps/Dist-Jharsuguda, PIN-768202, Odisha declared by this affidavit No. 3233, dtd- 07/07/2025 that now onwards I shall be known as **SWARNAMUDRA DEB** for all future purposes.

**AFFIDAVIT**

By virtue of the affidavit sworn before the Executive Magistrate, Pattamundai on dated- 08/07/2025. I, **Jharana Das**, D/o-Debendra Swain, resident of Village-Chhedara, Po- Gunupur, PS-Pattamundai, Dist. Kendrapada, Odisha. My Name has been recorded as **Matji Jharana Dash** in my postal NSC Ac No- 6275385402 and **Mataji Jharana Dash** in my postal SB Ac No. 6274869013. I declare that **Jharana Das, Matji Jharana Dash & Mataji Jharana Dash** is one and same person for all future purposes.

**AFFIDAVIT**

By virtue of an affidavit before Notary public, Kantabanji, I, **Bijay Kumar Agrawal**, formally called Bijaya Kumar Agrawal, S/o.: Basanta Lal Agrawal, permanent resident of Kaushalyapara, Bangomunda, Bolangir, Odisha-767040, currently residing at Kaushalyapara, Bangomunda, Bolangir, Odisha-767040 declared for and on behalf of myself I wholly renounce, relinquish and abandon the use of my former name of Bijaya Kumar Agrawal and in place thereof do assume from the date hereof the name of **Bijay Kumar Agrawal** and as that may thereafter be called, known and distinguished not by my former name of Bijaya Kumar Agrawal but by my assumed name of **Bijay Kumar Agrawal.**

# ଝୁମ୍ପୁରା ବିଇଓ କାର୍ଯ୍ୟାଳୟ ଜରାଜୀର୍ଣ୍ଣ

ବାଲିବନ୍ଧ, ୮।୭ (ସମିସ)





ଗୁଣାତ୍ମକ ଶିକ୍ଷାଦାନ, ଜାତୀୟ ଶିକ୍ଷାନୀତି.. ସବୁ ଗୋଟିଏ ପଟେ ରହିଥିବା ବେଳେ ଶିକ୍ଷା ବିଭାଗରେ ଦୁର୍ବଳ ଭିତ୍ତିଭୂମି ଯୋଗୁଁ ସବୁକିଛି ଉଦ୍ଦେଶ୍ୟ ପୂରଣ ହୋଇପାରୁ ନାହିଁ। ଝୁମ୍ପୁରା ବ୍ଲକରେ ଶିକ୍ଷା ବ୍ୟବସ୍ଥାକୁ ତଦାରଖ ଓ ପରିଚାଳନା କରୁଥିବା ଗୋଷ୍ଠୀ ଶିକ୍ଷାଧୀକାରୀଙ୍କ କାର୍ଯ୍ୟାଳୟର ଭିତ୍ତିଭୂମି ଅତ୍ୟନ୍ତ ଦୁର୍ବଳ। କାର୍ଯ୍ୟାଳୟ କୋଠାଟି ଜରାଜୀର୍ଣ୍ଣ ହୋଇପଡ଼ିଛି। ଝୁମ୍ପୁରା ବ୍ଲକ୍ ଅଧୀନରେ ୨୦୧୩ରୁ ଏହା କାର୍ଯ୍ୟକ୍ଷମ ହୋଇଛି। ଡିପିଇପି ଆନୁକୂଲ୍ୟରେ ୧୯୯୬ରେ ନିର୍ମିତ ବିଆରସି କୋଠାରେ ଏହି କାର୍ଯ୍ୟାଳୟ ଚାଲିଥିବାବେଳେ ବର୍ତ୍ତମାନ ଏହି କାର୍ଯ୍ୟାଳୟ ଅଧୀନରେ ପ୍ରାଥମିକ, ଉଚ୍ଚପ୍ରାଥମିକ, ଉଚ୍ଚ ବିଦ୍ୟାଳୟ, ସେବାଶ୍ରମ, ଆଶ୍ରମ ଆଦି ୨୨୧ଟି ସରକାରୀ ଏବଂ ବେସରକାରୀ ବିଦ୍ୟାଳୟ ରହିଛି। ସେହିପରି ୧୯୩ଟି ବିଦ୍ୟାଳୟରେ ମଧ୍ୟାହ୍ନ ଭୋଜନ ଯୋଜନା ଚାଲିଛି। ୧୨ଟି କ୍ଲଷ୍ଟରରେ ବିଭକ୍ତ କରି ସିଆରସିସିଙ୍କୁ ନିୟୋଜିତ କରାଯାଇଛି।

ଏହାକୁ ପୂର୍ଣ୍ଣାଙ୍ଗ ଭାବେ ପରିଚାଳନା କରିବା ପାଇଁ ରହିଥିବା ବ୍ଲକ୍ ଶିକ୍ଷା କାର୍ଯ୍ୟାଳୟ କୋଠାକୁ ଦେଖିଲେ କିପରି ଶିକ୍ଷା ବ୍ୟବସ୍ଥାର ରୂପାନ୍ତରଣ ହେଉଥିବ ସହଜରେ ଅନୁମାନ କରାଯାଇପାରିବ। ଚାରିଆଡ଼େ ଲଟା ବୁଦାରେ ଢାଙ୍କି ହୋଇଯାଇଛି। କାର୍ଯ୍ୟାଳୟ ସମେତ ଷ୍ଟୋର ଏବଂ ବାରଣ୍ଡା ଛାତରୁ ପାଣି ଗଳୁଛି। ପାଣି ଝରୁଥିବାରୁ ଷ୍ଟୋର ରୁମ୍ କାନ୍ଥଗୁଡ଼ିକ ବିପଦ ସଙ୍କୁଳ ହୋଇପଡ଼ିଛି। ବହି, ଖାତା ଏବଂ ବିଭିନ୍ନ ପାଠ୍ୟ

**● ପାଣିରେ ଭିଜୁଛି ପାଠ୍ୟ ଉପକରଣ**
**● ଜଣେ ଶିକ୍ଷକରେ ଏକାଧିକ ସ୍କୁଲ**

ଉପକରଣ ବର୍ଷା ପାଣି ଯୋଗୁଁ ଅସୁରକ୍ଷିତ ଅବସ୍ଥାରେ ରହିଛି। କିଛି ପାଠ୍ୟ ପୁସ୍ତକ ବାଧ୍ୟ ହୋଇ ବାରଣ୍ଡାରେ ରଖାଯାଇଛି ତାହା ମଧ୍ୟ ନଷ୍ଟ ହେବାର ଆଶଙ୍କା ରହିଛି। ଅଫିସ୍ ରୁମ୍ ଗୁଡ଼ିକରେ ପାଣି ଗଳୁଥିବାରୁ କମ୍ପ୍ୟୁଟର ଏବଂ ଅନ୍ୟାନ୍ୟ ଉପକରଣ ନଷ୍ଟ ହେବାକୁ ବସିଛି।

ଭଗବାନ ମିଶ୍ର ଝୁମ୍ପୁରା ଗୋଷ୍ଠୀ ଶିକ୍ଷାଧିକାରୀଙ୍କ ସହ ବିଆରସିସି ନବକିଶୋର ସାମଲ ବିଆରସିସି ଏବଂ ଜୟନ୍ତୀ ମଲ୍ଲିକ ରହିଛନ୍ତି। ମୁକୁନ୍ଦ ଚରଣ ସାହୁ ଏବିଇଓ ଦାୟିତ୍ୱରେ ରହିଛନ୍ତି। ଏଠାରେ ୨ଟି ପିଅନ ପଦ ମଧ୍ୟରୁ ୨ ବର୍ଷ ହେଲା ତାହା ଫାଙ୍କା ପଡ଼ିଛି। ବିଆରସି ଆଟେଣ୍ଡାଣ୍ଟ ଜଣକ ସବୁ କାମ ତୁଲାଉଛନ୍ତି। ୧୨୧ଟି ବିଦ୍ୟାଳୟ ନିମନ୍ତେ ବିଭିନ୍ନ ବର୍ଗର ୫୬୪ଟି ମଞ୍ଜୁରୀପ୍ରାପ୍ତ ଶିକ୍ଷକ ପଦ ମଧ୍ୟରୁ ୩୬୪ ଜଣ ଶିକ୍ଷାଦାନ କରୁଛନ୍ତି। ମୋଟ ୨୦୦ଟି ଶିକ୍ଷକ ପଦ ଖାଲି ପଡ଼ିଥିବା ଜଣାପଡ଼ିଛି। ଅପରପକ୍ଷେ ଆଜି ମଧ୍ୟ ଏହି କାର୍ଯ୍ୟାଳୟ ଅଧିନରେ ରହିଥିବା ଅନେକ ପ୍ରାଥମିକ ବିଦ୍ୟାଳୟ ଜଣେ ଲେଖାଏଁ ଶିକ୍ଷକରେ ଚାଲିଛି। ଅସନପାଟ ପଞ୍ଚାୟତର ଡ଼ାକୁଆପଶି ନାଳିସାହି ପ୍ରାଥମିକ ବିଦ୍ୟାଳୟ, ନହବେଡା ପଞ୍ଚାୟତର ଦୋବଲାବେଡା ପ୍ରାଥମିକ ବିଦ୍ୟାଳୟ, ଚଉଉଠିଆର ବନ୍ଧଡ଼ିହ ପ୍ରାଥମିକ ବିଦ୍ୟାଳୟ ଆଦି ଜଣେ ଲେଖାଏଁ ଶିକ୍ଷକରେ ଚାଲିଥିବାବେଳେ ଅଭିଭାବକ ମହଲରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଶୀଘ୍ର ଶିକ୍ଷକ ବ୍ୟବସ୍ଥା କରିବା ପାଇଁ ସ୍ଥାନୀୟ ଲୋକେ ଦାବି କରିଛନ୍ତି। ଝୁମ୍ପୁରା ବ୍ଲକ୍‌ରେ ଶିକ୍ଷା ବ୍ୟବସ୍ଥାର ଏତାଦୃଶ ଅବସ୍ଥାକୁ ନେଇ ବୁଦ୍ଧିଜୀବୀ ମହଲରେ ଅସନ୍ତୋଷ ସୃଷ୍ଟି ହୋଇଥିବାବେଳେ ସମସ୍ୟାର ଆଶୁ ସମାଧାନ ପାଇଁ ଦାବି ହୋଇଛି। ଏହାକୁ ନେଇ ବିଇଓ ଶ୍ରୀ ମିଶ୍ର ସର୍ବନିମ୍ନ ୨ ଜଣ ଶିକ୍ଷକ ବ୍ୟବସ୍ଥା କରିବା ପାଇଁ ପ୍ରୟାସ ଆରମ୍ଭ କରିଥିବା ପ୍ରକାଶ କରିବା ସହ କାର୍ଯ୍ୟାଳୟ କୋଠା ଏବଂ ଅନ୍ୟାନ୍ୟ ସମସ୍ୟା ସମ୍ବନ୍ଧରେ ଉପରିସ୍ଥ ବିଭାଗୀୟଅଧିକାରୀଙ୍କୁ ଅବଗତ କରାଯାଇଥିବା କହିଛନ୍ତି।

## ଷ୍ଟ୍ରିଟ୍‌ଲାଇଟ୍ ଅଚଳ
# ଅନ୍ଧାରରେ ସାଇଁକୁଳ ବଜାର



ରାମଚନ୍ଦ୍ରପୁର, ୮।୭(ସମିସ): ୨୦ ନମ୍ବର ଜାତୀୟ ରାଜପଥ ସାଇଁକୁଳ ବଜାର ଅଞ୍ଚଳ ଦୀର୍ଘ ଦିନ ହେଲା ଘନ ଅନ୍ଧାରରେ ରହିଛି। ଷ୍ଟ୍ରିଟ୍ ଲାଇଟ୍ ଜଳୁ ନଥିବାରୁ ସନ୍ଧ୍ୟାହେଲେ ଜାତୀୟ ରାଜପଥ ଅନ୍ଧକାର ରହୁଛି। ସାଇଁକୁଳ ବଜାର ଏକ ଜନଗହଳି ପୂର୍ଣ୍ଣ ଅଞ୍ଚଳ। ବିଭିନ୍ନ କାର୍ଯ୍ୟାଳୟ ସହ ସାମାଜିକ, ଅର୍ଥନୈତିକ, ରାଜନୈତିକ ଦୃଷ୍ଟିକୋଣରୁ ଲୋକଙ୍କ ଚଳପ୍ରଚଳ ରହିଥାଏ। ଗୁରୁବାର ସାପ୍ତାହିକ ହାଟ ଏଠାରେ ରହିଛି। ପୂର୍ବରୁ ଅନ୍ଧାରର ସୁଯୋଗ ନେଇ ଅନେକଥର ଏହି ବଜାରରୁ ରାତିରେ ଚୋରି ହୋଇଛି। ଅନେକ ସମୟରେ ଛୋଟବଡ଼ ଦୁର୍ଘଟଣା ମଧ୍ୟ ଘଟୁଛି। ଜାତୀୟ ରାଜପଥ କର୍ତ୍ତୃପକ୍ଷ ଏହାକୁ ସଜାଡ଼ିବା ଦିଗରେ ବିଲକୁଲ ଧ୍ୟାନ ଦେଉନାହାନ୍ତି।

ବଜାରରୁ ମାତ୍ର ଦୁଇ କିଲୋମିଟର ଦୂର ହସନପୁରଠାରେ ଟୋଲ ଆଦାୟରେ ବ୍ୟସ୍ତ ଥିବାବେଳେ ଷ୍ଟ୍ରିଟଲାଇଟଗୁଡ଼ିକୁ ବଦଳଇବା କିମ୍ବା ଏହାର ମରାମତି ଦିଗରେ କର୍ତ୍ତୃପକ୍ଷ ଦୃଷ୍ଟି ଦେଉନାହାନ୍ତି। ଯଥାଶୀଘ୍ର ଏହି ଅଞ୍ଚଳରେ ଆଲୋକୀକରଣ ବ୍ୟବସ୍ଥାକୁ ସୁନିଶ୍ଚିତ କରାଯିବାକୁ ସାଇଁକୁଳ ଆଞ୍ଚଳିକ ନାଗରିକ ମଞ୍ଚ ପକ୍ଷରୁ ସେନା ସୁବେଦାର ସନ୍ତୋଷ ସ୍ୱାଇଁ ଦାବି କରିଛନ୍ତି।

# ଓଡ଼ିଶା ସାହିତ୍ୟ ଏକାଡ଼େମୀ ପକ୍ଷରୁ ସ୍କୁଲସ୍ତରୀୟ ପ୍ରତିଯୋଗିତା



କେନ୍ଦୁଝର, ୮।୭(ସମିସ); ଓଡ଼ିଶା ସାହିତ୍ୟ ଏକାଡେମୀର ସ୍ୱନକ୍ଷତ୍ର ଦିବସ ପାଳନ ଉପଲକ୍ଷେ ଜିଲ୍ଲା ସଂସ୍କୃତି କାର୍ଯ୍ୟାଳୟ, କେନ୍ଦୁଝର ପକ୍ଷରୁ ରବିବାର ସ୍ଥାନୀୟ ଏନଏସ ପୋଲିସ ଉଚ୍ଚ ବିଦ୍ୟାଳୟଠାରେ ବିଦ୍ୟାଳୟସ୍ତରୀୟ ବିଭିନ୍ନ ପ୍ରତିଯୋଗିତା ଆୟୋଜନ କରାଯାଇଛି। ଦୁଇଟି ଗ୍ରୁପରେ ବିଭକ୍ତ ହୋଇ ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ସାଧାରଣଜ୍ଞାନ, ପ୍ରବନ୍ଧ ଲିଖନ, ବକ୍ତୃତା ଏବଂ କବିତା ଆଦି ବିବିଧ ପ୍ରତିଯୋଗିତାରେ ଭାଗ ନେଇଥିଲେ। କୃତୀ ପ୍ରତିଯୋଗୀମାନେ ଆଗକୁ ହେବାକୁଥିବା ରାଜ୍ୟସ୍ତରୀୟ ପ୍ରତିଯୋଗିତାରେ ଭାଗ ନେଇ ବିଭିନ୍ନ ଜିଲ୍ଲାର ପ୍ରତିଯୋଗୀଙ୍କ ସହ ପ୍ରତିଦ୍ୱନ୍ଦ୍ୱିତା କରିବେ। ପ୍ରତିଯୋଗାତାଗୁଡିକର ବିଚାକର ଭାବେ ନିରାକାର ସ୍ୱାଇଁ, ରମାକାନ୍ତ ସ୍ୱାଇଁ, ହର ଦାସ, ନନ୍ଦିତା ଭଟ୍ଟାଚାର୍ଯ୍ୟ, ଧିରେନ ମହାନ୍ତି, ନରେଶ ପଟ୍ଟନାୟକ, ଅବିନାଶ ଦାସ ଓ ବିଜୟ କୁମାର ବେହେରା ରହିଥିବା ବେଳେ ଜିଲ୍ଲା ସଂସ୍କୃତି ଅଧିକାରୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ବିଦ୍ୟାଳୟ ପରିସରରୁ ଚନ୍ଦନ ଗଛ କାଟିଦେଲେ



ରାମଚନ୍ଦ୍ରପୁର, ୮।୭(ସମିସ): ଘସିପୁରା ବ୍ଲକ ଅଳତି ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରୁ ଗତ ରାତିରେ କେହି ଦୁର୍ବୃତ୍ତ ମୂଲ୍ୟବାନ ଚନ୍ଦନ ଗଛକୁ କାଟି ଦେଇଛି। ବିଦ୍ୟାଳୟ ଖୋଲାଯିବା ପରେ ଚନ୍ଦନ ଗଛଟି ମୂଳରୁ କଟାଯାଇ ତା'ର ଗଣ୍ଡି ଏବଂ ଡାଳ ଏଣେତେଣେ ବିଛୁରିତ ହୋଇ ପଡ଼ିଥିଲା। ଏନେଇ କିଛି ଖୋଜ ଖବର ମିଳି ନଥିଲା। ସ୍କୁଲ ପରିଚାଳନା କମିଟିର ନିଷ୍ପତ୍ତିକ୍ରମେ ଚନ୍ଦନ ଗଛର ଅବଶିଷ୍ଟ ଗଣ୍ଡିକୁ ଗ୍ରାମର ହରଚଣ୍ଡୀ ଏବଂ ଚନ୍ଦ୍ରଶେଖର ମନ୍ଦିରକୁ ପ୍ରଦାନ କରାଯାଇଛି। ଅବାଧରେ ସ୍କୁଲ ପରିସରକୁ ପଶି ଏଭଳି ଆକ୍ରୋଶମୂଳକ କାମକୁ ସ୍ଥାନୀୟ ବୁଦ୍ଧିଜୀବୀ ନାପସନ୍ଦ କରିଛନ୍ତି। ବିଦ୍ୟାଳୟରେ ଜଣେ ରାତ୍ର ଜଗୁଆଳି ନିଯୁକ୍ତି କରିବାକୁ ପରାମର୍ଶ ଦିଆଯାଇଥିବା ଜଣାପଡ଼ିଛି।

# ଦିନିକିଆ ଚେସ୍ ପ୍ରଶିକ୍ଷଣ ଓ ସଚେତନତା




କେନ୍ଦୁଝର/ଯୋଡ଼ା, ୮।୭(ସମିସ): ଯୋଡ଼ାସ୍ଥିତ ଟାଟା ଡିଏଭି ସ୍କୁଲରେ ଜିଲ୍ଲା ଚେସ ସଂଘ ପକ୍ଷରୁ ଦିନିକିଆ ଚେସ୍ ପ୍ରଶିକ୍ଷଣ ଓ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ସଂଘର ସମ୍ପାଦକ ଅମର ମହାନ୍ତିଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଏହି ଶିବିରରେ ରାଜ୍ୟ ଚେସ ସଂଘ ସଭାପତି ତଥା ବିଜୁ ପଟ୍ଟନାୟକ ଶ୍ରେଷ୍ଠ କୋଚ କ୍ରୀଡ଼ା ପୁରସ୍କାରପ୍ରାପ୍ତ ବିଜେତା ସତ୍ୟରଞ୍ଜନ ପଟ୍ଟନାୟକ ଏବଂ ଏସଆର ଚେସର ବରିଷ୍ଠ ପ୍ରଶିକ୍ଷକ ଅବିନାଶ ଦାସ ଯୋଗ ଦେଇଥିଲେ। ପ୍ରଶିକ୍ଷାର୍ଥୀଙ୍କୁ ଚେସ ଖେଳର ମୌଳିକ ଜ୍ଞାନ ଓ ବିଭିନ୍ନ ପ୍ରକାର କୌଶଳ ବିଷୟରେ ଶିକ୍ଷାଦାନ କରି ପିଲାମାନଙ୍କୁ ଚେସ ଖେଳ ପ୍ରତି ଉତ୍ସାହିତ କରାଇଥିଲେ। ସ୍ଥାନୀୟ ୪ଟି ମୁଖ୍ୟ ବିଦ୍ୟାଳୟ ସେଣ୍ଟ ଟେରେସା, ସେଣ୍ଟ ମେରି, ବଡବିଲ ଜିନ୍ଦଲ ସ୍କୁଲ ଓ ଟାଟା ଡିଏଭିର ପ୍ରାୟ ୪୦ ଜଣ ଦକ୍ଷ ପ୍ରଶିକ୍ଷାର୍ଥୀ ଏଥିରେ ଅଂଶଗ୍ରହଣ କରିଥିଲେ। ଖେଳାଳି ଏବଂ ଅଭିଭାବକମାନେ ଏହାକୁ ପ୍ରଶଂସା କରିବା ସହ ଉତ୍ସାହର ସହ ଯୋଗ ଦେଇଥିଲେ। ଟାଟା ଡିଏଭି ସ୍କୁଲର ପ୍ରିନ୍ସିପାଲ, ସାଇ ସାର, ସମସ୍ତ କର୍ମଚାରୀଙ୍କ ସହ ପୂରବୀ ଦାସ ପ୍ରମୁଖ ସହଯୋଗ କରିଥିଲେ।

# ଶ୍ରେଣୀଗୃହ ଛାତରୁ ଗଳୁଛି ପାଣି; ବାରଣ୍ଡାରେ ଶିକ୍ଷାଦାନ




ତୁରୁମୁଙ୍ଗା, ୮।୭(ସମିସ): ସାହାରପଡ଼ା ବ୍ଲକ ଖଡ଼ିକାପଦା ପଞ୍ଚାୟତ ପୁରୁଣାପାଣି ସରକାରୀ ପ୍ରାଥମିକ ବିଦ୍ୟାଳୟର ଶ୍ରେଣୀଗୃହ ଛାତରୁ ବର୍ଷା ପାଣି ଗଳୁଛି। ଛାତ୍ରଛାତ୍ରୀମାନେ ସୋମବାର ସ୍କୁଲ ବାରଣ୍ଡାରେ ବସି ପାଠ ପଢ଼ିଥିଲେ। ଏଭଳି ଅଭାବନୀୟ କାରଣରୁ ଉକ୍ତ ବିଦ୍ୟାଳୟରେ ଶିକ୍ଷାଦାନ ବାଧାପ୍ରାପ୍ତ ହେଉଛି। ଶ୍ରେଣୀଗୃହ ସହ କାର୍ଯ୍ୟାଳୟରେ ମଧ୍ୟ ପାଣି ଗଳୁଥିବାରୁ ଛାତ୍ରଛାତ୍ରୀମାନେ ବାଧ୍ୟହୋଇ ବାରଣ୍ଡାରେ ବସିଥିଲେ। ଛାତରୁ ଖଣ୍ଡ ଖଣ୍ଡ ହୋଇ ସିମେଣ୍ଟ ଖସୁଥିବା ଯୋଗୁଁ ପିଲାଙ୍କ ପ୍ରତି ବିପଦ ଦେଖାଦେଇଛି। ଏନେଇ ଅଭିଭାବକ ମହଲରେ ପ୍ରତିକ୍ରିୟା ପ୍ରକାଶ ପାଇଛି। ବିଦ୍ୟାଳୟଟି ୧୯୭୯ରେ ସ୍ଥାପିତ ହୋଇଥିବା ବେଳେ ୫ଟି ଶ୍ରେଣୀରେ ୧୫ ଜଣ ଛାତ୍ରୀଛାତ୍ରଙ୍କୁ ଦୁଇଜଣ ଶିକ୍ଷକ ଶିକ୍ଷାଦାନ କରୁଛନ୍ତି। ସ୍କୁଲର ନୂତନ ଗୃହ ନିର୍ମାଣ କରିବା ପାଇଁ ଅଭିଭାବକମାନେ ଦାବି କରିଛନ୍ତି। ଏଥିପ୍ରତି ବିଭାଗୀୟ ଅଧିକାରୀ ଦୃଷ୍ଟି ଦେବାକୁ ଦାବି ହୋଇଛି।

# ବାଇକ୍ ଭାଙ୍ଗିଦେଲା ଗୋଠଛଡ଼ା ଦନ୍ତା



ତୁରୁମୁଙ୍ଗା, ୮।୭(ସମିସ): ପାଟଣା ରେଞ୍ଜ ସାହାରପଡ଼ା ସେକ୍ସନ ଖୁଣ୍ଟିବେଡା ଗ୍ରାମକୁ ମଙ୍ଗଳବାର ସକାଳୁ ଏକ ଗୋଠଛଡ଼ା ଦନ୍ତା ପଶି ଆସି ଉପଦ୍ରବ କରିଛି। ଏକ ବାଇକକୁ ପାଦରେ ଦଳି ଭାଙ୍ଗି ଦେଇଛି। ଫଳରେ ସ୍ଥାନୀୟ ଲୋକମାନେ ଆତଙ୍କିତ ହୋଇପଡ଼ିଛନ୍ତି। ବଡ଼ବିଲ ଗ୍ରାମର ପ୍ରଶାନ୍ତ ନାୟକ ତାଙ୍କ ସାଙ୍ଗଙ୍କ ସହ ଦାସପଡ଼ାକୁ ଯାଉଥିବା ସମୟରେ ହଠାତ ହାତୀକୁ ଦେଖି ବାଇକକୁ ଛାଡି ଦୌଡ଼ି ପଳାଇଥିଲେ। ଗୋଠଛଡ଼ା ଦନ୍ତାଟି ବାଇକକୁ ପାଦରେ ମାଡ଼ି ଭାଙ୍ଗି ଦେଇଥିଲା। ଏଥିସହ ହାତୀଟି ଦ୍ରୌପଦୀ ହୁଡି ନିକଟରେ ଟଭାସରୁଆ ଦାସପଡା ରାସ୍ତା ଉପରେ ୪ ଘଣ୍ଟା ଧରି ଛିଡ଼ା ହୋଇ ରାସ୍ତାକୁ ଅବରୋଧ କରି ରଖିଥିଲା। ଘଟଣାସ୍ଥଳରେ ବନବିଭାଗ ଦନ୍ତା ହାତୀର ଗତିବିଧି ଉପରେ ନଜର ରଖିବା ସହ ହାତୀକୁ ଅନ୍ୟତ୍ର ଘଉଡ଼ାଇବାକୁ ଚେଷ୍ଟା ଜାରି ରଖିଛି।


# ବିଭିନ୍ନ ଦୋକାନରୁ ପୁଣି ଚୋରି

ତୁରୁମୁଙ୍ଗା, ୮।୭(ସମିସ): କେନ୍ଦେଇପଶି ବଜାରରେ ଥିବା କବିତା ଜୁଏଲରୀ ଦୋକାନର ସଟର ଚାବି ଭାଙ୍ଗି ଦୁର୍ବୃତ୍ତମାନେ ଦୋକାନରୁ ଚୋରି କରିଛନ୍ତି। ଦୀର୍ଘଦିନ ଧରି ଦୋକାନ ବନ୍ଦ ଥିବା ଯୋଗୁଁ ଦୋକାନରେ କିଛି ଇମିଟେସନ୍ ସହ ୧୦୦ ଗ୍ରାମ ରୁପା ଥିଲା। ତାକୁ ସୁନା ଭାବି ନେଇ ଯାଇଥିବା ଦୋକାନ ମାଲିକ ସାଧୁଚରଣ ପରିଡ଼ା କହିଛନ୍ତି। ଚୋରି ସାମଗ୍ରୀ ୨୦ ହଜାର ଟଙ୍କାର ହେବ ବୋଲି ଦୋକାନ ମାଲିକ ଅଭିଯୋଗ କରିଛନ୍ତି। ତୁରୁମୁଙ୍ଗା ପୁଲିସ ସିସିଟିଭି ଯାଞ୍ଚ କରିବା ପରେ ବିଭିନ୍ନ ସ୍ଥାନରେ ଛାନ୍‌ଭିନ୍ ଜାରି ରଖିଛି। ସେହିପରି ଡେଣୁଆଁ ଗ୍ରାମର ଛକ ଉପରେ ଥିବା ମା' ଭଗବତୀ ମାର୍କେଟ କମ୍ପ୍ଲେକ୍ସରେ ଥିବା ପ୍ରତାପ ମହାନ୍ତ ଟେଲରିଂ ଦୋକାନରୁ ମଧ୍ୟ ଚାବି ଭାଙ୍ଗି କପଡ଼ା ସହ ୧୫ରୁ ଊର୍ଦ୍ଧ୍ୱ ତିଆରି ହୋଇଥିବା ଡ୍ରେସକୁ ଚୋରି କରିବା ସହ ଏକ ଗ୍ୟାରେଜରୁ ବିଭିନ୍ନ ସାମଗ୍ରୀ ଦୁର୍ବୃତ୍ତମାନେ ଚୋରି କରି ନେଇଯାଇଛନ୍ତି। ତୁରୁମୁଙ୍ଗା ଥାନାଞ୍ଚଳରେ ଦିନକୁ ଦିନ ଚୋରି ବୃଦ୍ଧି ପାଉଛି। ଧନଜୀବନ ସୁରକ୍ଷା ନେଇ ଅଞ୍ଚଳବାସୀ ଚିନ୍ତାରେ ପଡିଛନ୍ତି। ରାତ୍ରକାଳୀନ ପାଟ୍ରୋଲିଂକୁ ଜୋରଦାର କରିବାକୁ ଦାବି ହୋଇଛି।

# ମା' ପାଇଁ ଗଛଟିଏ' କାର୍ଯ୍ୟକ୍ରମ

ନାରଦପୁର,୮।୭(ସମିସ): ଝୁମ୍ପୁରା ବ୍ଲକ ସଦର ଉଚ୍ଚବିଦ୍ୟାଳୟରେ ମା' ପାଇଁ ଗଛଟିଏ' କାର୍ଯ୍ୟକ୍ରମ ବନ ବିଭାଗ ପକ୍ଷରୁ ବିଦ୍ୟାଳୟର ପ୍ରଧାନଶିକ୍ଷକ ସୁରେଶଚନ୍ଦ୍ର ମହାନ୍ତଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବରେ ବ୍ଲକ ଶିକ୍ଷାଧିକାରୀ ଭଗବାନ ମିଶ୍ର, ସମ୍ମାନିତ ଅତିଥି ଭାବେ ନବକିଶୋର ସାମଲ ଯୋଗ ଦେଇଥିଲେ। ଫରେଷ୍ଟ ଗାର୍ଡ କିରାଣୀ ମହାରଣା ଓ ଜ୍ଞାନରଞ୍ଜନ କର ପରିଚାଳନା କରିଥିବା ବେଳେ ସମସ୍ତ ଶିକ୍ଷକଶିକ୍ଷୟିତ୍ରୀ ଓ ଛାତ୍ରମାନେ ସାମିଲ ହୋଇ ବିଭିନ୍ନ କିସମର ଚାରା ରୋପଣ କରିଥିଲେ।

## ବାତୋ ସ୍ୱାସ୍ଥ୍ୟ ଆରୋଗ୍ୟକେନ୍ଦ୍ରର ମଇଳାପାଣି ବାହାରେ ପଡୁଛି
# ସଜଡ଼ା ହେଉନି; ଗ୍ରାମବାସୀଙ୍କ ଅସନ୍ତୋଷ






ରାମଚନ୍ଦ୍ରପୁର, ୮।୭(ସମିସ): ଘସିପୁରା ବ୍ଲକ ବାତୋ ସ୍ୱାସ୍ଥ୍ୟ ଆରୋଗ୍ୟ କେନ୍ଦ୍ରର ପରିମଳ ପରିଚାଳନା ବ୍ୟବସ୍ଥାରେ ଘୋର ତ୍ରୁଟି ନେଇ ସ୍ଥାନୀୟ ଗ୍ରାମବାସୀ ଅଭିଯୋଗ କରିଛନ୍ତି। ପାଇଖାନା ଏବଂ ବର୍ଜ୍ୟବସ୍ତୁ ପାଇପଲାଇନ ଭାଙ୍ଗି ତୁଟି ଯାଇଛି। ଫଳରେ ମଇଳାପାଣି ଏବଂ ପାଇଖାନାପାଣି ଏତେତେଣେ ଯାଇ ଦୁର୍ଗନ୍ଧମୟ ପରିବେଶ ସୃଷ୍ଟି କରୁଛି। ସ୍ୱାସ୍ଥ୍ୟକେନ୍ଦ୍ର ନିକଟରେ ରହୁଥିବା ଗ୍ରାମବାସୀ ଏଭଳି ଦୁର୍ଗନ୍ଧମୟ ପରିବେଶରେ ପେଶି ହୋଇ ବିଭିନ୍ନ ସଂକ୍ରାମକ ରୋଗରେ ପଡୁଥିବା ଅଭିଯୋଗ କରୁଛନ୍ତି। ଏପରିସ୍ଥଳେ ଭାଙ୍ଗି ପଡ଼ିଥିବା ପାଇପଲାଇନ ସଜାଡ଼ା ହେଉ ନଥିବାରୁ ଅସନ୍ତୋଷ ପ୍ରକାଶ ପାଇଛି। ତୁରନ୍ତ ଏହାକୁ ସଜଡ଼ା ଯିବା ସହ ଏହାର ରକ୍ଷଣାବେକ୍ଷଣକୁ ଗୁରୁତ୍ୱ ଦେବାକୁ ଗ୍ରାମବାସୀ ପ୍ରଶାସନର ଦୃଷ୍ଟି ଆକର୍ଷଣ କରିଛନ୍ତି।

## ଜବରଦଖଲ ଉଚ୍ଛେଦ ଅଧା ରଖି ପ୍ରଶାସନ ଚୁପ୍
# କେଶଦୁରାପାଳ ବଜାର ରାସ୍ତା ଉବୁଟୁବୁ





ଆନନ୍ଦପୁର, ୮।୭ (ସମିସ)

ଘଷିପୁରା ବ୍ଲକ ଅନ୍ତର୍ଗତ କେଶଦୁରାପାଳ ଲକ୍ଷ୍ମୀବଜାରର ମୁଖ୍ୟରାସ୍ତା ଅବରୋଧ କରିବା ସହ ଗ୍ରାମବାସୀ ତହସିଲ୍ କାର୍ଯ୍ୟାଳୟ ଘେରଉ କରିଛନ୍ତି। ପ୍ରଶାସନ ପକ୍ଷରୁ ଉକ୍ତ ବଜାରର ଜବରଦଖଲ ଉଚ୍ଛେଦ ପ୍ରକ୍ରିୟାକୁ ଅଧାରୁ ବନ୍ଦ କରି ଦେଇଛି। ଫଳରେ ବର୍ତ୍ତମାନ ବଜାର ମଝିରେ ଜମି ରହିଛି ଆଣ୍ଠୁଏ ଆଣ୍ଠୁଏ ପାଣି। ଲୋକମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଅବହେଳା ଯୋଗୁଁ ଛାତ୍ରଛାତ୍ରୀ ଓ କେଶଦୁରାପାଳ ମେଡିକାଲକୁ ଆସୁଥିବା ରୋଗୀମାନେ ଏହି ନର୍ଦ୍ଦମା ପାଣିରେ ଯାତଆତ ବେଳେ ହନ୍ତସନ୍ତ ହେଉଛନ୍ତି। ଏହାର ପ୍ରତିବାଦ କରି ମଙ୍ଗଳବାର ଗ୍ରାମବାସୀ ବଜାରର ମୁଖ୍ୟରାସ୍ତାକୁ ଅବରୋଧ କରିଛନ୍ତି। କେଶଦୁରାପାଳ ଗ୍ରାମ ଉପରେ ଛଅଟି ପଞ୍ଚାୟତର ଲୋକମାନେ ନିର୍ଭର କରନ୍ତି। ଜରୁରୀସେବା ଦମକଳ ଓ ଆମ୍ବୁଲାନ୍ସ ମଧ୍ୟ ବଜାର ମଧ୍ୟରେ ଯିବା ଆସିବାରେ କରୁଛି। ଗୋଟିଏ ଗାଡ଼ି ଗଲେ ଆଉ ଗୋଟିଏ ଯିବା ଅସମ୍ଭବ ହେଉଛି। କେଶଦୁରାପାଳ ଗ୍ରାମର ଶତାଧିକ ଗ୍ରାମବାସୀ ଆଜି ତାହାସଲ ଅଫିସକୁ ଆସି ଅଟକିଥିବା ଜବରଦଖଲ ଉଚ୍ଛେଦକୁ ସମ୍ପୂର୍ଣ୍ଣ କରିବାକୁ ଅତିରିକ୍ତ ତହସିଲଦାର ପ୍ରଫୁଲ୍ଲ ଛୁରିଆଙ୍କୁ ଭେଟି ଆଲୋଚନା କରିଥିଲେ।

ଅତିରିକ୍ତ ତହସିଦାର ଲୋକଙ୍କ ସମସ୍ୟା ସମ୍ପର୍କରେ ଅବଗତ ହେବା ସହ ଯେଉଁ ୧୧ ଜଣଙ୍କ ଜବରଦଖଲ ଉଚ୍ଛେଦ ବାକି ଅଛି ତୁରନ୍ତ କିପରି ଉଚ୍ଛେଦ କରାଯିବ ସେନେଇ ଗ୍ରାମବାସୀଙ୍କୁ ପ୍ରତିଶ୍ରୁତି ଦେବା ପରେ ଆନ୍ଦୋଳନରୁ ଓହରି ଯାଇଥିବା ଜଣାଯାଇଛି।

# ଡ୍ରାଇଭର ମହାସଂଘର ଷ୍ଟିୟରିଂଛାଡ଼ ଆନ୍ଦୋଳନ

## ଗାଡ଼ି ଚାଳକ ରାସ୍ତାରେ; ଜୀବନଯାତ୍ରା ପ୍ରଭାବିତ


ହାଟଡ଼ିହୀ


ଅର୍ଶଳା ଛକ



ସୁଆଁପଦା ଛକ



ବାଉଁଶୁଳି ଛକ


ବାରିଗାଁ ପେଟ୍ରୋଲ ପମ୍ପ


ଭଦ୍ରାସାହି, ଯୋଡ଼ା

ହାଟଡ଼ିହୀ, ୮ ।୭ (ସମିସ):

ସୋମବାରଠୁ ରାଜ୍ୟବ୍ୟାପି ୭ ଦଫା ଦାବିନେଇ ଓଡ଼ିଶା ଡ୍ରାଇଭର ମହାସଂଘ ଷ୍ଟିୟରିଂ ଛାଡ଼ ଆନ୍ଦୋଳନରେ ସାମିଲ ହୋଇଛି । ସୁରକ୍ଷା ଆଇନ ସହିତ ପେନସନ ନିୟମ ନିର୍ଦ୍ଧାରଣ ନକରିବା ଯାଏଁ ଧାରଣା ହଟିବନି ବୋଲି ଚେତାବନୀ ଦେଇଛନ୍ତି ଡ୍ରାଇଭରମାନେ । ହାଟଡ଼ିହୀ ଶାଖା ସଂଘ ପକ୍ଷରୁ ଗାଡ଼ି ଚାଳକମାନେ ଷ୍ଟିୟରିଂ ଛାଡ଼ ଆନ୍ଦୋଳନରେ ସାମିଲ ହୋଇ ରାସ୍ତା ଉପରେ ଧାରଣା ଦେଇଛନ୍ତି । ସଂଘର ବାସୁଦେବ ମହାନ୍ତି, ଦିଲ୍ଲୀପ ମଲ୍ଲିକ, ସଞ୍ଜୟ ଖମାରୀ, ମଦନ ଜତି, ଘାଲୁ ଜେନା, ଧନେଶ୍ୱର ସାହୁ, ନିରଞ୍ଜନ ବେହେରା, ରବିନ୍ଦ୍ର ଦୋରା, ମାଧ ବେହେରା, ମାନସ ରଣା, କାଠିଆ ପହି, ଦୟାନିଧି ନାୟକ, ଦୁଃଖୀ ହୋ, ଟିକନ ଦାସ, ମକରଧ୍ୱଜ ଜେନା, ଅମୁଲି ନାୟକ, ମାସନ୍ତ ଜେନା, ଅଶୋକ ଜେନା, ଅଶୋକ ବେହେରା, ସୁବ୍ରତ ବେହେରା, ରବିନ୍ଦ୍ର ଜେନା, ମଗୁଲି ପଣ୍ଡା, ଶରତ ଜେନାଙ୍କ ସହ ବ୍ଲକର ଶତାଧିକ ଡ୍ରାଇଭର ଶାନ୍ତିଶୃଙ୍ଖଳା ସହ ଆନ୍ଦୋଳନରେ ସାମିଲ ହୋଇଛନ୍ତି । ରାସ୍ତାରେ ଯାତାୟାତ ଠପ୍ ହୋଇଯାଇଛି । ଆନନ୍ଦପୁର-ଭଦ୍ରକ ୫୩ନଂ ରାଜ୍ୟ ରାଜପଥର ହାଟଡ଼ିହୀ ମେଡିକାଲ ଛକଠାରେ ଡ୍ରାଇଭରମାନେ ଏକତ୍ରିତ ହୋଇ ସରକାରଙ୍କ ବିରୋଧରେ ନାରାବାଜି କରିଛନ୍ତି । ଆନ୍ଦୋଳନ ଦୃଷ୍ଟିରୁ ସ୍ୱତଃସ୍ଫୂର୍ତ୍ତ ଭାବେ ଅନେକ ଯାନବାହନ ବନ୍ଦ ରହିଛି । ଜବରଦସ୍ତି କୌଣସି ଜରୁରିକାଳୀନ ଗାଡ଼ି ନ ଅଟକାଇବାକୁ ଡ୍ରାଇଭର ମହାସଂଘର ସଭାପତି ମୁନ୍ନା ସାହୁ, ସମ୍ପାଦକ ଭାବଗ୍ରାହୀ ପାଗଳ କହିଛନ୍ତି ।

**ବାଲିବନ୍ଧ:** ଝୁମ୍ପୁରା ବ୍ଲକ ଡ୍ରାଇଭର ସଙ୍ଘର ସଦସ୍ୟମାନେ ୨୦ନମ୍ବର ଜାତୀୟ ରାଜପଥ ଝୁମ୍ପୁରା ଥାନା ଅଧୀନ ଅର୍ଶଳା କଲେଜ ଛକଠାରେ ଶାନ୍ତିପୂର୍ଣ୍ଣ ଭାବରେ ଧର୍ମଘଟରେ ବସିଛନ୍ତି । ଜାତୀୟ ରାଜପଥରେ ଯାନବାହନଗୁଡିକୁ ଯାତାୟାତ କରିବାରେ ଡ୍ରାଇଭର ସଙ୍ଘ ପକ୍ଷରୁ ସହଯୋଗ କରାଯାଉଛି । ବ୍ୟକ୍ତିଗତ ଦୁଇଚକିଆ ଏବଂ ଚାରିଚକିଆ ଗାଡ଼ି ମଧ୍ୟ ସୁରୁଖୁରୁରେ ଯାତାୟାତ କରୁଛନ୍ତି । ଝୁମ୍ପୁରା ବ୍ଲକ ୨୨ଟି ପଞ୍ଚାୟତର ଡ୍ରାଇଭରମାନେ ଧର୍ମଘଟ ସାମିଲ ହୋଇଛନ୍ତି । ରାଜେଶଚନ୍ଦ୍ର ମହାନ୍ତ, ଉଗ୍ରେସନ ମହାନ୍ତ, ମନୋଜ ମହାନ୍ତ, ଖଗେଶ୍ୱର ବାରିକଙ୍କ ତତ୍ତ୍ୱାବଧାନରେ ଷ୍ଟିୟରିଙ୍ଗ ଛାଡ଼ ଆନ୍ଦୋଳନ ଚାଲିଥିଲା ବେଳେ ଝୁମ୍ପୁରା ପୁଲିସ ପକ୍ଷରୁ ଶାନ୍ତିଶୃଙ୍ଖଳା ପାଇଁ ନଜର ରଖାଯାଇଛି ।

**ରାମଚନ୍ଦ୍ରପୁର:** କେନ୍ଦୁଝରର ଲାଇଫଲାଇନ କୁହାଯାଉଥିବା ୨୦ ନମ୍ବର ଜାତୀୟ ରାଜପଥ ସୁଆଁପଦା ଛକ ନିକଟରେ ଡ୍ରାଇଭରମାନେ ଏକତ୍ରିତ ହୋଇଥିଲେ । ଘସିପୁରା ଡ୍ରାଇଭର ସଂଘର ସଭାପତି ଶିବଶଙ୍କର ସାହୁ, ଜିଲ୍ଲା ସମ୍ପାଦକ ଶରତଚନ୍ଦ୍ର ମହାନ୍ତି, ବ୍ଲକ ଉପଦେଷ୍ଟା ନାରାୟଣ ଜେନାଙ୍କ ନେତୃତ୍ୱରେ ଏହି ଆନ୍ଦୋଳନ ଚାଲିଛି । ଜିଲ୍ଲା ସୀମାନ୍ତ ଜରଦାଠାରୁ ଘସିପୁରା ପର୍ଯ୍ୟନ୍ତ ରାସ୍ତାଘାଟ ଶୂନଶାନ୍ ରହିଥିଲା । ଅନିର୍ଦ୍ଦିଷ୍ଟ ଧର୍ମଘଟ ଦୃଷ୍ଟିରୁ ରାମଚନ୍ଦ୍ରପୁର ପୁଲିସ ପକ୍ଷରୁ ପାଟ୍ରୋଲିଂକୁ ବଢ଼ାଇ ଦିଆଯାଇଛି ।

**ତୁରୁମୁଙ୍ଗା:** ପାଟଣା ବ୍ଲକ ଅନ୍ତର୍ଗତ ୪୯ ନମ୍ବର ଜାତୀୟ ରାଜପଥର ବାଉଁଶୁଳି ଛକଠାରେ ଡ୍ରାଇଭର ସଙ୍ଘ ପକ୍ଷରୁ ଶାନ୍ତିପୂର୍ଣ୍ଣ ଆନ୍ଦୋଳନ କରାଯାଇଛି । ବ୍ଲକ ସଭାପତି ଭୂମିଜ ସଞ୍ଜୟ ଭୂମିଜ ସମ୍ପାଦକ ଗୌରାଙ୍ଗ ବେହେରାଙ୍କ ନେତୃତ୍ୱରେ ୩୦୦ରୁ ଅଧିକ ଷ୍ଟିୟରିଂ ଛାଡ଼ ଆନ୍ଦୋଳନରେ ସାମିଲ ହୋଇଥିଲେ । ଜରୁରିକାଳୀନ ସେବାକୁ ଛାଡ଼ି ଅନ୍ୟ ଗାଡ଼ିମୋଟରକୁ ଅଟକ ରଖିଥିଲେ । ତୁରୁମୁଙ୍ଗା ପୁଲିସ ଶାନ୍ତିଶୃଙ୍ଖଳା ବ୍ୟବସ୍ଥା କରିଥିଲା । ସାହାରପଡାଠାରେ ଡ୍ରାଇଭର ମହାସଙ୍ଘ ପକ୍ଷରୁ ୨୨୦ ନମ୍ବର ରାଞ୍ଚି ବିଜୟୱାଡା ଜାତୀୟରାଜପଥ ଢେଙ୍କିକୋଟ କରଞ୍ଜିଆ ରାସ୍ତାର ଦେଓ ନଦୀ ପୋଲରେ ଧାରଣା ଦିଆଯାଇଥିଲା ।

**ବେଲବାହାଲି:** ଆନନ୍ଦପୁର ବ୍ଲକ୍ ୨୦ ନଂ ଜାତୀୟ ରାଜପଥ ବାରିଗାଁ ପେଟ୍ରୋଲ ପମ୍ପ ନିକଟରେ ବ୍ଲକ ଡ୍ରାଇଭରସଙ୍ଘ ସଭାପତି ସତ୍ୟାନନ୍ଦ ସାହୁଙ୍କ ନେତୃତ୍ୱରେ ୧୮ଟି ପଞ୍ଚାୟତ ଓ ପୌରାଞ୍ଚଳର ଡ୍ରାଇଭରମାନେ ଧାରଣା ଦେଇଛନ୍ତି । ଦାବି ପୂରଣ ନ ହେଲା ଯାଏ ଏହି ଆନ୍ଦୋଳନ ଅବ୍ୟାହତ ରହିବ ବୋଲି ଆନନ୍ଦପୁର ଡ୍ରାଇଭର ମହାସଂଘର ସମ୍ପାଦକ ଚିତ୍ତରଞ୍ଜନ ମହାନ୍ତ, ଉପସଭାପତି ଶ୍ରୀକାନ୍ତ ବାରିକ, ସହସମ୍ପାଦକ ଅଶୋକ ବାରିକ, କୋଷାଧ୍ୟକ୍ଷ ରଞ୍ଜନ ସାହୁ, ଉପଦେଷ୍ଟା ଶ୍ରୀନିବାସ ପାଲ ପ୍ରମୁଖ ପ୍ରକାଶ କରିଛନ୍ତି । ଅନ୍ୟପଟେ ଗାଡି ଚଳାଚଳ ବନ୍ଦ ଥିବାରୁ ଯାତ୍ରୀମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହୋଇଛନ୍ତି ।

**ଯୋଡ଼ା:** ଯୋଡ଼ା ବ୍ଲକ ଡ୍ରାଇଭର ସଂଘର ସଭାପତି ବବଲୁ ମହାରଣା, ସମ୍ପାଦକ ଗୋପୀନାଥ ପାତ୍ର, ସହସମ୍ପାଦକ ରାହୁଲ ମହାରଣାଙ୍କ ନେତୃତ୍ୱରେ ମଙ୍ଗଳବାର ଭଦ୍ରାସାହିଠାରେ ଡ୍ରାଇଭର ମହାସଂଘ ପକ୍ଷରୁ ୫୦୦ରୁ ଉର୍ଦ୍ଧ୍ୱ ଡ୍ରାଇଭର ଆନ୍ଦୋଳନକୁ ଓହ୍ଲାଇଛନ୍ତି । ୧ ସେପ୍ଟେମ୍ବରକୁ ଡ୍ରାଇଭର ଦିବସ ରୂପେ ଘୋଷଣା ଆଦି ବିଭିନ୍ନ ଦାବି ନେଇ ବିକ୍ଷୋଭ ପ୍ରଦର୍ଶନ କରୁଛନ୍ତି ଗାଡ଼ି ଚାଳକ ।

## ପଳାତକ ୱାରେଣ୍ଟି ଗିରଫ

ରାମଚନ୍ଦ୍ରପୁର, ୮ ।୭ (ସମିସ): ଦୁଷ୍କର୍ମ ମାମଲାରେ ଜଡ଼ିତ ହୋଇ ଫେରାର୍ ଥିବା ଜଣେ ୱାରେଣ୍ଟି ଅଭିଯୁକ୍ତକୁ ଘସିପୁରା ପୁଲିସ ମଙ୍ଗଳବାର ସକାଳେ କାବୁ କରିଛି । ଅଭିଯୁକ୍ତ ହେଉଛି ସୁଆଁପଦା ଗ୍ରାମର କାଳିଆ ଜେନା । ଘସିପୁରା ଥାନାରେ ୪୨/୧୪ରେ ୨୦୧୪ରେ ଏକ ମାମଲା ରୁଜୁ ହୋଇଥିଲା । ସେହିଦିନଠାରୁ ସେ ଫେରାର ଥିଲାବେଳେ ଜିଲ୍ଲା ପୋକ୍ସୋ ଅଦାଲତ ୱାରେଣ୍ଟ ଜାରି କରି ପଳାତକ ଘୋଷଣା କରିଥିଲା । ଥାନାରେ ଅଧିକ ପଚରାଉଚରା ପରେ ଅଭିଯୁକ୍ତକୁ କୋର୍ଟ ଚାଲାଣ କରି ଦିଆଯାଇଛି ।

## ଲ୍ୟାମ୍ପସକୁ ସାର ପାଇଁ ଆସି ହଟହଟା ଚାଷୀ

ତୁରୁମୁଙ୍ଗା, ୮ ।୭ (ସମିସ): କେନ୍ଦୁଝର ଜିଲ୍ଲା ପାଟଣା ବ୍ଲକ ରାଜନଗର ଲ୍ୟାମ୍ପସକୁ ମଙ୍ଗଳବାର ସାର ପାଇଁ ଆସି ଦୁଇ ପଞ୍ଚାୟତର ଶତାଧିକ ଚାଷୀ ହଟହଟା ହୋଇଥିବା ଅଭିଯୋଗ ହେଉଛି । ଗେଟ ସମ୍ମୁଖରେ ସେମାନେ ହୋ ହାଲା କରିଥିଲେ । ସୂଚନା ଅନୁସାରେ, ଚାଷୀଙ୍କୁ ସାର ନେବା ପାଇଁ ମଙ୍ଗଳବାର ପଞ୍ଜୀକରଣ କରିବା ପାଇଁ ଲ୍ୟାମ୍ପ ପକ୍ଷରୁ ଚାଷୀଙ୍କୁ ଅବଗତ କରାଯାଇଥିଲା । ଚାଷୀମାନେ ଆସିଥିବା ବେଳେ ଲ୍ୟାମ୍ପରେ କୌଣସି କର୍ମଚାରୀ ନଥିଲେ । ଅପରାହ୍ନ ୩ଟାରେ ଲ୍ୟାମ୍ପ ପରିଚାଳକ ପହଞ୍ଚିବା ପରେ ଚାଷୀ ସାର ନେବାକୁ ପଞ୍ଜୀକରଣ କରିଥିଲେ; କିନ୍ତୁ ବ୍ୟାଙ୍କ ଦେଇଥିବା ସୂଚନାକୁ ସ୍ପଷ୍ଟ ନ କରିବାରୁ ଚାଷୀମାନେ ଅସନ୍ତୋଷ ପ୍ରକାଶ କରିଥିଲେ । ଏନେଇ ଲ୍ୟାମ୍ପ ପରିଚାଳକ ନିମାଇଁ ଚରଣ ମହାନ୍ତ ଘଟଣାକୁ ସ୍ୱୀକାର କରିବା ସହ ସମସ୍ୟାର ସମାଧାନ କରାଯାଇଥିବା ପ୍ରକାଶ କରିଛନ୍ତି ।

## ସମ୍ବିଧାନକୁ ବଞ୍ଚାଇବା ମୂଳଲକ୍ଷ୍ୟ: କଂଗ୍ରେସ

ବାରିପଦା, ୮ ।୭ (ସମିସ): ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ ଓ ଜାତୀୟ କଂଗ୍ରେସ ଦଳର ସଭାପତି ମଲିକାର୍ଜୁନ ଖଡ଼ଗେଙ୍କ ଆସନ୍ତା ୧୧ ତାରିଖରେ ଓଡ଼ିଶା ଗସ୍ତ ଅବସରରେ ରାଜ୍ୟ କଂଗ୍ରେସ ସଭାପତି ଭକ୍ତଚରଣ ଦାସଙ୍କ ନିର୍ଦ୍ଦେଶ କ୍ରମେ ମୟୂରଭଞ୍ଜ କଂଗ୍ରେସ ତରଫରୁ ସ୍ଥାନୀୟ ପିଡବ୍ଲୁଡି ବଙ୍ଗଳାରେ ବୈଠକ ଆୟୋଜିତ ହୋଇଯାଇଛି । ସାମ୍ବାଦିକ ସମ୍ମିଳନୀରେ ରାଜ୍ୟ କଂଗ୍ରେସ ପ୍ରବକ୍ତା ବିଭୁତି ମିଶ୍ର ଯୋଗଦେଇ ତାଙ୍କ ବକ୍ତବ୍ୟରେ ସମ୍ବିଧାନ ବଞ୍ଚାଓ ଶୋଭାଯାତ୍ରାରେ କଂଗ୍ରେସ କର୍ମୀ ଓ ଜନସାଧାରଣଙ୍କୁ ଅବଗତ କରାଇବା ସାମ୍ବାଦିକ ସମ୍ମିଳନୀର ମୁଖ୍ୟ ଉଦ୍ଦେଶ୍ୟ ବୋଲି ସୂଚାଇଥିଲେ । ସମ୍ମିଳନୀରେ ଦଳର ବରିଷ୍ଠ ନେତା ବିଜନ ଦାସ, ହେମନ୍ତ ଦାସ, ନେତ୍ରୀ ସୁସ୍ମିତା ଘୋଷାଲ, ଯୋଗେଶ ଆଗ୍ରୱାଲ, ମୀନକେତନ ବେହେରା, ତୁଷାର ବେହେରା, ଶିବାନନ୍ଦ ଦାସ, ମୋତିପ୍ରକାଶ ଦାସ, ଏମ. ଡି ଇକବାଲ, ନୀର୍ମଳ ପ୍ରଧାନ ପ୍ରମୁଖ ଯୋଗଦେଇଥିବା ବେଳେ ଜିଲ୍ଲା ସଂଯୋଜକ ଅରବିନ୍ଦ ଦାସ ସାମ୍ବାଦିକ ସମ୍ମିଳନୀ ପୌରହିତ୍ୟ କରିଥିଲେ । ପୂର୍ବତନ ମନ୍ତ୍ରୀ ସରସ୍ୱତୀ ହେମ୍ବ୍ରମ, ପୂର୍ବତନ ସାଂସଦ ସୁଶିଳା ତିରିଆ ଓ ଗତ ନିର୍ବାଚନର ବହୁ ବିଧାନସଭା ପ୍ରାର୍ଥୀ କାର୍ଯ୍ୟକ୍ରମରେ ଅନୁପସ୍ଥିତ ରହିବା ଦଳରେ ଗୋଷ୍ଠୀ କନ୍ଦଳକୁ ସୂଚାଇଥିଲା ।

## ଗୋରୁବୋଝେଇ ଟ୍ରକ୍ ଅଟକ

ତୁରୁମୁଙ୍ଗା, ୮ ।୭ (ସମିସ): କେନ୍ଦୁଝର ଜିଲ୍ଲା ଦେଇ ଯାଇଥିବା ୪୯ ନମ୍ବର ଜାତୀୟ ରାଜପଥର ବାଉଁଶୁଳି ନିକଟରୁ ଏକ ଗୋରୁ ବୋଝେଇ ଟ୍ରକକୁ ଜବତ କରି ପୁଲିସ ଜିମାରେ ଦେଇଛନ୍ତି ଡ୍ରାଇଭର ମହାସଙ୍ଘର ସଦସ୍ୟ । ଟ୍ରକରେ ପାଲ ଢାଙ୍କି ଗୋରୁଙ୍କୁ ବୋଝେଇ କରି ନିଆଯାଉଥିଲା । ଯାଞ୍ଚ ସମୟରେ ଗାଡ଼ି ଭିତରେରେ ଗୋରୁ ଉଦ୍ଧାର କରାଯାଇଛି । ୧୦ଟି ଗୋରୁ ଏଥିରେ ବୋଝେଇ ଥିଲେ । ତୁରୁମୁଙ୍ଗା ପୁଲିସ ଗାଡ଼ିକୁ ଜବତ କରିବା ସହ ଡ୍ରାଇଭର ସମେତ ୩ ଜଣଙ୍କୁ ଅଟକ ରଖିଛି । ସଠିକ କାଗଜପତ୍ର ଥିବା ତଦନ୍ତ ପରେ ଜଣାପଡିଥିଲା । ଗାଈଗୁଡିକୁ ଗୁଜୁରାଟରୁ କଲିକତାର ଏକ ଫାର୍ମକୁ ନିଆଯାଉଥିଲା ।

## ବିଶ୍ୱବିଦ୍ୟାଳୟ ଏନ୍‌ଏସଏସ ବ୍ୟୁରୋର ରଥଯାତ୍ରା ସ୍ୱତନ୍ତ୍ର ଶିବିର

ବାରିପଦା, ୮ ।୭ (ସମିସ): ରଥଯାତ୍ରା ଏବଂ ବାହୁଡ଼ା ଯାତ୍ରା ଉପଲକ୍ଷେ ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟ ଏନ୍‌ଏସଏସ ବ୍ୟୁରୋ ତରଫରୁ ସ୍ୱତନ୍ତ୍ର ଶିବିର ଆୟୋଜିତ ହୋଇଯାଇଛି । କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀଙ୍କ ନିର୍ଦ୍ଦେଶନାରେ ଏନ୍‌ଏସଏସ ବ୍ୟୁରୋ ସଂଯୋଜକ ଡଃ ବସନ୍ତ କୁମାର ମହାନ୍ତ ଏବଂ ଏନ୍‌ଏସଏସ ଜିଲ୍ଲା କାର୍ଯ୍ୟକ୍ରମ ଅଧିକାରୀ ଡଃ ଅନାମ ଚରଣ ରାଉଳଙ୍କ ତତ୍ତ୍ୱାବଧାନରେ ଶିବିରକୁ ସ୍ନାତକୋତ୍ତର ପରିଷଦ ଅଧ୍ୟକ୍ଷ ପ୍ରଫେସର କୋମଳ ଲୋଚନ ବାରିକ ଉଦଘାଟନ କରିଥିଲେ । ୫ଟି ଶିକ୍ଷାନୁଷ୍ଠାନ ସହ ବିଶ୍ୱବିଦ୍ୟାଳୟରୁ ମୋଟ ୧୫୦ ଜଣ ସ୍ୱେଚ୍ଛାସେବୀ ଓ ଏନ୍‌ଏସଏସ କାର୍ଯ୍ୟକ୍ରମ ଅଧିକାରୀ ଅଂଶ ଗ୍ରହଣ କରିଥିଲେ । କୁଳସଚିବ ସୁମିତା ସିଂ ଓ ବିତ୍ତ ନିୟନ୍ତ୍ରକ ସୁକଦେବ ତରାଇ ସମସ୍ତଙ୍କୁ ଧନ୍ୟବାଦ ଜଣାଇଛନ୍ତି । ବିଶ୍ୱବିଦ୍ୟାଳୟର ସ୍ନାତକୋତ୍ତର ଶାଖା କାର୍ଯ୍ୟକ୍ରମ ଅଧିକାରୀ ଡ. ଶିଶିର ବେହେରା, କର୍ମଚାରୀ ପ୍ରଦୀପ କୁମାର ବରାଳ ଓ ଏନ୍‌ଏସଏସ ସହଯୋଗୀ ସହାୟକ ଅଜୟ କୁମାର ବଳ, କାର୍ଯ୍ୟକ୍ରମ ଅଧିକାରୀ ଜ୍ୟୋସ୍ନାରାଣୀ ଦତ୍ତ, ସୁଶ୍ରୀ ନାୟକ, ମହାରାଜା ଡ. ପ୍ରିୟବ୍ରତ ବେହେରା, କୁମାରୀ ରଞ୍ଜନା ରାଣୀ ସିଂ ଓ ରୂପାଲି ବିଶୋଇ କାର୍ଯ୍ୟ ସୁଚାରୁରୂପେ ତୁଲାଇଥିଲେ ।

## ବିଭିନ୍ନ ସ୍ଥାନରେ ରସଗୋଲା ଦିବସ





କେନ୍ଦୁଝର/ଆନନ୍ଦପୁର, ୮ ।୭ (ସମିସ): ପବିତ୍ର ନୀଳାଦ୍ରି ବିଜେ ତିଥିରେ ପ୍ରତ୍ୟେକ ବର୍ଷ ପାଳନ ହେଉଥିବା ରସଗୋଲା ଦିବସ କେନ୍ଦୁଝର ଜିଲ୍ଲା ସଂସ୍କୃତି କାର୍ଯ୍ୟାଳୟରେ ପାଳିତ ହୋଇଯାଇଛି । ଜିଲ୍ଲା ସଂସ୍କୃତି ଅଧିକାରୀ ରମେଶ ନାୟକ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ସାର୍ଥକ ରାୟ, ବରିଷ୍ଠ ରାଜସ୍ୱ ସହାୟକ ସୁଶ୍ରୀ ସତ୍ୟବତୀ ଲାଗୁରୀ, ନିକ୍ଷେପକ ଦେବେନ୍ଦ୍ର ରାଉତରାୟ, କନିଷ୍ଠ ସହାୟକ ବିକ୍ରମ ପାତ୍ର, ସନ୍ଦୀପ ସାହୁ ଓ ସଞ୍ଜୟ ବେହେରା ପ୍ରମୁଖ ପରସ୍ପରକୁ ରସଗୋଲା ଖୁଆଇଥିଲେ । ସୂଚନାଯୋଗ୍ୟ, ମହାପ୍ରଭୁ ଜଗନ୍ନାଥଙ୍କ ମାନଭଞ୍ଜନ ସହ ଜଡ଼ିତ ଓଡ଼ିଶାରେ ସ୍ୱତନ୍ତ୍ର ସୁଆଦର ପ୍ରସ୍ତୁତି ଏହି ମିଠାଟି ଗତ ଜୁଲାଇ ୨୦୧୯ ରେ ଜିଆଇ ଟ୍ୟାଗ୍ ମାନ୍ୟତାପ୍ରାପ୍ତ ହୋଇଥିଲା । ସେହିପରି ଆନନ୍ଦପୁର ପ୍ରେସ ଭବନରେ ରସଗୋଲା ଦିବସ ପାଳିତ ହୋଇଯାଇଛି । ସମାଜସେବୀ ବୁଲୁ ପଟ୍ଟନାୟକଙ୍କ ସଂଯୋଜନାରେ ଶିଶୁ ବିଶେଷଜ୍ଞ ଡା. ଅମର ବେହେରା, ବରିଷ୍ଠ ସାମ୍ବାଦିକ ଶତ୍ରୁଘ୍ନ ସାହୁ ଯୋଗ ଦେଇଥିଲେ । ଏହି ଅବସରରେ ସ୍ଥାନୀୟ ମେଡିକାଲ ବଜାରରେ ରସଗୋଲା ବଣ୍ଟନ କରାଯାଇଥିଲା । ପ୍ରେସ କ୍ଲବ ସଭାପତି ନାରାୟଣ ସାହୁ, ସାମ୍ବାଦିକ ରାଜେନ୍ଦ୍ର ଦାଶ, ଇଂ ମୃତ୍ୟୁଞ୍ଜୟ ସାହୁ, ରଘୁନାଥ ପାଢ଼ୀ, ମହେଶ୍ୱର ମହାକୁଡ଼, ରଞ୍ଜନ ପୁହାଣ, ଚଗୁଲୁ ଜେନା, ସୁଦର୍ଶନ ବେହେରା, ମାନସ ସାହୁ, ଅଭିମନ୍ୟୁ ବିଶ୍ୱାଳ ପ୍ରମୁଖ ଉପସ୍ଥିତ ଥିଲେ ।

■ ଜାତୀୟ ଜୁନିଅର୍ ରଗବୀ ଚାମ୍ପିଅନସିପ୍

## ଓଡ଼ିଶା ଦଳରେ ମୟୂରଭଞ୍ଜର ପମା ଓ ସୋନାଲୀ

ବାରିପଦା, ୮ ।୭ (ସମିସ): ଉତ୍ତରାଖଣ୍ଡର ଡେରାଡୁନର ମହାରାଣା ପ୍ରତାପ୍ ସ୍ପୋର୍ଟସ୍ କମ୍ପ୍ଲେକ୍ସରେ ଅବସ୍ଥିତ ଗଙ୍ଗା ଆଥଲେଟିକ୍ ଷ୍ଟାଡିଅମ୍‌ରେ ଚାଲିଥିବା ଜାତୀୟ ଜୁନିୟର ରଗବୀ ୭ସ୍ ଚାମ୍ପିଅନସିପ୍ ୨୦୨୫ରେ ଓଡ଼ିଶା ରାଜ୍ୟ ଜୁନିୟର ବାଳିକା ଦଳ ପାଇଁ ମୟୂରଭଞ୍ଜ ଜିଲ୍ଲାର ଦୁଇ ପ୍ରତିଭାବାନ ଖେଳାଳି ପମା ମୁର୍ମୁ ଓ ସୋନାଲୀ ମାରାଣ୍ଡି ସ୍ଥାନ ପାଇଛନ୍ତି । ଏହି ଅବସରରେ ମୟୂରଭଞ୍ଜ ଜିଲ୍ଲା ରଗବୀ ଫୁଟବଲ୍ ଆସୋସିଏସନ୍ (ଏମଡିଆରଏଫ୍)ର ଅମ୍ବାସଡର୍ ପୂର୍ବତନ ବାଚସ୍ପତି ସାନନ୍ଦ ମାରାଣ୍ଡି, ଅଧ୍ୟକ୍ଷ ସୁନାରାମ କିସ୍କୁ, ଉପାଧ୍ୟକ୍ଷ ଦିଲ୍ଲିପ କୁମାର ମୁର୍ମୁ, ସମ୍ପାଦକ ଜେ. ସୁଶିଲ୍ ହେମ୍ବ୍ରମ୍, ମୁଖ୍ୟ ପରାମର୍ଶଦାତା ବାବା ଧଳରାମ ହାଁସଦା ଏବଂ ଏମଡିଆରଏଫର ସମସ୍ତ ଖେଳାଳି ଓ ସଦସ୍ୟମାନେ ଦୁଇ ଖେଳାଳିଙ୍କୁ ପ୍ରତିଯୋଗିତା ପାଇଁ ଅନେକ ଶୁଭେଚ୍ଛା ଓ ଆଶୀର୍ବାଦ ଜଣାଇଛନ୍ତି । ପମା ଓ ସୋନାଲୀଙ୍କ ସଫଳତା ମୟୂରଭଞ୍ଜ ଜିଲ୍ଲା ପାଇଁ ଗର୍ବର ବିଷୟ ହେବା ସହ ଅନ୍ୟ ଖେଳାଳିମାନଙ୍କ ପାଇଁ ପ୍ରେରଣାର ଉତ୍ସ ହେବ । ମୟୂରଭଞ୍ଜ ରଗବୀ ଉନ୍ନତିର ଏହା ଏକ ଉଦାହରଣ ।




## ବର୍ଷା ବିପ୍ରାତ ଯୋଗୁଁ ମୁଣ୍ଡାକାଟି ଗ୍ରାମର ୫ଟି ଘର ଭୁଶୁଡ଼ିଲା

■ ବିପଦସଙ୍କୁଳ ଘରେ ରହିଛନ୍ତି ୫ଟି ପରିବାର

ରାଇରଙ୍ଗପୁର, ୮ ।୭ (ସମିସ): ମୟୂରଭଞ୍ଜ ଜିଲ୍ଲାରେ ଲଗାଣ ବର୍ଷା ଦୀର୍ଘ ୧୨ ଦିନ ହେଲା ଲାଗି ରହିଛି । ଲଗାଣ ବର୍ଷାରେ ଜିଲ୍ଲାର ବିଜାତଳା ବ୍ଲକର ମୁଣ୍ଡାଠାକୁରା ପଞ୍ଚାୟତର ମୁଣ୍ଡାକାଟି ଗ୍ରାମର ୫ଟି ଘର ନଷ୍ଟ ହୋଇଛି । ମୁଣ୍ଡାକାଟି ଗ୍ରାମର ବିଧବା ମହିଳା ବାଲହି ଟୁଡୁ ସୋମବାର ରାତିରେ ଖାଇପିଇ ଶୋଇଥିବା ବେଳେ ଲଗାଣ ବର୍ଷା ଯୋଗୁଁ ଘରର କାନ୍ଥ ଭୁଶୁଡି ପଡିଥିଲା । ପରିବାର ଲୋକେ ଶୋଇଥିବା ବେଳେ ଅଳ୍ପକେ ମୃତ୍ୟୁମୁଖରୁ ବର୍ତ୍ତି ଯାଇଛନ୍ତି । ଘର ଭାଙ୍ଗିଯିବା ଫଳରେ ପରିବାର ଲୋକେ ଅସହାୟ ହୋଇଯାଇଛନ୍ତି । ସେହିଭଳି ସୁରାଇ ସୋରେନ, ସାଓନା ମୁର୍ମୁ, ପରେଶ୍ ମୁର୍ମୁ ଓ ସବିତା ସିଂଙ୍କ ଘର ନଷ୍ଟ ହୋଇଯାଇଛି । ପ୍ରଶାସନ ମଙ୍ଗଳବାର ମଧ୍ୟ ପହଞ୍ଚି ନାହାନ୍ତି । ବିପଦଶଙ୍କୁଳ ଭଙ୍ଗାଦଦରା ଘରେ ସେମାନେ ରହୁଛନ୍ତି । ବର୍ଷା ମଧ୍ୟ ଲାଗି ରହିଛି । ତୁରନ୍ତ ପ୍ରଶାସନ ସେମାନଙ୍କ ଘରେ ପହଞ୍ଚି ତଦନ୍ତ କରି ସରକାରୀ ଗାଇଡଲାଇନ ଅନୁସାରେ ସହାୟତା ଓ ଆଗାମୀ ଦିନରେ ଆବାସ ଯୋଜନାରେ ଘର ଯୋଗାଇବା ପାଇଁ ରାମଦୋଳି ଯୁବ ଶକ୍ତି ସଂଘର ପ୍ରତିଷ୍ଠାତା ସଦସ୍ୟ ସୁରେନ୍ଦ୍ର ମୁଣ୍ଡା ଏବଂ ସ୍ଥାନୀୟ ଗ୍ରାମବାସୀ ଦାବି କରିଛନ୍ତି ।




### ମୟୂରଭଞ୍ଜ ଜିଲ୍ଲାରେ ଭାରି ବୃଷ୍ଟିପାତ

## କୁଳିଅଣାରେ ରାଜ୍ୟର ସର୍ବାଧିକ ବୃଷ୍ଟିପାତ ରେକର୍ଡ

ବାରିପଦା, ୮ ।୭ (ସମିସ):

ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ ପ୍ରଭାବରେ ମୟୂରଭଞ୍ଜ ଜିଲ୍ଲାରେ ବର୍ଷା ଜାରି ରହିଥିବା ବେଳେ ମଙ୍ଗଳବାର ଭାରି ବୃଷ୍ଟିପାତ ହୋଇଛି । ବୃଷ୍ଟିପାତ ନେଇ ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ଜିଲ୍ଲାକୁ ଅରେଞ୍ଜ ୱାର୍ଣ୍ଣିଂ ପ୍ରଦାନ କରାଯାଇଛି । ଏହା ପ୍ରଭାବରେ ଜିଲ୍ଲାବ୍ୟାପି ବର୍ଷାର ମାତ୍ରା ବୃଦ୍ଧି ପାଇବା ସହ ଜିଲ୍ଲାରେ ରେକର୍ଡ ସଂଖ୍ୟକ ବୃଷ୍ଟିପାତ ହୋଇଛି । ଜିଲ୍ଲାର କୁଳିଅଣା ବ୍ଲକ୍‌ରେ ୧୧୫ମିମି ବୃଷ୍ଟିପାତ ରେକର୍ଡ ହୋଇଛି । ଯାହାକି ରାଜ୍ୟର ସର୍ବାଧିକ ପରିମାଣର ବୃଷ୍ଟିପାତ ଅଟେ ବୋଲି ଆଞ୍ଚଳିକ ପାଣିପାଗ ବିଭାଗ ପକ୍ଷରୁ ରିପୋର୍ଟ ପ୍ରଦାନ କରାଯାଇଛି । ଜିଲ୍ଲାରେ ମୂଷଳ ଧାରଣର ବର୍ଷା ହୋଇଛି । ସେହିପରି ଜିଲ୍ଲାର ଅନ୍ୟ ପ୍ରମୁଖ ସ୍ଥାନରେ ମଧ୍ୟ ରାଜ୍ୟର ରେକର୍ଡ ସଂଖ୍ୟକ ବୃଷ୍ଟିପାତ ହୋଇଛି । ରାସଗୋବିନ୍ଦପୁରରେ ୮୧ମିମି, ବାରିପଦାରେ ୭୨ମିମି, ଶୁଳିଆପଦାରେ ୪୯ମିମି, ବହଳଦା ଓ ସାରସକଣାରେ ୪୦ମିମି ବୃଷ୍ଟିପାତ ରେକର୍ଡ କରାଯାଇଛି । ଅପରପକ୍ଷରେ ରିପୋର୍ଟ ଅନୁଯାୟୀ ବୁଧବାର ଜିଲ୍ଲାକୁ ବୃଷ୍ଟିପାତ ପାଇଁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି । ଏହି ସମୟରେ ପ୍ରବଳ ବର୍ଷା ସହ ବଜ୍ରପାତ ହେବାର ସମ୍ଭାବନା ରହିଛି । ବୃଷ୍ଟିପାତ ଯୋଗୁଁ ଡ୍ୟାମ, ନଦୀ ଏବଂ ଅନ୍ୟାନ୍ୟ ଜଳଉତ୍ସ ଗୁଡ଼ିକର ଜଳସ୍ତରରେ ବୃଦ୍ଧି ଘଟିଛି । ଏହାର ଜଳସ୍ତର ନିୟନ୍ତ୍ରଣ ରଖିବା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ନିୟମିତ ଦୃଷ୍ଟି ରଖାଯାଇଛି । ଆବଶ୍ୟକ ସ୍ଥଳେ କେତେକ ଡ୍ୟାମ ଓ ବନ୍ଧରୁ ବନ୍ୟା ଜଳ ନିଷ୍କାସିତ ହେଉଛି ।



## ବନ୍ଧୁକ ବିକ୍ରି ଅଭିଯୋଗରେ ତିନି ଅଟକ

ରାମଚନ୍ଦ୍ରପୁର, ୮ ।୭ (ସମିସ): ବନ୍ଧୁକ ବିକ୍ରି ଅଭିଯୋଗରେ ଗୁପଚୁପ ବେପାରୀ ସମେତ ଅନ୍ୟ ୨ ଜଣକୁ ଅଟକ ରଖି ତଦନ୍ତ କରୁଛି ସାଇଁକୁଳ ଫାଣ୍ଡି ପୁଲିସ । ସାଇଁକୁଳ ବଜାରରେ ଜଣେ ଗୁପଚୁପ ବିକାଳି ନିକଟକୁ ଘସିପୁରା ଥାନା ଦେଓଗାଁ ଓ ବଳରାମପୁର ଗାଁର ୨ ଯୁବକ ବନ୍ଧୁକ କିଣିବାକୁ ଆସିଥିବା ଜାଣିବା ପରେ ସ୍ଥାନୀୟ ଲୋକେ ସେମାନଙ୍କୁ କାବୁ କରି ପୁଲିସର ଜିମା ଦେଇଥିଲେ । ରାମଚନ୍ଦ୍ରପୁର ଥାନାଧିକାରୀ ମନୋଜ ସ୍ୱାଇଁ ଫାଣ୍ଡିରେ ପହଞ୍ଚି ଅଧିକ ଖୋଳତାଡ଼ କରିଛନ୍ତି । ଏନେଇ ଅଞ୍ଚଳରେ ଉତ୍ତେଜନା ପ୍ରକାଶ ପାଇଛି ।

## ରଥଯାତ୍ରାରେ ଅନ୍ନପ୍ରସାଦ ବଣ୍ଟନ

ରାଇରଙ୍ଗପୁର, ୮ ।୭ (ସମିସ): ରାଇରଙ୍ଗପୁରର ପ୍ରସିଦ୍ଧ ୩୮ତମ ବାହୁଡାଯାତ୍ରା ଅବସରରେ ରାଇରଙ୍ଗପୁର ଉଚ୍ଚ ବାଳକ ବିଦ୍ୟାଳୟର ୨୦୦୨ ମସିହା ମ୍ୟାଟ୍ରିକ ବ୍ୟାଚର ଛାତ୍ରମାନଙ୍କ ଦ୍ୱାରା ଶ୍ରଦ୍ଧାଳୁମାନଙ୍କୁ ଅନ୍ନପ୍ରସାଦ ବିତରଣ ସେବା କାର୍ଯ୍ୟ ଆୟୋଜିତ ହୋଇଯାଇଛି । ରାଇରଙ୍ଗପୁର ଉପଖଣ୍ଡ ପ୍ରାଣୀ ଚିକିତ୍ସାଳୟ କେନ୍ଦ୍ର ନିକଟରେ୨୦୦୦ରୁ ଅଧିକ ଶ୍ରଦ୍ଧାଳୁଙ୍କ ପାଇଁ ନିଃଶୁଳ୍କ ଅନ୍ନପ୍ରସାଦ ବିତରଣ କରାଯାଇଥିଲା ।

## ଅସହାୟ ବୃଦ୍ଧା ଉଦ୍ଧାର

ମୋରଡ଼ା, ୮ ।୭ (ସମିସ): ମୋରଡ଼ା ବ୍ଲକ୍ ଅଧୀନ ଦାନ୍ତିଆମୁହାଁ ପଞ୍ଚାୟତର ବଡ଼ଜାମବଣି ଗ୍ରାମରୁ ଜଣେ ବୃଦ୍ଧାଙ୍କୁ ଅସହାୟ ଅସହାୟ ଅବସ୍ଥାରେ ଜିଲ୍ଲା ଆଇନ ସେବା ପ୍ରାଧିକରଣ ଟିମ ପକ୍ଷରୁ ଉଦ୍ଧାର କରାଯାଇଛି । ଉଦ୍ଧାର ବୃଦ୍ଧା ଜଣକ ଭାଲିଆଡିହା ପଞ୍ଚାୟତ କେନ୍ଦୁଛାଟିଆ ଗ୍ରାମର କାଞ୍ଚନି ଦେହୁରୀ ( ବୟସ୭୨) । ତାଙ୍କର କେହି ସନ୍ତାନ ନଥିବା ବେଳେ ସେ ବର୍ଷାରେ ଓଦାହୋଇ ଦୁଇଦିନ ଭୋକରେ ବଡଜାମବଣି ଗ୍ରାମରେ ଘୁରି ବୁଲୁଥିଲେ । ସାମଜସେବୀ ବ୍ରଜକିଶୋର ମହାନ୍ତ ତାଙ୍କୁ ଖାଦ୍ୟପାନୀୟ ଦେବାସହ ବ୍ଲକ୍ ମଙ୍ଗଳ ଅଧିକାରୀ ସଲମା ମୁର୍ମୁଙ୍କୁ ଖବର ଦେଇଥିଲେ । ପ୍ରଶାସନ ଦୀର୍ଘ ୨୪ଘଣ୍ଟା ବିତିଯାଇଥିଲେ ହେଁ କୌଣସି ଥଇଥାନ ନକରିବାରୁ ଜିଲ୍ଲା ଆଇନ ସେବା ପ୍ରାଧିକରଣର ସେ ସହଯୋଗ ଲୋଡିଥିଲେ । ଖବର ପାଇ ଜିଲ୍ଲା ଆଇନସେବା ପ୍ରାକରଣ ସମ୍ପାଦକ ରାଜଶ୍ରୀ ପଟ୍ଟନାୟକ, ଡିଏଲଏସ ଅଧୂକାର ମିତ୍ର ବିଶ୍ୱରଞ୍ଜନ ଦାସ, ନବଘନ ମାଣ୍ଡି, ସୁଶାନ୍ତ ପଣ୍ଡା ଉକ୍ତ ଅସହାୟ ମହିଳାଙ୍କ ନିକଟରେ ପହଞ୍ଚି ତାଙ୍କୁ ଉଦ୍ଧାର କରି ଆରଡିସିରେ ଛାଡିଥିବାର ସୂଚନା ଦେଇଛନ୍ତି ।

## ଧର୍ମପରାୟଣା ମହିଳାଙ୍କ ପରଲୋକ

ବେତନଟୀ, ୮ ।୭ (ସମିସ): ବେତନଟୀ ପଞ୍ଚାୟତର ଇନ୍ଦିରାନଗର ସାହିର ଧର୍ମପରାୟଣା ମହିଳା କସ୍ତୁରୀ ମିସ୍ତ୍ରୀଙ୍କ ପରଲୋକ ଘଟିଛି । ସେ ଜଣେ ଅତି ମେଳାପୀ ଓ ମିଷ୍ଟ ଭାଷୀ ମଣିଷ ଥିଲେ । ତାଙ୍କର ବିୟୋଗରେ ଅଞ୍ଚଳରେ ଶୋକପ୍ରକାଶ ପାଇଛି । ଶୁଖିଲାହାର ଶ୍ମଶାନରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ ହୋଇଛି । ପୁତ୍ର ଭାଗିରଥି ମୁଖାଗ୍ନି ଦେଇଥିଲେ ।

## ମଦ ସହ ବାଇକ ଜବତ

କୁଆମରା, ୮ ।୭ (ସମିସ): ବେଆଇନ ମଦ କାରବାର ଅଭିଯୋଗରେ ଖୁଣ୍ଟା ଥାନା ଅଧୀନ ଯଦୁନାଥପୁର ଗ୍ରାମର ପ୍ରକାଶ ଚନ୍ଦ୍ର ବେହେରା (୨୬)ଙ୍କୁ ଗିରଫ କରିଛି ଅବକାରୀ ବିଭାଗ । ଅପରାହ୍ନରେ ବାଇକରେ ଅଂଗାରକୁଣ୍ଡିଆରୁ ଦେଶୀ ମଦ ନେଇ ଡୁକୁରା ସାପ୍ତାହିକ ହାଟକୁ ଆସୁଥିବା ବେଳେ ବାଟରେ ଧରାପଡ଼ିଥିଲେ । ତାଙ୍କ ଠାରୁ ୩୮ ଲିଟର ଦେଶୀ ମଦ ଓ ବାଇକକୁ ଜବତ କରାଯାଇଛି । ମାମଲା ରୁଜୁ ହେବା ସହ ଅଭିଯୁକ୍ତକୁ କୋର୍ଟଚାଲାଣ କରାଯାଇଛି । ଥାନା ଅଧିକାରିଣୀ ମମତା ଦାଶଙ୍କ ନେତୃତ୍ୱରେ କୃଷ୍ଣଚନ୍ଦ୍ର ସେଠୀ, ଗୌତମ ମହାନ୍ତ ଓ ନିରଞ୍ଜନ ମହାନ୍ତ ଚଢ଼ଉରେ ସାମିଲ ହୋଇଥିଲେ ।

**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୫.୮୧ • ପାଉଣ୍ଡ ୧୧୭.୨୩
- ୟୁରୋ ୧୦୦.୯୫ • ୟେନ୍ ୦.୫୮

**ସୁନା, ରୁପା ଦର (ଟଙ୍କାରେ)**




୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୯୦,୬୦୦ (ନୂଆଦିଲ୍ଲୀ)
- ରୁପା : ୧,୧୭,୮୦୦ (କେଜି)



**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୩,୭୧୨.୦୦
- ନିଫ୍ଟି ୨୫,୫୧୨.୦୦



**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



## ୧୪ ଦେଶ ଉପରେ ଟ୍ରମ୍ପଙ୍କ ଶୁଳ୍କ ବୋମା

# ପାରସ୍ପରିକ ଟିକସ ଲାଗୁ ସମୟସୀମା ବଢ଼ିଲା

ନୂଆଦିଲ୍ଲୀ,୮।୭(ଏଜେନ୍ସି)




- ଦେଲେ ୨୧ ଦିନର ଛାଡ଼ ଅବଧି
- ଅଗଷ୍ଟ ପହିଲାରୁ ହେବ ଲାଗୁ
- ଜାପାନ, ଦକ୍ଷିଣ କୋରିଆ ଉପରେ ୨୫% ଟିକସ
- ମ୍ୟାଁମାର ୪୦%, ବାଲାଂଦେଶ ଉପରେ ୩୫% ଶୁଳ୍କ
- ଭାରତ ସହିତ ଏକ ଚୁକ୍ତିର ନିକଟତର :ଟ୍ରମ୍ପ୍

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ବିଶ୍ୱର ୧୪ଟି ଦେଶକୁ ତାଙ୍କର ସ୍ୱାକ୍ଷରିତ ବାଣିଜ୍ୟ ପତ୍ର ପଠାଇ ଆଜି ଏକ ଶୁଳ୍କ ବୋମା ପକାଇଛନ୍ତି। ଏହା ଜରିଆରେ ଟ୍ରମ୍ପ ଆମେରିକାର ବାଣିଜ୍ୟିକ ଅଂଶୀଦାରଙ୍କ ଉପରେ ଶୁଳ୍କ ବୃଦ୍ଧି କରିବାର ତାଙ୍କର ଯୋଜନାକୁ ଆଗକୁ ବଢାଇଛନ୍ତି। ବର୍ତ୍ତମାନ ଟ୍ରମ୍ପ୍ ପାରସ୍ପରିକ ଟିକସ ଲାଗୁ ସମୟସୀମାକୁ ଜୁଲାଇ ୯ ରୁ ଅଧିକାଂଶ ଦେଶ ପାଇଁ ଅଗଷ୍ଟ ପହିଲା ପର୍ଯ୍ୟନ୍ତ ବୃଦ୍ଧି କରିଛନ୍ତି। ଉଲ୍ଲେଖନୀୟ ଯେ ୯୦ ଦିନର ଶୁଳ୍କ ଛାଡ଼ ପାଇଁ ଶେଷ ଅବଧି ୯ ଜୁଲାଇରେ ଶେଷ ହେବାକୁ ଯାଉଥିଲା, କିନ୍ତୁ ଏହାକୁ ଅଗଷ୍ଟ ପହିଲା ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି। ସମସ୍ତ ଦେଶ ଉପରେ ଟ୍ରମ୍ପଙ୍କ ଦ୍ୱାରା ଲାଗୁ କରାଯାଇଥିବା ଶୁଳ୍କ ୨୫ ରୁ ୪୦ ପ୍ରତିଶତ ପର୍ଯ୍ୟନ୍ତ ରହିଛି।

ହ୍ୱାଇଟ୍ ହାଉସ୍ କହିଛି ଯେ ଏହି ବୃଦ୍ଧି ଚୁକ୍ତିନାମା ଆଲୋଚନା ପାଇଁ ଅଧିକ ସମୟ ଦେବା ପାଇଁ ଉଦ୍ଦିଷ୍ଟ। ତଥାପି, ଏହି ନିଷ୍ପତ୍ତିର ବାର୍ତ୍ତା ହେଉଛି ଯେ ଆର୍ଥିକ ଅସ୍ଥିରତା ଏବଂ ଅନ୍ତର୍ଜାତୀୟ ପ୍ରତିକ୍ରିୟାକୁ ଏଡାଇବା ପାଇଁ ଟ୍ରମ୍ପ ପ୍ରଶାସନକୁ ସମୟସୀମା ସ୍ଥଗିତ ରଖିବାକୁ ପଡିଛି। ଟ୍ରମ୍ପ ତାଙ୍କ କାର୍ଯ୍ୟକାଳ ମଧ୍ୟରେ ୯୦ଦିନରେ ୯୦ ଟି ଚୁକ୍ତି କରିବାକୁ ପ୍ରତିଶ୍ରୁତି ଦେଇଥିଲେ, କିନ୍ତୁ ଏପର୍ଯ୍ୟନ୍ତ କେବଳ ଦୁଇଟି ଚୁକ୍ତି ସ୍ୱାକ୍ଷର ହୋଇପାରିଛି।ସେଥିରୁ ଗୋଟିଏ ବ୍ରିଟେନ ଏବଂ ଅନ୍ୟଟି ଭିଏତନାମ ସହିତ। ଏହି ଚୁକ୍ତିନାମା ମଧ୍ୟ ପ୍ରାଥମିକ ପର୍ଯ୍ୟାୟରେ ଅଛି ଏବଂ ସେଗୁଡ଼ିକୁ ଚୂଡ଼ାନ୍ତ କରିବା ପାଇଁ ଆହୁରି ଆଲୋଚନା ଆବଶ୍ୟକ। ଭିଏତନାମ ସହିତ ଚୁକ୍ତିନାମାରେ ସର୍ବନିମ୍ନ ୨୦ ପ୍ରତିଶତ ଶୁଳ୍କ ଅନ୍ତର୍ଭୁକ୍ତ, ଯାହା ପୂର୍ବରୁ ୪୬ ପ୍ରତିଶତ ଶୁଳ୍କ ପ୍ରସ୍ତାବ ଅପେକ୍ଷା କମ୍। ହେଲେ ଏହା ବର୍ତ୍ତମାନର ୧୦ ପ୍ରତିଶତ ଶୁଳ୍କ ହାର ଅପେକ୍ଷା ଅଧିକ।

ଟ୍ରମ୍ପ୍‌ଙ୍କ ପ୍ରଥମ ଟ୍ରମ୍ପ ଟାରିଫ୍ ପତ୍ର ଜାପାନ ଏବଂ କୋରିଆକୁ ପଠାଯାଇଥିଲା। ଯାହା ଉପରେ ୨୫ ପ୍ରତିଶତ ଶୁଳ୍କ ଲାଗୁ କରାଯାଇଛି। ସେହିପରି ମିଆଁମାର, ଲାଓସ୍, ଦକ୍ଷିଣ ଆଫ୍ରିକା, କାଜାଖସ୍ତାନ ଏବଂ ମାଲେସିଆରୁ ଆମଦାନି ହେଉଥିବା ଉତ୍ପାଦ ଉପରେ ନୂତନ ଶୁଳ୍କ ଘୋଷଣା କରାଯାଇଛି। ଭାରତ ଉପରେ ଏପର୍ଯ୍ୟନ୍ତ କୌଣସି ଟିକସ ଘୋଷଣା କରାଯାଇନାହିଁ, ବରଂ ଟ୍ରମ୍ପ ଭାରତ-ଆମେରିକା ବାଣିଜ୍ୟ ଚୁକ୍ତି ବିଷୟରେ କହିଛନ୍ତି ଯେ ଆମେ ଭାରତ ସହିତ ଏକ ଚୁକ୍ତି କରିବାର ବହୁତ ନିକଟତର ଅଛୁ। ଏକ ରିପୋର୍ଟ ଅନୁଯାୟୀ, ଟ୍ରମ୍ପ ୧୪ଟି ଦେଶ ଉପରେ ନୂତନ ଶୁଳ୍କ ଘୋଷଣା କରିବା ସହିତ ଭାରତ-ଆମେରିକା ବାଣିଜ୍ୟ ଚୁକ୍ତି ବିଷୟରେ କଥା ହୋଇ କହିଛନ୍ତି, ଆମେ ଭାରତ ସହିତ ଏକ ଚୁକ୍ତି କରିବାର ନିକଟତର ଅଛୁ। ଆମେ ବ୍ରିଟେନ ଏବଂ ଚୀନ୍ ସହିତ ଏକ ଚୁକ୍ତି କରିଛୁ।

ଟ୍ରମ୍ପଙ୍କ ଅନୁଯାୟୀ, ଆମେ ଯେଉଁ ଦେଶଗୁଡ଼ିକୁ ଟାରିଫ୍ ପତ୍ର ପଠାଇଛୁ ସେମାନଙ୍କ ସହିତ ସାକ୍ଷାତ କରିଛୁ ଏବଂ ଆମେ ଭାବୁନାହୁଁ ଯେ ଆମେ ଏକ ଚୁକ୍ତି କରିପାରିବୁ, ତେଣୁ ସେମାନଙ୍କୁ ଏକ ଚିଠି ପଠାଯାଇଛି। କେବଳ ଏତିକି ନୁହେଁ, ଆମେ ଅନ୍ୟ ଦେଶଗୁଡ଼ିକୁ ଚିଠି ପଠାଉଛୁ, ଯେଉଁଥିରେ ସେମାନଙ୍କୁ କେତେ ଶୁଳ୍କ ଦେବାକୁ ପଡିବ ତାହା କୁହାଯାଇଛି। ସେ କହିଛନ୍ତି ଯେ ଆମର ଶୁଳ୍କ ଲାଗୁ ହେବା ପରେ କିଛି ଦେଶ ସେଥିରେ କିଛି ସଂଶୋଧନ କରିପାରିବେ, କିନ୍ତୁ ଏହା ସେମାନଙ୍କ ପାଖରେ କୌଣସି ବୈଧ କାରଣ ଅଛି କି ନାହିଁ ତାହା ଉପରେ ନିର୍ଭର କରିବ।

## ଆମେରିକାକୁ ଚୀନ୍‌ର ଚେତାବନୀ
### ପୁଣି ଶୁଳ୍କ ଲଗାଇଲେ ପ୍ରତିଶୋଧ ନେବୁ

ନୂଆଦିଲ୍ଲୀ,୮।୭(ଏଜେନ୍ସି): ଶୁଳ୍କ ନେଇ ଚୀନ୍ ଏବଂ ଆମେରିକା ପୁଣି ମୁହାଁମୁହିଁ ହୋଇପାରନ୍ତି। ଏବେ ଚୀନ୍ ଶୁଳ୍କ ଉପରେ ଆମେରିକାକୁ ଚେତାବନୀ ଦେଇଛି। ଚୀନ୍ କହିଛି ଯେ ଯଦି ଆମେରିକା ପୁଣି ଶୁଳ୍କ ଲଗାଏ, ତେବେ ସେ ପ୍ରତିଶୋଧ ନେବ। ଚୀନ୍ ମଧ୍ୟ ଆମେରିକା ସହିତ ଯୋଗାଣ ଶୃଙ୍ଖଳା ଚୁକ୍ତି କରୁଥିବା ଦେଶଗୁଡ଼ିକ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବ ଏବଂ ଚୀନ୍‌କୁ ବାହାରେ ରଖିବ। ଜୁନ୍‌ରେ ଆମେରିକା ଏବଂ ଚୀନ୍ ମଧ୍ୟରେ ଏକ ଚୁକ୍ତି ହୋଇଥିଲା। ଏହି ଚୁକ୍ତି ବାଣିଜ୍ୟ ସମ୍ପର୍କରେ ଥିଲା, କିନ୍ତୁ ଏହି ଚୁକ୍ତିନାମା ଏବେ ବି ଦୁର୍ବଳ। ଆମେରିକା ଅଗଷ୍ଟ ୧ରୁ ଶୁଳ୍କ ବୃଦ୍ଧି କରିବାକୁ ପ୍ରସ୍ତୁତ ହେଉଛି।

ଚୀନ୍ କହିଛି ଯେ ଯଦି ଆମେରିକା ଆସନ୍ତା ମାସରେ ତା'ର ସାମଗ୍ରୀ ଉପରେ ଶୁଳ୍କ ଲଗାଏ, ତେବେ ସେ ଚୁପ୍ ବସିବ ନାହିଁ। ଚୀନ୍ ମଧ୍ୟ ଆମେରିକା ସହିତ ସହଯୋଗରେ ଯୋଗାଣ ଶୃଙ୍ଖଳାରୁ ଚୀନ୍‌କୁ ବାଦ ଦେବାକୁ ଚେଷ୍ଟା କରୁଥିବା ଦେଶଗୁଡ଼ିକ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବ। ଆମେରିକା ଏବଂ ଚୀନ୍ ମଧ୍ୟରେ ଜୁନ୍‌ରେ ବାଣିଜ୍ୟ ଚୁକ୍ତିନାମା ହୋଇଥିଲା। ଏହି ଚୁକ୍ତିନାମା କିଛି ଶାନ୍ତି ଫେରାଇ ଆଣିଥିଲା। କିନ୍ତୁ ଅନେକ ଜିନିଷ ଏପର୍ଯ୍ୟନ୍ତ ସ୍ପଷ୍ଟ ନୁହେଁ। ତେଣୁ, ବ୍ୟବସାୟୀ ଏବଂ ନିବେଶକମାନେ ଏହି ଚୁକ୍ତିନାମା ସ୍ଥାୟୀ ହେବ



କି ନାହିଁ ତାହା ଦେଖିବା ପାଇଁ ଅପେକ୍ଷା କରିଛନ୍ତି। ଆମେରିକା ଚୀନ୍ ଉପରେ ୧୦୦%ରୁ ଅଧିକ ଶୁଳ୍କ ଲଗାଯାଇସାରିଛି। ଚୀନ୍‌କୁ ଅଗଷ୍ଟ ୧୨ ସୁଦ୍ଧା ଆମେରିକା ସହିତ ଏକ ଚୁକ୍ତି କରିବାକୁ ପଡିବ। ଯଦି ଏହା ନ ହୁଏ, ତେବେ ଟ୍ରମ୍ପ୍ ପ୍ରଶାସନ ପୁଣି ଶୁଳ୍କ ଲଗାଇପାରେ। ଏପ୍ରିଲ ଏବଂ ମେ ମାସରେ ଉଭୟ ଦେଶ ପରସ୍ପରର ସାମଗ୍ରୀ ଉପରେ ଶୁଳ୍କ ଲାଗୁ କରିଥିଲେ।

## ଖିମଜୀ ଫାଉଣ୍ଡେସନ୍ ପକ୍ଷରୁ ରଥଯାତ୍ରାରେ ସେବା କାର୍ଯ୍ୟ

ଭୁବନେଶ୍ୱର,୮।୭(ସମିସ): ଓଡ଼ିଶାର ଏକ ବିଶ୍ୱସ୍ତ ଏବଂ ପ୍ରତିଷ୍ଠିତ ଅଳଙ୍କାର ବ୍ରାଣ୍ଡ ଖିମଜୀ ଜୁଏଲର୍ସ ପୁନର୍ବାର ସାମାଜିକ ସେବାରେ ନିଜର ପ୍ରତିବଦ୍ଧତା ପ୍ରଦର୍ଶନ କରିଛି। ଖିମଜୀ ଫାଉଣ୍ଡେସନ୍ ମାଧ୍ୟମରେ ସଂସ୍ଥା ରଥଯାତ୍ରାରେ ଲକ୍ଷାଧିକ ଭକ୍ତଙ୍କ ସୁଖ ସୁବିଧା ଓ ମଙ୍ଗଳ ପାଇଁ ପୁରୀରେ ବିଭିନ୍ନ ଦାତବ୍ୟ ପଦକ୍ଷେପ ଗ୍ରହଣ କରିଥିଲା। ଶ୍ରଦ୍ଧାଳୁମାନେ ସାମ୍ନା କରୁଥିବା ଅସୁବିଧାକୁ ଦୂର କରିବା ପାଇଁ ଖିମଜୀ ଫାଉଣ୍ଡେସନ୍ ପକ୍ଷରୁ ବଡ଼ଦାଣ୍ଡରେ ରଥଯାତ୍ରାର ମୁଖ୍ୟ ପଥରେ କିଛି ନିର୍ଦ୍ଦିଷ୍ଟ ସ୍ଥାନରେ ଜଳ ସିଂଚନ ଭ୍ୟାନ ମୂତୟନ କରାଯାଇଥିଲା। ଗ୍ରୀଷ୍ମ ପ୍ରବାହ ଓ ଗୁଳୁଗୁଳିରୁ ଆଶ୍ୱସ୍ତି ପ୍ରଦାନ କରିବା ପାଇଁ ଆବଶ୍ୟକୀୟ ଆରାମ ଯୋଗାଇ ଦେବା ଏବଂ ସମସ୍ତଙ୍କ ପାଇଁ ଏକ ଆରାମଦାୟକ ଆଧ୍ୟାତ୍ମିକ ଅନୁଭୂତି ସୁନିଶ୍ଚିତ କରିବା ଲକ୍ଷ୍ୟରେ ଏହି ପଦକ୍ଷେପ ଗ୍ରହଣ କରାଯାଇଥିଲା। ଏହା ସହିତ ଫାଉଣ୍ଡେସନ୍ ପକ୍ଷରୁ ପୁରୀରେ ପୂର୍ବରୁ କୌଣସି ବ୍ୟବସ୍ଥା ନ କରି ଭଗବାନଙ୍କ ଦର୍ଶନ କରିବାକୁ ଚାଲିଆସିଥିବା ଭକ୍ତମାନଙ୍କ ସୁବିଧା ପାଇଁ ମାଗଣା ରାତ୍ରୀ ରହଣୀ ତମ୍ବୁ ସଂସ୍ଥାପନ କରାଯାଇଥିଲା, ଯାହା ନିରାପଦ, ପରିଷ୍କାର ଏବଂ ସୁଗମ ଅସ୍ଥାୟୀ ରହିବାର ସୁବିଧା ଯୋଗାଇ ଦେଇଥିଲା। ଏହି ରହଣୀ ତମ୍ବୁଗୁଡ଼ିକରେ ସୁରକ୍ଷା, ସ୍ୱଚ୍ଛତା ଓ ଶ୍ରଦ୍ଧାଳୁଙ୍କ ସୁବିଧା ପାଇଁ ଆବଶ୍ୟକ

ଆରାମଦାୟକ ବ୍ୟବସ୍ଥା ରହିଥିଲା। ଏହା ଫାଉଣ୍ଡେସନର ନିଃସ୍ୱାର୍ଥପର ସେବାକୁ ନେଇରହିଥିବା ମୂଳ ମୂଲ୍ୟବୋଧକୁ ପ୍ରତିଫଳିତ କରୁଛି। ଏହି ଅବସରରେ




ଖିମଜୀ ଜୁଏଲର୍ସର ପରିଚାଳନା ନିର୍ଦ୍ଦେଶକ ମିତେଶ ଖିମଜୀ କହିଛନ୍ତି ଯେ, ରଥଯାତ୍ରା କେବଳ ଏକ ଉତ୍ସବ ନୁହେଁ, ଏହା ଓଡ଼ିଶାର ଆଧ୍ୟାତ୍ମିକ ହୃଦସ୍ପନ୍ଦନ। ଏହି ପବିତ୍ର ସମୟରେ ମହାପ୍ରଭୁ ଜଗନ୍ନାଥଙ୍କ ଭକ୍ତଙ୍କୁ ସେବା କରିବା ଆମର ଏକ ବିଶେଷାଧିକାର ଏବଂ ଦାୟିତ୍ୱ। ଖିମଜୀ ଫାଉଣ୍ଡେସନରେ ଆମେ ପରମ୍ପରା ଓ ଯତ୍ନରେ ଅଧାରିତ ଅର୍ଥପୂର୍ଣ୍ଣ ଓ ସହାନୁଭୂତିପୂର୍ଣ୍ଣ ପ୍ରୟାସ ମାଧ୍ୟମରେ ସମାଜକୁ ଫେରସ୍ତ କରିବାକୁ ପ୍ରତିବଦ୍ଧ। ମହାପ୍ରଭୁ ଶ୍ରୀ ଜଗନ୍ନାଥ, ବଳଭଦ୍ର ଏବଂ ଦେବୀ ସୁଭଦ୍ରାଙ୍କ ବାର୍ଷିକ ରଥଯାତ୍ରାର ଅତୁଳନୀୟ ଆଧ୍ୟାତ୍ମିକ ଏବଂ ସାଂସ୍କୃତିକ ମହତ୍ୱ ରହିଛି। ପୁରୀରେ ଅନୁଷ୍ଠିତ ଏହି ବିରାଟ ଉତ୍ସବ ସାରା ବିଶ୍ୱରୁ ଲକ୍ଷାଧିକ ଭକ୍ତଙ୍କୁ ଆକର୍ଷିତ କରୁଛି, ଯାହା ଏହାକୁ ବିଶ୍ୱର ବୃହତମ ଧାର୍ମିକ ସମାବେଶ ମଧ୍ୟରୁ ଅନ୍ୟତମରେ ପରିଣତ କରିଛି। ଏହା ଏକତା, ଭକ୍ତି ଓ ସାମୂହିକ ଭାବନାର ସମୟ ଏବଂ ସେହି ମୂଲ୍ୟବୋଧକୁ ଖିମଜୀ ଫାଉଣ୍ଡେସନ୍ ଗର୍ବର ସହିତ ଧାରଣ କରିଛି। ଖିମଜୀ ଫାଉଣ୍ଡେସନ୍ ମାଧ୍ୟମରେ କମ୍ପାନୀ ସ୍ୱାସ୍ଥ୍ୟସେବା, ଶିକ୍ଷା ଓ ବିପର୍ଯ୍ୟୟ ସହାୟତା କ୍ଷେତ୍ରରେ ନିରନ୍ତର ଭାବେ ନିଜର ପ୍ରଭାବ ବିସ୍ତାର କରିଥିବା ବେଳେ ଓଡ଼ିଶାରେ କର୍ପୋରେଟ୍ ସାମାଜିକ ଦାୟିତ୍ୱବୋଧ ଏକ ପ୍ରଦୀପ ସ୍ୱରୂପ ପ୍ରତିଷ୍ଠା ହାସଲ କରିଛି।

## ଖୁବ୍‌ଶୀଘ୍ର ୧୦ ଟ୍ରିଲିୟନ୍ ଡଲାରର ଅର୍ଥନୀତି ହେବ ଭାରତ: ଡବ୍ଲ୍ୟୁଇଏଫ୍ ଅଧ୍ୟକ୍ଷ

ନୂଆଦିଲ୍ଲୀ,୮।୭(ସମିସ)

ବଢୁଥିବା ବାଣିଜ୍ୟ ପ୍ରତିବନ୍ଧକ, ବିଶ୍ୱ ଅଭିବୃଦ୍ଧିକୁ ମନ୍ଥର କରିବା ଏବଂ ଆର୍ଥିକ ଗତିଶୀଳତାକୁ ପରିବର୍ତ୍ତନ କରୁଛି। ଏଣୁ ବିଶ୍ୱ ଅର୍ଥନୈତିକ ଫୋରମ ୨୦୨୫ ଦୃଷ୍ଟିକୋଣ ଅର୍ଥନୀତିକୁ ନେଇ ସେତେଟା ଭଲ ଦେଖାଯାଉ ନାହିଁ। ହେଲେ ସମସ୍ତ ଅନିଶ୍ଚିତତା ମଧ୍ୟରେ, ଭାରତକୁ ନେଇ କିନ୍ତୁ ଆଶା ଉଜ୍ଜ୍ୱଳ ରହିଛି ବୋଲି କହିଛନ୍ତି ବିଶ୍ୱ ଅର୍ଥନୈତିକ ଫୋରମ୍(ଡବ୍ଲ୍ୟୁଇଏଫ୍)ର ସଭାପତି ଏବଂ ସିଇଓ ବର୍ଜ ବ୍ରେଣ୍ଡେ।

ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ବର୍ତ୍ତମାନ ସାରା ବିଶ୍ୱରେ ଦେଖାଯାଉଥିବା ଅର୍ଥନୈତିକ ଅସ୍ଥିରତା ସମ୍ପର୍କରେ ଆଲୋକପାତ କରିଥିଲେ ବ୍ରେଣ୍ଡେ। ସେ କହିଥିଲେ ବର୍ତ୍ତମାନର ଭୂ-ରାଜନୈତିକ ପୃଷ୍ଠଭୂମି ସତ୍ତ୍ୱେ, ବିଶ୍ୱ ଅର୍ଥନୀତି ଆଶାଠାରୁ ଅଧିକ ସ୍ଥିର। କିଛି ସ୍ଥିତି ଅଭିବୃଦ୍ଧିକୁ ଗତି ଦେଉଛନ୍ତି। ତେବେ ବୃହତ ଅର୍ଥନୀତି ମଧ୍ୟରେ ଭାରତର ସ୍ଥାନ ଉଜ୍ଜ୍ୱଳ ରହିଛି। ଯଦି ଏହିପରି ସ୍ଥିତି ଜାରି ରହେ, ତେବେ ଭାରତ ବିଶ୍ୱର ତୃତୀୟ ବୃହତ ଅର୍ଥନୀତି ହେବ। ଯାହାର ଜିଡିପି ୫ ଟ୍ରିଲିୟନ ଡଲାର ହେବ। ବୋଧହୁଏ ଚଳିତ ବର୍ଷ ଭାରତ ଏହି ସଫଳତା ପାଇପାରେ ବୋଲି ସେ କହିଛନ୍ତି। ସେହିପରି ଅର୍ଥନୈତିକ ଅଭିବୃଦ୍ଧିରେ ବାଧକ ସାଜିବାର ଦୁଇଟି ପ୍ରମୁଖ କାରଣ ବିଷୟରେ ମଧ୍ୟ ଆଲୋଚନା କରିଥିଲେ ବିଶ୍ୱ ଅର୍ଥନୈତିକ ଫୋରମର ସଭାପତି ବର୍ଜ ବ୍ରେଣ୍ଡେ। ସେ କହିଥିଲେ ଯେ ୟୁକ୍ରେନରେ ସଂଘର୍ଷ ସହ ସମ୍ଭାବ୍ୟ ପୂର୍ଣ୍ଣାଙ୍ଗ ଯୁଦ୍ଧ ସବୁଠାରୁ ଚ୍ୟାଲେଞ୍ଜିଂ କାରଣ ହେଉଛି। ଦ୍ୱିତୀୟଟି ହେଉଛି ବାଣିଜ୍ୟ ଯୁଦ୍ଧ। ଏପର୍ଯ୍ୟନ୍ତ, ବିଶ୍ୱ ଅଭିବୃଦ୍ଧି ପାଇଁ ଏହା ଭଲ ସାବ୍ୟସ୍ତ ହୋଇ ନାହିଁ। ଆମେ ଗତ ଦଶନ୍ଧିରେ ପ୍ରାୟ ୪% ଧାରା ଅଭିବୃଦ୍ଧି ଠାରୁ ବହୁତ ତଳେ ଅଛୁ। ବର୍ତ୍ତମାନ ଏହା ହୁଏତ ୩% ତଳେ ରହିଛି। ତୃତୀୟ କାରଣଟି ହେଉଛି ବିଶ୍ୱର ବର୍ଦ୍ଧିତ ଋଣ। ଦ୍ୱିତୀୟ ବିଶ୍ୱଯୁଦ୍ଧ ପରଠାରୁ ଏତେମାତ୍ରାରେ ବିଶ୍ୱ ଋଣ ବଢ଼ିବା ଆମେ ଦେଖି ନାହୁଁ ବୋଲି ସେ କହିଛନ୍ତି।

ଟ୍ରେଡ୍ ରିସେଟ୍ ସମ୍ପର୍କରେ ମଧ୍ୟ ବ୍ରେଣ୍ଡେଙ୍କୁ ପ୍ରଶ୍ନ କରାଯାଇଥିଲା। ଉତ୍ତରରେ ସେ କହିଥିଲେ ଯେ ବାଣିଜ୍ୟରେ ଏକ ସଂରଚନାତ୍ମକ ପରିବର୍ତ୍ତନ ଆସିଛି। ନିକଟ ଅତୀତରେ ଉତ୍ପାଦନ ବାଣିଜ୍ୟର ପ୍ରେରକ ଥିଲା, କିନ୍ତୁ ଏବେ ଆମେ ପ୍ରକୃତ ଅଭିବୃଦ୍ଧି ଦେଖୁଛୁ ଡିଜିଟାଲ୍ ବାଣିଜ୍ୟ ଏବଂ ସେବା କ୍ଷେତ୍ରରେ। ଏଗୁଡ଼ିକ ଉତ୍ପାଦନ ବାଣିଜ୍ୟ ତୁଳନାରେ ତିନି ଗୁଣ ଦ୍ରୁତ ଗତିରେ ବୃଦ୍ଧି ପାଉଛି। ଏବଂ ମୁଁ ଭାବୁଛି ଭାରତ ତୁଳନାତ୍ମକ ଭାବରେ ଭଲ ପ୍ରଦର୍ଶନ କରିବାର ଏହା ଏକ କାରଣ ହୋଇପାରେ। କାରଣ ଭାରତ ସେବା ଏବଂ ଡିଜିଟାଲ ବାଣିଜ୍ୟରେ ବହୁତ ମଜଭୁତ। ତେବେ କେବଳ ଯେ ଟ୍ରମ୍ପଙ୍କ ଟାରିଫ ବିଶ୍ୱ ଅର୍ଥନୈତିରେ ଅସ୍ଥିରତା ସୃଷ୍ଟି କରୁଛି ତାହା ନୁହେଁ ବାଣିଜ୍ୟ ଲାଇସେନ୍ସ ଜନିତ ନୀତି ମଧ୍ୟ ଏଥିପାଇଁ ଦାୟୀ ବୋଲି ସେ କହିଥିଲେ।

ଏହାର ଉତ୍ତର ଦେଇ ବ୍ରେଣ୍ଡେ କହିଛନ୍ତି, ଏହାର ସଂକ୍ଷିପ୍ତ ଉତ୍ତର ହେଲା ହଁ। ଗତ ଦଶନ୍ଧିରେ, ଭାରତ ଏହାର ଜିଡିପି ଦୁଇଗୁଣ କରିଛି। ଏବଂ ଯଦି ଆଗାମୀ ବର୍ଷଗୁଡ଼ିକରେ ଏହା ୬-୭% ହାରରେ ଅଭିବୃଦ୍ଧିକୁ ବଜାୟ ରଖିପାରେ, ତେବେ ଭାରତ ଖୁବ୍ ଶୀଘ୍ର ୧୦ ଟ୍ରିଲିୟନ ଡଲାରର ଅର୍ଥନୀତି ହୋଇଯିବ। କେବଳ ସେତିକି ନୁହେଁ ବନ୍ଧୁ ସହଯୋଗ ଯୋଗୁ ମଧ୍ୟ ଭାରତର ଲାଭ ହୋଇଛି। ଏହା ବ୍ୟତୀତ, ଭାରତରେ ଜନସଂଖ୍ୟାଗତ ଲାଭାଂଶ ହେତୁ ଏକ ବିରାଟ ସୁଯୋଗ ମଧ୍ୟ ରହିଛି। ଭାରତରେ ମଧ୍ୟମ ବୟସ ୨୮ ବର୍ଷ, ପ୍ରତିବର୍ଷ କାର୍ଯ୍ୟଶକ୍ତି ବୃଦ୍ଧି ପାଉଛି, ଏବଂ ଏଠାରେ ବହୁତ ଟେକ୍ନୋଲୋଜି ଜ୍ଞାନୀ ଯୁବକ ଯୁବତୀ ଅଛନ୍ତି। ଭାରତକୁ ସରକାରୀ ନିୟନ୍ତ୍ରଣମୁକ୍ତି, ପ୍ରଶାସନିକ ପ୍ରକ୍ରିୟାର ସରଳୀକରଣ ଏବଂ ଅନାବଶ୍ୟକ ନିୟମାବଳୀ ହ୍ରାସ, ଭିତ୍ତିଭୂମିରେ ଉନ୍ନତି ଆଣିବା ଉପରେ ଅଧିକ କାମ କରିବାକୁ ପଡିବ। ଯଦି ଭାରତ ଏହା କରେ, ତେବେ ଏହା ଆଗାମୀ ଦଶନ୍ଧିଗୁଡ଼ିକରେ ଭୂରାଜନୈତିକ ଏବଂ ଭୂଅର୍ଥନୈତିକ ଦୃଷ୍ଟିରୁ ମଧ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ ବୋଲି ବର୍ଜ ବ୍ରେଣ୍ଡେ କହିଛନ୍ତି। ଏହାର ଉତ୍ତରରେ ବ୍ରେଣ୍ଡେ କହିଛନ୍ତି ଯେ ପ୍ରଯୁକ୍ତିବିଦ୍ୟାରେ ପ୍ରତ୍ୟେକ ଆଦର୍ଶଗତ ପରିବର୍ତ୍ତନ କିଛି ଚାକିରି ହ୍ରାସ କିମ୍ବା ଶେଷ କରିପାରେ, କିନ୍ତୁ ଏହା ଆହୁରି ଉଚ୍ଚ ମାନର ଅଧିକ ନିଯୁକ୍ତି ମଧ୍ୟ ସୃଷ୍ଟି କରିପାରିବ। ଉତ୍ପାଦକତା ଉପରେ ଏଆଇର ଏକ ବିରାଟ ପ୍ରଭାବ ପଡ଼ିଥାଏ। ଆମର ଅର୍ଥନୀତିଜ୍ଞମାନେ କୁହନ୍ତି ଯେ ଏଆଇ ସକ୍ରିୟ ଭାବରେ କାର୍ଯ୍ୟକାରୀ କଲେ ଉତ୍ପାଦକତା ୧୦% ବୃଦ୍ଧି ପାଇପାରିବ। ସେହି ଲାଭକୁ ପୁନଃନିବେଶ କରାଯାଇପାରିବ ବୋଲି ବ୍ରେଣ୍ଡେ କହିଛନ୍ତି। ଏହି ମୁହୂର୍ତ୍ତରେ କୌଣସି ପରାମର୍ଶ ଦେବା କଷ୍ଟକର, କିନ୍ତୁ ମୁଁ କହିବି ଶିକ୍ଷା, ଗବେଷଣା ଏବଂ ବିକାଶରେ ବିନିଯୋଗ କରନ୍ତୁ। ଅତ୍ୟଧିକ ଋଣଗ୍ରସ୍ତ ହେବାରୁ ଦୂରେଇ ରୁହନ୍ତୁ। ଏଥିସହିତ ଅନ୍ୟ ଦେଶମାନଙ୍କ ସହିତ ଭଲ ବାଣିଜ୍ୟ ଚୁକ୍ତିନାମା କରିବା ମଧ୍ୟ ଆବଶ୍ୟକ। କାରଣ ବହୁପକ୍ଷୀ ବ୍ୟବସ୍ଥା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ମୁଁ ଅନାବଶ୍ୟକ ପ୍ରଶାସନିକ କଟକଣାକୁ ଏଡ଼ାଇବାକୁ ପରାମର୍ଶ ଦେବି। ଭିତ୍ତିଭୂମିରେ ନିବେଶ, ସୁଶାସନ, ଉତ୍କୃଷ୍ଟ ଅଦାଲତରେ ମଧ୍ୟ ବିନିଯୋଗ କରିବାକୁ ପରାମର୍ଶ ଦେବି।

## ଦୀର୍ଘ ସ୍ଥାୟିତ୍ୱ ଓ ମାନବ ଅଧିକାର ପ୍ରତି ଟାଟା ଷ୍ଟିଲ୍ ଦୃଢ଼ପ୍ରତିବଦ୍ଧ



ଭୁବନେଶ୍ୱର,୮।୭(ସମିସ): ଟାଟା ଷ୍ଟିଲ୍ ପକ୍ଷରୁ ମୂଲ୍ୟବୋଧ ନୀତି ଆଧାରରେ ମାନବ ଅଧିକାର ଓ ପରିବେଶ ଉପଯୋଗୀ ପଦକ୍ଷେପ ଉପରେ ଗୁରୁତ୍ୱ ଦିଆଯାଇ ବ୍ୟବସାୟ ଅଭ୍ୟାସକୁ ନୂଆ ଆକାର ପ୍ରଦାନ କରାଯାଉଛି। ସହଭାଗୀମାନଙ୍କ ସହ ଆଲୋଚନା ଜରିଆରେ ପରିବେଶ ଅନୁକୂଳ ଦିଗରେ ଦୀର୍ଘ ମିଆଦି ରଣନୀତି ପ୍ରସ୍ତୁତ କରାଯାଇ ସାମାଜିକ ଓ ପରିବେଶ ପ୍ରତି କମ୍ପାନିର ପ୍ରତିବଦ୍ଧତାକୁ ପ୍ରାଥମିକତାର ସହ ସମାଧାନ କରାଯାଉଛି। କାର୍ଯ୍ୟକ୍ଷେତ୍ରରେ ପରିବେଶ ପ୍ରଦୂଷଣ ହ୍ରାସ କରିବା ପାଇଁ ଟାଟା ଷ୍ଟିଲ୍ ପକ୍ଷରୁ ଅନେକ ଆଭିମୁଖ୍ୟ ଗ୍ରହଣ କରାଯାଇଛି। ଇଣ୍ଡଷ୍ଟ୍ରିଆଲ୍ ବାଇ-ପ୍ରଡକ୍ଟସ୍ ମ୍ୟାନେଜମେଂଟ୍ ଡିଭିଜନ ଓ ଷ୍ଟିଲ୍ ରିସାଇକ୍ଲିଂ ବ୍ୟବସାୟ ସ୍କ୍ରାପ୍ ବ୍ୟବହାରରେ ଉନ୍ନତି ଆଣିବା ସହିତ ବାଇ-ପ୍ରଡକ୍ଟ (ଉପ ଉତ୍ପାଦ) ର ପୁନଃ ବ୍ୟବହାର କରାଯାଇ ବର୍ଜ୍ୟ ପରିଚାଳନା ପ୍ରତି ପ୍ରଭାବଶାଳୀ ଯୋଗଦାନ ପ୍ରଦାନ କରାଯାଇ ପାରୁଛି। ଏଥିରେ କମ୍ପାନି ପକ୍ଷରୁ ଲୁଧିଆନାରେ ଏକ ଲୋ-ଏମିସନ ଇସ୍ପାତ ଉତ୍ପାଦନ କାରଖାନା ସ୍ଥାପନ କରାଯାଇଥିବା ବେଳେ ବ୍ଲାଷ୍ଟ ଫର୍ଣ୍ଣେସ୍ ପରିଚାଳନାକୁ ଡିକାର୍ବନାଇଜ୍ କରାଯାଇଛି। ସେହିପରି ରିଡ୍ୟୁସ୍, ରିୟୁଜ୍, ରିସାଇକଲ୍ ଓ ରିପ୍ଲେନିସ୍‌କୁ ନେଇ ପ୍ରସ୍ତୁତ '୪-ଆର୍ ଫ୍ରେମ୍‌ୱର୍କ' ଟାଟା ଷ୍ଟିଲ୍‌କୁ ମଧୁର ଜଳ ଉପଯୋଗ କମ୍ କରିବା ଏବଂ ବର୍ଷାଜଳ ସରଞ୍ଜନ ଜରିଆରେ ଭୂତଳ ଜଳସ୍ତରରେ ଉନ୍ନତି ଆଣିବାରେ ମାର୍ଗଦର୍ଶନ କରୁଛି। ୱେଷ୍ଟ ହିଟ୍ ରିକଭରି ଓ ଅକ୍ଷୟ ଶକ୍ତି ପାଇଁ କମ୍ପାନି ଅଭିନବ ପ୍ରଯୁକ୍ତି ଗ୍ରହଣ କରିଛି, ଯାହା ପରିଚାଳନା ଶକ୍ତି ଦକ୍ଷତାରେ ଉନ୍ନତି ଆଣୁଛି।

## ଟ୍ରମ୍ପ୍‌ଙ୍କ ପାଇଁ କ୍ଷତିରେ ଆମେରିକା

# ପର୍ଯ୍ୟଟନ କ୍ଷେତ୍ରକୁ ୫ ଲକ୍ଷ କୋଟିର ଝଟ୍‌କା

ନୂଆଦିଲ୍ଲୀ,୮।୭(ଏଜେନ୍ସି)

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ରାଷ୍ଟ୍ରପତି ପଦ ଗ୍ରହଣ କରିବା ପରଠାରୁ ଆମେରିକା ନୂତନ ସଙ୍କଟର ସମ୍ମୁଖୀନ ହେଉଛି। କେତେବେଳେ ଏହି ସଙ୍କଟ ଏତେ ବଡ଼ ହୋଇଛି ଯେ ସମଗ୍ର ବିଶ୍ୱକୁ ଶୁଳ୍କ ଆକାରରେ ଏହାର ସମ୍ମୁଖୀନ ହେବାକୁ ପଡ଼ିଛି। ଟ୍ରମ୍ପଙ୍କ ଏହି ନିଷ୍ପତ୍ତି ଯୋଗୁଁ ସାରା ବିଶ୍ୱର ପର୍ଯ୍ୟଟକମାନେ ଆଉ ଆମେରିକାକୁ ଭ୍ରମଣରେ ଯିବାକୁ ପସନ୍ଦ କରୁନାହାଁନ୍ତି। ଏକ ସାମ୍ପ୍ରତିକ ରିପୋର୍ଟ ଅନୁଯାୟୀ, ଟ୍ରମ୍ପ ପ୍ରଶାସନର ବାଣିଜ୍ୟ ନୀତି ଯୋଗୁଁ ଆମେରିକା ପର୍ଯ୍ୟଟନ ୬୪ ବିଲିୟନ ଡଲାର ବା ୫ ଲକ୍ଷ କୋଟି ଟଙ୍କାର କ୍ଷତି ସହିପାରେ। ତେଣୁ ଟ୍ରମ୍ପଙ୍କ ନୀତି ଯୋଗୁଁ ଆମେରିକାର ପର୍ଯ୍ୟଟନ କ୍ଷେତ୍ର ଏକ ଗମ୍ଭୀର ସଙ୍କଟ ଆଡକୁ ଗତି କରୁଛି।

ଅକ୍ସଫୋର୍ଡ ଇକୋନୋମିକ୍ସର ସହଯୋଗୀ ପର୍ଯ୍ୟଟନ ଅର୍ଥନୀତିର ଏକ ସାମ୍ପ୍ରତିକ ରିପୋର୍ଟ ଅନୁଯାୟୀ, ଅନ୍ତର୍ଜାତୀୟ ଏବଂ ଘରୋଇ ଯାତ୍ରାରେ ହ୍ରାସ ଯୋଗୁଁ ଆମେରିକା ଚଳିତ ବର୍ଷ ୬୪ ବିଲିୟନ ଡଲାର ପର୍ଯ୍ୟନ୍ତ କ୍ଷତି ସହିପାରେ। ୨୦୨୪ ତୁଳନାରେ ୨୦୨୫ରେ ବିଦେଶୀ ପର୍ଯ୍ୟଟକଙ୍କ ସଂଖ୍ୟା ୫.୧% ହ୍ରାସ ପାଇବାର ସମ୍ଭାବନା ରହିଛି, ଯେତେବେଳେ କି ପୂର୍ବରୁ ଏହା ୮.୮% ବୃଦ୍ଧି ପାଇବ ବୋଲି ଆକଳନ କରାଯାଇଥିଲା। ଏହି କାରଣରୁ, ବିଦେଶୀ ପର୍ଯ୍ୟଟକଙ୍କ ଦ୍ୱାରା ଖର୍ଚ୍ଚ ହୋଇଥିବା ପରିମାଣ ମଧ୍ୟ ୧୦.୯% ହ୍ରାସ ପାଇବାର ସମ୍ଭାବନା ରହିଛି, ଯାହା କେବଳ ୨୦୨୫ରେ ୧୮ ବିଲିୟନ ଡଲାର କ୍ଷତି ଘଟାଇପାରେ। ଆମେରିକୀୟ ପର୍ଯ୍ୟଟନ ଅର୍ଥନୀତିର ଅଧ୍ୟକ୍ଷ ଆଡାମ ସାକ୍ସଙ୍କ ଅନୁଯାୟୀ, ଆମେରିକା ପ୍ରତି ନକାରାତ୍ମକ ଭାବନା ଆହୁରି ବୃଦ୍ଧି ପାଇଛି ଏବଂ ଟ୍ରମ୍ପ ପ୍ରଶାସନର ନୀତି ମୁଖ୍ୟତଃ ଏଥିପାଇଁ ଦାୟୀ। କାନାଡା, ମେକ୍ସିକୋ, ଚୀନ୍ ଏବଂ ୟୁରୋପୀୟ ସଂଘ ଉପରେ ନୂତନ ଶୁଳ୍କ ଲାଗୁ ଏବଂ କଠୋର ପ୍ରବାସ ନିୟମ ଯୋଗୁଁ ଆମେରିକା ଆଉ ପର୍ଯ୍ୟଟନସ୍ଥଳ ନୁହେଁ। ରିପୋର୍ଟରେ ଏହା ମଧ୍ୟ କୁହାଯାଇଛି ଯେ ୟୁଏସ୍‌ଏଆଇଡିଭଳି ସଂଗଠନରେ ବଜେଟ୍ ହ୍ରାସ, ନାଗରିକ ସେବାରେ ହ୍ରାସ ଏବଂ ୟୁକ୍ରେନ ଏବଂ ଗାଜା ଭଳି ଅନ୍ତର୍ଜାତୀୟ ପ୍ରସଙ୍ଗରେ ବିବାଦୀୟ ନୀତି ମଧ୍ୟ ବିଶ୍ୱରେ ଆମେରିକାର ପ୍ରତିଛବିକୁ ଖରାପ କରିଛି। ଏପରି ପରିବେଶରେ ଅନେକ ବିଦେଶୀ ପର୍ଯ୍ୟଟକ ଆମେରିକା ଯିବାକୁ ଏଡ଼ାଇ ଯାଉଛନ୍ତି ଏବଂ ଅନେକ ସଂଗଠନ ଆମେରିକାରେ କାର୍ଯ୍ୟକ୍ରମ ଆୟୋଜନ କରିବାକୁ ପଛଘୁଞ୍ଚା ଦେଉଛନ୍ତି।

**ଆମେରିକାକୁ ଭ୍ରମଣରେ ଯିବାକୁ ପସନ୍ଦ କରୁନାହାନ୍ତି ପର୍ଯ୍ୟଟକ**



ବିଶ୍ୱ ପର୍ଯ୍ୟଟନ ଫୋରମ୍ ଆହୁରିମଧ୍ୟ ମଧ୍ୟ ସତର୍କ କରାଇଦେଇଛି ଯେ ବୈଶ୍ୱିକ ଉତ୍ତେଜନା, କଠୋର ଭିସା ନିୟମ ଏବଂ ଡଲାର ମୂଲ୍ୟ ସୁଦୃଢ଼ ରହିବା ଦୀର୍ଘକାଳୀନ ଭାବରେ ଆମେରିକାର ପର୍ଯ୍ୟଟନ ସମ୍ଭାବନାକୁ ପ୍ରଭାବିତ କରିପାରେ। ଡିସେମ୍ବରରେ 'ୟୁ ଗଭ୍' ଦ୍ୱାରା କରାଯାଇଥିବା ଏକ ସର୍ଭେରେ, ୟୁରୋପ ଏବଂ ଏସିଆର ୧୬ଟି ଦେଶର ୩୫% ଲୋକ କହିଛନ୍ତି ଯେ ସେମାନେ ଟ୍ରମ୍ପଙ୍କ ନେତୃତ୍ୱରେ ଆମେରିକା ଭ୍ରମଣରେ ଯିବାକୁ କମ୍ ଆଗ୍ରହୀ, ଯେତେବେଳେ କି କେବଳ ୨୨% ଏଥିପ୍ରତି ଆଗ୍ରହ ପ୍ରକାଶ କରିଥିଲେ। ତଥାପି, ସମସ୍ତେ ଟ୍ରମ୍ପଙ୍କ ନୀତି ଦ୍ୱାରା ପ୍ରଭାବିତ ହୋଇନାହାଁନ୍ତି। ଟାଇମ୍ସ ସ୍କୋୟାରରେ ଏଏଫ୍‌ପି ଦ୍ୱାରା କରାଯାଇଥିବା ଏକ ସର୍ଭେ ରିପୋର୍ଟ ଅନୁଯାୟୀ, ଫ୍ରାନ୍ସ, ଉଜବେକିସ୍ତାନ ଏବଂ ଆର୍ଜେଣ୍ଟିନାର ପର୍ଯ୍ୟଟକମାନେ କହିଛନ୍ତି ଯେ ଟ୍ରମ୍ପଙ୍କ ନୀତି ସେମାନଙ୍କର ଯାତ୍ରା ନିଷ୍ପତ୍ତି ଉପରେ କୌଣସି ପ୍ରଭାବ ପକାଇ ନାହିଁ। ତଥାପି, ଅନେକ ପର୍ଯ୍ୟଟକ ଏବେ ଆମେରିକା ପରିବର୍ତ୍ତେ ଅନ୍ୟ ଦେଶକୁ ଯାତ୍ରା କରିବାକୁ ଚିନ୍ତା କରୁଛନ୍ତି। ବହୁତ ଦିନ ଧରି ଆମେରିକା ଗସ୍ତ କରୁଥିବା କାନାଡାର ପର୍ଯ୍ୟଟକଙ୍କ ସଂଖ୍ୟାରେ ହ୍ରାସ ଘଟିଛି। ଷ୍ଟାଟିଷ୍ଟିକ୍ସ କାନାଡା ଅନୁଯାୟୀ, ଫେବୃଆରୀରେ ଆମେରିକା ଫେରିଥିବା କାନାଡାର ପର୍ଯ୍ୟଟକଙ୍କ ସଂଖ୍ୟାରେ ୨୩% ହ୍ରାସ ଘଟିଛି, ଯାହା ଲଗାତାର ଦ୍ୱିତୀୟ ମାସ ହ୍ରାସ ପାଇଛି। ଏହାବ୍ୟତୀତ, ବ୍ରିଟେନ ଏବଂ ଜର୍ମାନୀ ଭଳି ପଶ୍ଚିମ ୟୁରୋପର ପର୍ଯ୍ୟଟକମାନେ ମଧ୍ୟ ଏବେ ଅନ୍ୟ ବିକଳ୍ପ ଖୋଜୁଛନ୍ତି। ଉଭୟ ଦେଶ ସେମାନଙ୍କର ନାଗରିକମାନଙ୍କୁ ଆମେରିକା ଯାତ୍ରା କଲେ ସମ୍ଭାବ୍ୟ ଗିରଫଦାରୀର ବିପଦ ବିଷୟରେ ସତର୍କ କରାଇ ଦେଇଛନ୍ତି।



## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଉତ୍ତମ ବୁଝାମଣା ରହିବ। ଘରକୁ ଅତିଥି ଆସିପାରନ୍ତି। ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଆର୍ଥିକ ସମସ୍ୟା ଦେଖା ଦେବ।

**ବୃଷ:** ଘରକୁ ନୂଆ ଜିନିଷ ଆଣିବେ। ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବା ଭଲ। ଗୁରୁଜନଙ୍କ ଆଶୀର୍ବାଦ ନେବେ। ଆର୍ଥିକ କାରବାରରେ ଲାଭ ମିଳିବ। ଅପ୍ରିୟ ସତ କହି ସମସ୍ୟାର ସମ୍ମୁଖୀନ ହୋଇପାରନ୍ତି।

**ମିଥୁନ:** ଆତ୍ମବିଶ୍ୱାସର ସହ ସମସ୍ତ କାର୍ଯ୍ୟ କରିବେ। ପରିଶ୍ରମ ଅନୁସାରେ ଫଳ ମିଳିବନି। ବାଦବିବାଦରୁ ଦୂରେଇ ରହିବେ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପରିଶ୍ରମ କରିବେ। ଜୀବନସାଥୀଙ୍କୁ ସମୟ ଦେବେ।

**କର୍କଟ:** ମାଂସପେଶୀ ଯନ୍ତ୍ରଣା ଅନୁଭବ କରିବେ। ଇଷ୍ଟ ଦେବଙ୍କୁ ସ୍ମରଣ କରିବେ। ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ। କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ। ଜମି କିଣିବା ଯୋଗ ଅଛି।

**ସିଂହ:** ଦିନଟି ହସଖୁସିରେ କଟିବ। ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ। ପ୍ରେମ ମାମଲାରେ ଦିନଟି ଭଲ। ବନ୍ଧୁଙ୍କ କଥା ଆଘାତ ଦେବ। ଗରିବ ଲୋକଙ୍କୁ ସାମର୍ଥ୍ୟ ମୁତାବକ ସାହାଯ୍ୟ କରିବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ।

**କନ୍ୟା:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ରୋଗମୁକ୍ତ ହେବେ। ପରିବାର ସଦସ୍ୟଙ୍କ ମନ ଜିଣିବେ। ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ରାଜନେତାଙ୍କ ପାଇଁ ଦିନଟି ଭଲ।

**ତୁଳା:** ବ୍ୟବସାୟରେ ଲାଭ ହେବ। ପାରିବାରିକ ବିବାଦ ଦେଖା ଦେବ। ଜୀବନସାଥୀଙ୍କ ସହ ନୂଆ ସ୍ଥାନ ବୁଲିବାକୁ ଯିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ପୁରୁଣା ନିବେଶରୁ ଲାଭ ମିଳିବ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ। ସନ୍ତାନଙ୍କ ସହ ବୁଲିବାକୁ ଯିବେ। ସ୍ୱାଦିଷ୍ଟ ଖାଦ୍ୟ ଖାଇବେ। ବନ୍ଧୁମିଳନ ଯୋଗ ଅଛି। ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ। ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ତିକ୍ତତା ଦେଖା ଦେବ। ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ମକର:** ଆଣ୍ଠୁଗଣ୍ଠି ସମସ୍ୟା ଦେଖା ଦେବ। ସମୟର ସଠିକ ଉପଯୋଗ କରିବେ। ସମ୍ପର୍କୀୟଙ୍କ ସହଯୋଗ ମିଳିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଉତ୍ତମ। ଆଇଟି କର୍ମଚାରୀଙ୍କ ପାଇଁ ଦିନଟି ଭଲ।

**କୁମ୍ଭ:** ଭଗବାନ ଶିବଙ୍କୁ ବେଲପତ୍ର ଅର୍ପଣ କରିବେ। ପରିବାର ସଦସ୍ୟଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ଅଫିସ୍‌ରେ କାର୍ଯ୍ୟଭାର କମ୍ ହେବ। ଆଣ୍ଠୁଗଣ୍ଠି ସମସ୍ୟାର ସମ୍ମୁଖୀନ ହୋଇପାରନ୍ତି।

**ମୀନ:** ଇଞ୍ଜିନିୟରିଂ କ୍ଷେତ୍ରରେ ସଫଳତା ମିଳିବ। ବନ୍ଧୁ ମିଳନ ଯୋଗ ଅଛି। ଭାଇଭଉଣୀଙ୍କ ମଧ୍ୟରେ ଝଗଡ଼ା ହେବ। ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ। ଅଧିକ ଖର୍ଚ୍ଚାନ୍ତ ହେବେ।

## ଆଜିର ଐତିହ୍ୟ

- ୧୮୭୫- ବମ୍ବେ ଷ୍ଟକ୍ ଏକ୍ସଚେଞ୍ଜର ଆରମ୍ଭ।
- ୧୯୫୧- ଭାରତରେ ପଞ୍ଚବାର୍ଷିକ ଯୋଜନାର ଆରମ୍ଭ ହେଲା।
- ୧୯୫୩- ପ୍ରଥମ ହେଲିକପ୍ଟର ଯାତ୍ରୀ ସେବା ନ୍ୟୁୟର୍କରେ ଆରମ୍ଭ ହେଲା।
- ୧୯୭୨- ସୋଭିଏତ୍ ସଂଘ ଭୂମିଗତ ପରମାଣୁ ପରୀକ୍ଷା କଲା।
- ୧୯୯୧- ଦକ୍ଷିଣ ଆଫ୍ରିକାକୁ ଅଲମ୍ପିକ୍ ଖେଳରେ ଅଂଶ ଗ୍ରହଣ ପାଇଁ ପୁଣି ଥରେ ଅନୁମତି ମିଳିଲା।
- ୨୦୦୨-'ଅର୍ଗାନାଇଜେସନ୍ ଅଫ୍ ଆଫ୍ରିକାନ୍ ୟୁନିଟି'ର ନାମ ବଦଳାଇ 'ଆଫ୍ରିକାନ୍ ୟୁନିଅନ୍' ରଖାଗଲା।




# 'ରାମାୟଣ'

## ରଣବୀର ନେବେ ୧୫୦ କୋଟି

ନୀତେଶ ତିୱାରିଙ୍କ ବହୁ ଚର୍ଚ୍ଚିତ ଫିଲ୍ମ 'ରାମାୟଣ'ର ଟିଜର୍ ଜାରି ହେବା ପରେ ଦର୍ଶକେ ଏହାକୁ ନେଇ ବେଶ୍ ଉତ୍ସାହିତ ଅଛନ୍ତି। ବିଶେଷକରି ଏହାର ସଙ୍ଗୀତ ଓ ଉଚ୍ଚ କୋଟୀର ଭିଏଫ୍‌ଏକ୍ସ ଦର୍ଶକଙ୍କୁ ଖୁବ୍ ପସନ୍ଦ ଆସିଛି। ଦର୍ଶକେ ଏବେ ଏହାର ରିଲିଜ୍‌କୁ ଅପେକ୍ଷା କରିଛନ୍ତି। ଭାରତୀୟ ସିନେମା ଇତିହାସରେ ଏହାକୁ ସବୁଠୁ ବଡ଼ ବଜେଟ୍‌ର ଫିଲ୍ମ ବୋଲି କୁହାଯାଉଛି। ଏହାର ଦୁଇଟି ପାର୍ଟର ନିର୍ମାଣରେ ପାଖାପାଖି ୧୬୦୦ କୋଟି ଟଙ୍କା ଖର୍ଚ୍ଚ ହୋଇପାରେ ବୋଲି ଅନୁମାନ କରାଯାଉଛି। ଏହାର ପ୍ରଥମ ପାର୍ଟ ପାଇଁ ୯୦୦ କୋଟି ଓ ଦ୍ୱିତୀୟ ପାର୍ଟ ପାଇଁ ୭୦୦ କୋଟି ଖର୍ଚ୍ଚ କରାଯିବ। ତେବେ ଏହାର ଦ୍ୱିତୀୟ ପାର୍ଟରେ କମ୍ ଖର୍ଚ୍ଚ ହେବାର କାରଣ ହେଉଛି ପ୍ରଥମ ପାର୍ଟରେ ଯେଉଁ ଜିନିଷ ଓ ସେଟ୍ ବ୍ୟବହାର କରାଯାଇଛି ଏହାର ଦ୍ୱିତୀୟ ପାର୍ଟରେ ବି କାମ ଦେବ। ସେହିଭଳି ଏହି ଫିଲ୍ମର ବଜେଟ୍ ବଢ଼ିଯିବାର କାରଣ ଏହାର କଳାକାରମାନେ ମଧ୍ୟ ବେଶ୍ ମୋଟା ଅଙ୍କର ପାରିଶ୍ରମିକ ନେଇଛନ୍ତି। ଏଥିରେ ଭଗବାନ ରାମଙ୍କ ଭୂମିକାରେ ଅଭିନୟ କରୁଥିବା ଅଭିନେତା ରଣବୀର କପୁର ପାରିଶ୍ରମିକ ବାବଦରେ ଦୁଇଟି ପାର୍ଟରୁ ୭୫- ୭୫ କୋଟି ଲେଖାଏଁ ସମୁଦାୟ ୧୫୦ କୋଟି ନେବେ। ସେହିଭଳି ସୀତା ଭୂମିକାରେ ଅଭିନୟ କରୁଥିବା ସାଇପଲ୍ଲବୀ ଦୁଇଟି ପାର୍ଟ ପାଇଁ ୧୨ କୋଟି ନେବେ। ଯଦିଓ ରାବଣ ଭୂମିକା ପାଇଁ ୟଶ୍ କେତେ ନେବେ ତାହା ସ୍ପଷ୍ଟ ହୋଇ ନାହିଁ କିନ୍ତୁ ସେ ପାରିଶ୍ରମିକ ବାବଦରେ ୨୦୦ କୋଟିରୁ ଅଧିକ ଟଙ୍କା ଦାବି କରିପାରନ୍ତି ବୋଲି କୁହାଯାଉଛି। ତେବେ ରାମାୟଣର ପ୍ରଥମ ପାର୍ଟ ୨୦୨୬ ଦୀପାବଳି ଓ ଏହାର ଦ୍ୱିତୀୟ ପାର୍ଟ ୨୦୨୭ ଦୀପାବଳି ଅବସରରେ ଆସିବ।


# ୮୧ ବର୍ଷ ପରେ ଫେରିଲା ବହି




ଅଧିକାଂଶ ଲୋକ ପାଠାଗାରରୁ ବହି ଆଣି ପଢ଼ିବାକୁ ଭଲପାଆନ୍ତି। ଅବଶ୍ୟ ଏଠାରୁ ଅଣାଯାଉଥିବା ପୁସ୍ତକଗୁଡ଼ିକୁ ଏକ ନିର୍ଦ୍ଦିଷ୍ଟ ସମୟ ଭିତରେ ଫେରସ୍ତ କରିବାର ନିୟମ ଥାଏ। ଏହି କ୍ରମରେ ଜଣେ ବ୍ୟକ୍ତି ଲାଇବ୍ରେରୀରୁ ନେଇଥିବା ପୁସ୍ତକକୁ ଦୀର୍ଘ ୮୧ ବର୍ଷ ପରେ ଫେରାଇବାରୁ ୱାଶିଂଟନ ଲାଇବ୍ରେରୀର କର୍ମଚାରୀ ଏହା ଦେଖି ଆଶ୍ଚର୍ଯ୍ୟ ହୋଇଛନ୍ତି। ଏନେଇ ଟିମ୍ବରଲ୍ୟାଣ୍ଡ ରିଜନାଲ ଲାଇବ୍ରେରୀ ପକ୍ଷରୁ କୁହାଯାଇଛି, ଏବରଡିନ୍ ଟିମ୍ବରଲ୍ୟାଣ୍ଡ ଲାଇବ୍ରେରିର ଲାଇବ୍ରେରିୟାନଙ୍କ ପାଖକୁ ଚାଲର୍ସ ନଡହଫ୍ ଏବଂ ଜେମସ୍ ନର୍ମନଙ୍କ 'ଦ ବାଓଁଟି ଟ୍ରିଲଜି' ପୁସ୍ତକ ଫେରି ଆସିଛି। ଏହି ବହି ଭିତରେ ଏକ କାର୍ଡ ଥିଲା। କାର୍ଡରୁ ବହିଟି ମାର୍ଚ୍ଚ ୩୦, ୧୯୪୨ରେ ଇସ୍ୟୁ କରାଯାଇଥବା ଜଣାପଡ଼ିଛି। ଏହା ଘରର ଏକ ଷ୍ଟୋରେଜ୍ ୟୁନିଟ୍‌ରୁ ମିଳିଥିବା ବହି ଫେରାଇଥିବା ବ୍ୟକ୍ତି ଜଣକ କହିଛନ୍ତି। ବହି ନେଇଥିବା ବ୍ୟକ୍ତି ଜଣକ ସମୀକ୍ଷା କରି ଏହାର ପ୍ରଚ୍ଛଦପୃଷ୍ଠାରେ ମଧ୍ୟ ଲେଖିଥିଲେ। ଯାହାକୁ ଲାଇବ୍ରେରିୟାନ୍ ଜଣକ ପଢ଼ି ଆଶ୍ଚର୍ଯ୍ୟ ହୋଇଛନ୍ତି। ମୋତେ ଟଙ୍କା ମିଳିଲେ ବି ଏହି ବହିକୁ ପଢ଼ି ନ ଥାନ୍ତେ ବୋଲି ଏଥିରେ ଲେଖା ଥିଲା। ଏନେଇ ଲାଇବ୍ରେରୀର ଜଣେ ଅଧିକାରୀ କହିଛନ୍ତି, ଯଦି ଫାଇନ୍ କଥା ଉଠିବ, ୧୯୪୨ ମସିହା ଅନୁସାରେ, ଏବେ ୪୦ ହଜାର ଟଙ୍କା ହେଉଛି। ହେଲେ ପାଠାଗାର କୋଭିଡ୍ ୧୯ ମହାମାରୀଠାରୁ ଲେଟ୍ ଫି'କୁ ବନ୍ଦ କରି ଦେଇଛି। ଅନ୍ୟପଟେ ପାଠାଗାର ଏକ ଫେସ୍‌ବୁକ୍ ପୋଷ୍ଟରେ ଏହି କାହାଣୀରୁ କି ଶିକ୍ଷା ମିଳିଲା ସେ ସମ୍ପର୍କରେ ଦର୍ଶାଇଛି। ପାଠାଗାର ପକ୍ଷରୁ କୁହାଯାଇଛି ଯେ, 'ଯଦି ବହି ଉପରେ ଧୂଳିମଳି ଜମି ରହିଛି, ତାହାକୁ ପାଠାଗାରକୁ ଫେରାଇବା ଉଚିତ ହେବ। ଆମେ ଏହାକୁ ନେଇଯିବୁ। ପୁରସ୍କାର ବାବଦକୁ ଉକ୍ତ ବ୍ୟକ୍ତିଙ୍କଠାରୁ କୌଣସି ଫାଇନ୍ ଆଦାୟ କରାଯିବ ନାହିଁ।'

## ଆଜି ଆସିଥିଲେ

# ବାଣୀକଣ୍ଠ ନିମାଇଁ ହରିଚନ୍ଦନ



ନିମାଇଁ ହରିଚନ୍ଦନ ଏକାଧାରରେ ଥିଲେ ଜଣେ ଭକ୍ତ, କବି ଓ ଗାୟକ। ବିଭୁ ସଙ୍ଗୀତ ଗାନ କରି ସେ ଅଗଣିତ ଜନମାନସକୁ ଭକ୍ତିରସରେ ରସାଣିତ କରି ଦେଉଥିଲେ। ନିଜର ସଙ୍ଗୀତ ସାଧନା ପାଇଁ ସେ ଅଜସ୍ର ଖ୍ୟାତି ଅର୍ଜନ କରିଥିଲେ। ଯେ କେହିବି ତାଙ୍କ ସଙ୍ଗୀତ ଶୁଣିଛନ୍ତି ସେ ଜଗନ୍ନାଥମନସ୍କ ହୋଇପଡ଼ିଛନ୍ତି ନିଶ୍ଚୟ। ଏହି ପ୍ରଥିତଯଶା ସାରସ୍ୱତ ସାଧକଙ୍କ ଜନ୍ମ କେନ୍ଦ୍ରାପଡ଼ାରେ ୧୯୦୧ ମସିହା ଆଜିର ଦିନରେ ହୋଇଥିଲା। ତାଙ୍କ ପିତା ବୃନ୍ଦାବନ ଚନ୍ଦ୍ର ହରିଚନ୍ଦନ ଓ ମାତା ଇନ୍ଦ୍ରମଣି ଦେବୀ। ପିଲାଦିନୁ ସଙ୍ଗୀତ ପ୍ରତି ତାଙ୍କର ଅନୁରାଗ ଥିଲା। ନିମାଇଁଙ୍କ କକା ଗୋକୁଳଚନ୍ଦ୍ର ଶ୍ରୀଚନ୍ଦନ ତାଙ୍କୁ ସଙ୍ଗୀତ ଜଗତରେ ପ୍ରବେଶ କରାଇଥିଲେ। ରାସଲୀଳାର ଅନ୍ୟତମ ପ୍ରବର୍ତ୍ତକ ନୟାଗଡ଼ ରାଜବଂଶୀୟ ଗୋବିନ୍ଦ ଚନ୍ଦ୍ର ଶୂରଦେଓଙ୍କ ରାସ ଦଳରେ ୧୬ବର୍ଷ ବୟସରେ ସେ ଯୋଗ ଦେଇଥିଲେ। ହିନ୍ଦୁସ୍ତାନୀ ସଙ୍ଗୀତର ଓସ୍ତାଦ୍ ମାଧୋରାଓଙ୍କଠାରୁ ଏହାପରେ ସଙ୍ଗୀତ ଶିକ୍ଷାଲାଭ କଲେ। ସେ ଆଦ୍ୟ ଯୌବନରୁ ସଙ୍ଗୀତ ପ୍ରତି ଆକୃଷ୍ଟହୋଇ ସଙ୍ଗୀତ ସାଧନାରେ ମଗ୍ନ ରହିଥିଲେ। ଓଡିଶୀ ସଙ୍ଗୀତର ବିଭିନ୍ନ ବିଭାଗ ଯେମିତିକି ଓଡ଼ିଶୀ ବା ଚୌପଦୀ, ଛାନ୍ଦ, ଚମ୍ପୂ, ଚଉତିଶା, ଭଜନ, ଜଣାଣ, ପାରମ୍ପରିକ ସଂଗୀତ, ପଲ୍ଲୀଗୀତ ଗାୟନରେ ସେ ବେଶ୍ ପ୍ରବୀଣ ଥିଲେ। ଏମିତିକି ବିଭିନ୍ନ ନୀତିଶିକ୍ଷା ଓ ସରକାରୀ ଉଦ୍ଦେଶ୍ୟରେ ଜନ ସଚେତନତା ଧର୍ମୀ ଗୀତ ମଧ୍ୟ ଗାଇଛନ୍ତି। ନିମାଇଁ ହରିଚନ୍ଦନ ଗାଇଥିବା ଭଜନଗୁଡ଼ିକ ମୁଖ୍ୟତ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଉପରେ ହିଁ ଆଧାରିତ। ୧୯୩୩ ମସିହାରେ ତାଙ୍କ ସମଧୁର ସଙ୍ଗୀତଗୁଡ଼ିକ ଏଚ୍‌ଏମ୍‌ଭି କମ୍ପାନି ରେକର୍ଡିଂ କରି ଓଡ଼ିଶାର ପୁରପଲ୍ଲୀରେ ପହଞ୍ଚାଇ ଦେଲା ଓ ସେ ହୋଇଗଲେ ବାଣୀକଣ୍ଠ ନିମାଇଁ ହରିଚନ୍ଦନ। ବିଶେଷକରି ତାଙ୍କର ଅନନ୍ୟ କଣ୍ଠସ୍ୱର ଓ ଗାୟନ ଶୈଳୀ ତାଙ୍କୁ ଖୁବ୍ ଲୋକପ୍ରିୟତା ଆଣି ଦେଇଥିଲା। ଏହି ବିପୁଳଯଶା କଣ୍ଠଶିଳ୍ପୀଙ୍କ କଣ୍ଠରୁ ନିସୃତ 'ଥକାମନ ଚାଲଯିବା', 'ଚକାଡୋଳା କିମ୍ପା ଡକା କିମ୍ପା ଡକା ନ ଶୁଣ', 'ନୀଳସିନ୍ଧୁ ତୀରେ', 'କହଇ ମନ ଆରେ ମୋ ବୋଲ କର' ଆଦି ସଙ୍ଗୀତଗୁଡ଼ିକ ବେଶ୍ ଶ୍ରୁତିମଧୁର ଓ ମର୍ମସ୍ପର୍ଶୀ। ୧୯୩୪ରେ ନିମାଇଁ କଲିକତା ରେଡିଓ ଷ୍ଟେସନର ଆଗଧାଡ଼ିର କଳାକାର ହୋଇଗଲେ। ୧୯୩୮ ରେ ଶ୍ରେଷ୍ଠ ଓଡ଼ିଶୀ ସଙ୍ଗୀତ ଗାନ ପାଇଁ ତାଙ୍କୁ ମିଳିଥିଲା ଉତ୍କଳ ସଙ୍ଗୀତ ସମାଜ ସ୍ୱର୍ଣ୍ଣ ପଦକ ଓ ଆଠଗଡ଼ ରାଜଦରବାର ସ୍ୱର୍ଣ୍ଣପଦକ। ୧୯୪୭ ଡିସେମ୍ବର ୨୮ ତାରିଖରେ ପ୍ରଥମ ଥର ପାଇଁ ଆକାଶବାଣୀ କଟକ କେନ୍ଦ୍ରରୁ ତାଙ୍କ ସଙ୍ଗୀତର ମୂର୍ଚ୍ଛନା ଶୁଣିବାକୁ ମିଳିଲା। ୧୯୫୪ରେ ଦିଲ୍ଲୀର ଐତିହାସିକ ଲାଲକିଲ୍ଲାରେ ସଙ୍ଗୀତ ନାଟକ ଏକାଡେମୀ ନିମନ୍ତ୍ରଣ କ୍ରମେ ସେ ସଙ୍ଗୀତ ଗାନ କରି ସମଗ୍ର ଦେଶରେ ଓଡ଼ିଶୀ ସଙ୍ଗୀତ ପାଇଁ ଏକ ସ୍ୱତନ୍ତ୍ର ପରିଚୟ ଆଣି ଦେଇଥିଲେ। ୧୯୭୬ ମସିହାରେ ସେ ପଦ୍ମଶ୍ରୀ ସମ୍ମାନରେ ସମ୍ମାନିତ ହୋଇଥିଲେ। ଏଥିସହ ଓଡ଼ିଶୀ ସଙ୍ଗୀତ କ୍ଷେତ୍ରରେ ବିଶେଷ ଅବଦାନ ପାଇଁ ୧୯୭୮ ମସିହାରେ ସେ ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାର ପ୍ରାପ୍ତ ହୋଇଥିଲେ। ପୁରୀର ଗଜପତି ମହାରାଜା, ନିମାଇଁ ହରିଚନ୍ଦନଙ୍କୁ ଶ୍ରୀମନ୍ଦିରରେ ଚାମର ସେବା ପ୍ରଦାନ କରିଥିଲେ। ୧୯୭୦ ମସିହାଠାରୁ, ସେ ପୁରୀରେ ରହି ମନ୍ଦିରରେ ଚାମର ସେବା କରୁଥିଲେ ଓ ଜଣାଣ ଗାଉଥିଲେ। ୧୯୮୩ ଜୁଲାଇ ୨୦ ତାରିଖ, ବାହୁଡ଼ାଯାତ୍ରା ଦିନ ଶ୍ରୀକ୍ଷେତ୍ରରେ ତାଙ୍କର ଦେହାନ୍ତ ହୋଇଥିଲା।

# ସମ୍ଭାବନା



## ଶୁଣିବା ଏକ କଳା

କୌଣସି କଥାକୁ ମନ ଧ୍ୟାନରେ ଶୁଣିବା ମଧ୍ୟ ଏକ କଳା। ଯେଉଁମାନେ ମନ ଧ୍ୟାନ ଦେଇ କୌଣସି କଥା ଶୁଣନ୍ତି, ସେମାନେ କଥାକୁ ଭଲଭାବେ ବୁଝିଥାନ୍ତି। ତା'ସହ ସେମାନଙ୍କୁ ପ୍ରଶ୍ନର ଉତ୍ତର ଦେବାରେ ସମସ୍ୟା ହୋଇ ନ ଥାଏ। ସେହିପରି ଧ୍ୟାନରେ କଥା ଶୁଣିବା ଦ୍ୱାରା ସମ୍ପର୍କ ମଜଭୁତ ହୁଏ। ଏହି ଅଭ୍ୟାସ ବ୍ୟକ୍ତିଗତ ଏବଂ ବୃତ୍ତିଗତ ଜୀବନରେ ସାହାଯ୍ୟ କରେ। କାହା ସହିତ କଥା ହେବା ସମୟରେ ସାମ୍ନାବାଲାଙ୍କୁ କଥା ମଝିରେ ରୋକିବାକୁ ଚେଷ୍ଟା କରନ୍ତୁ ନାହିଁ। ଆଖିରେ ଆଖି ମିଶାଇ କଥା ହୁଅନ୍ତୁ। ଏହା ଦ୍ୱାରା ବିଶ୍ୱାସ ସୃଷ୍ଟି ହୁଏ। ଲୋକଙ୍କ ଉପରେ ଭରସା ଆସେ। କଥାବାର୍ତ୍ତା ସମୟରେ ଫୋନ୍ ଆଦି ଦେଖନ୍ତୁ ନାହିଁ। ଏହା ଦ୍ୱାରା ଶୁଣୁଥିବା ଲୋକ ଅସହଜ ମନେ କରନ୍ତି। ଯାହାଙ୍କ ସହିତ କଥା ହେଉଛନ୍ତି, କଥା ଶେଷ ହେବା ପରେ ହିଁ ପ୍ରଶ୍ନ କରନ୍ତୁ। ଏହା ଦ୍ୱାରା ଆତ୍ମବିଶ୍ୱାସ ବୃଦ୍ଧି ପାଏ।



## ଅନଲାଇନ୍ ପଢ଼ାର ଲାଭ



**କରୋନା ଆସିବାରୁ ଅନଲାଇନ୍ ପାଠପଢ଼ାର ଗୁରୁତ୍ୱ ବଢ଼ିଲା। ଏବେ ପ୍ରାୟ ସମସ୍ତେ ପାଠପଢ଼ାର ଏହି ନୂଆଶୈଳୀକୁ ପସନ୍ଦ କରୁଛନ୍ତି। ଅବଶ୍ୟ ଏହି ପଢ଼ାର ଅନେକ ଭଲ ଦିଗ ବି ଅଛି।**

- ଅନଲାଇନ୍ ପଢ଼ାରେ ପିଲା କେଉଁଠୁ ବି ବସି ପାଠ ପଢ଼ିପାରିବେ। ଏହା ଦ୍ୱାରା ସମୟ ଓ ଖର୍ଚ୍ଚ ସଞ୍ଚୟ ହୁଏ।
- ସେହିପରି ଅନଲାଇନ୍ କ୍ଲାସ୍ ରେକର୍ଡେଡ୍ ହୋଇଥାଏ। ପିଲା ଅଡିଓ ଭିଜୁଆଲ ମାଧ୍ୟମରେ କଠିନ ବିଷୟକୁ ମଧ୍ୟ ସହଜରେ ବୁଝିଥାନ୍ତି।
- ଅନଲାଇନ୍‌ରେ ଅନେକ ଫ୍ରି କୋର୍ସ ଏବଂ ଷ୍ଟଡି ମ୍ୟାଟେରିଆଲ ଉପଲବ୍ଧ ଥାଏ।
- ଏଥିରେ ବିଦ୍ୟାର୍ଥୀଙ୍କ ମଧ୍ୟରେ ଦାୟିତ୍ୱବୋଧ ଆସେ।
- ଭିଡିଓ କନଫରେନ୍ସ ମାଧ୍ୟମରେ ପାଠ ପଢ଼ିବା ଦ୍ୱାରା ପିଲାଙ୍କଠାରେ ଆତ୍ମବିଶ୍ୱାସ ବୃଦ୍ଧିପାଏ।
- ଅନ୍‌ଲାଇନ୍ ପଢ଼ାରେ ପିଲା ଟେକ୍ନୋଲୋଜିର ଉପଯୋଗ ଭଲ ଭାବେ ଶିଖନ୍ତି। ଆପ୍, ସର୍ଚ୍ଚ ଟୁଲ ଏବଂ ଡିଜିଟାଲ ପ୍ଲାଟଫର୍ମ ବିଷୟରେ ଜାଣନ୍ତି।
- ଅନଲାଇନ୍ ପଢ଼ାରେ କେବଳ ଇଣ୍ଟରନେଟ୍ ଏବଂ ଡିଭାଇସ୍ ଦରକାର ହୁଏ। ତେଣୁ କମ୍ ସଂସାଧନରେ ପାଠପଢ଼ା ସମ୍ଭବପର।

## ଡିଜିଟାଲ ଅଭ୍ୟାସ




**ଏବର ଯୁଗ ଡିଜିଟାଲ ଯୁଗ। ପଢ଼ାଠୁ ଆରମ୍ଭ କରି ସପିଂ ପର୍ଯ୍ୟନ୍ତ ସବୁ କାମ ଡିଜିଟାଲ ମାଧ୍ୟମରେ ହୋଇପାରୁଛି। ତେବେ କିଛି ଡିଜିଟାଲ ଅଭ୍ୟାସ ଏଭଳି ଅଛି, ଯାହାକୁ ଆପଣାଇବା ଦ୍ୱାରା ଜୀବନ ଆହୁରି ସହଜ ହୋଇପାରିବ।**

**ଡିଜିଟାଲ କ୍ୟାଲେଣ୍ଡର:** ଗୁଗଲ କ୍ୟାଲେଣ୍ଡର ଭଳି ଆପ୍‌ରେ କାମ ଓ ମିଟିଂ ସହ ଜଡ଼ିତ ରିମାଇଣ୍ଡର ସେଟ୍ କରିବା ଦ୍ୱାରା କୌଣସି କାମକୁ ଭୁଲି ହୁଏ ନାହିଁ। ଏହା ଦ୍ୱାରା ଟାଇମ୍ ମ୍ୟାନେଜମେଣ୍ଟ ଏବଂ ପ୍ରଡକ୍ଟିଭିଟି ବୃଦ୍ଧି ପାଏ।

**ଅନଲାଇନ୍ ପେମେଣ୍ଟ:** ୟୁପିଆଇ ମାଧ୍ୟମରେ ପାଣି ଓ ମୋବାଇଲ ଭଳି ଅନ୍ୟାନ୍ୟ ବିଲ୍ ସମୟରେ ପେମେଣ୍ଟ କରିବା ସହଜ। ଅଟୋ-ପେ ସେଟ୍ କରିବା ଦ୍ୱାରା ପେମେଣ୍ଟ କରିବା ମନେ ରହେ।

**ଅନଲାଇନ ବ୍ୟାଙ୍କିଂ:** ୟୁପିଆଇ, ମୋବାଇଲ, ନେଟ୍ ବ୍ୟାଙ୍କିଂ ସୁବିଧା ଯୋଗୁଁ ବ୍ୟାଙ୍କରେ ଲୋକଙ୍କୁ ଆଉ ଲମ୍ବା ଧାଡ଼ିରେ ଛିଡ଼ା ହେବାକୁ ପଡୁ ନାହିଁ। ଏହାର ଉପଯୋଗ ଦ୍ୱାରା ସମୟ ସଞ୍ଚୟ ହୁଏ।

**କ୍ଲାଉଡ୍ ଷ୍ଟୋରେଜ୍:** ଜରୁରି ଡକ୍ୟୁମେଣ୍ଟକୁ ଗୁଗଲ ଡ୍ରାଇଭ କିମ୍ବା ଡ୍ରପ୍ ବକ୍ସରେ ଅପଲୋଡ୍ କରିପାରିବେ। ଏହା ଦ୍ୱାରା ଫାଇଲ ସବୁବେଳେ ପାଖରେ ରହିବ।

**ହେଲଥ୍ ଆପ୍:** ଗୁଗଲ ଫିଟ୍ ବା ଆପଲ ହେଲଥ୍ ଭଳି ଆପ୍ ଦ୍ୱାରା ସ୍ୱାସ୍ଥ୍ୟ ସମ୍ବନ୍ଧିତ ତଥ୍ୟକୁ ମନିଟର କରିପାରିବେ। ଏହା ଦ୍ୱାରା ଜଣେ କେତେ ବାଟ ଚାଲୁଛନ୍ତି, ନିଦ, ହାର୍ଟ ରେଟ୍ ଆଦି ଉପରେ ନଜର ରଖିବା ସମ୍ଭବ।

**ଅନଲାଇନ୍ ଲର୍ଣ୍ଣିଂ:** ୟୁଟ୍ୟୁବ୍ ଭଳି ପ୍ଲାଟଫର୍ମ ଏବେ ଅନଲାଇନ ଲର୍ଣ୍ଣିଂକୁ ସହଜ କରୁଛି। ଏହି ଅଭ୍ୟାସ ଜ୍ଞାନ ଓ କୌଶଳକୁ ବୃଦ୍ଧି କରିବା ଦିଗରେ ସାହାଯ୍ୟ କରେ।


**ଡିଜିଟାଲ ଡିଟକ୍ସ:** ଶେଷରେ ପ୍ରତ୍ୟେକ ଦିନ କିଛି ଘଣ୍ଟା ବିନା ସ୍କ୍ରିନ୍‌ରେ ସମୟ ଅତିବାହିତ କରନ୍ତୁ। ଏହାଦ୍ୱାରା ମାନସିକ ଥକ୍କାପଣ ଦୂର ହୁଏ।

## ପଦୋନ୍ନତି ନ ମିଳିବାର କାରଣ

**ପ୍ରତ୍ୟେକ କର୍ମଚାରୀ ଅଫିସ୍‌ରେ ଶୀଘ୍ର ପଦୋନ୍ନତି ପାଇବା ଆଶା ରଖନ୍ତି। ସେଥିପାଇଁ ଅନେକ କର୍ମଚାରୀ ବହୁତ ପରିଶ୍ରମ କରିଥାନ୍ତି। ବେଳେବେଳେ କର୍ମଚାରୀଙ୍କ କିଛି ଆଚରଣ ସେମାନଙ୍କ ପଦୋନ୍ନତିରେ ବାଧକ ସାଜିଥାଏ।**

- ବିଳମ୍ବରେ ଅଫିସ୍ ଆସିବା ତଥା ନିର୍ଦ୍ଧାରିତ ସମୟରେ କାମ ପୂରା କରିପାରୁ ନ ଥିବା କର୍ମଚାରୀଙ୍କୁ ପଦୋନ୍ନତି ପାଇବାରେ ଅସୁବିଧା ହୁଏ।
- ଯେଉଁ କର୍ମଚାରୀ କୌଣସି ନୂତନ ପରିକଳ୍ପନା କରନ୍ତି ନାହିଁ, ସେମାନଙ୍କର ପଦୋନ୍ନତି ବାଧାପ୍ରାପ୍ତ ହୁଏ।
- ସମୟ ସହିତ ତାଳ ଦେଇ ଚାଲୁ ନ ଥିବା ଓ ନୂତନ ଆହ୍ୱାନକୁ ଗ୍ରହଣ କରୁ ନ ଥିବା କର୍ମଚାରୀଙ୍କୁ ମଧ୍ୟ ପଦୋନ୍ନତି ମିଳି ନ ଥାଏ।
- ଅଫିସ୍‌ରେ ଟିମ୍ ସହିତ କାମ କରିବାରେ ପଛୁଆ ରହୁଥିବା କର୍ମଚାରୀଙ୍କୁ ପଦୋନ୍ନତି ମିଳିବା ସହଜ ହୋଇ ନ ଥାଏ।
- ଅଫିସ୍‌ରେ ପର ଚର୍ଚ୍ଚା ତଥା ଅନ୍ୟ ସହକର୍ମୀଙ୍କ ନିନ୍ଦା କରୁଥିବା କର୍ମଚାରୀଙ୍କର ପଦୋନ୍ନତି ଅଟକି ଥାଏ।
- ସହକର୍ମୀ, ଗ୍ରାହକ ତଥା ମାଲିକଙ୍କ ସହ ଭଲ କଥାବାର୍ତ୍ତା କରିପାରୁ ନ ଥିବା କର୍ମଚାରୀଙ୍କୁ ମଧ୍ୟ ଶୀଘ୍ର ପଦୋନ୍ନତି ମିଳେ ନାହିଁ।





# କ୍ରୀଡ଼ା



# ଲର୍ଡ୍ସ ଲଢ଼େଇ ଲାଗି ଭାରତ ପ୍ରସ୍ତୁତ

ଲଡ୍‌ର୍ସ, ୮।୭ (ଏଜେନ୍ସି)



ଏଜ୍‌ବାଷ୍ଟନରେ ରେକର୍ଡ ୩୩୬ ରନ୍ ବ୍ୟବଧାନରେ ଇଂଲଣ୍ଡକୁ ପରାସ୍ତ କରି ଦୁଇ ଦେଶ ମଧ୍ୟରେ ଚାଲିଥିବା ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍ ୧-୧ ସମାନସ୍ତରରେ ରହିଛି। ଏହି ସିରିଜ୍‌ରେ ଆଉ ୩ଟି ଟେଷ୍ଟ ଖେଳାଯିବାକୁ ବାକି ରହିଛି। କିନ୍ତୁ ୫୮ ବର୍ଷରେ ଭାରତ ଏଜ୍‌ବାଷ୍ଟନରେ ପ୍ରଥମ ଟେଷ୍ଟ ଜିତି ବେଶ ଆତ୍ମବିଶ୍ୱାସ ପାଇଛି। ଏହି ଆତ୍ମବିଶ୍ୱାସକୁ ନେଇ ଦଳ କ୍ରିକେଟର ସବୁଠାରୁ ପୁରୁଣା ଷ୍ଟାଡିୟମ୍ ବା ଅନ୍ୟ ଭାଷାରେ କହିବାକୁ ଗଲେ କ୍ରିକେଟର ମକ୍କା ଭାବେ ବିବେଚିତ ଲର୍ଡସରେ ସିରିଜ୍‌ର ତୃତୀୟ ଟେଷ୍ଟ ମ୍ୟାଚ୍ ଖେଳାଯିବ। ପ୍ରଥମ ଦୁଇଟି ଟେଷ୍ଟରେ ବୋଲରଙ୍କୁ ସୁହାଇଲା ଭଳି ପିଚ୍ ଦିଆଯାଇ ନ ଥିଲା। କିନ୍ତୁ ଲର୍ଡସ କିମ୍ବା ଅନ୍ୟ ଦୁଇଟି ଟେଷ୍ଟ ଖେଳାଯିବାକୁ ଥିବା ଓଲ୍ଡ ଟ୍ରାଫୋର୍ଡ କିମ୍ବା କେନିଙ୍ଗଟନ ଓଭାଲରେ ପିଚ୍ ଲର୍ଡସ ପରି ଫାଷ୍ଟ ବୋଲରଙ୍କୁ ସୁହାଇବ। ଏଭଳି ପିଚ୍‌ରେ ଖେଳିବା କେବଳ ଭାରତ ନୁହେଁ ଏସୀୟ ମହାଦେଶର ଫ୍ଲାଟ ପିଚ୍‌ରେ ଖେଳୁଥିବା ଦେଶଗୁଡିକ ଲାଗି ଆହ୍ୱାନ। କିନ୍ତୁ ଇଂଲଣ୍ଡର ଦକ୍ଷତା ଓ ଦୁର୍ବଳତାକୁ ଜାଣିବା ପରେ ଭାରତ ଲର୍ଡସ ଲଢ଼େଇ ଲାଗି ନିଜକୁ ପ୍ରସ୍ତୁତ କରିନେଇଛି।

**■ ବୁମ୍‌ରା ଖେଳିବା ନେଇ ସମ୍ଭାବନା**

ଏଜ୍‌ବାଷ୍ଟନ ଟେଷ୍ଟ ବିଜୟକୁ ୨ ଦିନ ପୁରିଗଲାଣି। ଭାରତୀୟ ମାନେ ଏହି ମୋହରୁ ମୁକ୍ତିପାଇ ଏବେ ଅଭ୍ୟାସକୁ ଫେରିଲେଣି। ଭାରତୀୟ ଦଳ ଦୃଢ଼ ନିଶ୍ଚିତ ଯେ, ଲର୍ଡସରେ ଜୁଲାଇ ୧୦ରୁ ୧୪ ଯାଏ ଖେଳାଯିବାକୁ ଥିବା ପିଚ୍ ସୁଇଂ ଓ ବାଉନ୍ସି ହେବ। ଏଣୁ ଏଭଳି ପିଚ୍‌ରେ ଖେଳିବାକୁ ଭାରତୀୟ ଦଳ ପ୍ରସ୍ତୁତି ଆରମ୍ଭ କରିଦେଇଛି। ପ୍ରଥମ ଦୁଇଟି ଟେଷ୍ଟରେ ଭାରତୀୟ ଫାଷ୍ଟ ବୋଲର ଆଶାନୁରୂପ ସଫଳତା ପାଇଛନ୍ତି। ପ୍ରଥମ ଟେଷ୍ଟରେ ଯଶପ୍ରୀତ୍ ବୁମ୍‌ରା, ଦ୍ୱିତୀୟ ଟେଷ୍ଟରେ ମହମ୍ମଦ୍ ସିରାଜ ଓ ଆକାଶଦୀପ ପ୍ରଭାବୀ ପ୍ରଦର୍ଶନ କରିଛନ୍ତି। ଏହି ୩ ଜଣ ଲର୍ଡସରେ ଭାରତୀୟ ବୋଲିଂର ମୁଖ୍ୟ କର୍ଣ୍ଣଧାର ସାଜିବେ। ୱାର୍କଲୋଡ ଲାଗି ବୁମ୍‌ରା ଦ୍ୱିତୀୟ ଟେଷ୍ଟ ଖେଳି ନ ଥିଲେ। ଏବେ ସେ ପୂରା ଫିଟ୍ ଅଛନ୍ତି ଓ ଦ୍ୱିତୀୟ ଟେଷ୍ଟ ଖେଳିବାକୁ ପୂରା ପ୍ରସ୍ତୁତ। ଫ୍ଲାଟ ପିଚ୍‌ରେ ପ୍ରସିଦ୍ଧ କୃଷ୍ଣାଙ୍କ ବୋଲିଂ ଉଚ୍ଚକୋଟୀର ହୋଇ ନ ଥିଲା। କିନ୍ତୁ ଲର୍ଡସରେ ତାଙ୍କ ବଲ କାମ ଦେଇପାରେ। ତାଙ୍କ ବିରୋଧରେ ଅନେକ କଥା ଯାଉଥିଲେ ମଧ୍ୟ ତୃତୀୟ ମ୍ୟାଚ୍‌ରେ ତାଙ୍କର ଖେଳିବା ସମ୍ଭାବନା ରହିଛି। ବିଶେଷ ପରୀକ୍ଷା ନୀରିକ୍ଷା କରାଗଲେ କିମ୍ବା ଭାରିଏସନ ବା ବିଭିନ୍ନତା ଲାଗି ବାମହାତୀ ଫାଷ୍ଟ ବୋଲର ଅର୍ଶଦୀପ ସିଂହଙ୍କୁ ଡେବ୍ୟୁ କରାଇବା ବିକଳ୍ପ ରହିଛି। ବୋଲିଂ ଲାଗି ଭାରତ ବିଶେଷ ଚିନ୍ତିତ ନୁହେଁ। ଏବେ ସମସ୍ତ ବୋଲର ନିଜ ଲାଇନ୍ ଓ ଲେନ୍ଥ ଉପରେ ନିୟନ୍ତ୍ରଣ ହାସଲ କରିବା ପରେ ସୁଇଂ ଓ ବାଉନ୍ସି ପିଚ୍‌ରେ ତାହାକୁ କିପରି କାର୍ଯ୍ୟକାରୀ କରାଇବେ ସେହି ଯୋଜନାରେ ଟିମ୍ ମ୍ୟାନେଜମେଣ୍ଟ ରହିଛି।

**■ ଘାତକ ହୋଇପାରନ୍ତି ଆର୍ଚର, ଆଟକିନସନ**

ଇଂଲିଶ ଗଣମାଧ୍ୟମରେ ଇଂଲଣ୍ଡ ଦଳର ପରାଜୟକୁ ତୀବ୍ର ସମାଲୋଚନା କରାଯାଇଛି। ବିଶେଷ କରି ଫ୍ଲାଟ ପିଚ୍‌ରେ ଖେଳିଥିବା ଇଂଲଣ୍ଡ ଖେଳାଳିମାନେ ନିଜକୁ ଖାପ୍ ଖୁଆଇ ପାରିଲେ ନାହିଁ ବୋଲି ଦର୍ଶାଯାଇଛି। ପରୋକ୍ଷରେ ଏହା ହେଡ୍ କୋଚ୍ ବ୍ରେଣ୍ଡାନ ମ୍ୟାକ୍‌କୁଲମ ଓ ଅଧିନାୟକ ବେନ୍ ଷ୍ଟୋକ୍ସଙ୍କ ରଣନୀତିକୁ ସମାଲୋଚନା କରାଯାଇଛି। ଏଥିରେ ପ୍ରକାଶ ପାଇଥିବା ରିପୋର୍ଟ ଅନୁଯାୟୀ ଲର୍ଡସରେ ସୁଇଂ ଓ ବାଉନ୍ସି ପିଚ୍ ପ୍ରସ୍ତୁତି କରିବାକୁ ଇଂଲଣ୍ଡ ଟିମ୍ ମ୍ୟାନେଜମେଣ୍ଟ ଗ୍ରାଉଣ୍ଡସମ୍ୟାନ୍‌ଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ସେ ମଧ୍ୟ ଏହା ସ୍ୱୀକାର କରିଛନ୍ତି। ଏହି ଯୋଜନା ଅନୁଯାୟୀ ଦେଶରେ ଉପଲବ୍ଧ ଦୁଇ ଶ୍ରେଷ୍ଠ ଫାଷ୍ଟ ବୋଲର ଜୋଫ୍ରା ଆର୍ଚର ଓ ଗସ୍ ଆଟକିନସନଙ୍କୁ ଦଳରେ ନିଆଯାଇଛି। କ୍ରିସ୍ ଓକ୍ସ ଓ ଜୋଶ ଟଙ୍ଗଙ୍କ ସହ ଏମାନେ ଭାରତୀୟ ବ୍ୟାଟିଂ ଲାଗି ଘାତକ ସାବ୍ୟସ୍ତ ହୋଇପାରନ୍ତି।

**■ ୧୯ଟି ଟେଷ୍ଟରୁ ଜିତିଛି ମାତ୍ର ୩**

ଇଂଲଣ୍ଡ ସହ ୧୯୩୨ରେ ଟେଷ୍ଟ ମ୍ୟାଚ୍ ଖେଳି ଏଠାରେ ଭାରତ ଅନ୍ତର୍ଜାତୀୟ କ୍ରିକେଟ ପଦାର୍ପଣ କରିଥିଲା। ଏହି ୯୭ ବର୍ଷ ମଧ୍ୟରେ ଦୁଇ ଦଳ ଏଠାରେ ପରସ୍ପର ସହ ୧୯ଥର ମୁହାଁମୁହିଁ ହୋଇଛନ୍ତି। ଏହା ମଧ୍ୟରୁ ଭାରତ ଭାରତ ମାତ୍ର ୩ଟିରେ ଜିତିଥିଲାବେଳେ ୧୨ଟିରେ ପରାଜିତ ହୋଇଛି। ଏଠାରେ ପ୍ରଥମ ଟେଷ୍ଟ ଜିତିବାକୁ ଭାରତକୁ ୫୪ ବର୍ଷ ଲାଗିଥିଲା। ୧୯୮୬ରେ ଦିଲୀପ ଭେଙ୍ଗସରକାରଙ୍କ ଶତକ ଓ ଚେତନ ଶର୍ମାଙ୍କ ଘାତକ ବୋଲିଂ ବଳରେ ଭାରତ ଏଠାରେ ପ୍ରଥମ ବିଜୟ ହାସଲ କରିଥିଲା। ୨୦୨୧ରେ ଲୋକେଶ ରାହୁଲଙ୍କ ଶତକ ବଳରେ ଭାରତ ଏଠାରେ ମଧ୍ୟ ଜିତିଥିଲା। ଏବେ ରାହୁଲ ଟିମ୍‌ରେ ଅଛନ୍ତି। ଏଣୁ ଚତୁର୍ଥ ବିଜୟ ଲାଗି ସେ ଭଲ ପ୍ରଦର୍ଶନ ଦେବେ ବୋଲି ଆଶା କରାଯାଉଛି। ଏଠାରେ ଭାରତର ସର୍ବନିମ୍ନ ସ୍କୋର ୪୨ ରହିଛି।

# ସେମିରେ ସାବାଲେଙ୍କା



ଲଣ୍ଡନ, ୮।୭ (ଏଜେନ୍ସି): ପଞ୍ଚମ ସିଡ୍ ଆମେରିକାର ଟେଲର୍ ଫ୍ରିଜ ଏଠାରେ ଚାଲିଥିବା ବର୍ଷର ୩ୟ ଗ୍ରାଣ୍ଡସ୍ଲାମ ଟେନିସ ଟୁର୍ଣ୍ଣାମେଣ୍ଟ ୱିମ୍ବଲଡନର ସେମିଫାଇନାଲରେ ପ୍ରବେଶ କରିଛନ୍ତି। ମଙ୍ଗଳବାର ରାତିରେ ଅନୁଷ୍ଠିତ ପୁରୁଷ ବିଭାଗ କ୍ୱାର୍ଟର ଫାଇନାଲର ଏକ ମ୍ୟାଚରେ ଫ୍ରିଜ୍ ୬-୩, ୬-୪, ୧-୬, ୭-୬ (୭/୪) ସେଟ୍‌ରେ ୧୭ତମ ସିଡ୍ ରୁଷିଆର କରନ ଖାଚାନୋଭଙ୍କୁ ହରାଇଛନ୍ତି। ଅପରପକ୍ଷରେ ଟପ୍ ସିଡ୍ ଜାନ୍ନିକ ସିନ୍ନର କ୍ୱାର୍ଟର ଫାଇନାଲରେ ସ୍ଥାନ ସୁରକ୍ଷିତ କରିନେଇଛନ୍ତି। ରାଉଣ୍ଡ-୧୬ର ଏକ ମ୍ୟାଚରେ ଇଟାଲୀର ସିନ୍ନରଙ୍କ ସହ ବୁଲ୍‌ଗେରିଆର ଜର୍ଜିଆ ଦିମିତ୍ରୋଭଙ୍କ ମୁକାବିଲା ହୋଇଥିଲା। ଏହି ମ୍ୟାଚରେ ୧୯ତମ ସିଡ୍ ଦିମିତ୍ରୋଭା ପ୍ରଥମ ୨ଟି ସେଟ୍‌ରେ ୬-୩, ୭-୫ରେ ବିଜୟୀ ହୋଇ ଅଗ୍ରଣୀ ରହିଥିଲେ। କିନ୍ତୁ ୩ୟ ସେଟ୍ ମଝିରେ ଆଘାତଜନିତ କାରଣ ଲାଗି ଦିମିତ୍ରୋଭ ଓହରିଯିବାରୁ ସିନ୍ନର ବଡ଼ ବିପର୍ଯ୍ୟୟରୁ ବର୍ତ୍ତିଯିବା ସହ କ୍ୱାର୍ଟର ଫାଇନାଲରେ ସ୍ଥାନ ପକ୍କା କରିନେଇଥିଲେ। ଅପରପକ୍ଷରେ ମହିଳା ବିଭାଗର ଏକ କ୍ୱାର୍ଟର ଫାଇନାଲରେ ଟପ୍ ସିଡ୍ ବେଲାରୁଷର ଆରିନା ସାବାଲେଙ୍କା ପ୍ରତିପକ୍ଷ ଜର୍ମାନୀର ଲୌରା ସିଗ୍‌ମଣ୍ଡଙ୍କୁ ହରାଇ ସେମିଫାଇନାଲରେ ସ୍ଥାନ ହାସଲ କରିଛନ୍ତି।



# ଆଇସିସି ଟି-୨୦ ର୍‍ୟାଙ୍କିଙ୍ଗ୍‌ରେ ଦୀପ୍ତି ନଂ-୨

ଦୁବାଇ,୮।୭ (ଏଜେନ୍ସି): ଭାରତର ଅଫ୍ ସ୍ପିନର ଦୀପ୍ତି ଶର୍ମା ଆଜି ପ୍ରକାଶିତ ଆଇସିସି ଟି-୨୦ ର୍‍ୟାଙ୍କିଙ୍ଗ୍‌ରେ ନଂ-୨ ସ୍ଥାନ ଅଧିକାର କରିଛନ୍ତି। ନିକଟରେ ଇଂଲଣ୍ଡ ସହ ଚାଲିଥିବା ଟି-୨୦ ସିରିଜ୍‌ର ତୃତୀୟ ମ୍ୟାଚ୍‌ରେ ୩ ୱିକେଟ ଅକ୍ତିଆର କରିବା ପରେ ଏହି ଉନ୍ନତି ପାଇଛନ୍ତି। ପାକିସ୍ତାନର ସାଦିଆ ଇକବଲ ନଂ-୧ ସ୍ଥାନରେ ଅଛନ୍ତି। ଆଉ ଅଧିକ ୯ ପଏଣ୍ଟ ପାଇଲେ ଦୀପ୍ତି ନଂ-୧ ମାନ୍ୟତାପ୍ରାପ୍ତ ବୋଲର ବିବେଚିତ ହେବେ।

● ଜାତୀୟ ଜୁନିଅର ମହିଳା ରଗ୍‌ବୀ ସେଭେନ

# କ୍ୱାର୍ଟର ଫାଇନାଲରେ ଓଡ଼ିଶା



ଭୁବନେଶ୍ୱର,୮।୭ (ସମିସ): ଗତଥରର ରନର୍ସଅପ୍ ଓଡ଼ିଶା ଏଥର ଉତ୍ତରାଖଣ୍ଡରେ ଆଜିଠାରୁ ଆରମ୍ଭ ହୋଇଥିବା ଜାତୀୟ ଜୁନିୟର ମହିଳା ରଗ୍‌ବୀ ସେଭେନ୍ସ ଟୁର୍ଣ୍ଣାମେଣ୍ଟର କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ଓଡ଼ିଶା ଦଳ ଗ୍ରୁପ୍-ବି ଟପ୍ପର ହେବା ପରେ ପ୍ରି-କ୍ୱାର୍ଟର ଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଥିଲା। ଅପରାହ୍ଣରେ ଖେଳାଯାଇଥିବା ଏହି ମୁକାବିଲାରେ ଓଡ଼ିଶା ୪୫-୦ରେ ଆୟୋଜକ ଉତ୍ତରାଖଣ୍ଡକୁ ପରାସ୍ତ କରି କ୍ୱାର୍ଟର ଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଛି। ପୂର୍ବରୁ ଦୁଇ ଶକ୍ତିଶାଳୀ ଦଳ ମଣିପୁର ଓ ଉତ୍ତରପ୍ରଦେଶକୁ ହରାଇ ଓଡ଼ିଶା ଗ୍ରୁପ୍-ବି' ଟପ୍ପର ହୋଇଥିଲା। ଆଜି ସକାଳେ ଅନୁଷ୍ଠିତ ଗ୍ରୁପ୍-ବି'ର ପ୍ରଥମ ମ୍ୟାଚ୍‌ରେ ଓଡ଼ିଶା ୫୩-୦ରେ ମଣିପୁର ଓ ଅପରାହ୍ଣରେ ଅନୁଷ୍ଠିତ ଲିଗ୍ ମ୍ୟାଚ୍‌ରେ ଉତ୍ତରପ୍ରଦେଶକୁ ୩୮-୫ ପଏଣ୍ଟରେ ପରାସ୍ତ କରିଛି। ଗ୍ରୁପ ଟପ୍ପର ହେବା ସହ ଓଡ଼ିଶା ନକ୍‌ଆଉଟକୁ ଉନ୍ନୀତ ହୋଇଥିଲା। ଗତବର୍ଷ ଓଡ଼ିଶା ବାଳିକା ଦଳ ରୌପ୍ୟ ପଦକରେ ସନ୍ତୁଷ୍ଟ ହୋଇଥିଲା। ଏଥର ବାଳକ ଦଳ ସହ ସ୍ୱର୍ଣ୍ଣ ପଦକ ବିଜୟୀ ହେବ ବୋଲି ଓଡ଼ିଶା ରଗ୍‌ବୀ ଫୁଟବଲ ସଂଘ ସମ୍ପାଦକ ଉପେନ୍ଦ୍ର ମହାନ୍ତି ଆଶା ପ୍ରକାଶ କରିଛନ୍ତି। ଗତବର୍ଷ ବାଳକ ଦଳ ଚାମ୍ପିଅନ ହୋଇଥିଲା।

# ଆହତ ଯୋଗୁ ସ୍ୱର୍ଣ୍ଣ ହରାଇଲେ ଶୁଭ୍ରଜିତ୍

ଭୁବନେଶ୍ୱର,୮।୭ (ସମିସ): ଉଗାଣ୍ଡାର କାମ୍ପାଲାଠାରେ ଅନୁଷ୍ଠିତ ଅନ୍ତର୍ଜାତୀୟ ପାରା ବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟରେ ଓଡ଼ିଶାର ଖେଳାଳିମାନେ ୪ଟି ପଦକ ଜିତିବାରେ ସମର୍ଥ ହୋଇଛନ୍ତି। ଏହା ମଧ୍ୟରେ ରହିଛି ଗୋଟିଏ ରୌପ୍ୟ ଓ ୩ଟି କାଂସ୍ୟ ପଦକ। ଓଡ଼ିଶାରୁ ୫ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲାବେଳେ ଆଘାତ ଜନିତ କାରଣରୁ ଶୁଭ୍ରଜିତ ମହାରଣା ଏସ୍‌ଏଲ-୪ ଫାଇନାଲ ମୁକାବିଲା କରି ପାରି ନ ଥିଲେ। ଫଳରେ ସେ ରୌପ୍ୟ ପଦକରେ ସନ୍ତୁଷ୍ଟ ହୋଇଥିଲେ। ପୂଜ୍ୟମ ମିଶ୍ରଙ୍କ ସହ ମିଶି ଶୁଭ୍ରଜିତ ପୁରୁଷ ଯୁଗଳରେ ଆଉ ଏକ ପଦକ ଜିତିଥିଲେ। ଦଳ ଲାଗି ତୃତୀୟ ପଦକ ଜିତିଥିଲେ ବିଭାସିନ୍ଧୁ ବାରିକ। ଏସ୍‌ଏଲ୍‌୩-ଏସ୍‌ଏଲ୪ କାଟାଗୋରୀରେ ମଧ୍ୟପ୍ରଦେଶର ଚନ୍ଦ୍ରପ୍ରକାଶଙ୍କ ସହ ଯୋଡି ହୋଇ ସେମିଫାଇନାଲରେ ପ୍ରବେଶ କରି କାଂସ୍ୟ ପଦକ ଜିତିଥିଲେ। ପୁରୁଷ ଏକକ ଡବ୍ଲ୍ୟୁଏଚ୍-୨ରେ ନୁରୁଲ ହାସନ ସେମିଫାଇନାଲରେ ପ୍ରବେଶ କରିବା ସହ ଚତୁର୍ଥ କାଂସ୍ୟ ପଦକ ଜିତିଥିଲେ।

# ଇନିଂସ ବିଜୟ ସହ ଦକ୍ଷିଣ ଆଫ୍ରିକାର କ୍ଲିନ ସୁଇପ୍

ବୁଲାୱାୟୋ, ୮।୭ (ଏଜେନ୍ସି): ସ୍ଥାନୀୟ ହରାରେ ସ୍ପୋର୍ଟ୍ସ କ୍ଲବରେ ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା ବିପକ୍ଷରେ ଚାଲିଥିବା ଅନ୍ତିମ ତଥା ୨ୟ ଟେଷ୍ଟରେ ଜିମ୍ବାୱେ ଶୋଚନୀୟ ଭାବେ ଏକ ଇନିଂସ ଓ ୨୩୬ ରନରେ ପରାଜୟବରଣ କରିଛି। ଦକ୍ଷିଣ ଆଫ୍ରିକାର ପ୍ରଥମ ଇନିଂସ ସ୍କୋର ୬୨୬/୫ ରନ ଜବାବରେ ଜିମ୍ବାୱେ ସୋମବାର ଦ୍ୱିତୀୟ ଦିବସରେ ମାତ୍ର ୧୭୦ ରନ କରି ଅଲ୍‌ଆଉଟ୍ ହେବା ସହ ଫଲୋଅନ ହୋଇଥିଲା। ଏହାପରେ ୪୫୬ ରନ ପଛରେ ଥାଇ ଦ୍ୱିତୀୟ ପାଳି ଆରମ୍ଭ କରିଥିବା ଘରୋଇ ଜିମ୍ବାୱେ ମଙ୍ଗଳବାର ୩ୟ ଦିବସରେ ମଧ୍ୟ ୨୨୦ ରନରେ ସୀମିତ ରହିଥିଲା। ଫଳରେ ଦକ୍ଷିଣ ଆଫ୍ରିକା ଏକ ଇନିଂସ ଓ ୨୩୬ ରନରେ ଏକପାଖିଆ ଭାବେ ବିଜୟୀ ହୋଇଥିଲା। ଦକ୍ଷିଣ ଆଫ୍ରିକା ପକ୍ଷରୁ ଦ୍ୱିତୀୟ ପାଳିରେ କୋର୍ବିନ ବୋଷ୍ଟ ୪, ସେନୁରାନ ମୁଥୁସ୍ୱାମୀ ୩, କୋଡି ୟୁସୁଫ୍ ୨ ଓ ଅଧିନାୟକ ୱିଆନ ମୁଲ୍‌ଡର ଗୋଟିଏ ୱିକେଟ୍ ନେଇଥିଲେ। ଏହି ମ୍ୟାଚରେ ରେକର୍ଡ ୩୬୭ ରନର ଅପରାଜିତ ତ୍ରିଶତକୀୟ ପାଳି ଖେଳିବା ସହ ମୋଟ୍ ୩ଟି ୱିକେଟ୍ ନେଇଥିବା ମୁଲ୍‌ଡର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ପୂର୍ବରୁ ପ୍ରଥମ ଟେଷ୍ଟକୁ ୩୨୮ ରନରେ ଜିତିଥିବା ଦକ୍ଷିଣ ଆଫ୍ରିକା ଏଥିସହ ସିରିଜକୁ ୨-୦ରେ କ୍ଲିନ ସୁଇପ୍ କରିନେଇଛି। ସେହିଭଳି ମୁଲ୍‌ଡର୍‌ଙ୍କୁ ମଧ୍ୟ ସିରିଜର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା।

# ବରିଷ୍ଠ ର୍‍ୟାଙ୍କିଙ୍ଗ୍ ବ୍ୟାଡମିଣ୍ଟନ ଆରମ୍ଭ



ଭୁବନେଶ୍ୱର,୮।୭ (ସମିସ): ଓଡ଼ିଶା ରାଜ୍ୟ ବ୍ୟାଡ୍‌ମିଣ୍ଟନ ସଂଘ ଓ ରାଜ୍ୟ କ୍ରୀଡ଼ା ଓ ଯୁବସେବା ନିର୍ଦ୍ଦେଶାଳୟ ଆନୁକୂଲ୍ୟରେ ପ୍ରଥମଥର ବରିଷ୍ଠ ର୍‍ୟାଙ୍କିଙ୍ଗ୍ ବ୍ୟାଡମିଣ୍ଟନ ଆଜିଠାରୁ ଆରମ୍ଭ ହୋଇଛି। ଏହି ପ୍ରତିଯୋଗିତାକୁ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ମୁଖ୍ୟଅତିଥିଭାବେ ଯୋଗ ଦେଇ କଳିଙ୍ଗ ଷ୍ଟାଡିୟମ୍‌ର ବ୍ୟାଡମିଣ୍ଟନ ହାଇ ପରଫର୍ମାନ୍ସ ସେଣ୍ଟରରେ ଏହାକୁ ଆନୁଷ୍ଠାନିକ ଉଦ୍‌ଘାଟନ କରିଛନ୍ତି। ଆଜିଠାରୁ କ୍ୱାଲିଫାଇଂ ମୁକାବିଲା ଆରମ୍ଭ ହୋଇଥିଲାବେଳେ ଜୁଲାଇ ୧୫ ଯାଏ ହେବାକୁ ଥିବା ଏହି ପ୍ରତିଯୋଗିତାରେ ୧୫୦୦ରୁ ଅଧିକ ଖେଳାଳି ଅଂଶଗ୍ରହଣ କରିଛନ୍ତି। ପ୍ରତିଯୋଗିତାରେ ପୁରୁଷ ଓ ମହିଳା ବିଭାଗରେ ଏକକ ଓ ଯୁଗଳ, ମିଶ୍ରିତ ଯୁଗଳ କାଟାଗୋରୀରେ ପ୍ରତିଦ୍ୱନ୍ଦ୍ୱିତା ଅନୁଷ୍ଠିତ ହେବ। ଓଡ଼ିଶା ବ୍ୟାଡମିଣ୍ଟନ ସଂଘ ସଭାପତି ରାଜେଶ ପ୍ରଭାକର ପାଟିଲ, ସମ୍ପାଦକ ନିଳିନ କୁମାର ପ୍ରମୁଖ ଉଦ୍‌ଘାଟନୀ ଉତ୍ସବରେ ଉପସ୍ଥିତ ଥିଲେ।

ଓଡ଼ିଶା ରାଜ୍ୟ ର୍‍ୟାଙ୍କିଙ୍ଗ୍ ଟିଟି

# ଶ୍ୱେତାପଦ୍ମା, ଶ୍ୱେତାଙ୍କୁ ଦ୍ୱିମୁକୁଟ

ଭୁବନେଶ୍ୱର,୮।୭ (ସମିସ): ଭୁବନେଶ୍ୱର ଟେବଲ ଟେନିସ ସଂଘ ଆନୁକୂଲ୍ୟରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମହିଳା ଓ ୧୯ ବର୍ଷରୁ କମ୍ ବାଳିକା ଏକକରେ ଶ୍ୱେତପଦ୍ମା ଦଳାଇ ଚାମ୍ପିଅନ ହୋଇଛନ୍ତି। ମହିଳାରେ ଏଜିର ନେହା କୁମାରୀ ଓ ବାଳିକାରେ କଟକର ସାକ୍ଷୀ ଭଗତ ରନର୍ସ ଅପ୍ ହୋଇଥିଲେ। ସେହିପରି ଶ୍ୱେତା ବର୍ମା ୧୩ ଓ ୧୫ ବର୍ଷରୁ କମ୍ ବାଳିକା



ଏକକ, ଉର୍ଜା ବର୍ମା ୧୭ ବର୍ଷରୁ କମ୍ ଓ ପୁରୀର ଗାୟତ୍ରୀ ପଟ୍ଟନାୟକ ୧୧ ବର୍ଷରୁ କମ୍ ବାଳିକା ଏକକରେ ଟାଇଟଲ ବିଜୟୀ ହୋଇଛନ୍ତି। ପୁରୁଷ ଏକକରେ ଏଜିର ମୈନାକ ଦାସ ଚାମ୍ପିଅନ ହୋଇଛନ୍ତି। ୧୯ ଓ ୧୭ ବର୍ଷରୁ କମ୍ ବାଳକ ଏକକରେ କଟକର ଜିଜ୍ଞାସୁ ସାହୁ, ୧୫ ବର୍ଷରୁ କମ୍ ଏକକରେ ଜିଜ୍ଞାସୁ ସାଇକିରଣ, ୧୩ ବର୍ଷରୁ କମ୍‌ରେ ଅଭିଷେକ ଦାସ ଓ ୧୧ ବର୍ଷରୁ କମ୍ ବାଳକରେ ରୁଦ୍ରା ରଣବୀର ଚାମ୍ପିଅନ ହୋଇଛନ୍ତି। ରାଜ୍ୟ କ୍ରୀଡ଼ା ନିର୍ଦ୍ଦେଶକ ଦୀପଙ୍କର ମହାପାତ୍ର ମୁଖ୍ୟ ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ।

ବିଶ୍ୱ ପୁଲିସ ଓ ଅଗ୍ନିଶମ କ୍ରୀଡ଼ା ଉଦ୍‌ଯାପିତ

# ଓଡ଼ିଶା ଜିତିଲା ୨୦ ପଦକ

ଭୁବନେଶ୍ୱର, ୮।୭ (ସମିସ): ଆମେରିକାରେ ଉଦ୍‌ଯାପିତ ହୋଇଯାଇଥିବା ବିଶ୍ୱ ପୁଲିସ ଓ ଅଗ୍ନିଶମ କ୍ରୀଡ଼ାରେ ଓଡ଼ିଶା ପୁଲିସ ସ୍ମରଣୀୟ ସଫଳତା ହାସଲ କରିଛି। ଭାରତ ପକ୍ଷରୁ ପ୍ରତିନିଧିତ୍ୱ କରି ଓଡ଼ିଶା ପୁଲିସର କ୍ରୀଡ଼ାବିତ୍‌ମାନେ ୨୦ ପଦକ ବିଜୟୀ ହୋଇଛନ୍ତି। ଯେଉଁଥିରେ ୧୩ ସ୍ୱର୍ଣ୍ଣ, ୩ ରୌପ୍ୟ ଓ ୪ କାଂସ୍ୟ ପଦକ ରହିଛି। ଓଡ଼ିଶା ପୁଲିସରେ କାର୍ଯ୍ୟରତ ଥିବା ଅଶୋକ ଦଣ୍ଡସେନା ସବୁଠୁ ସଫଳ କ୍ରୀଡ଼ାବିତ୍ ରହିଛନ୍ତି। ସେ ଏକାକୀ ୪ଟି ସ୍ୱର୍ଣ୍ଣପଦକ ଜିତି ରାଜ୍ୟ ଓ ଦେଶକୁ ଗୌରବାନ୍ୱିତ କରିଛନ୍ତି। ସୁସ୍ମିତା ଟିଗା ଓ ସବିତା ଟପ୍ପୋ ମଧ୍ୟ ଏକାଧିକ ପଦକ ଜିତି ସଫଳ ସାବ୍ୟସ୍ତ ହୋଇଛନ୍ତି। ଏହି ୩ଜଣ କ୍ରୀଡ଼ାବିତ୍ ବର୍ତ୍ତମାନ କଳିଙ୍ଗ ଷ୍ଟାଡିୟମସ୍ଥିତ ଓଡ଼ିଶା ରିଲାଏନ୍ସ ଫାଉଣ୍ଡେସନ ଆଥ୍‌ଲେଟିକ୍ସ ଏଚ୍‌ପିସିରେ ପ୍ରଶିକ୍ଷଣ ନେଉଛନ୍ତି।

# ନାଭାଲ ଟାଟା ଗ୍ରାସ୍‌ରୁଟ୍ ହକି ଲିଗ୍ ଆରମ୍ଭ

ଭୁବନେଶ୍ୱର, ୮।୭ (ସମିସ)



ଓଡ଼ିଶା ନାଭାଲ ଟାଟା ଗ୍ରାସରୁଟ୍ ହକି ଲିଗ୍ ଚାମ୍ପିଅନସିପ୍ ୫ମ ସଂସ୍କରଣର ଫାଇନାଲ ପର୍ଯ୍ୟାୟ ମଙ୍ଗଳବାରଠାରୁ ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମରେ ଆରମ୍ଭ ହୋଇଛି। ପ୍ରଥମ ଦିବସରେ ପୁରୁଷ ଓ ମହିଳା ବିଭାଗରେ ୮ଟି ମ୍ୟାଚ୍ ଖେଳାଯାଇଥିଲା। ପୁରୁଷ ବିଭାଗରେ ରାଜଗାଙ୍ଗପୁର ଏଚ୍‌ଟିସି ୨-୧ ଗୋଲରେ ସଉନାମୁର ଏଚ୍‌ଟିସିକୁ, କୁତ୍ରା ଏଚ୍‌ଟିସି ୧-୦ରେ ସବଡେଗା ଏଚ୍‌ଟିସିକୁ, କଉରମୁଣ୍ଡା ଏଚଟିସି ୩-୧ରେ ନୂଆଗାଁ ଏଚ୍‌ଟିସିକୁ ଓ କରଡ଼ାପାଲ ଏଚ୍‌ଟିସି ୪-୧ ଗୋଲରେ ଛତ୍ରପୁର ଏଚ୍‌ଟିସିକୁ ପରାସ୍ତ କରିଛି। ସେହିଭଳି ମହିଳା ବିଭାଗରେ ଲାଠିକଟା, ଗୁରୁଣ୍ଡିଆ, ବମ୍ରା ଓ ଯାଜପୁର ଏଚ୍‌ଟିସି ବିଜୟୀ ହୋଇଛନ୍ତି। କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ଅନ୍ତର୍ଜାତୀୟ ହକି ଖେଳାଳି ଦିପସାନ ତିର୍କୀ, କ୍ରୀଡ଼ା ବିଭାଗର ଆଡିସନାଲ ସେକ୍ରେଟାରୀ ବିଜୟ ସ୍ୱାଇଁ, ନାଭାଲ ଟାଟା ହକି ଏଚ୍‌ପିସି ଓଡ଼ିଶାର ପ୍ରୋଜେକ୍ଟ ଡିରେକ୍ଟର ରାଜୀବ ସେଠ୍ ଅତିଥିଭାବେ ଯୋଗଦେଇ ଏହାକୁ ଉଦ୍‌ଘାଟନ କରିଥିଲେ।

# କ୍ରମାଗତ ୨ୟ ବିଜୟ ସହ କ୍ୱାର୍ଟରରେ ଓଡ଼ିଶା

ଭୁବନେଶ୍ୱର, ୮।୭ (ସମିସ): ରାଞ୍ଚିରେ ଚାଲିଥିବା ଜାତୀୟ ସବ୍‌ଜୁନିଅର ବାଳିକା ହକି ଚାମ୍ପିଅନସିପ୍‌ର ୧୫ତମ ସଂସ୍କରଣରେ ଓଡ଼ିଶା ଦଳ କ୍ରମାଗତ ୨ୟ ବିଜୟ ହାସଲ କରି କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ମଙ୍ଗଳବାର ଅନୁଷ୍ଠିତ ଏକ ମ୍ୟାଚରେ ଓଡ଼ିଶା ବାଳିକା ଦଳ ୩-୦ ଗୋଲ୍‌ରେ ମହାରାଷ୍ଟ୍ରକୁ ପରାସ୍ତ କରିଥିଲା। ବିଜୟୀ ଦଳ ପକ୍ଷରୁ ଅଧିନାୟିକା ସଞ୍ଜନା କିରୋ, ସ୍ୱିଟି କୁଜୁର ଓ ପ୍ରିୟଙ୍କା ମିଞ୍ଜ ଗୋଟିଏ ଲେଖାଏ ଗୋଲ୍ ଦେଇଥିଲେ। ଗତକାଲି ପଞ୍ଜାବକୁ ୩-୧ ଗୋଲରେ ହରାଇଥିବା ଓଡ଼ିଶା ଏଥିସହ ଗ୍ରୁପ୍-ବି'ରେ ୬ ପଏଣ୍ଟ ପାଇ ଶୀର୍ଷରେ ରହିବା ସହ କ୍ୱାର୍ଟର ଫାଇନାଲରେ ସ୍ଥାନ ପକ୍କା କରିଛି। ଓଡ଼ିଶା ଜୁଲାଇ ୧୧ରେ ଖେଳାଯିବାକୁ ଥିବା କ୍ୱାର୍ଟରରେ ଦିଲ୍ଲୀ କିମ୍ବା ବିହାରକୁ ଭେଟିପାରେ।

ନନ୍ଦିଘୋଷ

CAREER Opportunities

Nandighosha Network Pvt. Ltd., a leading & fast-growing Odia News Channel invites applications for its

IT Department.

Candidates having requisite qualifications and experience may send their CV.

| Name of the Post | Experience |
|---|---|
| IT Executive | 1. Diploma/Degree in Hardware & Networking / MCA from a recognized institute/University.<br>2. Key Responsibilities:<br>• Manage and maintain all IT infrastructure including systems, networks, and broadcast equipment.<br>• Provide technical support to newsroom, production, and editorial teams.<br>• Ensure the smooth operation of broadcasting software, editing systems, and studio setups.<br>• Troubleshoot hardware/software/network issues and ensure minimal downtime.<br>3. 3 to 5 years of experience in information technology. Priority will be given to electronic / digital media experience. |

Please apply along with your detailed CV with recent passport size photo via e-mail: hr@nandighoshatv.com by 15th July, 2025.
Only shortlisted candidates will be called for Personal Interview.

Contact No. 9437016499 HR Dept.

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS